

ରଜନୀକାନ୍ତଙ୍କୁ ପଛରେ ପକାଇଲେ ରଣବୀର

▶ପୃଷ୍ଠା ୧୧ ଦେଖନ୍ତୁ...


• RNI REGD NO: 42041/83
• www.sakalaepaper.com
• /sakalanews
• /sakalanews
• www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 44 ♦ISSUE-01 ♦THURSDAY ♦25 JUNE 2026 ♦PAGE-12 ♦₹ 7.00 | SAMBALPUR | ♦ବର୍ଷ-୪୪ ♦ସଂଖ୍ୟା-୦୧ ♦ଗୁରୁବାର ♦୨୫ ଜୁନ୍ ୨୦୨୬ ♦ପୃଷ୍ଠା-୧୨ ♦ଟ.୭.୦୦



## ନୂଆ ବିଏସ୍-୬ ଗାଡ଼ି ପାଇଁ ୩ ବର୍ଷ ପିୟୁସିସି ଭ୍ୟାଲିଡିଟି

**ବଦଳିବ ପଲ୍ୟୁସନ୍ ସାର୍ଟିଫିକେଟ୍ ନିୟମ**

■ ନୂଆଦିଲ୍ଲୀ, ୨୪।୬ (ଏଜେନ୍ସି): କେନ୍ଦ୍ର ସରକାର ୨୦୨୦ ରେ ବିଏସ୍-୫ (ଭାରତ ଷ୍ଟେଜ୍-୫)କୁ ବାଦ୍ ଦେଇ ସିଧାସଳଖ ବିଏସ୍-୬ ନିୟମ ଲାଗୁ କରିଥିଲେ। କାରଣ ଏହି ଗାଡ଼ିଗୁଡ଼ିକ ବେଶ ପରିବେଶ ଅନୁକୂଳ ଥିଲା। ଏହାର ଅତ୍ୟାଧୁନିକ ଜ୍ଞାନକୌଶଳ ତଥା ପରିବେଶ ଅନୁକୂଳ ଇଞ୍ଜିନ୍ ଯୋଗୁଁ ନୂଆ ଗାଡ଼ିଗୁଡ଼ିକୁ ବାରମ୍ବାର ପଲ୍ୟୁସନ ଚେକ୍ କରିବାରୁ କୋହଳ କରିବାକୁ ସରକାର ପ୍ରସ୍ତୁତି ଚଳାଇଛନ୍ତି। ବର୍ତ୍ତମାନ କେନ୍ଦ୍ର ସରକାର ବିଏସ୍-୬ ଇଞ୍ଜିନ୍ ଥିବା ଗାଡ଼ିଗୁଡ଼ିକ ପାଇଁ 'ପଲ୍ୟୁସନ ଅଣ୍ଡର କଣ୍ଟ୍ରୋଲ୍ ସାର୍ଟିଫିକେଟ୍'ର ବୈଧତା ୧ ବର୍ଷରୁ ବୃଦ୍ଧି କରି ୩ ବର୍ଷ କରିବା ନେଇ ବିଚାର କରୁଛନ୍ତି। ୨୦୨୦ ଏପ୍ରିଲ୍ ପହିଲା ପରେ କିଣାଯାଇଥିବା ଯାନବାହାନ ପାଇଁ ଏହି ନିୟମ ଲାଗୁ ହେବ, କିନ୍ତୁ ପୁରୁଣା ଗାଡ଼ିଗୁଡ଼ିକ ପାଇଁ ନିୟମ ଆହୁରି କଡ଼ାକଡ଼ି କରାଯିବ। ଏହି ଅନୁଯାୟୀ, ସରକାର ପ୍ରଦୂଷଣ ନିୟନ୍ତ୍ରଣ ପ୍ରମାଣପତ୍ର (ପିୟୁସିସି) ସମ୍ପର୍କରେ ନୂତନ ନିୟମ ବିଚାର କରୁଛନ୍ତି। ବିଏସ୍-୬ ଯାନ ପାଇଁ ଏହାର ବୈଧତା ୩ ବର୍ଷ ପର୍ଯ୍ୟନ୍ତ ବୃଦ୍ଧି କରାଯାଇପାରେ।

ପିୟୁସିସି ସାର୍ଟିଫିକେଟ ନ ଥିଲେ ପ୍ରଥମ ଥର ପାଇଁ ଚାଳକଙ୍କର ୧,୦୦୦ରୁ ୧୦,୦୦୦ ଟଙ୍କା ପର୍ଯ୍ୟନ୍ତ ଚାଲାଣ କଟିପାରେ। ସେହିପରି ବାରମ୍ବାର ଭୁଲ୍ କଲେ ପ୍ରତିଥର ଅତିରିକ୍ତ ୨,୦୦୦ ଟଙ୍କା ଫାଇନ୍ ଦେବାକୁ ପଡ଼ିବା ସହିତ ଡ୍ରାଇଭିଂ ଲାଇସେନ୍ସକୁ ୩ ମାସ ପର୍ଯ୍ୟନ୍ତ ବାତିଲ ମଧ୍ୟ କରାଯାଇପାରେ। ସୂତ୍ର ଅନୁଯାୟୀ, ବାଣିଜ୍ୟିକ ▶ପୃଷ୍ଠା-୧୦

## କୋଲକାତାରେ ନିର୍ମାଣାଧୀନ ଗୋଦାମ ଭୁଶୁଡ଼ି ୭ ମୃତ




**ଏବେ ବି ଫସି ରହିଛନ୍ତି ୧୫ ଶ୍ରମିକ**

■ କୋଲକାତା, ୨୪।୬ (ଏଜେନ୍ସି): ପଶ୍ଚିମବଙ୍ଗ ରାଜଧାନୀ କୋଲକାତାସ୍ଥିତ ତାରାତଲା ଅଞ୍ଚଳରେ ବୁଧବାର ଏକ ନିର୍ମାଣାଧୀନ ତିନି ମହଲା ଗୋଦାମ ଘର ହଠାତ୍ ଭୁଶୁଡ଼ି ପଡ଼ିଛି। ଫଳରେ ୭ ଜଣ ଶ୍ରମିକ ଏଥିରେ ଚାପି ହୋଇ ପ୍ରାଣ ହରାଇଛନ୍ତି ଏବଂ ଅନେକ ଆହତ ହୋଇଛନ୍ତି। ଅତି କମ୍‌ରେ ୧୫ ଶ୍ରମିକ ଭଗ୍ନସ୍ତୂପ ତଳେ ଚାପି ହୋଇ ରହିଥିବା ଅନୁମାନ କୁହାଯାଇଛି। ପ୍ରଶାସନ ପକ୍ଷରୁ ଯୁଦ୍ଧକାଳୀନ ଭିତ୍ତିରେ ଉଦ୍ଧାର କାର୍ଯ୍ୟ ଜାରି ରହିଛି। ଉଦ୍ଧାର କାର୍ଯ୍ୟରେ ଭାରତୀୟ ସେନାର ୪ଟି ଦଳ ସାମିଲ ହୋଇଛନ୍ତି। ଏହା ସହିତ ଏନ୍‌ଡିଆରଏଫ, ଏସଡିଆରଏଫ, କୋଲକାତା ପୁଲିସ ଏବଂ ଅଗ୍ନିଶମ ବାହିନୀ ମିଳିତ ଭାବେ କାର୍ଯ୍ୟ କରୁଛନ୍ତି। ଭଗ୍ନସ୍ତୂପ ତଳେ ଜୀବିତ ଥିବା ଲୋକଙ୍କୁ ଖୋଜିବା ପାଇଁ ସନ୍ଧାନୀ କୁକୁର ଏବଂ ଡ୍ରୋନ ସାହାଯ୍ୟ ▶ପୃଷ୍ଠା-୧୦

# ଇଂରାଜୀ ବହିକୁ ମାଡ଼ିଗଲା ଓଡ଼ିଆ ଅସ୍ମିତା

## ପଞ୍ଚମ ଶ୍ରେଣୀ ଇଂରାଜୀ ବହିରେ ଓଡ଼ିଆ ରଜଦୋଳି ଗୀତ

■ ଭୁବନେଶ୍ୱର, ୨୪।୬ (ସମିସ): ପ୍ରଥମରୁ ଅଷ୍ଟମ ଶ୍ରେଣୀ ବହିରେ ମାଳମାଳ ତ୍ରୁଟି ପାଇଁ ସବୁ ମହଲରେ ସରକାର ଏବେ ବିଭିନ୍ନ ମହଲରେ କଡ଼ା ସମାଲୋଚନାର ଶିକାର ହୋଇଛନ୍ତି। ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଏହାକୁ ସାମାନ୍ୟ ଓ ସାଧାରଣ କଥା ବୋଲି ଉଲ୍ଲେଖ କରି ଢ଼ାଙ୍କିବାକୁ ଉଦ୍ୟମ କରିଥିଲେ ବି ଏହି ପ୍ରସଙ୍ଗ ଏବେ ଜାତୀୟ ଗଣମାଧ୍ୟମରେ ଶିରୋନାମା ପାଲଟିଛି। ପ୍ରତିଦିନ ଓଡ଼ିଆ ବହିରେ ରହିଥିବା ଭୁଲକୁ ନେଇ ସାମାଜିକ ଗଣମାଧ୍ୟମରେ ନୂଆନୂଆ କଥା ଶୁଣିବାକୁ ମିଳୁଛି। ଏହି କ୍ରମରେ





ପଞ୍ଚମ ଶ୍ରେଣୀ ଇଂରାଜୀ ବହିରେ ଓଡ଼ିଆ ରଜ ଦୋଳିଗୀତ ସ୍ଥାନ ପାଇଥିବା ଜଣା ପଡ଼ିବା ପରେ ଅଭିଭାବକ ଓ ସାଧାରଣ ଲୋକେ ସରକାରଙ୍କୁ ସିଧା ନିଶାଣ କରିଛନ୍ତି। ଓଡ଼ିଆ ଅସ୍ମିତା ଇଂରାଜୀ ଆଡ଼କୁ ମାଡ଼ିଗଲା ବୋଲି ବି ସମାଲୋଚନା କରିଛନ୍ତି। ଏପରିକି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଓଡ଼ିଆ ଅସ୍ମିତା ଓ ଓଡ଼ିଆ ଭାଷାର ବସ୍ତ୍ରହରଣ କରିଥିବା ବି ଲୋକମାନେ କଟାକ୍ଷ କରିଛନ୍ତି।

ଗୁରୁବାର ଦିନ ତମାମ୍ ସାମାଜିକ ଗଣମାଧ୍ୟମରେ ଇଂରାଜୀ ବହିରେ ରଜଦୋଳି ଗୀତର ଭିଡିଓ ଭାଇରାଲ୍ ହୋଇଛି। ଜଣେ ଶିକ୍ଷୟତ୍ରୀ ଭିଡିଓକୁ ପ୍ରସ୍ତୁତ କରିଥିବା କୁହାଯାଉଛି। ଇଂରାଜୀ ପୁସ୍ତକରେ ଓଡ଼ିଆ ଭାଷାରେ ରଜଦୋଳି ଗୀତ ସେ କିପରି ପଢ଼ାଇବେ ବୋଲି ପ୍ରଶ୍ନ କରିଛନ୍ତି। ପଞ୍ଚମ ଶ୍ରେଣୀର ଇଂରାଜୀ ପୁସ୍ତକ 'ପଲ୍ଲଭୀ' ର ମଧ୍ୟ ଭାଗରେ ଓଡ଼ିଆ ଭାଷାରେ ରଜଦୋଳି ଗୀତ ଲେଖା ହୋଇଥିବା ଲୋକଲୋଚନକୁ ଆସିବା ପରେ ଅନେକ ଅସମାହିତ ପ୍ରଶ୍ନ ଛିଡ଼ା ହୋଇଛି। ଇଂରାଜୀରେ ଲେଖାଯାଇଥିବା ଏନ୍‌ସିଇଆର୍‌ଟି ପୁସ୍ତକକୁ ଏଆଇ ଉପଯୋଗ କରି ଓଡ଼ିଆରେ ଅନୁବାଦ କରାଯାଇଥିବାରୁ ମାଳମାଳ ବନାନ୍ ଓ ବାକ୍ୟ ଭୁଲ୍ ହୋଇଥିବା ▶ପୃଷ୍ଠା-୧୦

### ଯୁଦ୍ଧ ବନ୍ଦ ପାଇଁ ଆମେରିକା ସଂସଦର ନିର୍ଦ୍ଦେଶ

## ମୁଁ ମାନିବାକୁ ବାଧ୍ୟ ନୁହେଁ



■ ୱାଶିଂଟନ, ୨୪।୬ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ଏକ ବଡ଼ ରାଜନୈତିକ ଝଟକା ଦେଇ ଦେଶର ସିନେଟ ଇରାନ ବିରୋଧରେ ଚାଲିଥିବା ସାମରିକ କାର୍ଯ୍ୟାନୁଷ୍ଠାନ ବନ୍ଦ କରିବାକୁ ଏକ ବିଲ୍ ପାରିତ କରିଛି। ମଙ୍ଗଳବାର ସିନେଟରେ ହୋଇଥିବା ଏହି ଭୋଟିଂରେ ରାଷ୍ଟ୍ରପତିଙ୍କ ନିଜ ରିପବ୍ଲିକାନ ପାର୍ଟିର କିଛି ସଦସ୍ୟ ମଧ୍ୟ ବିରୋଧୀଙ୍କ ସହ ହାତ ମିଳାଇଥିବା ଦେଖିବାକୁ ମିଳିଛି। ସିନେଟରେ ଏହି ଯୁଦ୍ଧ କ୍ଷମତା ସଂକ୍ରାନ୍ତୀୟ ପ୍ରସ୍ତାବ ୫୦-୪୮ ଭୋଟରେ ଗୃହୀତ ହୋଇଛି। ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟିର ୪ ଜଣ ସଦସ୍ୟ ଦଳୀୟ ଆଭିମୁଖ୍ୟ ବିରୋଧରେ ଯାଇ ଡେମୋକ୍ରାଟ ପ୍ରସ୍ତାବ ସପକ୍ଷରେ ଭୋଟ ଦେଇଛନ୍ତି। ଏହା ପୂର୍ବରୁ ଚଳିତ ମାସ ଆରମ୍ଭରେ ନିମ୍ନ ସଦନ ପ୍ରତିନିଧି ସଭା ମଧ୍ୟ ୨୧୫-୨୦୮ ଭୋଟରେ ଏହି ପ୍ରସ୍ତାବକୁ ଅନୁମୋଦନ କରିଥିଲା। ଫଳରେ ସଂସଦ ଏହି ପ୍ରସ୍ତାବ ପାସ୍ କରି ଟ୍ରମ୍ପଙ୍କ ଉପରେ ଯୁଦ୍ଧ ଅଙ୍କୁଶ ଲଗାଇଦେଇଛି।

ଯୁଦ୍ଧ ବନ୍ଦ କରିବା ଲାଗି ଇରାନ ସହିତ ଚୂଡ଼ାନ୍ତ ଚୁକ୍ତି ପାଇଁ କଥାବାର୍ତ୍ତା ଚାଲିଥିବା ବେଳେ ସଂସଦର ଏଭଳି ପ୍ରସ୍ତାବ ଟ୍ରମ୍ପଙ୍କ ପାଇଁ ଅପ୍ରୀତିକର ପରିସ୍ଥିତି ସୃଷ୍ଟି କରିଛି। କଥାବାର୍ତ୍ତା ବେଳେ ଇରାନ ଟ୍ରମ୍ପ ପ୍ରଶାସନକୁ ବିଶେଷ ଗୁରୁତ୍ୱ ଦେଇନପାରେ ବୋଲି କୁହାଯାଉଛି। କାରଣ ଯୁଦ୍ଧ ପାଇଁ ଆମେରିକାର ସଂସଦ ଟ୍ରମ୍ପଙ୍କ ହାତ ବାନ୍ଧିଦେଇଥିବାରୁ ଏଥିରୁ ଫାଇଦା ନେବାକୁ ଉଦ୍ୟମ କରିପାରେ। ସେଥିପାଇଁ ଟ୍ରମ୍ପ ଏହି ପ୍ରସ୍ତାବର ସମାଲୋଚନା କରି କହିଛନ୍ତି ଯେ ଏଭଳି ସମୟରେ ଏହି ପ୍ରସ୍ତାବ ଆସିବାର ନଥିଲା।

୧୯୭୩ର 'ୱାର ପାୱାର୍ସ ଆକ୍ଟ' ଅନୁଯାୟୀ ଆମେରିକା ଇତିହାସରେ ଏହା ପ୍ରଥମ ଥର, ଯେଉଁଠାରେ ସଂସଦର ଉଭୟ ଗୃହ ଜଣେ ରାଷ୍ଟ୍ରପତିଙ୍କୁ ସାମରିକ ବଳ ପ୍ରତ୍ୟାହାର କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଗତ ଫେବୃଆରୀ ୨୮ରୁ ଇରାନ ସହ ଆରମ୍ଭ ହୋଇଥିବା ସଂଘର୍ଷକୁ ନେଇ କଂଗ୍ରେସ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଥିଲା। ଏପରିକି ଟ୍ରମ୍ପଙ୍କ ଦଳର କିଛି ସଦସ୍ୟ ମଧ୍ୟ ଏହି ଯୁଦ୍ଧକୁ ସମର୍ଥନ କରୁନଥିବା ଏହି ଭୋଟିଂରୁ ସ୍ପଷ୍ଟ ହୋଇଛି। ବର୍ତ୍ତମାନ ଟ୍ରମ୍ପ ପ୍ରଶାସନ ଇରାନ ସହିତ ଏକ ଶାନ୍ତି ଚୁକ୍ତି ▶ପୃଷ୍ଠା-୧୦

## ସାମୁଦ୍ରିକ ବାଣିଜ୍ୟ ପ୍ରଗତିର ପ୍ରବେଶ ପଥ: ମୁଖ୍ୟମନ୍ତ୍ରୀ



**ସଂଘୀୟ ବ୍ୟବସ୍ଥା ପ୍ରତି ପ୍ରଧାନମନ୍ତ୍ରୀଙ୍କ ଆଭିମୁଖ୍ୟ ପ୍ରତିଫଳିତ**

■ ଭୁବନେଶ୍ୱର, ୨୪।୬ (ସମିସ): ବୁଧବାର ଲୋକସେବା ଭବନରେ ଅନୁଷ୍ଠିତ ହୋଇଛି ଚତୁର୍ଦ୍ଦଶ ମଲ୍ଟି ଏଜେନ୍ସି ମାରିଟାଇମ୍ ସିକ୍ୟୁରିଟି ଗ୍ରୁପ୍ (ଏମଏସଜି) ବୈଠକ। ପ୍ରଥମ ଥର ପାଇଁ ଦିଲ୍ଲୀ ବାହାରେ ଅନୁଷ୍ଠିତ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି ଯେ ଆମର ସମୁଦ୍ର କେବଳ ଏକ ଭୌଗୋଳିକ ସୀମା ନୁହେଁ; ଏହା ବ୍ୟାପକ ସୁଯୋଗ, ସମୃଦ୍ଧି ଏବଂ ଆନ୍ତର୍ଜାତୀୟ ସହଭାଗିତାର ପ୍ରବେଶ ପଥ। ଭାରତ ଆଜି ବିଶ୍ୱରେ ଏକ ପ୍ରମୁଖ ସାମୁଦ୍ରିକ ଶକ୍ତି ଭାବେ ଉଭା ହେଉଛି। ଓଡ଼ିଶାରେ ଏହି ଉଚ୍ଚସ୍ତରୀୟ ଜାତୀୟ ବୈଠକର ଆୟୋଜନ ହେବା ଦେଶର ସଂଘୀୟ ବ୍ୟବସ୍ଥା ପ୍ରତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଆଭିମୁଖ୍ୟକୁ ପ୍ରତିଫଳିତ କରୁଛି ବୋଲି ସେ କହିଛନ୍ତି।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଆମର ସମୁଦ୍ର, ବନ୍ଦର, ମତ୍ସ୍ୟ ସମ୍ପଦ ଏବଂ ନୀଳ ଅର୍ଥନୀତି ଆମର ମହତ୍ତ୍ୱପୂର୍ଣ୍ଣ ଜାତୀୟ ସମ୍ପତ୍ତି। ଏଗୁଡ଼ିକର ସୁରକ୍ଷା କେବଳ ଦେଶର ସୁରକ୍ଷା ପାଇଁ ଜରୁରୀ ନୁହେଁ, ବରଂ ଆର୍ଥିକ ବିକାଶ ଓ ସମୁଦ୍ର ଉପରେ ନିର୍ଭର କରୁଥିବା ଲକ୍ଷ ଲକ୍ଷ ଉପକୂଳବାସୀଙ୍କ ଜୀବିକାର କଲ୍ୟାଣ ପାଇଁ ଅତ୍ୟନ୍ତ ଜରୁରୀ। ଆଜିର ସମୟରେ ସାମୁଦ୍ରିକ ସୁରକ୍ଷା କେବଳ ପାରମ୍ପରିକ ଆଇନ-ଶୃଙ୍ଖଳା ମଧ୍ୟରେ ସୀମିତ ନାହିଁ, ବରଂ ଏଥିରେ ଭିତ୍ତିଭୂମିର ସୁରକ୍ଷା, ସାଇବର ସୁରକ୍ଷା, ବିପର୍ଯ୍ୟୟ ପରିଚାଳନା ଏବଂ ପରିବେଶ ସୁରକ୍ଷା ଭଳି ଅନେକ ଆହ୍ୱାନ ରହିଛି। ବଙ୍ଗୋପସାଗର ତଟରେ ଓଡ଼ିଶାର ପ୍ରାୟ ୫୭୫ କିଲୋମିଟର ଦୀର୍ଘ ତଟରେଖା ରହିଛି। ବର୍ତ୍ତମାନ ଭାରତର ସାମୁଦ୍ରିକ ବିକାଶ ଗାଥାରେ ଓଡ଼ିଶା ପ୍ରମୁଖ ଭୂମିକା ଗ୍ରହଣ କରୁଛି। ରାଜ୍ୟର ସାମୁଦ୍ରିକ ରଣନୀତିକ ସ୍ଥିତିକୁ ଅଧିକ ମଜବୁତ କରିବା ପାଇଁ ଗଞ୍ଜାମଠାରେ ଏକ ▶ପୃଷ୍ଠା-୧୦

## ବିକ୍ରି ହେବ ନବରତ୍ନ କମ୍ପାନୀ

**ଆଇଆର୍‌ଏଫ୍‌ସିର ୨% ଅଂଶଧନ ବିକିବେ ସରକାର**

■ ନୂଆଦିଲ୍ଲୀ, ୨୪।୬ (ଏଜେନ୍ସି): କେନ୍ଦ୍ର ସରକାର ବିକ୍ରି କରିବାକୁ ଯାଉଛନ୍ତି ଦେଶର ଆଉ ଏକ ନବରତ୍ନ କମ୍ପାନୀ (ଇଣ୍ଡିଆନ୍ ରେଲୱେ ଫାଇନାନ୍ସ କର୍ପୋରେସନ୍)। ସରକାର ଆଇଆର୍‌ଏଫ୍‌ସିରେ ରହିଥିବା ପାଖାପାଖି ୨% ଅଂଶଧନ ବିକ୍ର ପ୍ରସ୍ତାବ ରଖିଛନ୍ତି। ଏଥିଯୋଗୁ ଆଜି ପୁଞ୍ଜି ବଜାର କାରବାରରେ କମ୍ପାନୀର ସେୟାର ମୂଲ୍ୟରେ ଏକ ବୃହତ୍ ହ୍ରାସ ପରିଲକ୍ଷିତ ହୋଇଛି। ତେବେ ସରକାର ଓପନ୍ ଫର ସେଲ୍ (ଓଏଫ୍‌ଏସ୍) ଅଧୀନରେ କମ୍ପାନୀର ୨% ଅଂଶଧନ ବିକ୍ରି କରିବାର ନିଷ୍ପତ୍ତି ନେଇଛନ୍ତି, ଯେଉଁଥିରେ ଅତିରିକ୍ତ ୧%ଅଂଶଧନ ପାଇଁ 'ଗ୍ରୀନସୁ ବିକଳ୍ପ' ଅନ୍ତର୍ଭୁକ୍ତ। ବିକ୍ରୟ ପାଇଁ ଏହି ଅଫର ୨୪ ଏବଂ ୨୫ ଜୁନ୍ ପର୍ଯ୍ୟନ୍ତ ଖୋଲା ରହିବ। ସରକାର ଏହି ଓଏଫ୍‌ଏସ୍ ପାଇଁ ପ୍ରତି ଅଂଶଧନର ମୂଲ୍ୟ ୯୧ ଟଙ୍କା ସ୍ଥିର କରିଛନ୍ତି। ନିବେଶ ଏବଂ ସାର୍ବଜନୀନ ସମ୍ପତ୍ତି ପରିଚାଳନା ବିଭାଗ (ଦୀପମ୍) ସଚିବ କହିଛନ୍ତି ଯେ, ବୁଧବାର ଦିନ ଅଣ-ଖୁଚୁରା ନିବେଶକଙ୍କ ପାଇଁ ଓଏଫ୍‌ଏସ୍ ଖୋଲାଯିବ, ଯେତେବେଳେ କି ଖୁଚୁରା ନିବେଶକମାନେ ଗୁରୁବାର ଦିନ ବିଡ୍ କରିପାରିବେ। କମ୍ପାନୀର ଏହି ପ୍ରସ୍ତାବ ସରକାରଙ୍କ ବ୍ୟାପକ ବିନିଯୋଗ ରଣନୀତିର ଏକ ଅଂଶ, ଯେଉଁଥିରେ ତାଲିକାଭୁକ୍ତ ସାର୍ବଜନୀନ କ୍ଷେତ୍ର କମ୍ପାନୀଗୁଡ଼ିକରେ ବଜାର-ଆଧାରିତ ପ୍ରସ୍ତାବ ମାଧ୍ୟମରେ ସମ୍ବଳ ସଂଗ୍ରହ ଲକ୍ଷ୍ୟ ରଖିଛି।

## ଜେଲ୍ ଗଲେ କୋଟିପତି ନିର୍ବାହୀ ଯନ୍ତ୍ରୀ

**ଶ୍ରୀଲଙ୍କାରେ କରୁଥିଲେ ବେଟିଂ, ୧୧୯% ଆୟ ବହିର୍ଭୁତ ସମ୍ପତ୍ତି ଠାବ**



**୪ କୋଟି ୩୫ ଲକ୍ଷର ଆୟବହିର୍ଭୂତ ସମ୍ପତ୍ତି**

**୧୮ ଟି ପ୍ଲଟ, ୩ ମହଲା ଘର, ବହୁ ଯାନବାହନ**

**ବିଦେଶ ଗସ୍ତ ଓ ଗ୍ୟାମ୍ବ୍ଲିଂକୁ ନେଇ ତଦନ୍ତ ଜାରି**

■ ସମ୍ବଲପୁର, ୨୪।୬ (ସମିସ): ସମ୍ବଲପୁର ଭିଜିଲାନ୍ସ ଡିଭିଜନ ପକ୍ଷରୁ ଗତକାଲି ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ସମ୍ବଲପୁର କମାଣ୍ଡ ଏରିଆ ଡେଭେଲପମେଣ୍ଟ ଅଥରିଟି (ସିଏଡିଏ) ସେଚାଞ୍ଚଳ ଉନ୍ନୟନ ବିଭାଜନ-୪ର ନିର୍ବାହୀ ଯନ୍ତ୍ରୀ (କୃଷି) ଇଂ. ପଦ୍ମଲୋଚନ ନାୟକଙ୍କ ସମ୍ବଲପୁର ସମେତ ୭ଟି ସ୍ଥାନରେ ଏକକାଳୀନ ଚଢ଼ଉ କରାଯାଇଥିଲା। ତଦନ୍ତ ଓ ଯାଞ୍ଚ ପ୍ରକ୍ରିୟା ଜାରି ରହିଥିବାବେଳେ ତାଙ୍କ ପାଖରେ ଆୟଠାରୁ ୪ କୋଟି ୩୫ ଲକ୍ଷରୁ ଅଧିକ ଟଙ୍କାର ସମ୍ପତ୍ତି ରହିଥିବା ଜଣାପଡ଼ିଛି। ଏହି ସମ୍ପତ୍ତି ସମ୍ପର୍କରେ ସେ କୌଣସି ସନ୍ତୋଷଜନକ ଉତ୍ତର ଦେଇପାରି ନ ଥିଲେ। ସମ୍ବଲପୁର ଭିଜିଲାନ୍ସ ଡିଭିଜନ ପକ୍ଷରୁ ଏକ ମାମଲା ରୁଜୁ କରାଯାଇ ଆଜି ତାଙ୍କୁ ଗିରଫକରି କୋର୍ଟଚାଲାଣ କରାଯାଇଥିବା ସାମ୍ବାଦିକ ସମ୍ମିଳନୀରେ ଭିଜିଲାନ୍ସ ଏସ୍‌ପି ପ୍ରଦ୍ୟୁମ୍ନ କୁମାର ଦ୍ୱିବେଦୀ ସୂଚନା ଦେଇଛନ୍ତି। ଏହାସହ ତଦନ୍ତ ସମୟରେ ତାଙ୍କ ପାଖରୁ ଏକ ପାସ୍‌ପୋର୍ଟ ଜବତ ହୋଇଛି। ଏଥିରୁ ଇଂ. ନାୟକ ଏକାଧିକ ବିଦେଶ ଗସ୍ତ କରିଥିବା ଜଣାପଡ଼ିଛି ଏବଂ ସେ ବିଶେଷକରି ଶ୍ରୀଲଙ୍କା ଗସ୍ତ କରିଛନ୍ତି। ତାଙ୍କ ମୋବାଇଲ୍ ଓ ଅନ୍ୟାନ୍ୟ ଗ୍ୟାଜେଟ୍ ଯାଞ୍ଚରୁ ମିଳିଥିବା ▶ପୃଷ୍ଠା-୧୦






## ୧୬୦ କୋଟିରେ ହେବ ମହାନଦୀ ରିଭରଫ୍ରଣ୍ଟ ପ୍ରକଳ୍ପ





■ ସମ୍ବଲପୁର, ୨୪।୬ (ସମିସ): ସମ୍ବଲପୁରଠାରେ ମହାନଦୀରେ ହେବାକୁ ଥିବା ରିଭରଫ୍ରଣ୍ଟ ପ୍ରକଳ୍ପର ରୂପରେଖ ଚୂଡ଼ାନ୍ତ ହୋଇଥିବା ସୂଚନା ମିଳିଛି। ଏଥିପାଇଁ ୧୬୦ କୋଟି ଟଙ୍କା ବ୍ୟୟଅଟକଳ ରହିଛି। ଆଧୁନିକତାର ସ୍ପର୍ଶସାଙ୍ଗକୁ ସମ୍ବଲପୁରୀ ସଂସ୍କୃତି ଓ ପରିଚୟ, ପରିବେଶ ତଥା ଆଧ୍ୟାତ୍ମିକତାକୁ ପ୍ରାଧାନ୍ୟ ଦେଇ ଏହି ଯୋଜନା ନିର୍ଦ୍ଧାରଣ କରାଯାଉଛି। ଉଲ୍ଲେଖଯୋଗ୍ୟ ଯେ, ମହାନଦୀର ଉଭୟ ପାର୍ଶ୍ୱର୍ ସମ୍ବଲପୁର ସହର ପାର୍ଶ୍ୱର୍ ତଥା ଅପରପାର୍ଶ୍ୱର୍ ଚାଉଁରପୁର ପଟେ ମଧ୍ୟ ଏହି ଯୋଜନା କାର୍ଯ୍ୟକାରୀ କରାଯିବ। ପାରମ୍ପରିକ ସମ୍ବଲପୁରୀ ବାଦ୍ୟ, ପଞ୍ଚବାଦ୍ୟ ବ୍ୟତିରେକ ଅନ୍ୟ ପାରମ୍ପରିକ ଆଦିବାସୀ ବାଦ୍ୟ, ସମ୍ବଲପୁରୀ ହସ୍ତତନ୍ତ ବସ୍ତ୍ରର ଡିଜାଇନ୍ ଦ୍ୱାରା ଘାଟ ଅଞ୍ଚଳର ସୁଶୋଭିତ ହେବ। ଏହାସହିତ ବୀର ସୁରେନ୍ଦ୍ର ସାଏ, ସ୍ୱଭାବକବି ଗଙ୍ଗାଧର ମେହେର ଏବଂ ସନ୍ଥକବି ଭୀମଭୋଇଙ୍କ ପ୍ରତିମୂର୍ତ୍ତି ରଖାଯାଇ ତିନି ମହାପୁରୁଷଙ୍କ ନାମରେ ସ୍ୱତନ୍ତ୍ର ପ୍ଲାଜା ରହିବ। ପ୍ରବେଶଦ୍ୱାର ସମ୍ମୁଖରେ ହୀରାଖଣ୍ଡ ପ୍ଲାଜା ଶୋଭା ପାଇବ। ସମଲେଶ୍ୱରୀ ମନ୍ଦିର ନିକଟରେ ଆଳତୀ ଘାଟ ପାଇଁ ସୁଦୃଶ୍ୟ ଗ୍ୟାଲେରୀ ରହିବ, ଯେଉଁଥିରେ ପ୍ରାୟ ୫ ଶହରୁ ଉର୍ଦ୍ଧ୍ୱ ଶ୍ରଦ୍ଧାଳୁ ଓ ପର୍ଯ୍ୟଟକଙ୍କ ବସିବା ସୁବିଧା ଉପଲବ୍ଧ କରାଯିବ। ଲାଇବ୍ରେରୀ, ଫୁଡ୍ ପ୍ଲାଜା, ଯୋଗ ଓ ପ୍ରାଣାୟାମ ପାଇଁ ସ୍ଥାନ, ପ୍ରାତଃଭ୍ରମଣ ଓ ସାନ୍ଧ୍ୟଭ୍ରମଣ ପାଇଁ ଚଲାପଥ ଆଦି ସୁବିଧା ରହିବ। ଏଠାରେ ଏକ ପ୍ରଜାପତି ▶ପୃଷ୍ଠା-୧୦






## ୪ରେ ଖାମେନେଇଙ୍କ ଅନ୍ତ୍ୟେଷ୍ଟି; ପ୍ରଧାନମନ୍ତ୍ରୀ ମୋଦୀଙ୍କୁ ନିମନ୍ତ୍ରଣ

ତେହେରାନ, ୨୪।୬(ଏଜେନ୍ସି): ଇରାନର ପୂର୍ବତନ ସର୍ବୋଚ୍ଚ ନେତା ଆୟାତୋଲ୍ଲା ଅଲି ଖାମେନେଇଙ୍କ ରାଷ୍ଟ୍ରୀୟ ଅନ୍ତ୍ୟେଷ୍ଟିକ୍ରିୟାରେ ଯୋଗଦେବା ପାଇଁ ଇରାନ ରାଷ୍ଟ୍ରପତି ମାସୁଦ ପେଜେସ୍କିଆନ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ନିମନ୍ତ୍ରଣ କରିଛନ୍ତି। ଜୁଲାଇ ୪ରୁ ଏହି ଶୋକ ସଭା କାର୍ଯ୍ୟକ୍ରମ ଆରମ୍ଭ ହେବ। ଗତ ଫେବୃଆରୀ ୨୮ ରେ ଇସ୍ରାଏଲ ଏବଂ ଆମେରିକାର ମିଳିତ ବାୟୁସେନା ଆକ୍ରମଣରେ ଖାମେନେଇଙ୍କ ମୃତ୍ୟୁ ଘଟିଥିଲା। ପୂର୍ବରୁ ମାର୍ଚ୍ଚ ୪ରେ ତାଙ୍କର ଅନ୍ତ୍ୟେଷ୍ଟିକ୍ରିୟା ହେବାର ଥିଲା। କିନ୍ତୁ ଯୁଦ୍ଧ ପରିସ୍ଥିତି ଏବଂ ପ୍ରବଳ ଜନସମାଗମ ଆଶଙ୍କାରେ ଏହାକୁ ସ୍ଥଗିତ ରଖାଯାଇଥିଲା। ତେବେ ପ୍ରଧାନମନ୍ତ୍ରୀ ମୋଦୀ ଏହି କାର୍ଯ୍ୟକ୍ରମରେ ଯୋଗ ଦେବେ କି ନାହିଁ ସେ ନେଇ କୌଣସି ଆଧିକାରିକ ଘୋଷଣା କରାଯାଇ ନାହିଁ।

## ସଂସଦରେ ଅଫିସ ହରାଇବ 'ସେନା'

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ଉଦ୍ଧବ ଠାକରେଙ୍କ ନେତୃତ୍ୱାଧୀନ ଶିବସେନା (ୟୁବିଟି)ର ୬ ଜଣ ଲୋକସଭା ସାଂସଦ ଉପମୁଖ୍ୟମନ୍ତ୍ରୀ ଏକନାଥ ସିନ୍ଦେଙ୍କ ଗୋଷ୍ଠୀରେ ସାମିଲ ହୋଇଛନ୍ତି। ଏହାପରେ ଦଳ ସଂସଦ ଭବନ ପରିସରରେ ଥିବା ଦଳୀୟ କାର୍ଯ୍ୟାଳୟ ହରାଇବା ସ୍ଥିତିରେ ପହଞ୍ଚିଛି। ଉଦ୍ଧବଙ୍କ ଶିବସେନାର ସଦସ୍ୟ ସଂଖ୍ୟା ୩କୁ ଖସିଛି। ନିୟମ ଅନୁଯାୟୀ, ଦଳର ୫ କିମ୍ବା ଊର୍ଦ୍ଧ୍ୱ ସାଂସଦ ଥିଲେ ହିଁ ସଂସଦ ଭବନ ପରିସରରେ ସ୍ୱତନ୍ତ୍ର କାର୍ଯ୍ୟାଳୟ ଆବଣ୍ଟନ କରାଯାଇଥାଏ। ବର୍ତ୍ତମାନ ଶିବସେନା (ୟୁବିଟି) ର ସଂସଦୀୟ କାର୍ଯ୍ୟାଳୟ ପୁରୁଣା ସଂସଦ ଭବନ ବା 'ସମ୍ବିଧାନ ସଦନ'ର ରୁମ୍ ନମ୍ବର ୧୨୮ଏରେ ପରିଚାଳିତ ହେଉଛି।


ମୁମ୍ବଇ


ଅରୁଣାଚଳ ପ୍ରଦେଶ

## ମୁମ୍ବଇ ବେହାଲ, ଅରୁଣାଚଳରେ ବର୍ଷାର ତାଣ୍ଡବ

- ମୁମ୍ବଇ ଜଳବନ୍ଦୀ, ବସ-ଟ୍ରେନ ସେବାରେ ବାଧା
- ଅରୁଣାଚଳରେ ବନ୍ୟା ଯୋଗୁଁ ଅନେକ ଗ୍ରାମ ଜଳମଗ୍ନ, ଭାସିଗଲା ଘର

ମୁମ୍ବଇ, ୨୪।୬ (ଏଜେନ୍ସି): ପ୍ରାୟ ୧୩ ଦିନ ବିଳମ୍ବରେ ମୁମ୍ବଇରେ ଦକ୍ଷିଣ-ପଶ୍ଚିମ ମୌସୁମୀ ବର୍ଷା ପହଞ୍ଚିଛି। ମାତ୍ର ପ୍ରଥମ ଦିନରେ ହିଁ ସହରରେ ବିପର୍ଯ୍ୟୟ ସୃଷ୍ଟି କରିଛି। ଗତ ୨୪ ଘଣ୍ଟା ମଧ୍ୟରେ ମୁମ୍ବଇର କେତକ ଅଞ୍ଚଳରେ ୩୦୦ ମିଲିମିଟରରୁ ଅଧିକ ବର୍ଷା ରେକର୍ଡ କରାଯାଇଛି। ଫଳରେ ସମଗ୍ର ସହରରେ ଜଳବନ୍ଦୀ ସମସ୍ୟା ଉପୁଜିବା ସହ ରେଳ ଓ ସଡ଼କ ପରିବହନ ଗୁରୁତର ଭାବେ ବାଧାପ୍ରାପ୍ତ ହୋଇଛି। ପ୍ରବଳ ବର୍ଷା ଯୋଗୁଁ ମୁମ୍ବାଇର ଜୀବନରେଖା କୁହାଯାଉଥିବା ଲୋକାଲ୍ ଟ୍ରେନ୍ ସେବା ବିଶେଷ ଭାବେ ପ୍ରଭାବିତ ହୋଇଛି। କେନ୍ଦ୍ରୀୟ ରେଳବାଇର କେତକ ଷ୍ଟେସନରେ ଅତ୍ୟଧିକ ଜଳ ପ୍ରବାହ ଯୋଗୁଁ ରେଳ ଧାରଣା ଧସିଯାଇଥିବା ସୂଚନା ମିଳିଛି। ଫଳରେ ଥାନେ-ୱାଶି ସେକ୍ସନରେ ଟ୍ରେନ୍ ଚଳାଚଳ ବହୁ ସମୟ ଧରି ବନ୍ଦ ରହିଥିଲା। ପଶ୍ଚିମ ରେଳବାଇ ସେବା ସ୍ୱାଭାବିକ ଥିଲେ ମଧ୍ୟ ଯାତ୍ରୀମାନେ ପ୍ରବଳ ଭିଡ଼ ଓ ବିଳମ୍ବର ସମ୍ମୁଖୀନ ହୋଇଛନ୍ତି। ସହରର ତଳିଆ ଅଞ୍ଚଳ ସମ୍ପୂର୍ଣ୍ଣ ଜଳମଗ୍ନ ହୋଇଛି। ଅନ୍ଧେରୀ ସବୱେକୁ ସୁରକ୍ଷା ଦୃଷ୍ଟିରୁ ସାମୟିକ ଭାବେ ବନ୍ଦ କରିଦିଆଯାଇଛି। ପାଣିପାଗ ବିଭାଗ ଅନୁଯାୟୀ, ମାଲଭାନୀ ଫାୟାର ଷ୍ଟେସନରେ ସର୍ବାଧିକ ୩୩୪ ମିଲିମିଟର ଏବଂ ଏଫ-ସାଉଥ ୱାର୍ଡରେ ୩୨୮ ମିଲିମିଟର ବର୍ଷା ହୋଇଛି। ବର୍ଷା ଯୋଗୁଁ ଭିଖ୍ରୋଲି ପଶ୍ଚିମରେ ଏକ ଆବାସିକ କୋଠାର କାନ୍ଥ ଭୁଶୁଡି ପଡ଼ିଛି। ସହରର ବିଭିନ୍ନ ସ୍ଥାନରେ ଗଛ ଉପୁଡି ଯାନବାହାନ ନଷ୍ଟ ହୋଇଥିବା ଖବର ମଧ୍ୟ ମିଳିଛି। ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ମୁମ୍ବଇ ଓ ପାଲଘର ପାଇଁ ପୂର୍ବରୁ ଜାରି କରାଯାଇଥିବା ରେଡ୍ ଆଲର୍ଟକୁ ପରେ ଅରେଞ୍ଜ ଆଲର୍ଟରେ ପରିବର୍ତ୍ତନ କରାଯାଇଛି। ସମୁଦ୍ରରେ ଜୁଆର ଆସିବା ସମ୍ଭାବନା ଥିବାରୁ ବିଏମ୍‌ସି ଓ ବିପର୍ଯ୍ୟୟ ପରିଚାଳନା ଟିମ୍‌କୁ ସତର୍କ ରହିବାକୁ ନିର୍ଦ୍ଦେଶ ଦିଆଯାଇଛି।

ସେହିପରି ଅରୁଣାଚଳ ପ୍ରଦେଶର କେତକ ଅଞ୍ଚଳରେ ପ୍ରବଳ ବର୍ଷା ହୋଇଛି। ଫଳରେ ସୃଷ୍ଟି ହୋଇଥିବା ଆକସ୍ମିକ ବନ୍ୟା ବ୍ୟାପକ ଧ୍ୱଂସଲୀଳା ରଚିଛି। ରାଜ୍ୟର ଲୋୟର ସୁବନସିରି ଏବଂ କେୟି ପାନ୍‌ୟୋର ଜିଲ୍ଲାରେ ମାତ୍ର କେଇ ଘଣ୍ଟାର ପ୍ରବଳ ବର୍ଷା ଯୋଗୁଁ ଅନେକ ଗ୍ରାମ ଜଳମଗ୍ନ ହୋଇଛି। ଏହାସହ ଘରଦ୍ୱାର, ଭିତ୍ତିଭୂମି ଓ ଚାଷଜମିର ବହୁଳ କ୍ଷୟକ୍ଷତି ଘଟିଛି। କେୟି ପାନ୍‌ୟୋର ଜିଲ୍ଲାର ୟାଜାଲି ସ୍ଥିତ ଏକ କଲୋନୀରେ ବନ୍ୟା ଜଳ ପ୍ରବେଶ କରି ୧୫ଟି ଆବାସିକ କ୍ୱାର୍ଟର୍ସ ସମ୍ପୂର୍ଣ୍ଣ ରୂପେ ନଷ୍ଟ ହୋଇଛି। ଏହା ସହିତ ଏକ ପ୍ରମୁଖ ହାଇୱେ ବ୍ରିଜ୍ ବନ୍ୟା ଜଳରେ ଭାସିଯାଇଛି। ତେଣୁ ସେହି ଅଞ୍ଚଳରେ ଯୋଗାଯୋଗ ସମ୍ପୂର୍ଣ୍ଣ ବିଚ୍ଛିନ୍ନ ହୋଇଛି। ଅନେକ ଗ୍ରାମଗୁଡିକରେ ମଧ୍ୟ ବନ୍ୟା ଯୋଗୁଁ ବହୁ ବାସଗୃହ କ୍ଷତିଗ୍ରସ୍ତ ହୋଇଛି। ଚାଷ କାର୍ଯ୍ୟ ମଧ୍ୟ ଗମ୍ଭୀର ଭାବେ ପ୍ରଭାବିତ ହୋଇଥିବା ବେଳେ ବ୍ୟାପକ ଫଳ ବଗିଚା ଗୁଡ଼ିକ ବନ୍ୟା ଜଳରେ ଧୋଇଯାଇଛି।

## ଫ୍ରାନ୍ସ ମହୋତ୍ସବରେ ଦୁଷ୍କର୍ମ, ସିରିଞ୍ଜ୍ ଆକ୍ରମଣ



ପ୍ୟାରିସ୍, ୨୪।୬ (ଏଜେନ୍ସି): ଫ୍ରାନ୍ସର ପାରମ୍ପରିକ ବାର୍ଷିକ ସଙ୍ଗୀତ ମହୋତ୍ସବ 'ଫେଟେ ଡି ଲା ମ୍ୟୁଜିକ୍' ପାଳନ ଅବସରରେ ବ୍ୟାପକ ହିଂସା, ଦୁଷ୍କର୍ମ, ଅସଦାଚରଣ ଏବଂ ମହିଳାମାନଙ୍କୁ ସିରିଞ୍ଜରେ ଆକ୍ରମଣ କରାଯାଇଥିବା ଜଣାପଡ଼ିଛି। ଗତ ରାତିରେ ପ୍ୟାରିସ୍ ସମେତ ଫ୍ରାନ୍ସର ବିଭିନ୍ନ ସହରରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଫ୍ରାନ୍ସ ତଥା ଅନ୍ୟ ଦେଶର ପର୍ଯ୍ୟଟକ ଯୋଗ ଦେଇଥିଲେ। ଏହି ସମୟରେ ପ୍ରାୟ ମହିଳାଙ୍କୁ ଦୁଷ୍କର୍ମ କରାଯାଇଥିବା ନେଇ ଅଭିଯୋଗ ହୋଇଛି। ଏହାସହ ଅନେକ ମହିଳାଙ୍କୁ ସିରିଞ୍ଜ୍‌ରେ ଫୋଡ଼ି ଆକ୍ରମଣ କରାଯାଇଥିବା ଜଣାପଡ଼ିଛି। ଅନେକ ମହିଳାଙ୍କ ସହ ଅସଦାଚରଣ, ଯୌନ ଉତ୍ପୀଡ଼ନ ଏବଂ ଛୁରାମାଡ ହୋଇଥିବା ମଧ୍ୟ ଅଭିଯୋଗ ରହିଛି। ଭିଡ଼ ଭିତରେ ହଠାତ୍ ଛୁଞ୍ଚି ଫୋଡ଼ି ହେବା ପରେ କିଛି ପୀଡ଼ିତାଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ପ୍ୟାରିସର 'ଚାଟେଲେଟ୍' ପରି କେତେକ ଅଞ୍ଚଳରେ ପ୍ରବଳ ଭିଡ଼ ଓ ଗୋଷ୍ଠୀ ସଂଘର୍ଷ ଯୋଗୁଁ ଆତଙ୍କର ସୃଷ୍ଟି ହୋଇଥିଲା। ଏହି ଘଟଣା ପରେ ମୋଟ ୨୪୩ ଜଣଙ୍କୁ ବିଶୃଙ୍ଖଳା କରିବା ଅଭିଯୋଗରେ ଗିରଫ କରାଯାଇଛି।

## ଇରାନର 'ଜେଲିଫିସ୍' ଡ୍ରୋନ୍ ଆକ୍ରମଣ



ୱାସିଂଟନ/ତେହେରାନ, ୨୪।୬(ଏଜେନ୍ସି):ଇରାନ ସହିତ ସଂଘର୍ଷ ସମୟରେ ଗତ ଏପ୍ରିଲରେ ଆମେରିକାର ଶକ୍ତିଶାଳୀ ଏଫ୍-୧୫ଇ ଷ୍ଟ୍ରାଇକ୍ ଇଗଲ୍ ଯୁଦ୍ଧ ବିମାନ ଖସିଥିଲା। ଏଥିରୁ ଉଦ୍ଧାର ହୋଇଥିବା ଆମେରିକୀୟ ପାଇଲଟ ବିମାନ ଖସିବା ନେଇ ଚାଞ୍ଚଲ୍ୟକର ବୟାନ ଦେଇଛନ୍ତି। ତାଙ୍କ ଅନୁଯାୟୀ, ବିମାନଟି କୌଣସି ମିସାଇଲ୍ ଦ୍ୱାରା ନୁହେଁ, ବରଂ 'ଜେଲିଫିସ୍' ଭଳି ଦେଖାଯାଉଥିବା ଅତ୍ୟାଧୁନିକ ଡ୍ରୋନ୍ ସମୂହର ଆକ୍ରମଣ ଯୋଗୁଁ ଦୁର୍ଘଟଣାଗ୍ରସ୍ତ ହୋଇଥିଲା। ଏହି ଦାବି ସତ୍ୟ ପ୍ରମାଣିତ ହେଲେ ଏହା ଇରାନର ଯୁଦ୍ଧ କୌଶଳର ନୂତନ ଦିଗ ଉନ୍ମୋଚିତ କରିବ। ପାଇଲଟଙ୍କ ସୂଚନା ଅନୁସାରେ, ଆକାଶରେ ଅନେକ ଗୁଡ଼ିଏ ଡ୍ରୋନ୍ ଏକାଠି ଗତି କରୁଥିଲେ। ଏହା ଦୂରରୁ ସାମୁଦ୍ରିକ 'ଜେଲିଫିସ୍' ଭଳି ଦେଖାଯାଉଥିଲା। ଏଥିରେ ଏକ ବଡ଼ 'ମଦରଶିପ୍' ଡ୍ରୋନ୍ ଉପରେ ରହିଥିବା ବେଳେ ତା' ତଳେ ଅନେକ ଛୋଟ ଡ୍ରୋନ୍ ଗୋଡ଼ ଭଳି ଝୁଲି ରହିଥିଲେ। ପାଇଲଟ୍ ଏହାକୁ 'ପୁରା ଏଲିଅନ୍ସ (ଅନ୍ୟ ଗ୍ରହର ଜୀବ) ମାନଙ୍କ କାମ ଭଳି ବୋଲି ବର୍ଣ୍ଣନା କରିଛନ୍ତି। ଏହି ଡ୍ରୋନ୍ ସମୂହ ଆକାଶରେ ଏକ 'ମାଇନଫିଲ୍ଡ' ଭଳି କାମ କରନ୍ତି, ଯାହା ଶତ୍ରୁ ପକ୍ଷର ବିମାନକୁ ଘେରିଯାଇ ଆକ୍ରମଣ କରିଥାନ୍ତି। ଏଗୁଡ଼ିକ କମ୍ ଉଚ୍ଚତାରେ ଉଡ଼ିପାରୁଥିବାରୁ ରାଡାର ଏବଂ ଏୟାର୍ ଡିଫେନ୍ସ ସିଷ୍ଟମ୍ ପକ୍ଷରେ ଏହାକୁ ଚିହ୍ନଟ କରିବା ବଡ଼ ଆହ୍ୱାନ ହୋଇଥାଏ। ଏହାର ଅଦ୍ଭୁତ ଆକୃତି ଶତ୍ରୁ ପାଇଲଟଙ୍କ ମଧ୍ୟରେ ଭୟ ସୃଷ୍ଟି କରିବା ପାଇଁ ଯଥେଷ୍ଟ। ବିଶେଷଜ୍ଞଙ୍କ ମତରେ, ଏହି ସମୂହରୁ କିଛି ଡ୍ରୋନ୍ ନଷ୍ଟ ହେଲେ ମଧ୍ୟ ଅନ୍ୟ ଡ୍ରୋନ୍ ଗୁଡ଼ିକ ସଙ୍ଗେ ସଙ୍ଗେ ସେହି ସ୍ଥାନ ପୂରଣ କରି ଆକ୍ରମଣ ଜାରି ରଖିପାରନ୍ତି। ପୂର୍ବରୁ ଏହିଭଳି ଅତ୍ୟାଧୁନିକ ଟେକ୍ନୋଲୋଜି କେବଳ ଚୀନ୍ ଏବଂ ରୁଷିଆ ପାଖରେ ଥିବା ବିଶ୍ୱାସ କରାଯାଉଥିଲା।

## ଗ୍ରୀଷ୍ମ ତାଣ୍ଡବ; ପାଣିରେ ବୁଡ଼ି ୪୦ ମୃତ



ଲଣ୍ଡନ,୨୪।୬(ଏଜେନ୍ସି): ୟୁରୋପରେ ଭୟଙ୍କର ଗ୍ରୀଷ୍ମ ପ୍ରବାହ ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି। ଫ୍ରାନ୍ସରେ ଅତ୍ୟଧିକ ଗରମ ଯୋଗୁଁ ୫୮ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ସମଗ୍ର ୟୁରୋପରେ ଅତ୍ୟଧିକ ଗ୍ରୀଷ୍ମ ପ୍ରବାହ ଅନୁଭୂତ ହୋଇଛି। ସ୍ପେନ, ଇଟାଲୀ, ବ୍ରିଟେନ, ଫ୍ରାନ୍ସ ସମେତ ୧୪ଟି ଦେଶରେ ରେଡ୍ ଆଲର୍ଟ ଜାରି କରାଯାଇଛି। ଫ୍ରାନ୍ସରେ ଗରମରୁ ରକ୍ଷା ପାଇବା ପାଇଁ ଲୋକମାନେ ନଦୀ, ହ୍ରଦ ଓ କେନାଲରେ ଗାଧୋଇବାକୁ ଯାଇ ପାଣିରେ ବୁଡ଼ି ମୃତ୍ୟୁବରଣ କରିଛନ୍ତି। ଗ୍ରୀଷ୍ମ ପ୍ରବାହ ଯୋଗୁଁ ୧୮ ଜଣଙ୍କ ମୃତ୍ୟୁ ଘଟିଥିବାବେଳେ ପାଣିରେ ବୁଡ଼ି ୪୦ରୁ ଊର୍ଦ୍ଧ୍ୱ ମୃତ୍ୟୁବରଣ କରିଛନ୍ତି।। ପରିସ୍ଥିତି ଏତେ ଗମ୍ଭୀର ହୋଇଛି ଯେ ଫ୍ରାନ୍ସର ଗୋଲଫେଶ ପରମାଣୁ ବିଦ୍ୟୁତ କେନ୍ଦ୍ରକୁ ବନ୍ଦ କରିବାକୁ ପଡ଼ିଛି। ୧୩୫୦ରୁ ଅଧିକ ବିଦ୍ୟାଳୟ ବନ୍ଦ କରାଯାଇଛି। ପ୍ୟାରିସ ସମେତ ଦେଶର ଅନେକ ସ୍ଥାନରେ ତାପମାତ୍ରା ୪୩ ଡିଗ୍ରୀ ସେଲସିୟସ୍ ପର୍ଯ୍ୟନ୍ତ ପହଞ୍ଚିଛି। ଚଳିତ ବର୍ଷର ଗ୍ରୀଷ୍ମ ପ୍ରବାହ ୨୦୦୩ ମସିହା ଗ୍ରୀଷ୍ମ ପ୍ରବାହ ସହ ସମାନ ହୋଇଛି। ତେବେ ୨୦୦୩ରେ ୧୬ ଦିନ ଧରି ଚାଲିଥିବା ଭୟଙ୍କର ଗରମରେ ପ୍ରାୟ ୧୫ ହଜାର ଲୋକଙ୍କ ମୃତ୍ୟୁ ଘଟିଥିଲା।

## ତେଜୁଛି ରାମ ମନ୍ଦିର ଚାନ୍ଦା ଚୋରି ବିବାଦ

- ଏସ୍ଆଇଟି ରିପୋର୍ଟରେ ୧୭ ଜଣଙ୍କ ନାମ
- ଏଫ୍ଆଇଆର୍ ଦାଖଲ ପାଇଁ ସୁପାରିସ
- ସନ୍ଦେହ ଘେରରେ ଟ୍ରଷ୍ଟ ସମ୍ପାଦକ ଚମ୍ପତ ରାୟ



ଲକ୍ଷ୍ନୌ, ୨୪।୬ (ଏଜେନ୍ସି): ଅଯୋଧ୍ୟାର ରାମ ମନ୍ଦିରରେ ସାତ କୋଟି ଟଙ୍କାର ଦାନ ଓ ଦକ୍ଷିଣା ଚୋରି ମାମଲା ଦିନକୁ ଦିନ ବିସ୍ଫୋରକ ହେବାରେ ଲାଗିଛି। ପ୍ରଭୁ ରାମଙ୍କ ନାମରେ ଆସିଥିବା କୋଟି କୋଟି ଟଙ୍କା ଘୋଟାଲାରେ ମନ୍ଦିର ଟ୍ରଷ୍ଟର ଅନେକ ବଡ଼ ବଡ଼ କର୍ମକର୍ତ୍ତା ସାମିଲ ଅଛନ୍ତି। ଏହି ଘଟଣାର ତଦନ୍ତ ଲାଗି ରାଜ୍ୟ ସରକାର ଦ୍ୱାରା ଗଠିତ ଏସ୍ଆଇଟି ଇତିମଧ୍ୟରେ ଯେଉଁ ପ୍ରାଥମିକ ରିପୋର୍ଟ ଦେଇଛି, ତାହା ସମସ୍ତଙ୍କର ହୋସ୍ ଉଡ଼ାଇ ଦେଇଛି। ଏଥିରେ ୧୭ ଜଣଙ୍କୁ ଅଭିଯୁକ୍ତ କରାଯିବା ସହିତ ସେମାନଙ୍କ ବିରୋଧରେ ତୁରନ୍ତ ଏଫ୍ଆଇଆର ଦାଖଲ ପାଇଁ କୁହାଯାଇଛି। କିନ୍ତୁ ପ୍ରଶାସନ ଏପର୍ଯ୍ୟନ୍ତ ଏଫଆଇଆର ଦାଖଲ କରିନଥିବାରୁ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ରିପୋର୍ଟରେ ଯେଉଁ ୧୭ ଜଣଙ୍କୁ ଅଭିଯୁକ୍ତ କରାଯାଇଛି, ସେମାନଙ୍କ ମଧ୍ୟରେ ରାମ ଜନ୍ମଭୂମି ଟ୍ରଷ୍ଟର ଅନେକ ବରିଷ୍ଠ ଓ ପ୍ରଭାବଶାଳୀ କର୍ମକର୍ତ୍ତା ଥିବା କୁହାଯାଉଛି। ମନ୍ଦିର ଟ୍ରଷ୍ଟ ଭାଙ୍ଗି ନୂଆ ପ୍ରଶାସକ ନିଯୁକ୍ତ ଲାଗି ମଧ୍ୟ ଏସ୍ଆଇଟି ସୁପାରିସ କରିଥିବା ଜଣପଡ଼ିଛି।

ନିର୍ଭରଯୋଗ୍ୟ ସୂତ୍ରରୁ ମିଳିଥିବା ଖବର ଅନୁଯାୟୀ ଅଯୋଧ୍ୟାରେ ପ୍ରାରମ୍ଭିକ ସରଜମିନ ଯାଞ୍ଚ ପରେ ଏସଆଇଟି ଯେଉଁ ରିପୋର୍ଟ ଦେଇଛି, ସେଥିରେ ଟ୍ରଷ୍ଟର ସାଧାରଣ ସଂପାଦକ ଚମ୍ପତ ରାୟ ଏବଂ ତାଙ୍କର ଅନେକ ସହଯୋଗୀଙ୍କ ନାମ ରହିଛି। ରିପୋର୍ଟରେ ୧୫୦ରୁ ଅଧିକ ସେବାଦାର ଏବଂ କର୍ମଚାରୀଙ୍କୁ ସନ୍ଦିଗ୍ଧ ତାଲିକାରେ ରଖିବା ସହିତ ସେମାନଙ୍କ ବିରୋଧରେ ମଧ୍ୟ ଏଫ୍ଆଇଆର ଦାଖଲ କରିବାକୁ କୁହାଯାଇଛି। ମନ୍ଦିର ଦାନ ବାକ୍ସର ଚାବି ରାମ ଶଙ୍କର ଯାଦବ ଓରଫ ଟିନ୍ନୁ ଯାଦବ ପାଖରୁ ମିଳିଛି। ଟିନ୍ନୁ ହେଉଛି ଚମ୍ପତ ରାୟଙ୍କ ଡ୍ରାଇଭର। ତାଙ୍କ ଘରୁ ମଧ୍ୟ ବିପୁଳ ପରିମାଣର ସଂପତ୍ତି ଜବତ ହୋଇଥିବାର ଖବର ମିଳିଛି। ଟିନ୍ନୁ ଜଣେ ଟେମ୍ପୋ ଡ୍ରାଇଭର ଥିଲେ। ରାମ ମନ୍ଦିର ନିର୍ମାଣ ଆରମ୍ଭ ବେଳେ ସେ ଚମ୍ପତ ରାୟଙ୍କ ଗାଡ଼ି ଡ୍ରାଇଭର ଭାବେ ଯୋଗ ଦେଇଥିଲେ। ଏହାପରେ ତାଙ୍କର ସଂପତ୍ତି ପରିମାଣ କୋଟି କୋଟି ଟଙ୍କାରେ ପହଞ୍ଚିଛି। ଜଣେ ଗାଡ଼ି ଡ୍ରାଇଭର ପାଖରେ ଦାନ ବାକ୍ସଗୁଡ଼ିକର ଚାବି କେମିତି ଆସିଲା ବୋଲି ଏସ୍ଆଇଟି ପ୍ରଶ୍ନ କରିଛି। କେବଳ ଟିନ୍ନୁ ନୁହେଁ, ଟ୍ରଷ୍ଟର ଅନେକ କର୍ମଚାରୀ ଓ କର୍ମକର୍ତ୍ତାଙ୍କ ଭାଗ୍ୟ ମଧ୍ୟ ବଦଳିଯାଇଛି। ରାତାରାତି ସେମାନେ କୋଟିପତି ହୋଇଯାଇଛନ୍ତି। ଚମ୍ପତ ରାୟଙ୍କର ଆଉ ଜରେ ସହଯୋଗୀ ଫୁଲକାନ୍ତ ମିଶ୍ରଙ୍କ ସଂପତ୍ତି ମଧ୍ୟ ସନ୍ଦିଗ୍ଧ ଭାବେ ରାତାରାତି କୋଟି କୋଟି ଟଙ୍କା ହୋଇଯାଇଛି। ଏହି ସମସ୍ତ ଘୋଟାଲାର ମୁଖ୍ୟ କାର୍ପଟଦୋର ଚମ୍ପତ ରାୟ ବୋଲି ବିରୋଧୀମାନେ ଅଭିଯୋଗ କରିବା ସହିତ ତାଙ୍କ ବିରୋଧରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି କରିଛନ୍ତି।

ଆହୁରି ଅଭିଯୋଗ ହୋଇଛି ଯେ ମନ୍ଦିର ନିର୍ମାଣ ଦିନ ଠାରୁ ଟ୍ରଷ୍ଟରେ ଏଭଳି ଘୋଟାଲା ଚାଲିଥିବା ନେଇ ଅନେକ ସେବାଦାର ଜାଣିଥିଲେ। କିନ୍ତୁ ଏଥିରେ ପ୍ରଭାବଶାଳୀ ଲୋକ ସଂପୃକ୍ତ ଥିବାରୁ ଏହା ବିରୋଧରେ ସେମାନେ ମୁହଁ ଖୋଲୁନଥିଲେ। ଆହୁରି ଅଭିଯୋଗ ହୋଇଛି ଯେ ମନ୍ଦିରରୁ ୧୨୫୦ଟି ସୁନା, ରୁପା ଓ ହିରା ଖଚିତ ଏବଂ ଅଷ୍ଟଧାତୁ ଇଟା ମଧ୍ୟ ଗାଏବ ହୋଇଯାଇଛି।

## ସୀମାରେ ପାକିସ୍ତାନର ସାମରିକ ପ୍ରସ୍ତୁତି

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ପାକିସ୍ତାନ ଭାରତ ବିରୋଧରେ ଯୁଦ୍ଧ ଧମକ ଦେଇଥିବା ବେଳେ ସୀମାରେ ସାମରିକ ପ୍ରସ୍ତୁତିକୁ ବ୍ୟାପକ କରିଛି। ପାକିସ୍ତାନ ସେନାର ୮ମ ବ୍ରିଗେଡ୍ ନିୟନ୍ତ୍ରଣ ରେଖା ନିକଟରେ ୩୫ଟି ଆଣ୍ଟି-ଡ୍ରୋନ୍ ୟୁନିଟ୍ ମୁତୟନ କରିଛି। ସୀମାରେ ନଜର ରଖିବା ଓ ଶତ୍ରୁପକ୍ଷକୁ ଟାର୍ଗେଟ୍ କରିବା ପାଇଁ ଏଆଇ କ୍ଷମତା ସମ୍ପନ୍ନ ଫେନସିଂ କରିଛି। ବାଲୋଚିସ୍ତାନ ଓ ଖାଇବର ପଖ୍ତୁନଖ୍ୱାରେ ଦୁଇଟି ନୂତନ ଏୟାରବେସ୍ ନିର୍ମାଣ ହେଉଛି। ଚୀନ ପାକିସ୍ତାନକୁ ୩୬ଟି ଜେ ସିରିଜ୍ ମଲ୍ଟିରୋଲ୍ ଯୁଦ୍ଧ ବିମାନ ଯୋଗାଇ ଦେଇଛି ଏବଂ ୫ମ ପିଢ଼ିର ଜେ-୩୫ ଷ୍ଟେଲଥ୍ ଫାଇଟର ଜେଟ୍ ମଧ୍ୟ ମିଳିବାର ସମ୍ଭାବନା ରହିଛି।

## ପାକିସ୍ତାନ ସୀମାରେ ଏୟାର ଇଣ୍ଡିଆ ବିମାନ

ନୂଆଦିଲ୍ଲୀ, ୨୪।୬(ଏଜେନ୍ସି): ଦିଲ୍ଲୀରୁ ଅମୃତସର ଯାଉଥିବା ଏୟାର ଇଣ୍ଡିଆର ଯାତ୍ରୀବାହୀ ବିମାନ ଅଳ୍ପ ସମୟ ପାଇଁ ପାକିସ୍ତାନ ବାୟୁସୀମାରେ ପ୍ରବେଶ କରିଥିବା ଜଣାପଡ଼ିଛି। ଅମୃତସରରେ ଅବତରଣ କରିବା ପାଇଁ 'ଗୋ-ଆରାଉଣ୍ଡ' କରିବା ବେଳେ ଏପରି ଘଟିଥିବା ଏୟାରଲାଇନ୍ସ ବୁଧବାର ସ୍ପଷ୍ଟ କରିଛି। ଏୟାର ଇଣ୍ଡିଆର ବିମାନ ଏଆଇ୪୭୯ ଅଟ୍ଟାରୀ ନିକଟରେ ଥିବା ଅନ୍ତର୍ଜାତୀୟ ସୀମା ଅତିକ୍ରମ କରି ପାକିସ୍ତାନ ସୀମା ମଧ୍ୟରେ ପ୍ରାୟ ୨ମିନିଟ ଯାଏଁ ରହିଥିଲା। ତୁରନ୍ତ ପୁଣି ଭାରତୀୟ ସୀମାକୁ ଫେରି ଆସିଥିଲା।

## ଶୁଭେନ୍ଦୁଙ୍କ ପ୍ରଶଂସାରେ ଶତମୁଖ ମହୁଆ



କଲିକତା, ୨୪।୬(ଏଜେନ୍ସି): ପଶ୍ଚିମବଙ୍ଗ ରାଜନୀତିରେ ଟିଏମ୍‌ସିର ଶକ୍ତିଶାଳୀ ନେତ୍ରୀ ତଥା ସାଂସଦ ମହୁଆ ମୈତ୍ର, ରାଜ୍ୟର ମୁଖ୍ୟମନ୍ତ୍ରୀ ତଥା ବିଜେପି ନେତା ଶୁଭେନ୍ଦୁ ଅଧିକାରୀଙ୍କୁ ଖୋଲାଖୋଲି ଭାବେ ପ୍ରଶଂସା କରିଛନ୍ତି। ମମତା ବାନାର୍ଜୀଙ୍କ ଅତ୍ୟନ୍ତ ବିଶ୍ୱସ୍ତ ଭାବେ ଜଣାଶୁଣା ମହୁଆ, ଶୁଭେନ୍ଦୁଙ୍କ ସହ ତାଙ୍କର ବେଶ୍ ଭାବପ୍ରବଣ ସମ୍ପର୍କ ଥିବା କଥା ବୁଧବାର କହିଛନ୍ତି। ବିବିସିକୁ ଦେଇଥିବା ଏକ ସାକ୍ଷାତକାରରେ ମହୁଆ କହିଛନ୍ତି ଯେ, ୨୦୧୪ରେ ତାଙ୍କୁ ଲୋକସଭା ଟିକେଟ ମିଳିନଥିଲା। ସେହି ସମୟରେ ସେ ଦୁଃଖରେ ଭାଙ୍ଗିପଡ଼ି ସାରା ରାତି କାନ୍ଦିଥିଲେ। ସେତେବେଳେ କେବଳ ଶୁଭେନ୍ଦୁ ହିଁ ତାଙ୍କୁ ସାନ୍ତ୍ୱନା ଦେବା ସହ ସାହାଯ୍ୟର ହାତ ବଢ଼ାଇଥିଲେ। ଏପରିକି ୨୦୧୬ରେ ମଧ୍ୟ ସେ କରିମପୁରରୁ ପ୍ରଥମ ଥର ବିଧାନସଭା ନିର୍ବାଚନ ଲଢୁଥିବା ବେଳେ ଦଳର କୌଣସି ବରିଷ୍ଠ ନେତା ତାଙ୍କ ପାଇଁ ପ୍ରଚାର କରିବାକୁ ଆସିନଥିଲେ। କିନ୍ତୁ କେବଳ ଶୁଭେନ୍ଦୁ ହିଁ ତାଙ୍କର ପ୍ରଥମ ନିର୍ବାଚନୀ ସଭା କରିଥିଲେ। ବର୍ତ୍ତମାନ ଟିଏମସି ମଧ୍ୟରେ ବଡ଼ ଧରଣର ବିଦ୍ରୋହ ଦେଖାଦେଇଛି। ଏହି ପରିପ୍ରେକ୍ଷୀରେ ମହୁଆ ବିଜେପିର କାର୍ଯ୍ୟଶୈଳୀ ଓ ଶୃଙ୍ଖଳାକୁ ପ୍ରଶଂସା କରିବା ସହ ଟିଏମସିରୁ ଅଯୋଗ୍ୟ ନେତା ମାନଙ୍କୁ ବାହାର କରି ଦଳର ଶୁଦ୍ଧିକରଣ କରିଥିବାରୁ ଶୁଭେନ୍ଦୁଙ୍କୁ ଧନ୍ୟବାଦ ଜଣାଇଛନ୍ତି। ଯଦିଓ ମହୁଆ ଶୁଭେନ୍ଦୁଙ୍କୁ ପ୍ରଶଂସା କରିଛନ୍ତି, ତଥାପି ସେ ତୃଣମୂଳ କଂଗ୍ରେସ ଛାଡ଼ିବା କିମ୍ବା ଦଳ କଂଗ୍ରେସ ସହ ମିଶ୍ରଣ ହେବା ଖବରକୁ ସମ୍ପୂର୍ଣ୍ଣ ରୂପେ ଖଣ୍ଡନ କରିଛନ୍ତି।

## ୟୁକ୍ରେନରେ ଭାରତୀୟ ସେନା ମୁତୟନ ପ୍ରସ୍ତାବକୁ ହସରେ ଉଡ଼ାଇଲେ ଟ୍ରମ୍ପ

ୱାସିଂଟନ, ୨୪।୬(ଏଜେନ୍ସି): ରୁଷ-ୟୁକ୍ରେନ ଯୁଦ୍ଧ ସମାପ୍ତ କରିବା ପାଇଁ ଶାନ୍ତି ରକ୍ଷାକାରୀ ମିଶନ ପାଇଁ ଭାରତୀୟ ସେନାଙ୍କୁ ମୁତୟନ କରିବାକୁ ଉପରାଷ୍ଟ୍ରପତି ଜେଡି ଭାନ୍ସଙ୍କ ପ୍ରସ୍ତାବକୁ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ହସରେ ଉଡ଼ାଇ ଭାରତ ଏଥିପାଇଁ କେବେ ଅର୍ଥ ନଷ୍ଟ କରିବ ନାହିଁ ବୋଲି କହିଥିଲେ। ଦି ନ୍ୟୁୟର୍କ ଟାଇମ୍ସର ସାମ୍ବାଦିକ ମ୍ୟାଗି ହାବରମ୍ୟାନ ଏବଂ ଜୋନାଥନ ସ୍ୱାନଙ୍କ ଦ୍ୱାରା ଲିଖିତ 'ରେଜିମ ଚେଞ୍ଜ' (ସତ୍ତା ପରିବର୍ତ୍ତନ) ନାମକ ପୁସ୍ତକରେ ଏହି ଦାବି କରାଯାଇଛି। ୨୦୨୫ରେ ଓଭାଲ ଅଫିସରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ୟୁକ୍ରେନକୁ ଟ୍ରମ୍ପଙ୍କ ସ୍ୱତନ୍ତ୍ର ପ୍ରତିନିଧି କିଥ କେଲଗ ଫ୍ରାନ୍ସ, ବ୍ରିଟେନ ଏବଂ ନେଦରଲ୍ୟାଣ୍ଡ ପରି ୟୁରୋପୀୟ ଦେଶଗୁଡ଼ିକରୁ ଶାନ୍ତି ରକ୍ଷାକାରୀ ବାହିନୀ ପଠାଇବାକୁ ପ୍ରସ୍ତାବ ଦେଇଥିଲେ। କିନ୍ତୁ ଜେଡି ଭାନ୍ସ ଯୁକ୍ତି ବାଢିଥିଲେ ଯେ, ନାଟୋ ସଦସ୍ୟ ଦେଶଙ୍କ ସେନା ୟୁକ୍ରେନରେ ମୁତୟନ ହେଲେ ରୁଷ ଏହାକୁ ବିପଦ ଭାବେ ଗ୍ରହଣ କରିବ। ଏହାର ବିକଳ୍ପ ଭାବେ ଭାନ୍ସ ଭାରତ ଏବଂ ସାଉଦି ଆରବ ପରି ଅଣ-ୟୁରୋପୀୟ ଦେଶଗୁଡ଼ିକୁ ଏହି ଦାୟିତ୍ୱ ଦେବାକୁ କହିଥିଲେ। ପୁସ୍ତକ ଅନୁଯାୟୀ, ଟ୍ରମ୍ପ ଏହି ପ୍ରସ୍ତାବ ଶୁଣି ହସିଥିଲେ ଏବଂ କହିଥିଲେ, 'ଭାରତୀୟମାନେ ଏହା କରିବେ ନାହିଁ। ସେମାନେ ଏଭଳି କୌଣସି କାମ ପାଇଁ ଅର୍ଥ ଦେବେ ନାହିଁ'। ତେବେ ଟ୍ରମ୍ପ ସ୍ୱୀକାର କରିଥିଲେ ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହ ତାଙ୍କର ଉତ୍ତମ ସମ୍ପର୍କ ରହିଛି।



## ନ୍ୟୁୟର୍କ ସିଟିରେ ଭାରତୀୟ କିଶୋରଙ୍କ ସ୍ମୃତିରେ 'ରୋମାଞ୍ଚସ ଲ'

ନ୍ୟୁୟର୍କ, ୨୪।୬(ଏଜେନ୍ସି): ଆମେରିକାର ନ୍ୟୁୟର୍କ ସିଟିର ସେଣ୍ଟ୍ରାଲ୍ ପାର୍କରେ ଘୋଡ଼ା ଗାଡ଼ି ଦୁର୍ଘଟଣାରେ ପ୍ରାଣ ହରାଇଥିବା ୧୮ ବର୍ଷୀୟ ଭାରତୀୟ କିଶୋର ରୋମାଞ୍ଚ ମହାଜନଙ୍କ ସମ୍ମାନାର୍ଥେ ସହରର ଘୋଡ଼ା ଗାଡ଼ି ନିଷେଧ ବିଲ୍‌ର ନାମ ପରିବର୍ତ୍ତନ କରାଯାଇଛି। ପୂର୍ବରୁ 'ରାଇଡର୍ସ ଲ' ନାମରେ ଜଣାଶୁଣା ଏହି ବିଲ୍ ଏବେ 'ରୋମାଞ୍ଚସ ଲ' ଭାବେ ନାମିତ ହୋଇଛି। ଗତ ସପ୍ତାହରେ ସେଣ୍ଟ୍ରାଲ୍ ପାର୍କରେ ରୋମାଞ୍ଚ ତାଙ୍କ ପରିବାର ସହ ଘୋଡ଼ା ଗାଡ଼ିରେ ଭ୍ରମଣ କରୁଥିଲେ। ଏହି ସମୟରେ ଘୋଡ଼ାଟି କୌଣସି କାରଣରୁ ଡରିଯାଇ ଦ୍ରୁତ ଗତିରେ ଦୌଡ଼ିବାକୁ ଲାଗିଥିଲା। ଫଳରେ ରୋମାଞ୍ଚଙ୍କ ମାଆ ଗାଡ଼ିରୁ ପଡ଼ିଯାଇଥିଲେ ଏବଂ ତାଙ୍କୁ ରକ୍ଷା କରିବା ପାଇଁ ରୋମାଞ୍ଚ ଗାଡ଼ିରୁ ଡେଇଁ ପଡ଼ିଥିଲେ। ଏହି ଦୁର୍ଘଟଣାରେ ଗୁରୁତର ଆହତ ହୋଇ ସେ ଚିକିତ୍ସାଧୀନ ଅବସ୍ଥାରେ ପ୍ରାଣ ହରାଇଥିଲେ। ତାଙ୍କ ପରିବାରର ଅନ୍ୟ ସଦସ୍ୟମାନେ ସାମାନ୍ୟ ଆହତ ହୋଇଥିବା ସୂଚନା ମିଳିଛି। ନ୍ୟୁୟର୍କ ସିଟି କାଉନସିଲ୍ ସଦସ୍ୟ କ୍ରିଷ୍ଟୋଫର ମାର୍ଟେ ସୋମବାର ଆୟୋଜିତ ଏକ ଶୋକସଭାରେ ଏହି ନାମ ପରିବର୍ତ୍ତନ ବିଷୟରେ ଘୋଷଣା କରିଥିଲେ। ଏହି ପ୍ରସ୍ତାବିତ ନିୟମ ଅନୁଯାୟୀ, ସହରରେ ନୂତନ ଘୋଡ଼ା ଗାଡ଼ି ଲାଇସେନ୍ସ ପ୍ରଦାନ ବନ୍ଦ କରାଯିବ ଏବଂ ୨୦୨୮ ଜୁନ୍ ୧ ସୁଦ୍ଧା ଏହି ଶିଳ୍ପକୁ ସମ୍ପୂର୍ଣ୍ଣ ରୂପେ ନିଷେଧ କରାଯିବ। ପୂର୍ବରୁ ଏହି ବିଲ୍ 'ରାଇଡର୍' ନାମକ ଏକ ୨୬ ବର୍ଷୀୟ ଘୋଡ଼ାର ନାମରେ ନାମିତ ଥିଲା। ୨୦୨୨ରେ କାର୍ଯ୍ୟରତ ଅବସ୍ଥାରେ ରାଇଡର୍ ଅସୁସ୍ଥ ହୋଇ ମୃତ୍ୟୁବରଣ କରିଥିଲା। ସୂଚନାଯୋଗ୍ୟ, ବିଗତ ୧୩ ମାସ ମଧ୍ୟରେ ୮ଟି ଘୋଡ଼ା ଜନିତ ଦୁର୍ଘଟଣା ଘଟିସାରିଛି।

## ୧୨୨.୪ ଡେସିବଲ୍ ତୀବ୍ରତାରେ ଚିତ୍କାର କରି ବିଶ୍ୱ ରେକର୍ଡ



କାନ୍‌ବେରା, ୨୪।୬(ଏଜେନ୍ସି): ଜଣେ ଅଷ୍ଟ୍ରେଲୀୟ ବ୍ୟକ୍ତି ବିଶ୍ୱର ସବୁଠାରୁ ଉଚ୍ଚ ସ୍ୱରରେ ଚିତ୍କାର କରୁଥିବା ବ୍ୟକ୍ତି ଭାବେ ଗିନିଜ୍ ୱାର୍ଲ୍ଡ ରେକର୍ଡରେ ନିଜ ନାମ ଲେଖାଇଛନ୍ତି। ଅଷ୍ଟ୍ରେଲିଆର ରାଜଧାନୀ କାନ୍‌ବେରାର ବାସିନ୍ଦା ୫୮ ବର୍ଷୀୟ ଜୋସେଫ୍ ମ୍ୟାକଗ୍ରେଲ୍-ବ୍ୟାଟଅପ୍ ୧୨୨.୪ ଡେସିବଲ୍ ତୀବ୍ରତାରେ ନାଓ ଶବ୍ଦଟିକୁ ଚିତ୍କାର କରି ଏହି ନୂତନ କୀର୍ତ୍ତିମାନ ସ୍ଥାପନ କରିଛନ୍ତି। ଏହି ସଫଳତା ସହ ଜୋସେଫ୍ ପ୍ରାୟ ୩୦ ବର୍ଷର ପୁରୁଣା ରେକର୍ଡକୁ ଭାଙ୍ଗିଛନ୍ତି। ଏହା ପୂର୍ବରୁ ୧୯୯୪ରେ ଉତ୍ତର ଆୟର୍ଲାଣ୍ଡର ଜଣେ ଶିକ୍ଷୟିତ୍ରୀ ଆନାଲିସା ଫ୍ଲାନାଗାନ୍ ୧୨୧.୭ ଡେସିବଲ୍ ତୀବ୍ରତାରେ 'କ୍ୱାଏଟ୍' ଶବ୍ଦ ଚିତ୍କାର କରି ବିଶ୍ୱ ରେକର୍ଡ କରିଥିଲେ। ଗିନିଜ୍ ୱାର୍ଲ୍ଡ ରେକର୍ଡ ଅନୁଯାୟୀ, ଜୋସେଫ୍‌ଙ୍କ ଏହି ଚିତ୍କାରର ଶବ୍ଦ ଏକ ଚେନ୍-ସ (ମୋଟର କରତ), ନିକଟରେ ଯାଉଥିବା ଆମ୍ବୁଲାନ୍ସ ସାଇରନ୍ କିମ୍ବା ଏକ ଜେଟ୍ ବିମାନ ଉଡ଼ାଣ ସମୟରେ ସୃଷ୍ଟି ହେଉଥିବା ଶବ୍ଦ ସହ ସମାନ। ଜୋସେଫ୍ ପେଶାରେ ଜଣେ ଏୟାର କଣ୍ଡିସନର ମିସ୍ତ୍ରୀ ଭାବେ କାମ କରନ୍ତି। ଜୋସେଫ୍ କହିଛନ୍ତି ଯେ, ଏହି ରେକର୍ଡ ପାଇଁ ଅଭ୍ୟାସ କରିବା ସମ୍ଭବ ନୁହେଁ। ଏହି ରେକର୍ଡ ପାଇଁ ତାଙ୍କୁ ୭ ଥର ଚେଷ୍ଟା କରିବାକୁ ପଡ଼ିଥିଲା। ଏଥିପାଇଁ ପ୍ରାୟ ଦୁଇ ଦିନ ପର୍ଯ୍ୟନ୍ତ ତାଙ୍କ ସ୍ୱର ବସି ଯାଇଥିଲା। ତେବେ ଜୋସେଫ୍ ବର୍ତ୍ତମାନ ବିଶ୍ୱର ସବୁଠାରୁ ଉଚ୍ଚ ସ୍ୱରର ବ୍ୟକ୍ତି ଭାବେ ରେକର୍ଡ କରିଥିବା ବେଳେ ଫ୍ଲାନାଗାନ୍ ଏବେ ମଧ୍ୟ ବିଶ୍ୱର ସବୁଠାରୁ ଉଚ୍ଚ ସ୍ୱରର ମହିଳା ଭାବେ ନିଜର ରେକର୍ଡ ବଜାୟ ରଖିଛନ୍ତି।

Excellence is a habit @ VIKASH / Admission Open for 2026-27 | Courses Offered: PG, UG & DIPLOMA

The Legacy of GOLD Continues ...

Aradhana Pradhan 9.62 CGPA (BCA) | Sanskruti Hota 9.42 CGPA (B.A. PSY. (H.)) | N. Jhansi Rani 8.97 CGPA (BBA)

BCA Final Sambalpur University Results 2026 | BBA Final Sambalpur University Results 2026 | +3 Final Sambalpur University Results 2026

MBA | B.Tech | Diploma | M.Sc. | M.A. | M.Com. | B.Sc. | B.Com. | B.A. | BBA | BCA | B.A. LL.B | M.Sc. (N) | P.B. B.Sc. (N) | B.Sc. (N) | GNM | ANM | DMLT | DMRT | B. Pharm | D. Pharm

Vikash Higher Educational Institutions, Barahaguda, Bargarh (Odisha) | Visit us@ www.odishavikash.com

94393 49333 / 82800 08111 / 92372 70045 / 94380 85817


## ନ୍ୟାୟ ଦାବିରେ ଏସ୍‌ପି ଅଫିସ ଆଗରେ ଚାମେଲୀଙ୍କ ଧାରଣା

# ୭୨ ଘଣ୍ଟାର ଅଲ୍ଟିମେଟମ୍, ଦିଲ୍ଲୀ ପର୍ଯ୍ୟନ୍ତ ଆନ୍ଦୋଳନ ଚେତାବନୀ

କେନ୍ଦ୍ରାପଡା,୨୪।୬(ସମିସ): ତିଖିରୀ ପଞ୍ଚାୟତ ସରପଞ୍ଚ ଚାମେଲୀ ଓଝାଙ୍କ ସହ ହୋଇଥିବା ଦୁର୍ବ୍ୟବହାର ଘଟଣାରେ ଦୋଷୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଦାବି କରି କେନ୍ଦ୍ରାପଡ଼ା ଏସ୍‌ପି ଅଫିସ ଆଗରେ ଗୁରୁବାର ଏକ ବିଶାଳ ଧାରଣା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଚାମେଲି ଓଝା ନିଜ ସମର୍ଥକ, ବିଭିନ୍ନ ଜିଲ୍ଲାର ସରପଞ୍ଚ ସଂଘ ପ୍ରତିନିଧି ଓ ମହିଳା ସଂଗଠନ ସଦସ୍ୟଙ୍କ ସହ ଏହି ଆନ୍ଦୋଳନରେ ସାମିଲ ହୋଇ ନ୍ୟାୟ ଦାବି କରିଛନ୍ତି। ଚାମେଲୀ ୭୨ ଘଣ୍ଟାର ସମୟ ଦେଇଥିବାବେଳେ ଦିଲ୍ଲୀ ପର୍ଯ୍ୟନ୍ତ ଆନ୍ଦୋଳନ ଚେତାବନୀ ଦେଇଛନ୍ତି।

ଆନ୍ଦୋଳନ ପୂର୍ବରୁ ଗରାପୁର ଡାକବଙ୍ଗଳା ଛକରେ ଥିବା ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ପରେ ଚାମେଲୀ ଓଝା ଖାଲି ପାଦରେ ପ୍ରାୟ ଦୁଇ କିଲୋମିଟର ପଦଯାତ୍ରା କରି ନିଜ ସମର୍ଥକଙ୍କ ସହ ଏସପି ଅଫିସ ନିକଟରେ ପହଞ୍ଚିଥିଲେ। ସେଠାରେ ପ୍ରାୟ ତିନି ଘଣ୍ଟା ଧରି ଧାରଣା ଚାଲିଥିଲା। ଧାରଣାରେ ଚାମେଲୀ ଓଝା ଦାବି କରିଥିଲେ ଯେ, ତାଙ୍କ ସହ ହୋଇଥିବା ଦୁର୍ବ୍ୟବହାର ଘଟଣାରେ ସଂପୃକ୍ତ ସମସ୍ତ ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ କରାଯାଉ। ସେହିପରି ମହାକାଳପଡ଼ା ବିଡିଓ ଓ ସମ୍ପୃକ୍ତ ଥାନା ଅଧିକାରୀଙ୍କୁ ନିଲମ୍ବନ କରିବାକୁ ସେ ଦାବି ଉଠାଇଥିଲେ। ପୁଲିସକୁ ଏ ନେଇ ୭୨ ଘଣ୍ଟାର ସମୟ ଦିଆଯାଇଥିବାବେଳେ ନିର୍ଦ୍ଧାରିତ ସମୟ ମଧ୍ୟରେ ପଦକ୍ଷେପ ନିଆ ନ ଗଲେ ଆନ୍ଦୋଳନ ତିଖିରୀରୁ ରାଜଭବନ ଓ ଦିଲ୍ଲୀ ପର୍ଯ୍ୟନ୍ତ ବିସ୍ତାର ହେବ ବୋଲି ଚେତାବନୀ ଦେଇଥିଲେ। ଘଟଣାରେ ଏ ପର୍ଯ୍ୟନ୍ତ ପୁଲିସ ୪ ଜଣଙ୍କୁ ଗିରଫ କରିଥିବାବେଳେ ବାକି ଅଭିଯୁକ୍ତଙ୍କୁ କାହିଁକି ଗିରଫ କରାଯାଉନାହିଁ



ବୋଲି ଚାମେଲୀଙ୍କ ଭାଇ ସୂର୍ଯ୍ୟକାନ୍ତ ଓଝା ପ୍ରଶ୍ନ ଉଠାଇଥିଲେ। ସେ କହିଥିଲେ, ନ୍ୟାୟ ପାଇବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ। ଏହି ଧାରଣାକୁ ସମର୍ଥନ ଜଣାଇବା ପାଇଁ କଟକ ଜିଲ୍ଲା ସରପଞ୍ଚ ସଂଘର ପ୍ରତିନିଧି କେନ୍ଦ୍ରାପଡ଼ାରେ ପହଞ୍ଚିଥିଲେ। ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କ ଅଧିକାରକୁ ବ୍ଲକ ପ୍ରଶାସନ କ୍ଷୁର୍ଣ୍ଣ କରୁଥିବା ଅଭିଯୋଗ କରି ସରପଞ୍ଚ ସଂଘ ଘଟଣାର ନିରପେକ୍ଷ ତଦନ୍ତ ଦାବି କରିଥିଲା। ଅନ୍ୟପକ୍ଷରେ ବିଭିନ୍ନ ମହିଳା ସଂଗଠନ ମଧ୍ୟ ଚାମେଲୀଙ୍କ ଆନ୍ଦୋଳନରେ ସାମିଲ ହୋଇ ନ୍ୟାୟ ଦାବିକୁ ଆହୁରି ଜୋରଦାର କରିଥିଲେ। ଧାରଣା ସ୍ଥଳରେ ଅତିରିକ୍ତ ଏସ୍‌ପି ଓ ଏସଡିଓ ପହଞ୍ଚି ଆନ୍ଦୋଳନକାରୀଙ୍କ ସହ ଆଲୋଚନା କରିଥିଲେ। ଖୁବଶୀଘ୍ର ଅନ୍ୟ ଅଭିଯୁକ୍ତଙ୍କୁ ଗିରଫ କରାଯିବ ଓ ଘଟଣାର ତଦନ୍ତ ନିରପେକ୍ଷ ଭାବେ ଚାଲିଛି ବୋଲି ପ୍ରଶାସନ ପକ୍ଷରୁ ଆଶ୍ୱାସନା ଦିଆଯାଇଥିଲା। ଏହାପରେ ଚାମେଲୀ ଓଝା ଓ ତାଙ୍କ ସମର୍ଥକ ଧାରଣା ପ୍ରତ୍ୟାହାର କରିଥିଲେ। ତେବେ ଚାମେଲୀ ଓଝାଙ୍କ ୭୨ ଘଣ୍ଟାର ସମୟ ଏବେ ପୁଲିସ ଓ ପ୍ରଶାସନ ପାଇଁ ଏକ ବଡ଼ ଚ୍ୟାଲେଞ୍ଜ ସୃଷ୍ଟି କରିଛି। ନିର୍ଦ୍ଧାରିତ ସମୟ ମଧ୍ୟରେ ଦାବି ପୂରଣ ହେଉଛି କି ନାହିଁ ଓ ଏହି ବିବାଦ ଆଗକୁ କେଉଁ ମୋଡ଼ ନେଉଛି, ତାହା ଉପରେ ସମସ୍ତଙ୍କ ନଜର ରହିଛି।

## ଜନସ୍ୱାର୍ଥ ମାମଲା ହାଇକୋର୍ଟରୁ ପ୍ରତ୍ୟାହାର

କଟକ,୨୪।୬(ସମିସ): ବହୁଚର୍ଚ୍ଚିତ କେନ୍ଦ୍ରାପଡ଼ା ଜିଲ୍ଲା ତିଖିରୀ ସରପଞ୍ଚ ଚାମେଲି ଓଝାଙ୍କୁ ଆକ୍ରମଣ ଓ ବେଆଇନ ଗିରଫଦାରୀ ପ୍ରସଂଗକୁ ନେଇ ଦାୟର ଜନସ୍ୱାର୍ଥ ମାମଲାକୁ ଆବେଦନକାରୀ ଆଜି ପ୍ରତ୍ୟାହାର କରିଛନ୍ତି। ମୁଖ୍ୟ ବିଚାରପତି ଜଷ୍ଟିସ ହରିଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ.ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଭାରତୀୟ ବିକାଶ ପରିଷଦ ତରଫରୁ ଦାୟର ଏ ସଂପର୍କିତ ଜନସ୍ୱାର୍ଥ ଆବେଦନର ପ୍ରାରମ୍ଭିକ ଶୁଣାଣି କରିଥିବା ବେଳେ ଉକ୍ତ ଆବେଦନର ଗ୍ରହଣୀୟତାକୁ ନେଇ ପ୍ରଶ୍ନ ଉଠିଥିଲା। ଏହାପରେ ଆବେଦନ ପ୍ରତ୍ୟାହାର ପାଇଁ ଆବେଦନକାରୀଙ୍କ ତରଫରୁ ଅନୁମତି ଲୋଡା ଯାଇଥିଲା। ହାଇକୋର୍ଟ ଏଥିପାଇଁ ଅନୁମତି ଦେବା ସହିତ ମାମଲାର ଶୁଣାଣିରେ ଅନ୍ତ ଘଟାଇଛନ୍ତି। ଏଠାରେ ଉଲ୍ଲେଖ ଯୋଗ୍ୟ ଯେ ଚାମେଲିଙ୍କ ସ୍ୱାସ୍ଥ୍ୟାବସ୍ଥା ଓ ଚିକିତ୍ସା ସଂପର୍କିତ ରିପୋର୍ଟ ତଲବ ସହିତ ଘଟଣା ଦିନର ସିସିଟିଭି ଫୁଟେଜ ସଂରକ୍ଷିତ କରି ରଖିବାକୁ ନିର୍ଦ୍ଦେଶ ଦିଆଯାଉ ବୋଲି ଆବେଦନରେ ଉଲ୍ଲେଖ କରାଯାଇଥିଲା। ସମ୍ବେଦନଶୀଳ ସ୍ଥିତିରେ ସାଧାରଣ ଲୋକଙ୍କ ପ୍ରତି ପୁଲିସର ଉଚିତ ବ୍ୟବହାର ପ୍ରଦର୍ଶନ ନେଇ ଏକ ସ୍ୱତନ୍ତ୍ର ଗାଇଡଲାଇନ ଆଣିବା ପାଇଁ ନିର୍ଦ୍ଦେଶ ଦିଆଯାଉ ବୋଲି ଆବେଦନରେ ଦର୍ଶାଯାଇଥିଲା।

# ବରଗଡର ଯୁବଚାଷୀ ଇଚ୍ଛାମୃତ୍ୟୁ ମାଗିବା ଓଡ଼ିଶା ପାଇଁ ନିନ୍ଦନୀୟ: ବିଜେଡି

ଭୁବନେଶ୍ୱର,୨୪।୬(ସମିସ): ଓଡ଼ିଶାର ଭାତହାଣ୍ଡି କୁହାଯାଉଥିବା ବରଗଡ଼ ଜିଲ୍ଲାର ଚାଷୀ ଗୋପାଳକୃଷ୍ଣ ସାହୁ କଷ୍ଟଉପାର୍ଜିତ ଧାନକୁ ବିକ୍ରି କରିନପାରି ଶେଷରେ ବାଧହୋଇ ଇଚ୍ଛାମୃତ୍ୟୁ ମାଗିଛନ୍ତି । ଏହି ଘଟଣାକୁ ନେଇ ସାରା ରାଜ୍ୟରେ ଆଲୋଡ଼ନ ସୃଷ୍ଟି ହୋଇଛି। ଅନ୍ୟପକ୍ଷରେ ଚାଷୀଙ୍କ ଇଚ୍ଛାମୃତ୍ୟୁ ଆବେଦନକୁ ଗ୍ରହଣ କରି ସରକାର ନିଜର ଅସହାୟତାକୁ ପ୍ରକାଶ କରିଛନ୍ତି ବୋଲି କହିଛି ବିଜେଡି ।



ବୁଧବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବରଗଡ଼ ବିଧାୟିକା ବର୍ଷା ସିଂ ବରିହା କହିଛନ୍ତି ଯେ ବରଗଡ଼ ଜିଲ୍ଲାର ଚାଷୀ ଗୋପାଳକୃଷ୍ଣ ସାହୁ ନିଜର କଷ୍ଟ ଉପାର୍ଜିତ ଧାନକୁ ବିକ୍ରି କରିବା ପାଇଁ ବାରମ୍ବାର ଅଧିକାରୀଙ୍କ ନିକଟକୁ ଦୌଡ଼ି ଦୌଡ଼ି ନିରାଶ ହେବା ଶେଷରେ ବାଧ ହୋଇ ଚରମ ପଦକ୍ଷେପ ସ୍ୱରୂପ ରାଷ୍ଟ୍ରପତିଙ୍କୁ ଚିଠି ଲେଖି ଇଚ୍ଛାମୃତ୍ୟୁ ମାଗିଛନ୍ତି । ବିଡ଼ମ୍ବନା ହେଉଛି ସେହି ଇଚ୍ଛାମୃତ୍ୟୁକୁ ଜିଲ୍ଲା ପ୍ରଶାସନ ଗ୍ରହଣ ବି କରିଛନ୍ତି । ଏଥିରୁ ସ୍ପଷ୍ଟ ଅନୁମେୟ ଯେ ସରକାର ଚାହୁଁଛନ୍ତି ଚାଷୀ ଆତ୍ମହତ୍ୟା କରୁ। ଯେଉଁ ରାଜ୍ୟରେ ଚାଷୀ ଇଚ୍ଛାମୃତ୍ୟୁ ମାଗିବାକୁ ବାଧ ହୁଏ, ସେଠି ସରକାରଙ୍କ କୃଷକ କଲ୍ୟାଣ ନୀତି କେତେ ସଫଳ, ତାହା ସାଧାରଣ ଲୋକ ବିଚାର କରିପାରିବେ। ରାଜ୍ୟର ଅନେକ ମଣ୍ଡିରୁ ଧାନ ଉଠୁନଥିବାରୁ ଚାଷୀ ଚିନ୍ତାରେ ରହିଛି। ହଜାର ହଜାର କ୍ୱିଣ୍ଟାଲ ଧାନ ମଣ୍ଡିରେ ପଡ଼ିରହିବାରୁ ମୌସୁମୀ ବର୍ଷାରେ ଭିଜି ଗଜା ହେଲାଣି। ସରକାର କହିଥିଲେ ଏମଏସପି ବୃଦ୍ଧି କରିବେ, କିନ୍ତୁ ବୃଦ୍ଧି କଲେ ନାହିଁ। ଅନ୍ୟପଟେ ବିହନ, ସାର, କୀଟନାଶକ ଓ ଅନ୍ୟାନ୍ୟ କୃଷି ସାମଗ୍ରୀର ଅହେତୁକ ଦରବୃଦ୍ଧି ଚାଷୀର ଆର୍ଥିକ

- ଓଡ଼ିଶାର ଚାଷୀ ଏବେ ବ୍ୟବସ୍ଥାର ଚକ୍ରବ୍ୟୂହରେ ନିପୀଡ଼ିତ
- ସରକାରର ଅପାରଗତା ଲାଗି ଚାଷୀ ଇଚ୍ଛାମୃତ୍ୟୁ ଲୋଡ଼ୁଛି

ମେରୁଦଣ୍ଡକୁ ଭାଙ୍ଗି ଦେଇଛି ବୋଲି ସେ କହିଛନ୍ତି।

ଦଳର ମୁଖପାତ୍ର ଡ. ଲେନିନ ମହାନ୍ତି କହିଛନ୍ତି ଯେ ଚାଷୀକୂଳକୁ ୩୧୦୦ ଟଙ୍କା ଦେଉଥିବାର ଡିଣ୍ଡିମ ପିଟୁଥିବା ଡବଲ ଇଞ୍ଜିନ ସରକାର ଅନ୍ୟପଟେ ୧୫ କିଲୋ କଟନୀ ଛଟନୀ କରି ସରକାର ଦୋମୁହାଁ ନୀତିର ପରିଚୟ ଦେଉଛନ୍ତି । ପ୍ରତିଥର ଧାନ ସଂଗ୍ରହ ପାଇଁ ଚାଷୀଙ୍କୁ ରାଜରାସ୍ତାକୁ ଓହ୍ଲାଇବାକୁ ପଡୁଛି । ମଣ୍ଡି ସମସ୍ୟା, ଟୋକନ ସମସ୍ୟା ଯୋଗୁଁ ଚାଷୀ ତାର ଧାନକୁ ବିକ୍ରି କରିନପାରି ଇଚ୍ଛାମୃତ୍ୟୁ ଭଳି ଚରମ ପଦକ୍ଷେପ ନେବାକୁ ବାଧ ହେଉଛି। ବରଗଡ଼ର ଚାଷୀ ଇଚ୍ଛାମୃତ୍ୟୁ ମାଗିବା ଓ ଜିଲ୍ଲା ପ୍ରଶାସନ ତାଙ୍କ ଆବେଦନକୁ ଗ୍ରହଣ କରିବା ଘଟଣା ସମଗ୍ର ରାଜ୍ୟବାସୀଙ୍କୁ ଦୁଃଖ ଦେଇଛି। ସରକାର କେତେ ଅସହାୟ ଏଥିରୁ ସ୍ପଷ୍ଟ ବୋଲି ସେ କହିଛନ୍ତି ।

## ଷ୍ଟ୍ରିଟ୍ ଲାଇଟ୍ କାମରେ ଦୁର୍ନୀତି ଅଭିଯୋଗ

ଭୁବନେଶ୍ୱର ୨୪।୬ (ସମିସ): ଗ୍ରାମାଞ୍ଚଳରେ ଷ୍ଟ୍ରିଟ୍ ଲାଇଟ୍ ସ୍ଥାପନ କାର୍ଯ୍ୟରେ ଦୁର୍ନୀତି ଅଭିଯୋଗର ତଦନ୍ତ ଆରମ୍ଭ କରିଛି ଭିଜିଲାନ୍ସ। ବୁଧବାର ଭିଜିଲାନ୍ସ ଟିମ୍ କେନ୍ଦୁଝର, ନୟାଗଡ଼ ଓ ଯାଜପୁର ଜିଲ୍ଲାର ବିଭିନ୍ନ ଗ୍ରାମ ପଞ୍ଚାୟତକୁ ଯାଇ ତଦନ୍ତ କରିଛି। ଭିଜିଲାନ୍ସ ପକ୍ଷରୁ ୮୧ ଜଣ ଅଧିକାରୀଙ୍କୁ

**୩ ଜିଲ୍ଲାରେ ଭିଜିଲାନ୍ସ ଯାଞ୍ଚ**

ନେଇ ୨୪ଟି ଟିମ୍ ଗଠନ କରାଯାଇଛି। ପ୍ରତ୍ୟେକ ଜିଲ୍ଲାରେ ୨୭ ଜଣ ଅଧିକାରୀ ନିୟୋଜିତ ହୋଇ ତଦନ୍ତ କରୁଛନ୍ତି। ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନା ଓ ୫ମ ରାଜ୍ୟ ଅର୍ଥ କମିଶନ ଅନୁଦାନରେ କାର୍ଯ୍ୟକାରୀ ହୋଇଥିବା ଏହି ପ୍ରକଳ୍ପରେ ଦୁର୍ନୀତିର ଗନ୍ଧ ବାରିଛି ଭିଜିଲାନ୍ସ। ଟେଣ୍ଡର ନିୟମ ଉଲ୍ଲଂଘନ ସହ ଏନର୍ଜି ମିଟର, କେବୁଲ, ଏମସିସିବି, ଫଟୋ ସ୍ୱିଚ୍ ଟାଇମର ଆଦି ସ୍ଥାପନ ନକରି ମଧ୍ୟ ବିଲ୍ ଉଠାଯାଇଥିବା ଅଭିଯୋଗ ହୋଇଛି। ଆଜି ଭିଜିଲାନ୍ସର ଟିମ୍ ୩ଟି ଜିଲ୍ଲାର ୫୦ଟି ସ୍ଥାନରେ ପ୍ରାୟୋଗିକ ଯାଞ୍ଚ ଓ ସ୍ଥଳ ପରିଦର୍ଶନ କରିଛନ୍ତି। ଏଥିରେ କେତେ ଦୁର୍ନୀତି ହୋଇଛି ଓ ସରକାରୀ କର୍ମଚାରୀ, କାର୍ଯ୍ୟନିର୍ବାହୀ ସଂସ୍ଥାମାନଙ୍କର ଭୂମିକା କ'ଣ ରହିଛି, ତା'ର ତଦନ୍ତ ଆରମ୍ଭ ହୋଇଛି ।

■ ରଥଯାତ୍ରାରେ ଶୃଙ୍ଖଳିତ ପରିବହନ ଲକ୍ଷ୍ୟ

# ଅନ୍ୟ ରୁଟ୍ ବସଙ୍କୁ ମିଳିବ ପୁରୀ ପାଇଁ ଅସ୍ଥାୟୀ ପରମିଟ୍

ଭୁବନେଶ୍ୱର,୨୪।୬(ସମିସ): ବିଶ୍ୱପ୍ରସିଦ୍ଧ ପୁରୀ ରଥଯାତ୍ରାରେ ଶ୍ରଦ୍ଧାଳୁଙ୍କ ସୁଗମ ପରିବହନ ପାଇଁ ବୁଧବାର ଏକ ସମନ୍ୱୟ ବୈଠକ ଅନୁଷ୍ଠିତ ହୋଇଛି। ଆଞ୍ଚଳିକ ପରିବହନ ଅଧିକାରୀ(ଆରଟିଓ)ଙ୍କ ଭୁବନେଶ୍ୱର-୧ କାର୍ଯ୍ୟାଳୟରେ ପରିବହନ ଆୟୁକ୍ତ ଅମିତାଭ ଠାକୁରଙ୍କ ଅଧ୍ୟକ୍ଷତାରେ ବୈଠକ ଅନୁଷ୍ଠିତ ହୋଇଥିଲା। ଶ୍ରୀଗୁଣ୍ଡିଚା, ବାହୁଡ଼ା ଓ ସୁନାବେଶରେ ଶ୍ରୀକ୍ଷେତ୍ର ପୁରୀକୁ ଲକ୍ଷ ଲକ୍ଷ ଶ୍ରଦ୍ଧାଳୁଙ୍କ ସୁଅ ଛୁଟିବ।

- ପରିବହନ ଆୟୁକ୍ତଙ୍କ ଅଧ୍ୟକ୍ଷତାରେ ସମନ୍ୱୟ ବୈଠକ
- ୪୫୦ଟି ଇ-ରିକ୍ସା ହେବ ନିୟୋଜିତ
- ନିର୍ଦ୍ଧାରିତ ମୂଲ୍ୟଠାରୁ ଅଧିକ ଭଡ଼ା ଆଦାୟ ରୋକିବା ଉପରେ ପଦକ୍ଷେପ

ଶ୍ରଦ୍ଧାଳୁମାନେ କିଭଳି ପୁରୀରେ ସୁବିଧାରେ ପହଞ୍ଚିବେ ଓ ଫେରିବେ, ସେ ବିଷୟରେ ବିଭିନ୍ନ ଦିଗ ଉପରେ ଆଲୋଚନା କରାଯିବା ସହ କେତେକ ନିଷ୍ପତ୍ତି ଗ୍ରହଣ କରାଯାଇଛି।

ଯାତ୍ରୀଙ୍କ ଚାହିଦା ପୂରଣ ପାଇଁ ପୁରୀକୁ ବହୁ ସଂଖ୍ୟାରେ ଷ୍ଟେଜ୍ କ୍ୟାରେଜ୍ ବସ୍ ଚଳାଚଳ କରିବାର ଆବଶ୍ୟକତା ରହିଛି। ଏଥିପାଇଁ ଶ୍ରୀଗୁଣ୍ଡିଚା ଯାତ୍ରା, ବାହୁଡ଼ା ଯାତ୍ରା ଓ ସୁନାବେଶ ନିମନ୍ତେ ଅସ୍ଥାୟୀ ପରମିଟ୍ ପ୍ରଦାନ କରାଯିବ। ରଥଯାତ୍ରାର ପୂର୍ବଦିନ ପାଇଁ ମଧ୍ୟ ଏହି ଅସ୍ଥାୟୀ ପରମିଟ୍ ମିଳିପାରିବ। ପୁରୀ ବାହାର ରୁଟ୍‌ର କୌଣସି ବି ବସ୍ ମାଲିକ ଏଥିପାଇଁ ଆବେଦନ କରିପାରିବେ। ଏବେ ପୁରୀକୁ ପ୍ରତିଦିନ ପ୍ରାୟ ୨୦୦ ଘରୋଇ ବସ୍ ଚଳାଚଳ କରୁଥିବା ବେଳେ ରଥଯାତ୍ରା ସମୟରେ ଏହି ସଂଖ୍ୟାକୁ ଦୁଇଗୁଣା କରିବାକୁ ଲକ୍ଷ୍ୟ ରଖାଯାଇଛି। ସେହିଭଳି ପୁରୀକୁ ଓଏସଆରଟିସି ଏବଂ କ୍ରୁଟ୍ ସରକାରୀ ବସ୍ ସଂଖ୍ୟା ମଧ୍ୟ ଏହି ସମୟରେ ବୃଦ୍ଧି କରାଯିବ। ରଥଯାତ୍ରା ସମୟରେ ପୁରୀଠାରେ ଏକ ସୂଚନା କେନ୍ଦ୍ର ତଥା ନିୟନ୍ତ୍ରଣ କକ୍ଷ ୨୪ ଘଣ୍ଟା ଖୋଲା ରହିବ। ଏଥିପାଇଁ ସ୍ୱତନ୍ତ୍ର ନମ୍ବର ଜାରି ହେବ। ତାଳବଣିଆରେ ମଧ୍ୟ ଏକ ହେଲ୍ପଡେସ୍କ କାର୍ଯ୍ୟ କରିବ। ଏହା ସହ ଏସଟିଏର ୨୪ ଘଣ୍ଟିଆ ଟୋଲ୍ ଫ୍ରି ନମ୍ବର ମଧ୍ୟ ସୂଚନା ପ୍ରଦାନ ପାଇଁ କାର୍ଯ୍ୟ କରିବା ନେଇ ଆଲୋଚନା ହୋଇଛି। ସେହିଭଳି ତାଳବଣିଆ ଓ ଅନ୍ୟ ପ୍ରମୁଖ ପାର୍କିଂ ସ୍ଥାନରୁ ନିଃଶୁଳ୍କ ଇ-ରିକ୍ସା ସୁବିଧା ପରିବହନ ବିଭାଗ ଦ୍ୱାରା କରାଯିବ। ଏଥିପାଇଁ ୪୫୦ଟି ଇ-ରିକ୍ସା ନିୟୋଜିତ କରିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ପ୍ରତି ବସରେ ଭଡ଼ା ଚାର୍ଟ ଲଗାଇବାକୁ ବାଧ୍ୟତାମୂଳକ କରାଯାଇଛି। କୌଣସି ବସ୍ ଯେପରି ନିର୍ଦ୍ଧାରିତ ଭଡ଼ାଠାରୁ ଅଧିକ ଟଙ୍କା ? ଆଦାୟ ନ କରନ୍ତି, ସେଥିପାଇଁ ପରିବହନ ବିଭାଗ ସହ ବସ୍ ମାଲିକ ସଂଘ ମଧ୍ୟ କଡ଼ା ଦୃଷ୍ଟି ଦେବେ।

ଜରୁରୀକାଳୀନ ପରିସ୍ଥିତିର ମୁକାବିଲା ପାଇଁ ଭୁବନେଶ୍ୱରରୁ ପୁରୀ ରାସ୍ତାରେ ପର୍ଯ୍ୟାପ୍ତ ସଂଖ୍ୟକ କ୍ରେନ୍ ଏବଂ ଆମ୍ବୁଲାନ୍ସ ମୁତୟନ କରାଯିବ। ଉଭୟ ସରକାରୀ ଓ ଘରୋଇ ଡାକ୍ତରଖାନାରେ ସଡ଼କ ଦୁର୍ଘଟଣାଗ୍ରସ୍ତଙ୍କ ତ୍ୱରିତ ଚିକିତ୍ସା ସୁନିଶ୍ଚିତ କରାଯିବ। ରଥଯାତ୍ରା ସମୟରେ ଭୁବନେଶ୍ୱର-ପୁରୀ ଏବଂ ପୁରୀ-କୋଣାର୍କ ରାଜପଥରେ ଯଦି କୌଣସି ଗାଡ଼ି ଖରାପ ହୁଏ, ତେବେ ତୁରନ୍ତ ମରାମତି ସେବା ଯୋଗାଇଦେବା ପାଇଁ ଗାଡ଼ି ନିର୍ମାତା ଓ ଡିଲରମାନଙ୍କୁ କୁହାଯାଇଛି। ବୈଠକରେ ଭୁବନେଶ୍ୱର ଓ କଟକ ଡିସିପି, ଟ୍ରାଫିକ ଡିସିପି, ପୁରୀର ଅତିରିକ୍ତ ଏସପି, ଜାତୀୟ ରାଜପଥ କର୍ତ୍ତୃପକ୍ଷ, ବସ୍ ମାଲିକ ସଂଘର କର୍ମକର୍ତ୍ତା, ଓଏସଆରଟିସି ଏବଂ କ୍ରୁଟ୍ ପ୍ରତିନିଧିମାନେ ଉପସ୍ଥିତ ଥିଲେ। ଭର୍ଚୁଆଲ ମାଧ୍ୟମରେ ପୁରୀ ଜିଲ୍ଲାପାଳ ଯୋଗ ଦେଇଥିଲେ।

# ବ୍ରହ୍ମପୁରରୁ ଆଇପିଏଲ ବୁକିକୁ ଉଠାଇ ନେଲା ପୁରୀ ପୁଲିସ

ବ୍ରହ୍ମପୁର,୨୪।୬(ସମିସ): ବ୍ରହ୍ମପୁର ପୁଲିସ ଯେଉଁ ଆଇପିଏଲ ବୁକିକୁ ଧରିବାରେ ବିଫଳ ରହିଥିଲା ସେହି ବୁକିକୁ ପୁରୀ ସାଇବର ଥାନା ପୁଲିସ ଗତକାଲି ବ୍ରହ୍ମପୁରରୁ ଉଠାଇବାରେ ନେବାରେ ସଫଳ ହୋଇଛି। ବୁକି ଜଣକ ହେଲେ ବ୍ରହ୍ମପୁର ଲାଞ୍ଜିପଲ୍ଲୀ ରାମନଗରର କ୍ରିଷ୍ଣା ପ୍ରସାଦ ତ୍ରିପାଠୀ ଓରଫ ଶୀତୁ। ଶୀତୁ ବ୍ରହ୍ମପୁରରେ ରହି ପୁରୀରେ ଚଳାଇଥିଲେ ଆଇପିଏଲ୍ ବେଟିଂର ବଡ଼ ସିଣ୍ଡିକେଟ୍। ପୁରୀ ସାଇବର ଥାନା ପୁଲିସ ଗତ ଏପ୍ରିଲ ୨୯ ତାରିଖରେ ପୁରୀ ମାର୍କଣ୍ଡେଶ୍ୱର ସାହିର ପ୍ରସନ୍ନ ପୃଷ୍ଟି, କୁମ୍ଭରପଦା ବଡ଼ ଶଙ୍ଖ ସାହିର ବି ନାଗେଶ୍ୱର ରାଓ, ବାସେଲିସାହିର ବିଶ୍ୱଜିତ ଲେଙ୍କା ଓ ଚନ୍ଦନପୁର ରମାକାନ୍ତ ସାହୁଙ୍କୁ ଗିରଫ କରିଥିଲା । ଗିରଫ ବେଳେ ପୁଲିସ ଅଭିଯୁକ୍ତ ଶୀତୁଙ୍କ ସମ୍ପୃକ୍ତି ରହିଥିବା ଜାଣିବାକୁ ପାଇଥିଲା। ପୁଲିସ ଅଧିକ ଖୋଳତାଡ଼ କରିବା ପରେ ବ୍ରହ୍ମପୁରରୁ ନମସ୍ତେ ଗ୍ରୁପ୍‌ର ମୁଖ୍ୟ କ୍ରିଷ୍ଣା ପ୍ରସାଦ ତ୍ରିପାଠୀ ଓରଫ ଶୀତୁ ଉଠାଇବା ପାଇଁ ତାଙ୍କ ମୋବାଇଲ ନମ୍ବରକୁ ଟ୍ରାକିଂ କରିଥିଲା। ନିକଟରେ ଶୀତୁ ବାହାରକୁ ଚାଲିଯାଇଥିବା ବେଳେ ଏବେ କିଛିଦିନ ହେବ ବ୍ରହ୍ମପୁର ଆସିଥିବା ଖବର ପୁରୀ ପୁଲିସ ଟ୍ରାକିଂ କରି ଜାଣିବାକୁ ପାଇଥିଲା। ଶୀତୁଙ୍କ ଠାରୁ ନଗଦ ୧୦ଲକ୍ଷ ୨୫ ହଜାର ଟଙ୍କା, ଦୁଇଟି ମୋବାଇଲ୍ ଫୋନ୍ ଜବତ କରିବା ସହ ବ୍ୟାଙ୍କ୍ ଆକାଉଣ୍ଟ ଫ୍ରିଜ୍ କରିଥିବା ଜଣାପଡ଼ିଛି । ସେହି ଆକାଉଣ୍ଟରେ ପ୍ରାୟ ୯ ଲକ୍ଷ ଥିବା ଜଣାପଡ଼ିଛି। ପୁରୀ ସାଇବର ଥାନା ଆଇଆଇସି ଗୀତାଞ୍ଜଳି ନାୟକଙ୍କ ନେତୃତ୍ୱରେ ଏକ ଟିମ୍ ଗତକାଲି ବ୍ରହ୍ମପୁରରେ ପହଞ୍ଚି ରାତି ୧୦ଟା ବେଳେ ଲାଞ୍ଜିପଲ୍ଲୀ ରାମନଗରରେ ରହୁଥିବା ବୁକି ଶୀତୁଙ୍କ ଘରେ ଚଢ଼ଉ କରିଥିଲେ। ପୁଲିସ ଶୀତୁ ଓ ଜଣେ ସହଯୋଗୀଙ୍କୁ ଉଠାଇ ନେଇ



**ନମସ୍ତେ ଗ୍ରୁପର ମୁଖ୍ୟ ଥିଲା ଶୀତୁ**

ବୈଦ୍ୟନାଥପୁର ଥାନାରେ ପହଞ୍ଚିଥିଲା। ଅଭିଯୁକ୍ତ ଶୀତୁଙ୍କ ଠାରୁ କିଛି ସୁନା ଅଳଙ୍କାର, ମୋବାଇଲ୍ ଫୋନ୍ ଓ ନଗଦ ୧୦ ଲକ୍ଷ ଟଙ୍କା ଜବତ କରିଥିଲା । ରାତି ୨ଟାରେ ଅଭିଯୁକ୍ତ ଶୀତୁଙ୍କୁ ସାଙ୍ଗରେ ନେଇ ପୁରୀ ଫେରିଥିଲା ପୁଲିସ। ସୂଚନାଯୋଗ୍ୟ ଯେ,ଗତ ଏପ୍ରିଲ୍ ୨୮ ତାରିଖ ରାତିରେ ପୁରୀରେ ଧରାପଡିଥିଲା ଆଇପିଏଲ୍ ବେଟିଂ ଏକ ବଡ଼ ରାକେଟ। ବାସେଲି ସାହି ଥାନା ମଶାଣି ଚଣ୍ଡି ଛକରେ ଏକ ଘରେ ବେଟିଂ ଚାଲିଥିବାବେଳେ ପୁଲିସ ଚଢ଼ଉ କରି ବେଟିଂ ବ୍ଲକି ପ୍ରସନ୍ନ ପୃଷ୍ଟି ସହ କୁମ୍ଭରପଦା ବଡ଼ ଶଙ୍ଖ ସାହିର ବି ନାଗେଶ୍ୱର ରାଓ, ବାସେଲିସାହିର ବିଶ୍ୱଜିତ ଲେଙ୍କା ଓ ଚନ୍ଦନପୁର ରମାକାନ୍ତ ସାହୁ ଆଦି ୪ ଅଭିଯୁକ୍ତଙ୍କୁ ଗିରଫ କରିଥିଲା । ପୁଲିସ ସମସ୍ତ ଅଭିଯୁକ୍ତକୁ ଜେରା କରି ବହୁ ତଥ୍ୟ ହାସଲ କରିବା ପରେ କୋର୍ଟ ଚାଲାଣ କରିଥିଲା। ସେତେବେଳେ ପୁଲିସ ସେମାନଙ୍କ ଠାରୁ ଜବତ ୨୫ଲକ୍ଷ ୩୫ ହଜାର ଟଙ୍କା ଜବତ କରିଥିଲା। ସ୍କାଏଏକ୍ସଚେଞ୍ଜ୍ ମୋବାଇଲ୍ ଆପ୍ଲିକେସନ୍‌ରେ ବେଟିଂ ଗ୍ୟାକେଟ୍ ଚାଲିଥିବା ଜଣାପଡିଥିଲା। ଅଭିଯୁକ୍ତଙ୍କ ବ୍ୟାଙ୍କ୍ ଆକାଉଣ୍ଟ ଓ ମୋବାଇଲ୍ କଲ୍ ରେକର୍ଡ ଯାଞ୍ଚ କରିବା ପରେ ଅଭିଯୁକ୍ତ ଶୀତୁର ଲିଙ୍କ୍ ଥିବା ଜାଣିବାକୁ ପାଇଥିଲା ପୁଲିସ। ସିତୁର ବ୍ୟାଙ୍କ୍ ଆକାଉଣ୍ଟରେ କୋଟି କୋଟି ଟଙ୍କା ନେଣଦେଣ ହୋଇଥିବା ପୁଲିସ ଅନୁସନ୍ଧାନରେ ଜଣାପଡିବା ପରେ ଅଭିଯୁକ୍ତକୁ ଧରିବାକୁ ଯୋଜନା କରିଥିଲା। ଅଭିଯୁକ୍ତ ସିତୁ ବ୍ରହ୍ମପୁରରୁ ପୁରୀ ପର୍ଯ୍ୟନ୍ତ ଆଇପିଏଲ୍ ଗ୍ୟାକେଟ୍ ବେଟିଂ ଜାଲ ବିଛାଇଛି। ସେ ଅନେକ ସମୟରେ ବ୍ରହ୍ମପୁରରେ ମଧ୍ୟ ରହୁ ନଥିଲା। ବାହାର ରାଜ୍ୟରେ ସେ ଆତ୍ମଗୋପନ କରି ରହୁଥିବାବେଳେ ପୁଲିସ ତାକୁ ଟ୍ରାକିଂ କରି ଅପେକ୍ଷା କରିଥିଲା ଓ ବ୍ରହ୍ମପୁରରୁ ଶୀତୁଙ୍କୁ ପୁଲିସ ଉଠାଇ ନେବା ପରେ ବ୍ରହ୍ମପୁରର ବୁକି ମହଲରେ ଭୟର ବାତାବରଣ ଦେଖିବାକୁ ମିଳିଛି। ଏହାସହ କିଛି ବୁକି ସହର ଛାଡ଼ି ବାହାରକୁ ପଳେଇଯାଇଥିବା ତା ଖଟିରେ ଚର୍ଚ୍ଚା ଜୋର ଧରି। ପୁଲିସ ବର୍ତ୍ତମାନ ଶୀତୁ ଠାରୁ ମିଳିଥିବା ତଥ୍ୟକୁ ଆଧାର କରି ତଦନ୍ତ ଜାରି ରଖିଛି।

## ବାଣ ଭିଡ଼ିବା ବେଳେ ବିସ୍ଫୋରଣ

# ପୁଅ ମୃତ; ବାପା, ମାଆ ଗୁରୁତର

ସାନଖେମୁଣ୍ଡି ୨୪।୬ (ସମିସ): ଗଞ୍ଜାମ ଜିଲ୍ଲା ସାନଖେମୁଣ୍ଡି ବ୍ଲକ ପାଟପୁର ଥାନା ସିଙ୍ଗିପୁର ଗ୍ରାମରେ ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି ଘରେ ବାଣ ଭିଡୁଥିବା ବେଳେ ବିସ୍ଫୋରଣ ଘଟି ପୁଅର ମୃତ ହୋଇଥିବା ବେଳେ ବାପା



ମାଆ ଗୁରୁତର ହୋଇଥିବା ନିଜର ଘର ସମ୍ପୂର୍ଣ ଭାଙ୍ଗିଯିବା ସହ ପଡ଼ିଶା ଘର କାନ୍ଥ ମଧ୍ୟ ଭାଙ୍ଗିଯାଇଥିବା ଦେଖିବାକୁ ମିଳିଛି। ମୃତକ ପୁଅ ଜଣଙ୍କ ହେଲେ ସିଙ୍ଗିପୁର ଗ୍ରାମର ଆକାଶ ଦାସ (୨୧), ଗୁରୁତର ବାପା ଜଣଙ୍କ ହେଲେ ସନ୍ତୋଷ ଦାସ ଓ ମାଆ ବିଷ୍ଣୁ ପ୍ରିୟା ଦାସ। ସୂଚନା ମୁତାବକ ବୁଧବାର ସନ୍ଧ୍ୟାରେ ସନ୍ତୋଷ ଦାସଙ୍କ ପରିବାର ଘରେ ଥିବା ବେଳେ ହଠାତ୍ ଘରେ ଥିବା ବାଣ ଗୁଡିକ ଫୁଟି ଯାଇଥିଲା ଫଳରେ ଘରେ ଥିବା ଆକାଶ ଦାସଙ୍କ ମୃତ ହୋଇଥିବା ବେଳେ ତାଙ୍କ ବାପା ସନ୍ତୋଷ ଦାସ ଓ ମାଆ ବିଷ୍ଣୁ ପ୍ରିୟା ଦାସ ଗୁରୁତର ଆହତ ହୋଇଥିଲେ ଏବଂ ଘରର

**ଉଡ଼ିଗଲା ଘର, ଭାଙ୍ଗିଲା ପଡ଼ିଶା କାନ୍ଥ**

ଚାଳ ଛପର ସମ୍ପୂର୍ଣ ଉଡ଼ି ଯାଇଥିବା ବେଳେ ପଡ଼ିଶା ଘର କାନ୍ଥ ମଧ୍ୟ ଭାଙ୍ଗି ନଷ୍ଟ ହୋଇଯାଇଥିବା ଦେଖିବାକୁ ମିଳିଛି। ଖବର ପାଇ ପାଟପୁର ପୋଲିସ ଆହତ ଓ ମୃତକକୁ ଉଦ୍ଧାର କରି ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ରେ ଭର୍ତ୍ତି କରିଥିଲେ। ଘଟଣା ସ୍ଥଳରେ ପାଟପୁର ପୋଲିସ ପହଞ୍ଚି ତଦନ୍ତ କରୁଥିବା ଦେଖିବାକୁ ମିଳିଛି। ସନ୍ତୋଷ ଦାସ ଘରେ ବାଣ ତିଆରି କରି ବିକ୍ରି କରୁଥିବା ବେଳେ ବାଣ ଭିଡୁଥିବା ସମୟରେ ଏଭଳି ଘଟଣା ଘଟିଥିବା ଗ୍ରାମରେ ଆଲୋଚନା ହେଉଛି।

**ତଦନ୍ତରେ ସୀମିତ କାର୍ଯ୍ୟାନୁଷ୍ଠାନ**

# ଜେଲ୍‌ବାବୁଙ୍କୁ ବାନ୍ଧିବ କିଏ ?

ଭୁବନେଶ୍ୱର ୨୪।୬ (ସମିସ): ରାଜ୍ୟର ଜେଲ୍ ବିଭାଗକୁ ଶନି ଦଶା ପଡ଼ିଛି। କେତେବେଳେ ପାଚେରି ଡେଇଁ କଏଦୀ ଫେରାର ହୋଇ ଯାଉଛନ୍ତି ତ ଆଉ କେତେବେଳେ ଗ୍ୟାଙ୍ଗଷ୍ଟରର ଗାଡ଼ି ଜେଲ୍ ଭିତରକୁ ପଶୁଛି। ପୁଣି କେତେବେଳେ ନିଶା ବଟିକା ଓ କଫସିରପ୍ ଖାଇ ଅଧ ଡଜନ ଅନ୍ତେବାସୀ ଅସୁସ୍ଥ ହୋଇ ଯାଉଛନ୍ତି। ଏଇଭଳି ଅଘଟଣ ଜେଲ୍ ସୁରକ୍ଷାରେ ତ୍ରୁଟି ପରିଲକ୍ଷିତ ହେଉଥିବା ସ୍ପଷ୍ଟ ହୋଇଛି। ବାରମ୍ବାର ତ୍ରୁଟି ସାମ୍ନାକୁ ଆସୁଥିଲେ ମଧ୍ୟ କାର୍ଯ୍ୟାନୁଷ୍ଠାନ କେବଳ 'ତଦନ୍ତ' ମଧ୍ୟରେ ସୀମିତ ରହିଯାଉଛି। ଆଉ ସବୁଠାରୁ ଆଶ୍ଚର୍ଯ୍ୟଜନକ କଥା ହେଉଛି, ତଦନ୍ତ ରିପୋର୍ଟ ପାଇ ମଧ୍ୟ ମୁଖିଆ ଚୁପ୍ ବସିଛନ୍ତି। କେବଳ ଘଟଣା ଉପରୁ ନଜର ହଟାଇବା ଲାଗି ସମୟ ସମୟରେ ତଳିଆ କର୍ମଚାରୀଙ୍କୁ ବଳି ପକାଇ ଦିଆଯାଉଥିବା ବେଳେ ବଡ଼ବଡ଼ିଆଙ୍କ ଦେହରେ କେହି ଟିପ ମାରୁନାହାନ୍ତି ।

ଖୋର୍ଦ୍ଧା ଜେଲରେ ନିଶା କାରବାର ଖବରପାଇ ଗତମାସ ୨୭ ତାରିଖ ଦିନ ଜେଲ୍ ବିଭାଗର ବରିଷ୍ଠ ଅଧିକାରୀମାନେ ଚଢ଼ଉ କରିଥିଲେ। ଅନ୍ତେବାସୀ ରହୁଥିବା ବିଭିନ୍ନ ୱାର୍ଡରୁ ବିପୁଳ ପରିମାଣର ବ୍ରାଉନସୁଗର ଓ ମୋବାଇଲ ଫୋନ୍ ଜବତ କରିଥିଲେ। ବେଆଇନ ବ୍ରାଉନସୁଗର ଜବତ ହୋଇଥିଲେ ମଧ୍ୟ ଜେଲ୍ ପକ୍ଷରୁ ସ୍ଥାନୀୟ ଥାନାରେ ଏତଲା

- ସବୁ ଦେଖି ନିରବ ରହୁଛନ୍ତି ବିଭାଗୀୟ ମୁଖିଆ
- ବଡ଼ବଡ଼ିଆଙ୍କୁ ସୁରକ୍ଷା ପାଇଁ ତଳିଆ କର୍ମଚାରୀଙ୍କୁ ବଳି

ଦିଆଯାଇନଥିଲା। କେବଳ ଘଟଣାରୁ ନଜର ହଟାଇବାକୁ ୨ ଜଣ ତଳିଆ ଅଧିକାରୀଙ୍କୁ ଅନ୍ୟ ଜେଲକୁ ବଦଳି କରି ଦିଆଯାଇଥିଲା। ପାଣିକୋଇଲି ଅଳଙ୍କାର ଦୋକାନ ଲୁଟ୍ ଓ ହତ୍ୟା ଘଟଣାର ଅଭିଯୁକ୍ତ ମଧୁକାନ୍ତ ରଣା ଓ ରାଜା ସାହାଣୀ ଗତବର୍ଷ ଅକ୍ଟୋବର ୩ ତାରିଖ ରାତିରେ ଚୌଦ୍ୱାର ଜେଲ୍ ପାଚେରି ଡେଇଁ ଫେରାର ହୋଇଯାଇଥିଲେ। ବିଭାଗର ନିର୍ଦ୍ଦେଶ କ୍ରମେ ଜେଲ୍ ଡିଆଇଜି ବିଭାଗୀୟ ତଦନ୍ତ କରି ଦାଖଲ କରିଥିବା ରିପୋର୍ଟରେ ସାଙ୍ଘାତିକ କଥା ଉଲ୍ଲେଖ କରିଥିଲେ। ପୂର୍ବରୁ ମଧୁକାନ୍ତ ଓ ରାଜା ପୂର୍ବରୁ ମଧ୍ୟ ଜେଲରୁ ଖସିଯିବା ପାଇଁ ଉଦ୍ୟମ କରିଥିବା ଚୌଦ୍ୱାର ଜେଲ୍ କର୍ତ୍ତୃପକ୍ଷ ଜାଣିଥିଲେ। ଖାଲି ଜାଣି ନ ଥିଲେ, ସେମାନେ ରହୁଥିବା ହାଇ ସିକ୍ୟୁରିଟି ସେଲ୍ କାନ୍ଥରେ ୮/୯ ଇଞ୍ଚର ଗାତ ଠାବ କରିଥିବା ବେଳେ ୨ଟି ନୂଆ ଆରି, ଗୋଟିଏ ନୂଆ ବ୍ଲେଡ୍, ହାତ ତିଆରି ଛୁରି ଜବତ କରିଥିଲେ। ଘଟଣାର ପୂର୍ବଦିନ ଅର୍ଥାତ୍ ୨ ତାରିଖ ଦିନ ସକାଳେ ଜେଲର ବରିଷ୍ଠ ଅଧୀକ୍ଷକ ସୁଜିତ ରାଉଳ ମାତ୍ର ଘଣ୍ଟାକ ପାଇଁ ଅଫିସ୍ ଆସି ପୁଣି ଫେରି ଯାଇଥିଲେ। ସିସିଟିଭି କ୍ୟାମେରା ଫୁଟେଜ ଓ ଇନ୍ ଆଉଟ୍ ରେଜିଷ୍ଟରରେ ଶ୍ରୀ ରାଉଳ କରିଥିବା ଦସ୍ତଖତର ସମୟ ମେଳ ଖାଉ ନାହିଁ ବୋଲି ତଦନ୍ତ ରିପୋର୍ଟରେ ଉଲ୍ଲେଖ ରହିଥିଲା। କାର୍ଯ୍ୟାନୁଷ୍ଠାନରୁ ବର୍ତ୍ତିବା ପାଇଁ ଶ୍ରୀ ରାଉଳ ରେଜିଷ୍ଟରରେ ଦସ୍ତଖତ ଜାଲିଆତି ଭଳି ସାଙ୍ଘାତିକ ଭୁଲ୍ କରିଥିଲେ ବୋଲି ସ୍ପଷ୍ଟ ହୋଇଥିଲା। ଘଟଣାରେ ମୁଖ୍ୟ ୱାର୍ଡର ଓ ଜଣେ ୱାର୍ଡରଙ୍କୁ ନିଲମ୍ବନ କରାଯାଇଥିଲେ ମଧ୍ୟ ବରିଷ୍ଠ ଅଧୀକ୍ଷକଙ୍କ ଦେହରେ ଧୂଳି ଲାଗିନଥିଲା।

ଇଏ କେବଳ ଦୁଇଟି ଘଟଣା ନୁହେଁ, ଏପରି ଅନେକ ଉଦାହରଣ ମଧ୍ୟ ରହିଛି। ବିପର୍ଯ୍ୟସ୍ତ ଆଇନଶୃଙ୍ଖଳାକୁ ନେଇ ରାଜ୍ୟ ପୁଲିସ ଅପବାଦ ମୁଣ୍ଡାଇଥିବା ବେଳେ ଅପାରଗ ଅଧିକାରୀଙ୍କ ଲାଗି ସୁରକ୍ଷା ତ୍ରୁଟି ଜେଲ୍ ବିଭାଗ ମଧ୍ୟ ବଦନାମ ହେଉଛି। ରାଜ୍ୟର ଗୋଟିଏ ପରେ ଗୋଟିଏ ଜେଲରେ ସୁରକ୍ଷା ଜନିତ ତ୍ରୁଟି ଠାରୁ ଆରମ୍ଭ କରି ବିଭିନ୍ନ ବିଶୃଙ୍ଖଳା ଲାଗି ରହିଛି। ତଳତଳିଆ କର୍ମଚାରୀଙ୍କୁ ବଳି ପକାଇ ବଡ଼ବଡ଼ିଆଙ୍କୁ ସୁରକ୍ଷା ଦିଆଯାଉଥିବାରୁ ଏହି ଧାରା ବଢ଼ିବାରେ ଲାଗିଛି।

### ଭାରୀଯାନରେ ପିଟି ହୋଇ ବାଇକ୍ ଚାଳକ ମୃତ, ଜଣେ ଗୁରୁତର

# ଦୁର୍ଘଟଣାରେ ଯୁବକଙ୍କ ମୃତ୍ୟୁକୁ ନେଇ ଉତ୍ତେଜନା

ଇବଥର୍ମାଲ,୨୪।୬(ସମିସ): ରମେଲା ସେତୁରେ ବ୍ରେକଡାଉନ ହୋଇ ଛିଡା ହୋଇଥିବା ଏକ କୋଇଲା ବୋଝେଇ ଭାରୀଯାନରେ ଏକ ବାଇକ୍ ପଛପଟୁ ପିଟି ହୋଇ ଦୁର୍ଘଟଣା ଗ୍ରସ୍ତ ହୋଇଛି। ବାଇକ୍ ଆରୋହୀ କୁମାରକନ୍ଦ ପାଣ୍ଡି ଅଧୀନ ସାହାଜବାହାଲ ଗ୍ରାମର ରବୀନ୍ଦ୍ର ଭୁଏ (୩୬)ଙ୍କ ମୃତ୍ୟୁ ଘଟିଛି। ଆଉ ଜଣେ ସହ ଥିବା ମାନସ ବେହେରା (୨୮) ଗୁରୁତର ହୋଇଛନ୍ତି। ଘଟଣା ପ୍ରଘଟ ହେବା ପରେ ମୃତକଙ୍କ ପରିବାର ଲୋକଙ୍କ ସମେତ ଆଞ୍ଚଳବାସୀ ସାହାଜବାହାଲ ଜେଏସଡବ୍ଲୁ କମ୍ପାନୀର ମୁଖ୍ୟ ଫାଟକ ଓ ଡୁନଡୁନ୍ ଛକରେ କ୍ଷତିପୂରଣ ଦାବିରେ ରାସ୍ତା ରୋକ କରିଥିଲେ। କ୍ଷତି ପୂରଣ ଲାଗି ଲିଖିତ ପ୍ରତିଶ୍ରୁତି ପାଇଲା ପରେ ରାସ୍ତାରୋକରୁ ଉଠିଥିଲେ। ସାହାଜବାହାଲ ଜେଏସଡବ୍ଲୁ କମ୍ପାନୀକୁ ଓଡି ୦୪ ୟୁ ୦୧୨୦ ଭାରୀଯାନ ଯୋଗେ କୋଇଲା ଆସୁଥିଲା। ରମେଲା ସେତୁ ଉପରେ ଗାଡିଟି ଯାନ୍ତ୍ରିକ ତ୍ରୁଟି ଯୋଗୁଁ ବ୍ରେକ୍ ଡାଉନ ଅବସ୍ଥାରେ ଛିଡା ହୋଇଥିଲା। ରବୀନ୍ଦ୍ର ଓ ମାନସ ଓଡି୧୫ଓ୪ଓ ୮୩୯୮ ବାଇକରେ ସମ୍ବଲପୁର ରେଙ୍ଗାଲିକୁ ଯାଇଥିଲେ। ଫେରିବା ବାଟରେ ଛିଡା ହୋଇଥିବା କୋଇଲା ବୋଝେଇ ଭାରୀଯାନର ପଛପଟରେ ପିଟି ହୋଇଥଲେ। ଘଟଣା ସ୍ଥଳରେ ଉଭୟ ଗୁରୁତର ଅବସ୍ଥାରେ ପଡିଥିବା ଖବର ପାଇ କୁମାରକନ୍ଦ ପୁଲିସ ତୁରନ୍ତ ପହଞ୍ଚି ଉଭୟଙ୍କୁ ଉଦ୍ଧାର କରିଥିଲା। ଏହାପରେ ସାହାଜବାହାଲ ଜେଏସଡବ୍ଲୁ କମ୍ପାନୀର ଆମ୍ବୁଲାନ୍ସ ଯୋଗେ ବୁର୍ଲା ଡାକ୍ତରଖାନାକୁ ପଠାଇଥିଲା; ମାତ୍ର ସେଠାରେ ରବୀନ୍ଦ୍ରଙ୍କୁ ଡାକ୍ତର ମୃତ ଘୋଷଣ କରିଥିଲେ। ମାନସ ଗୁରୁତର ଥିବାରୁ ଚିକିତ୍ସା ଜାରି ରହିଥିଲା। ଏହି ଖବର ପ୍ରଘଟ ହେବା ପରେ ଲୋକେ କମ୍ପାନୀର ପରିବହନ ଗାଡିଗୁଡିକୁ ଅଟକ ରଖି ରାସ୍ତାରୋକ କରିବା ସହ ଜେଏସଡବ୍ଲୁ କମ୍ପାନୀର ଗେଟ ବନ୍ଦ କରିଥିଲେ। ମୃତକଙ୍କ ସମ୍ପର୍କୀୟ, ଜିଲ୍ଲା ବିଜେପି ସଭାପତି ରଘୁନନ୍ଦନ ପଣ୍ଡା, ପୂର୍ବତନ ବ୍ଲକ୍ କଂଗ୍ରେସ ସଭାପତି ଲିଙ୍ଗରାଜ ବଡ଼େଇ, ଆଲୋକ ପଣ୍ଡା, ରମେଶ ନାଗ, ସନତ ସାହୁ ପ୍ରମୁଖ ପୁଲିସ ଉପସ୍ଥିତିରେ କମ୍ପାନୀର ବରିଷ୍ଠ ଅଧିକାରୀଙ୍କ ସହ ଆଲୋଚନା କରିଥିଲେ। ମୃତକଙ୍କ ପରିବାରକୁ ବର୍ତ୍ତମାନ ଅନ୍ତେଷ୍ଟି ଓ ଶୁଦ୍ଧିକ୍ରିୟା କରିବାକୁ ନଗଦ ଲକ୍ଷେ ଟଙ୍କା ଦିଆଯିବ। ପରିବାର ପକ୍ଷରୁ ମୃତକଙ୍କ ମୃତ୍ୟୁ ପ୍ରମାଣପତ୍ର ସମେତ ଆନୁଷଙ୍ଗିକ କାଗଜପତ୍ର ପ୍ରଦାନ କଲେ ୧୧ ଲକ୍ଷ ଟଙ୍କା କ୍ଷତିପୂରଣ ଦିଆଯିବ। ମୃତକଙ୍କ ଏକ ଛୋଟ ସନ୍ତାନ ଥିବାରୁ ଆଗାମୀ ୬ମାସ ପର୍ଯ୍ୟନ୍ତ ତାଙ୍କ ସ୍ତ୍ରୀଙ୍କୁ ମାସକୁ ୧୫ ହଜାର ଟଙ୍କା ମିଳିବ। ୬ ମାସ ପରେ ଚାକିରି ପ୍ରଦାନ କରାଯିବ। ଚାକିରି କରିବାକୁ ଅମଙ୍ଗ ହେଲେ ମୃତକଙ୍କ ସ୍ତ୍ରୀଙ୍କୁ ୫୮ ବର୍ଷ ହେବା ପର୍ଯ୍ୟନ୍ତ ମାସକୁ ୭ ହଜାର ଟଙ୍କା ପେନସନ ଆକାରରେ ପ୍ରଦାନ କରାଯିବ। ଏହିଭଳି ସବୁ ଲିଖିତ ପ୍ରତିଶ୍ରୁତି ପାଇବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା।

**୨ ଲକ୍ଷ ଟଙ୍କା କ୍ଷତିପୂରଣ, ଚାକିରି ପ୍ରତିଶ୍ରୁତି ପରେ ରାସ୍ତା ଅବରୋଧ ପ୍ରତ୍ୟାହୃତ**

## ଜୈବିକ ଓ ପ୍ରାକୃତିକ କୃଷି କର୍ମଶାଳା



ବଲାଙ୍ଗିର,୨୪।୬(ସମିସ): ସ୍ଥାନୀୟ କୋଶଳ କଳା ମଣ୍ଡଳ ପଡିଆରେ ବିକାଶର ଧାରା, ଓଡ଼ିଶା ସାରା କାର୍ଯ୍ୟକ୍ରମର ଦ୍ୱିତୀୟ ଦିନରେ ଜୈବ କୃଷି ଓ ପ୍ରାକୃତିକ କୃଷି କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ସ୍ୱତନ୍ତ୍ର ଉନ୍ନୟନ ବୋର୍ଡର ଅଧ୍ୟକ୍ଷ ବଲ୍ଲଭ ଧରୁଆ, ଉପମୁଖ୍ୟମନ୍ତ୍ରୀଙ୍କ ପ୍ରତିନିଧି ଗୋପାଳଜୀ ପାଣିଗ୍ରାହୀ, ଉପମୁଖ୍ୟମନ୍ତ୍ରୀଙ୍କ ଜିଲ୍ଲାପରିଷଦ ପ୍ରତିନିଧି ମାଧବ ସାଏ ଓ ସାଂସଦଙ୍କ ପ୍ରତିନିଧି ଦିନେଶ ଶର୍ମା, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ତରଣୀ ସୁନା, ଜିଲ୍ଲା କୃଷି ଅଧିକାରୀ ଧୀରେନ ସିଂ ବରିହା, ଜିଲ୍ଲା ମୁଖ୍ୟ ପ୍ରାଣୀଧନ ଅଧିକାରୀ ସାରଦା ପ୍ରସାଦ ସିଂ ବରିହା, ବରିଷ୍ଠ ବୈଜ୍ଞାନିକ ଡା. ସତ୍ୟମୟ ଶତପଥୀ ପ୍ରମୁଖ ଅତିଥି ଭାବେ ଏଥିରେ ଉପସ୍ଥିତ ଥିଲେ। ରାସାୟନିକ ସାର ଓ କୀଟନାଶକର ଅତ୍ୟଧିକ ବ୍ୟବହାର ଯୋଗୁଁ ମାଟି, ଜଳ ଏବଂ ପରିବେଶ ପ୍ରଦୂଷିତ ହେବାରେ ଲାଗିଛି। ଏହାର ସିଧାସଳଖ ପ୍ରଭାବ ମଣିଷର ସ୍ୱାସ୍ଥ୍ୟ ଉପରେ ପଡୁଛି। ଏହି ସମସ୍ୟାର ଏକମାତ୍ର ସମାଧାନ ହେଉଛି ଜୈବିକ ବା ପ୍ରାକୃତିକ ଚାଷ। ଜୈବ କୃଷି କେବଳ ଏକ ଚାଷ ପ୍ରଣାଳୀ ନୁହେଁ। ଏହା ପରମ୍ପରା ଏବଂ ଭବିଷ୍ୟତର ସୁରକ୍ଷା ବୋଲି ଅତିଥିମାନେ ମତ ବ୍ୟକ୍ତ କରିଥିଲେ। ଗୋବର ସାର, କମ୍ପୋଷ୍ଟ ଏବଂ ଜିଆ ସାର ବ୍ୟବହାର କରି ମାଟିର ପ୍ରାକୃତିକ ଶକ୍ତିକୁ କିପରି ଫେରାଇ ଅଣାଯାଇପାରିବ ତାହ ଆଲୋଚନା ହୋଇଥିଲା। ଜୈବିକ ପଦ୍ଧତିରେ ଚାଷ କଲେ ଅନ୍ୟ ସାର ଉପରେ ନିର୍ଭର କରିବାକୁ ପଡେନାହିଁ। ଏହାଦ୍ୱାରା ଚାଷ ଖର୍ଚ୍ଚ କମିଥାଏ। ବର୍ତ୍ତମାନ ସମୟରେ ଜୈବିକ ଉତ୍ପାଦର ଚାହିଦା ଜିଲ୍ଲା ତଥା ରାଜ୍ୟରେ ବହୁତ ଅଧିକ ରହିଛି। ଚାଷୀ ସେମାନଙ୍କ ଉତ୍ପାଦ ଫସଲର ଠିକ୍ ମୂଲ୍ୟ କିପରି ପାଇପାରିବେ ସେଥିପାଇଁ ସ୍ୱତନ୍ତ୍ର ବଜାର ବ୍ୟବସ୍ଥା ଇତ୍ୟାଦି ଉପରେ ଅତିଥି ଓ କୃଷି ବିଶେଷଜ୍ଞ ଆଲୋଚନା କରିଥିଲେ। ଏହି ଅବସରରେ ୧୩ଜଣ ଚାଷୀଙ୍କୁ ମୃତ୍ତିକା ସ୍ୱାସ୍ଥ୍ୟ କାର୍ଡ ଏବଂ ୩ଜଣଙ୍କୁ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନାରେ କାର୍ଯ୍ୟାଦେଶ ଦିଆଯାଇଲା। କୃଷି, ଉଦ୍ୟାନ କୃଷି, ମୃତ୍ତିକା ସଂରକ୍ଷଣ ବିଭାଗ ଏବଂ ଜଳ ଛାୟା, ପ୍ରାଣୀ ସମ୍ପଦ ବିକାଶ ଓ ମତ୍ସ୍ୟ ସମ୍ପଦ ବିକାଶ, ଜଳ ସମ୍ପଦ, ସମବାୟ ବିଭାଗ ଓ ଏପିକଲ୍ ତଥା ଅଗ୍ରଣୀ ସ୍ୱେଚ୍ଛାସେବୀ ସଂଗଠନର ମିଳିତ ଆନୁକୂଲ୍ୟରେ ଏହି କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ପାରମ୍ପରିକ ଜ୍ଞାନକୌଶଳରେ ଚାଷ କରି ସଫଳ ହୋଇଥିବା ଚାଷୀଙ୍କୁ ଏହି ମଞ୍ଚରେ ସମ୍ବର୍ଦ୍ଧିତ କରାଯାଇଥିଲା।

## ସହରାଞ୍ଚଳ ଜନ ସମ୍ପର୍କ ଓ ନାଗରିକ ସହଭାଗିତା କାର୍ଯ୍ୟକ୍ରମ

କଣ୍ଟାବାଞ୍ଜି,୨୪।୬(ସମିସ): ଓଡ଼ିଶା ସରକାରଙ୍କ ୨ ବର୍ଷ ପୂର୍ତ୍ତି ଉପଲକ୍ଷେ ରାଜ୍ୟସ୍ତରୀୟ ସହରାଞ୍ଚଳ ଜନ ସମ୍ପର୍କ ଓ ନାଗରିକ ସହଭାଗିତା କାର୍ଯ୍ୟକ୍ରମ ସାରା ରାଜ୍ୟରେ ବୁଧବାର ଅନୁଷ୍ଠିତ ହୋଇଛି। କଣ୍ଟାବାଞ୍ଜିଚିଲଡ୍ରେନ ପାର୍କ ନିକଟସ୍ଥ ନବ ନିର୍ମିତ ମଲ୍ଟି ପରପୋଜ୍ କମ୍ୟୁନିଟି ହଲରେ ଏହା ଆୟୋଜିତ ହୋଇଥିଲା। ସରକାରଙ୍କ ବିଭିନ୍ନ ଉନ୍ନୟନ ମୂଳକ କାର୍ଯ୍ୟ ଉପରେ ଆଲୋକପାତ କରାଯାଇଥିଲା। ସହରର ସ୍ୱଚ୍ଛତା, ପରିମଳ ଏବଂ ଉନ୍ନୟନରେ ସ୍ୱଚ୍ଛସାଥୀ, ଜଳସାଥୀ ଓ କର୍ମଚାରୀଙ୍କ ଭୂମିକା ଉପରେ ଜନସାଧାରଣଙ୍କ ସହଯୋଗରେ ନିଜ ଅଞ୍ଚଳର ଉନ୍ନତି ସହ ସହରର ଉନ୍ନତି ସମ୍ଭବ ବୋଲି କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ଅତିଥିମାନେ ମତବ୍ୟକ୍ତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଏନ୍ଏସି ଉପାଧ୍ୟକ୍ଷା ମନୋରମା ରାଉତ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ବିଧାୟକଙ୍କ ପ୍ରତିନିଧି ବେଦବ୍ୟାସ ନାଗ, ଏନ୍ଏସି ନିର୍ବାହୀ ଅଧିକାରୀ ଛବି ପୋଦ୍ଦ ମଞ୍ଚାସୀନ ଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଏନ୍ଏସି କମ୍ୟୁନିଟି ଅର୍ଗାନାଇଜର ଜ୍ୟୋତ୍ସ୍ନାମୟୀ ବାରିକ ପ୍ରାରମ୍ଭିକ ସୂଚନା ଦେଇଥିଲେ। କାଉନସିଲର ବିକାଶ ତରିଆଙ୍କ ସମେତ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳା, ଜନସାଧାରଣ ଉପସ୍ଥିତ ଥିଲେ।

## ପାନୀୟ ଜଳ ଓ ପରିମଳ ବ୍ୟବସ୍ଥାର ସମୀକ୍ଷା



ଝାରସୁଗୁଡ଼ା,୨୪।୬(ସମିସ): ଜିଲ୍ଲାପାଳ ଶ୍ରୀ କୁଣାଲ ମୋତିରାମ ଚହ୍ୱାଣଙ୍କ ଅଧ୍ୟକ୍ଷତାରେ ଜିଲ୍ଲାସ୍ତରୀୟ ମାସିକ ପାନୀୟ ଜଳ ଓ ପରିମଳ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲାର ବିଭିନ୍ନ ପ୍ରାନ୍ତରେ ଚାଲୁ ରହିଥିବା ଜଳ ଯୋଗାଣ ପ୍ରକଳ୍ପଗୁଡ଼ିକର ଅଗ୍ରଗତି ଏବଂ ଆଗାମୀ ମୌସୁମୀ ଋତୁ ପାଇଁ ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ଆଲୋଚନା କରାଯାଇଛି। ସମସ୍ତ ବିଭାଗୀୟ କାର୍ଯ୍ୟକୁ ସମୟସୀମା ମଧ୍ୟରେ ଶେଷ କରିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି। ବୈଠକରେ ମେଗା ପିଡବ୍ଲ୍ୟୁଏସ୍ ପ୍ରକଳ୍ପର ସାମ୍ପ୍ରତିକ ସ୍ଥିତି, ଜଳାଭାବ ଦେଖାଦେଇଥିବା ଅଞ୍ଚଳରେ ଟ୍ୟାଙ୍କର ଯୋଗେ ଜଳ ଯୋଗାଣ ଏବଂ ''ବସୁଧା' ଯୋଜନା ଅଧୀନରେ ଆସିଥିବା ଅଭିଯୋଗଗୁଡ଼ିକର ସମାଧାନ ଉପରେ ଗୁରୁତ୍ୱ ଦିଆଯାଇଥିଲା। ଏହା ସହିତ ନୂତନ ନଳକୂପ ସ୍ଥାପନ ଏବଂ ବର୍ଷା ଦିନ ପୂର୍ବରୁ ସମସ୍ତ ନଳକୂପ ଓ ପାନୀୟ ଜଳ ପ୍ରକଳ୍ପଗୁଡ଼ିକର ବିଶୋଧନ କାର୍ଯ୍ୟକୁ ଶୀଘ୍ର ସମ୍ପୂର୍ଣ୍ଣ କରିବା ପାଇଁ ବିଭାଗୀୟ ଅଧିକାରୀମାନଙ୍କୁ କୁହାଯାଇଛି। ଯେପରି ଜନସାଧାରଣ ବିଶୁଦ୍ଧ ପାନୀୟ ଜଳ ପାଇପାରିବେ ତାହା ଉପରେ ଗୁରୁତ୍ୱ ଦିଆଯାଇଛି। ପୂର୍ତ୍ତ ବିଭାଗ, ଗ୍ରାମ୍ୟ ଉନ୍ନୟନ ବିଭାଗ ଏବଂ ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କ ଅଧୀନରେ ଥିବା ରାସ୍ତା କାମ ଯୋଗୁଁ କ୍ଷତିଗ୍ରସ୍ତ ହୋଇଥିବା ପାଇପ୍‌ଲାଇନ୍‌ଗୁଡ଼ିକର ସମସ୍ୟା ବାବଦରେ ମଧ୍ୟ ବୈଠକରେ ସମୀକ୍ଷା କରାଯାଇଥିଲା। ସମସ୍ତ ସମସ୍ୟାର ସମାଧାନ କରି ନିରବଚ୍ଛିନ୍ନ ଜଳ ଯୋଗାଣ ସୂଚାରୁରୂପେ ବଜାୟରଖିବାକୁ ଜିଲ୍ଲାପାଳ ସମ୍ପୃକ୍ତ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି।

## ଜିଲ୍ଲାସ୍ତରୀୟ ଜନ ସମ୍ପର୍କ ଓ ନାଗରିକ ସହଭାଗିତା କାର୍ଯ୍ୟକ୍ରମ

ତରଭା,୨୪।୬(ସମିସ): ସୁବର୍ଣ୍ଣପୁର ଜିଲ୍ଲାସ୍ତରୀୟ ଜନ ସମ୍ପର୍କ ଏବଂ ନାଗରିକ ସହଭାଗିତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବୀରମହାରାଜପୁର ବିଧାୟକ ରଘୁନାଥ ଜଗଦଲା ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଭାରତ ସରକାରଙ୍କ ୧୨ ବର୍ଷ ଓ ରାଜ୍ୟ ସରକାରଙ୍କ ୨ ବର୍ଷ ପୂର୍ତ୍ତି ଅବସରରେ ହୋଇଥିବା ସମସ୍ତ ପ୍ରକାରର ଉନ୍ନତି ଏବଂ ବିଭିନ୍ନ ପ୍ରକଳ୍ପର ସମୀକ୍ଷା ହେବା ସହ ଜିଲ୍ଲାର ବିଭିନ୍ନ ସଂଗଠନରୁ ଆସିଥିବା ପ୍ରତିନିଧଙ୍କ ମତାମତ ନିଆଯାଇଥିଲା। ବିକାଶର ଧାରା ଓଡିଶା ସାରାର ଏହି କାର୍ଯ୍ୟକ୍ରମ ଅବସରରେ ବଲାଙ୍ଗୀର ସାଂସଦଙ୍କ ପ୍ରତିନିଧି ସାନନ୍ଦ ମେହେର, ଜିଲ୍ଲା ପରିଷଦ ଅଧ୍ୟକ୍ଷା ସୁପାର ଠେଲା ଏବଂ ସାମାଜିକ କର୍ମୀ ଶ୍ରୀ ବେଣୁଧର ଦାସ ଉପସ୍ଥିତ ଥିଲେ। ସୁବର୍ଣ୍ଣପୁରର ରିଙ୍ଗ ରୋଡ୍ ପ୍ରକଳ୍ପକୁ ପୂର୍ଣ୍ଣ କରିବା ପାଇଁ ପ୍ରସ୍ତାବ ରଖାଯାଇଥିଲା। ସେହିପରି ସୁବର୍ଣ୍ଣପୁରରେ ନୂତନ ମତ୍ସ୍ୟ ମହାବିଦ୍ୟାଳୟର ବିସ୍ତୃତ ପ୍ରକଳ୍ପ ରିପୋର୍ଟ ଏବଂ ସୁବର୍ଣ୍ଣପୁର-ସମ୍ବଲପୁର ଚାରି ଟିକିଆ ରାସ୍ତା ସମ୍ପର୍କରେ ଆଲୋଚନା ହୋଇଥିଲା। ଜିଲ୍ଲାରେ ଅନେକ ବିକାଶମୂଳକ ପ୍ରକଳ୍ପ ଚାଲିଛି। ସେଥି ମଧ୍ୟରେ ୩୫୦୦ କୋଟି ଟଙ୍କାର ଇଣ୍ଟେରିମ ଷ୍ଟୋରେଜ ଷ୍ଟ୍ରକଚର, ୬୦୦ କୋଟି ଟଙ୍କାର ମେଗା ପାନୀୟ ଜଳ ପ୍ରକଳ୍ପ ଏବଂ ସୁରେଶ୍ୱରୀ ଓ ଚରଦା ମନ୍ଦିରର ଉନ୍ନତି ପ୍ରକଳ୍ପ ଅନ୍ତର୍ଭୁକ୍ତ। ଜିଲ୍ଲାର ଜନସାଧାରଣଙ୍କ ପାଇଁ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ସମସ୍ତ ଯୋଜନା କାର୍ଯ୍ୟକାରୀ ହେଉଛି। ୬୪ କୋଟି ଟଙ୍କାର ପାତାଳି ଶ୍ରୀକ୍ଷେତ୍ର ବିକାଶ ପ୍ରକଳ୍ପ ଏବଂ ୮୪ କୋଟି ଟଙ୍କାର ନୂଆ ବସ୍‌ଷ୍ଟାଣ୍ଡ ପ୍ରକଳ୍ପକୁ ବିଧାୟକ ପରିଦର୍ଶନ କରିଥିଲେ। ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଅଶ୍ୱିନୀ ମେହେର ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ ଆୟୋଜନରେ ପ୍ରମୁଖ ଭୂମିକା ଗ୍ରହଣ କରିବା ସହ ବୈଠକ ପରିଚାଳନା କରିଥିଲେ।

## ଚିରଞ୍ଜୀବୀ ବେହେରା ମନମୁଣ୍ଡା ଥାନା ଅଧିକାରୀ

ଶଗଡା,୨୪।୬(ସମିସ): ବୌଦ୍ଧ ଜିଲ୍ଲା ମନମୁଣ୍ଡାରେ ଚିରଞ୍ଜିବି ବେହେରା ଥାନା ଅଧିକାରୀ ଭାବେ ଯୋଗ ଦେଇଛନ୍ତି। ଏଠାରେ ଥିବା ଥାନା ଅଧିକାରୀ ଥିବା ସସ୍ମିତା ମଗରଙ୍କୁ ବୌଦ୍ଧ ଆଦର୍ଶ ଥାନାକୁ ବଦଳି କରାଯାଇଛି। ଆଦର୍ଶ ଥାନାରେ ଥିବା ଚିରଞ୍ଜିବିଙ୍କୁ ମନମୁଣ୍ଡା ବଦଳି କରାଯାଇଥିଲା।

## ବିଲରୁ ଯୁବକଙ୍କ ମୃତଦେହ ଉଦ୍ଧାର

ଇବଥର୍ମାଲ,୨୪।୬(ସମିସ): ଝାରସୁଗୁଡ଼ା ଜିଲ୍ଲା ରେଙ୍ଗାଲି ଥାନା ଅଧୀନ ସାହୁପଡାର ଏକ ବିଲରୁ ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର ହୋଇଛି। ଘଟଣାକୁ ନେଇ ମୃତକଙ୍କ ପରିବାର ଲୋକେ ହତ୍ୟା ଅଭିଯୋଗ ଆଣିଛନ୍ତି। ରେଙ୍ଗାଲି ପୁଲିସ ତଦନ୍ତ ଆରମ୍ଭ କରିଛି। ମୃତକ ହେଲେ ଝାରସୁଗୁଡ଼ା ଜିଲ୍ଲା ରେଙ୍ଗାଲି ଥାନା ସାହୁପଡ଼ା ଗ୍ରାମର ଶକ୍ତିଧର ସାହୁ(୪୦)। ସେ ମୂଳତଃ ଅନୁଗୁଳ ଜିଲ୍ଲାର ବାସିନ୍ଦା ହୋଇଥିବା ବେଳେ ବିବାହ ପରେ ପ୍ରାୟ ୨୦ ବର୍ଷ ଧରି ସାହୁପଡ଼ାରେ ପରିବାର ସହ ରହୁଥିଲେ। ଆଜି ସକାଳେ ଏକ କ୍ଷେତ ମଧ୍ୟରେ ତାଙ୍କ ମୃତଦେହ ପଡ଼ିଥିବା ଦେଖି ସ୍ଥାନୀୟ ଲୋକେ ପୁଲିସକୁ ଖବର ଦେଇଥିଲେ। ଖବର ପାଇ ରେଙ୍ଗାଲି ପୁଲିସ ଓ ସାଇଣ୍ଟିଫିକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ଶକ୍ତିଧରଙ୍କ ମୃତ୍ୟୁ ସ୍ୱାଭାବିକ ନା ତାଙ୍କୁ ହତ୍ୟା କରାଯାଇଛି ତାହା ତଦନ୍ତ ପରେ ସ୍ପଷ୍ଟ ହେବ ବୋଲି ପୁଲିସ କହିଛି। ତେବେ ଘଟଣାକୁ ନେଇ ଅଞ୍ଚଳରେ ବିଭିନ୍ନ ଚର୍ଚ୍ଚା ଚାଲିଥିବା ବେଳେ ଏହା ଏକ ଯୋଜନାବଦ୍ଧ ହତ୍ୟାକାଣ୍ଡ ହୋଇପାରେ ବୋଲି ସନ୍ଦେହ ପ୍ରକାଶ ପାଉଛି। ପୁଲିସ ସମସ୍ତ ଦିଗକୁ ନେଇ ତଦନ୍ତ ଜାରି ରଖିଛି।

## ଗଞ୍ଜେଇ ଭର୍ତ୍ତି କାର୍ ଜବତ, ଜଣେ ଗିରଫ

ଦେବଗଡ ୨୪।୬(ସମିସ): ବେଆଇନ ଗଞ୍ଜେଇ ଚାଲାଣ ବେଳେ ଦେବଗଡ଼ ଜିଲ୍ଲା କୁଣ୍ଢେଇଗୋଲା ଥାନା ପୁଲିସ ୭୦ କେଜି ୯୦୦ ଗ୍ରାମ ଗଞ୍ଜେଇ ଜବତ କରିଛି। ଏହି ମାମଲାରେ ଜଣେ ଅଭିଯୁକ୍ତଙ୍କୁ ଗିରଫ କରିଛି। ତେବେ ଅନ୍ୟ ୨ ଜଣ ଖସି ପଳାଇଛନ୍ତି। କୁଣ୍ଢେଇଗୋଲା ପୁଲିସ ପାଟ୍ରୋଲିଂ କରୁଥିବା ବେଳେ କୁଶଖଳିଆରୁ କରଲଗା ପଟକୁ ଦ୍ରୁତ ଗତିରେ ଏକ କାର୍ ଯାଉଥିବା ଦେଖି ସନ୍ଦେହରେ ପିଛା କରିଥିଲା। ପୁଲିସକୁ ଦେଖି ଚାଳକ କାରଟିକୁ ଦଳବେହେରାମୁଣ୍ଡା ଗାଁ ନିକଟରେ ଛାଡି ଜଙ୍ଗଲ ମଧ୍ୟକୁ ଦୌଡି ଫେରାର ହେବାକୁ ଚେଷ୍ଟା କରିଥିଲା; କିନ୍ତୁ ଅଭିଯୁକ୍ତକୁ ଗୋଡାଇ ଗୋଡ଼ାଇ ପୁଲିସ ଗିରଫ କରିଥିଲା। ଗିରଫ ଅଭିଯୁକ୍ତ ରିଆମାଳ ଥାନା ବଡଝରଣ ଗ୍ରାମର ତ୍ରିଲୋଚନ ବେହେରା। ପୁଲିସ ଗଞ୍ଜେଇ ଭର୍ତ୍ତି କାର୍ ଜବତ କରିଛି।

## ଧର୍ମେନ୍ଦ୍ର ପ୍ରଧାନ ଫ୍ୟାନ୍ କ୍ଲବ୍ ପକ୍ଷରୁ ରମ୍ଭାଦେବୀ ପୀଠ ସଫେଇ

ଦେବଗଡ଼,୨୪।୬(ସମିସ): ଦେବଗଡ଼ ଜିଲ୍ଲା ତିଳେଇବଣି ବ୍ଲକ୍ ବାସୁଦେବପୁର ଗ୍ରାମର ମା' ରମ୍ଭାଦେବୀ ପୀଠରେ ଧର୍ମେନ୍ଦ୍ର ପ୍ରଧାନ ଫ୍ୟାନ କ୍ଲବ୍ ପକ୍ଷରୁ ସଫେଇ କରାଯାଇଛି। ଆବାହକ ତଥା ପୌର ପରିଷଦ ଭାରପ୍ରାପ୍ତ ପୌରାଧ୍ୟକ୍ଷ ପ୍ରଜିତ ଭୋଜଙ୍କ ନେତୃତ୍ୱରେ କ୍ଲବର ସଦସ୍ୟମାନେ ପୀଠକୁ ଯିବା ପାଇଁ ରହିଥିବା ସିଡ଼ି ଓ ପିଣ୍ଡି ଗୁଡିକରେ ରଙ୍ଗ ଲଗାଇବା ସହ ପୀଠ ସମ୍ମୁଖରେ ଥିବା ନାଳ ସଫା କରିଥିଲେ। ସତ୍ୟନାରାୟଣ ପାଣି, ସୁଶୀଲ ଭୋଇ, ବିରେନ ନାୟକ, ନୀଳମଣି ଆଚାର୍ଯ୍ୟ, ବିଶେଶ୍ୱର ଦ୍ୱିବେଦୀ, ଭୋଳାନାଥ ଦାସ, ମକରଧ୍ୱଜ ହସ୍ତୀ, ସୁମନ୍ତ ଭୋଜ, ପଙ୍କଜ ପାତ୍ର ଓ ଜଗା ରଞ୍ଜିତ ପ୍ରମୁଖ ସାମିଲ ଥିଲେ।

## ବିଡିଓଙ୍କୁ ଭେଟି ଜନ ସମସ୍ୟା ଜଣାଇଲା ବିଜେଡି



ଖପ୍ରାଖୋଲ,୨୪।୬(ସମିସ): ରାଜ୍ୟ ସରକାରଙ୍କ ଅପାରଗତା ଯୋଗୁଁ ବିଭିନ୍ନ ହିତାଧିକାରୀଙ୍କୁ ମାସ ମାସ ଧରି ମିଳୁନି। ହରିଶ୍ଚନ୍ଦ୍ର ଯୋଜନା ହିତାଧିକାରୀଙ୍କୁ ମଧ ଠିକ୍ ଭାବେ ସହାୟତା ରାଶି ମିଳୁନି। ଭାରତୀୟ ଜନତା ପାର୍ଟି ଲୋକଙ୍କୁ ଦେଇଥିବା ନିର୍ବାଚନୀ ପ୍ରତିଶ୍ରୁତି ପାଳନ କରୁନି। ଏହାକୁ ନେଇ ବିଜୁ ଜନତା ଦଳ ଉପ ମୁଖ୍ୟମନ୍ତ୍ରୀ କେ ଭି ସିଂଦେଓଙ୍କ ନିର୍ବାଚନ ମଣ୍ଡଳୀରେ ଜୋରଦାର ବିରୋଧ ପ୍ରଦର୍ଶନ କରିଛି। ଆଜି ଖପ୍ରାଖୋଲ ବ୍ଲକରେ ବିଜେଡି ସଭାପତି ସରୋଜ ମେହେରଙ୍କ ନେତୃତ୍ୱରେ ଶତାଧିକ ବୃଦ୍ଧବୃଦ୍ଧା ଭତ୍ତା ହିତାଧିକାରୀ ବ୍ଲକ୍ କାର୍ଯ୍ୟାଳୟରେ ପହଞ୍ଚିଥିଲେ। ଖରା ସତ୍ତ୍ୱେ ଦୀର୍ଘ ସମୟଧରି ସରକାର ଓ ପ୍ରଶାସନ ବିରୋଧରେ ନାରାବାଜି ଦେଇଥିଲେ। ବିଡ଼ିଓ ବିବେକାନନ୍ଦ ଷଡ଼ଙ୍ଗୀଙ୍କୁ ଦାବିପତ୍ର ଦେଇଥିଲେ। ରମେଶ ପଧାନ, ବ୍ଲକ୍ ଉପାଧ୍ୟକ୍ଷ ସୁଖୀରାମ ସାଣ୍ଡ, ବିପ୍ର ବିଶି, ପବିତ୍ର ପୁଟେଲ ପ୍ରମୁଖ ଉପସ୍ଥିତ ଥିବା ବେଳେ ଖପ୍ରାଖୋଲ ବ୍ଲକର ବିଭିନ୍ନ ପଞ୍ଚାୟତରୁ ଶତାଧିକ ବିଭିନ୍ନ ଭତ୍ତାରୁ ଓ ପ୍ରଶାସନିକ ସୁବିଧାରୁ ବଞ୍ଚିତ ହିତାଧିକାରୀ ବୃଦ୍ଧାବୃଦ୍ଧ ସାମିଲ ହୋଇଥିଲେ।

## କନ୍ଧ ସମାଜ ପକ୍ଷରୁ ସାମ୍ବାଦିକ ଅଶୋକଙ୍କୁ ଶ୍ରଦ୍ଧାଞ୍ଜଳି

କଣ୍ଟାବାଞ୍ଜି/ମୁରିବାହାଲ,୨୪।୬(ସମିସ): ବଲାଙ୍ଗୀର ଜିଲ୍ଲା ମୁରିବାହାଲ ବ୍ଲକ୍ ଡଙ୍ଗରପଡା କୋକ ଡୁଙ୍ଗୁରିଠାରେ ସାମ୍ବାଦିକ ଅଶୋକ ନାରାୟଣ ଭୋଇଙ୍କ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଉତ୍କଳ କନ୍ଧ ସମାଜ ବୁଡୁକା ପ୍ରଗଣା ବଙ୍ଗୋମୁଣ୍ଡାର ଅସ୍ଥାୟୀ ସଭାପତି ଲଳିତ ଯାନୀଙ୍କ ଆହ୍ୱାନ କ୍ରମେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଆଦିବାସୀ ନେତା ସୁରେଶ ଭୋଇ, ଜିଲ୍ଲା କନ୍ଧ ସମାଜ ଯୁବ ସଂଗଠନର ସମ୍ପାଦକ ଡିଙ୍ଗର ଭୋଇ, ଈଶ୍ୱର ଭୋଇ, ଜଗଦୀଶ ଭୋଇ, ବ୍ରଜ ଭୋଇ, କୁବେର ଭୋଇ, ମୋତି ଭୋଇ, କପିଳାସ ଭୋଇ, ହାଡିବନ୍ଧୁ ଭୋଇ, ମିନିକେତନ ପାତ୍ର, ଆର୍ତ୍ତ ତ୍ରାଣ ଭୋଇ, ବସନ୍ତ ଭୋଇ ହୀରା ମାଝୀ ପ୍ରମୁଖ ଉପସ୍ଥିତ ଥିଲେ।

## ରୋତ କଲେଜ ଅବସରପ୍ରାପ୍ତ ଅଧ୍ୟକ୍ଷଙ୍କୁ ବିଦାୟ ସମ୍ବର୍ଦ୍ଧନା

ବଲାଙ୍ଗିର,୨୪।୬(ସମିସ): ଆଗଲପୁର ପଞ୍ଚାୟତ ସମିତି ମହାବିଦ୍ୟାଳୟ (ବାଣୀନିକେତନ, ରୋତ)ର ପୂର୍ବତନ ଅଧ୍ୟକ୍ଷ ପ୍ରଦୀପ ଷଡଙ୍ଗୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ଅନ୍ତର୍ଯ୍ୟାମୀ ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ଓଡ଼ିଆ ବିଭାଗ ମୁଖ୍ୟ ପ୍ରମୋଦ ଦାଶ ମଞ୍ଚାସୀନ ଥିଲେ। ଇଂରାଜୀ ଅଧାପକ ଆର୍ଯ୍ୟେନ୍ଦୁ ମେହେର ସଂଯୋଜନା କରିଥିଲେ। ଡକ୍ଟର ସୁବିଜ୍ଞ ଗଡତ୍ୟା, ଶାନ୍ତନୁ ପାଢୀ, ରାଧେଶ୍ୟାମ ଯୋଷୀ, ଡକ୍ଟର ଲିଙ୍ଗରାଜ ମେହେର, ଦୈତାରୀ ଶବର, ଶେଷଦେବ ଦାନୀ, ତରଣୀସେନ ବେମାଲ ପ୍ରମୁଖ ଉପସ୍ଥିତ ଥିଲେ। ଅଧାପକ ଡକ୍ଟର ଲିଙ୍ଗରାଜ ମେହେର କୃତଜ୍ଞତା ଜ୍ଞାପନ କରିଥିଲେ।

## ପ୍ୟାକ୍ସରୁ ଧାନ ଉଠାଇବାକୁ ଚାଷୀ ପ୍ରଶାସନର ଦ୍ୱାରସ୍ଥ

ବୌଦ୍ଧ,୨୪।୬(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ୍ ମନମୁଣ୍ଡା ପାକ୍ସରେ ଧାନ କ୍ରୟ ପ୍ରକ୍ରିୟାରେ ଅବ୍ୟବସ୍ଥା ଓ ବିଳମ୍ବକୁ ନେଇ ଚାଷୀଙ୍କ ମଧ୍ୟରେ ଅସନ୍ତୋଷ ଦିନକୁ ଦିନ ବଢ଼ିବାରେ ଲାଗିଛି। ସୋମବାର ମନମୁଣ୍ଡା ଅଞ୍ଚଳର ବହୁ ସଂଖ୍ୟକ ଚାଷୀ ବୌଦ୍ଧରେ ପହଞ୍ଚି ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇ ତୁରନ୍ତ ସମସ୍ୟାର ସମାଧାନ ପାଇଁ ଦାବି ଜଣାଇଛନ୍ତି।



ମନମୁଣ୍ଡା ପାକ୍ସ ଅଧୀନରେ ଟୋକନ ପାଇଥିବା ପ୍ରାୟ ୨୮୦ ଜଣ ଚାଷୀଙ୍କ ୨୮ ହଜାରରୁ ଅଧିକ ଧାନ ବସ୍ତା ଏବେ ମଣ୍ଡି ପରିସରରେ ପଡ଼ି ରହିଛି। ନିୟମ ଅନୁସାରେ ଟୋକନ ପାଇବା ପରେ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ଧାନ କ୍ରୟ ହେବା କଥା; କିନ୍ତୁ ମିଲରଙ୍କ ପକ୍ଷରୁ ଆବଶ୍ୟକ ସଂଖ୍ୟକ ଗାଡ଼ି ନ ଆସିବାରୁ ଧାନ ଉଠାଣ କାର୍ଯ୍ୟ ଗୁରୁତର ଭାବେ ପ୍ରଭାବିତ ହୋଇଛି। ବର୍ତ୍ତମାନ ବର୍ଷା ଋତୁ ଆରମ୍ଭ ହୋଇଥିବାରୁ ଖୋଲା ଆକାଶ ତଳେ ପଡ଼ିରହିଥିବା ଧାନ ବର୍ଷା ପାଣିରେ ଭିଜି ଗଜା ହେବାକୁ ଲାଗିଛି। ଏହା ଫଳରେ ଚାଷୀ ବର୍ଷକର ପରିଶ୍ରମର ଫଳ ନଷ୍ଟ ହେବା ଆଶଙ୍କାରେ ଚିନ୍ତିତ ହୋଇପଡ଼ିଛନ୍ତି। ଧାନର ଗୁଣବତ୍ତା ନଷ୍ଟ ହେଲେ ଏହାର ସିଧାସଳଖ ପ୍ରଭାବ ଚାଷୀଙ୍କ ଆର୍ଥିକ ସ୍ଥିତି ଉପରେ ପଡ଼ିବ ବୋଲି ସେମାନେ କହିଛନ୍ତି। ଅନ୍ୟପକ୍ଷରେ, ଟୋକନ ଜାରି ହେବାର ୩୦ ଦିନ ମଧ୍ୟରେ ଧାନ କ୍ରୟ ନ ହେଲେ ଟୋକନ ଅବଧି ଶେଷ ହୋଇଯିବାର ନିୟମ ଥିବାରୁ ଅନେକ ଚାଷୀଙ୍କ ମଧ୍ୟରେ ଭୟ ଦେଖା ଦେଇଛି। ଟୋକନ ଲାପ୍ସ ହୋଇଗଲେ ସେମାନେ ସରକାରୀ ସହାୟକ ମୂଲ୍ୟରେ ଧାନ ବିକ୍ରି କରିବାର ସୁଯୋଗ ହରାଇବେ ବୋଲି ଅଭିଯୋଗ କରିଛନ୍ତି। ଏହି ଗୁରୁତର ପରିସ୍ଥିତିକୁ ନେଇ ଚାଷୀ ବୌଦ୍ଧରେ ପହଞ୍ଚି ଜିଲ୍ଲାପାଳ, ଅତିରିକ୍ତ ଜିଲ୍ଲାପାଳ, ଜିଲ୍ଲା ସମବାୟ ନିବନ୍ଧକ ଏବଂ ଜିଲ୍ଲା ଯୋଗାଣ ଅଧିକାରୀଙ୍କୁ ଭେଟି ସମସ୍ୟା ସମ୍ପର୍କରେ ଅବଗତ କରାଇଥିଲେ। ତୁରନ୍ତ ଅଧିକ ସଂଖ୍ୟାରେ ମିଲର ଗାଡ଼ି ଯୋଗାଇ ଧାନ ଉଠାଣ ବ୍ୟବସ୍ଥା କରିବା ସହ ଚାଷୀଙ୍କ ଟୋକନ ଅବଧି ବୃଦ୍ଧି କରିବାକୁ ସେମାନେ ଦାବି କରିଛନ୍ତି। ସମସ୍ୟାର ଶୀଘ୍ର ସମାଧାନ ନ ହେଲେ ଚାଷୀ ଆନ୍ଦୋଳନାତ୍ମକ ପଦକ୍ଷେପ ନେବାକୁ ବାଧ୍ୟ ହେବେ ବୋଲି ସତର୍କ କରିଛନ୍ତି।

## ବିଜେଡି ବୁଥ୍ ଏଜେଣ୍ଟଙ୍କୁ ଏସ୍ଆଇଆର୍ ପ୍ରଶିକ୍ଷଣ



କଣ୍ଟାବାଞ୍ଜି,୨୪।୬(ସମିସ): ନିର୍ବାଚନ ଆୟୋଗଙ୍କ ଦ୍ୱାରା ଚାଲିଥିବା ଏସ୍ଆଇଆର୍ କାର୍ଯ୍ୟ ସୁଚାରୁ ରୂପେ ସମ୍ପାଦନ କରିବା ନିମନ୍ତେ ବଲାଙ୍ଗୀର ଜିଲ୍ଲା କଣ୍ଟାବାଞ୍ଜି ନିର୍ବାଚନମଣ୍ଡଳୀ ବିଜୁ ଜନତା ଦଳ ସହଯୋଗ କରିଛି। ବୁଧବାର କଣ୍ଟାବାଞ୍ଜି ବିଜୁ ଜନତା ଦଳ କାର୍ଯ୍ୟାଳୟଠାରେ ବୁଥସ୍ତରୀୟ ଏଜେଣ୍ଟଙ୍କୁ ନେଇ ଏକ ସ୍ୱତନ୍ତ୍ର ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। କଣ୍ଟାବାଞ୍ଜି ନିର୍ବାଚନ ମଣ୍ଡଳୀ ବିଜୁ ଜନତା ଦଳର ଯୁବ ନେତା ଗିରିରାଜ ସିଂ ମାଝୀ ପ୍ରଶିକ୍ଷଣ ଦେଇଥିଲେ। ନିର୍ବାଚନ ମଣ୍ଡଳୀର ୩୩୫ଟି ବୁଥ୍‌ରେ ଭୋଟର ତାଲିକାରେ ନାମ ଯୋଡ଼ା, କଟା ଓ ସଂଶୋଧନ ପ୍ରକ୍ରିୟା ସମ୍ପର୍କରେ ଏଜେଣ୍ଟଙ୍କୁ ସମ୍ପୂର୍ଣ୍ଣ ଅବଗତ କରାଇଥିଲେ। ଫର୍ମ-୬, ଫର୍ମ-୭, ଫର୍ମ-୮ ଠିକ୍ ଭାବେ ପୂରଣ କରି ବିଏଲ୍ଓଙ୍କ ମାଧ୍ୟମରେ ଦାଖଲ କରିବାରେ ଭୋଟରଙ୍କୁ ସହାୟତା କରିବାକୁ ପରାମର୍ଶ ଦେଇଥିଲେ। କୌଣସି ଯୋଗ୍ୟ ଭୋଟରଙ୍କ ନାମ ବାଦ୍ ନ ପଡ଼େ ଓ ଅଯୋଗ୍ୟ ନାମ ନ ଥାଏ ସେଥିପାଇଁ ବୁଥ୍ ସ୍ତରେ କଡ଼ା ନଜର ରଖିବାକୁ କହିଥିଲେ। ପ୍ରତି ବୁଥ୍ ଏଜେଣ୍ଟ ସକ୍ରିୟ ହୋଇ କାମ କରିବାକୁ କହିଥିଲେ। ଶିବିରରେ ବିଜେଡ଼ି ନେତ୍ରୀ ନିରୁପମା ମାଝୀ, ପିଙ୍କି ଖର୍ସେଲ, ବଲାଙ୍ଗୀର ଜିଲ୍ଲା ବିଜୁ ଜନତା ଦଳ ସାଧାରଣ ସମ୍ପାଦକ ଦେବାର ବାରିକ, ବିଜେଡ଼ି ନେତା ଶ୍ରୀଧର ମାଝି, ଧନଞ୍ଜୟ ମାହାନନ୍ଦ, ପ୍ରେମିଶ ଚନ୍ଦ୍ର ବାଗ, ଦୈତାରୀ ଭୋଇ, ତ୍ରିବିକ୍ରମ ବେହେରା, ଅଭିଲାଶ ବଘାର, ଦିଲିପ ପୃଷ୍ଟି, ଆଶାଦୁଲା ଖାଁ, ଚମ୍ପେଶ୍ୱର ବାଗ, ଆଶିଷ ବେହେରା, ଦେବରାଜ ଯାଦବ, ବିଷ୍ଣୁ ଜୁଏଡଙ୍କ ସହ ଶହ ଶହ ଦଳୀୟ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

### ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନା କାମରେ ମନମାନି

# ଅସ୍ଥାୟୀ ବିକଳ୍ପ ରାସ୍ତା ଜଳମଗ୍ନ

ପାଟଣାଗଡ଼,୨୪।୬(ସମିସ): ବଲାଙ୍ଗିର ଜିଲ୍ଲା ପାଟଣାଗଡ଼ ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ଅଇଁଲାତୁଙ୍ଗାଠାରୁ ଘସିଏନକୁ ମୁଖ୍ୟମନ୍ତ୍ରୀ ସଡ଼କ ଯୋଜନାରେ ପ୍ରାୟ ୬ କୋଟି ଟଙ୍କା ବ୍ୟୟ ଅଟକଳରେ ନିର୍ମାଣ କାମ ଚାଲିଛି। ଏହି ରାସ୍ତା ଦେଇ ଯାଇଥିବା ଜାମଜୋର ନାଳାରେ ଆଣ୍ଠୁଏ ପାଣି ଭିତରେ କଂକ୍ରିଟ କାମ ଚାଲିଛି। ଏନେଇ ପାଟଣାଗଡ଼ ଗ୍ରାମ୍ୟ ଉନ୍ନୟନ ବିଭାଗର ଏସଡ଼ିଓ ଓ ଅଧିକ୍ଷଣ ଯନ୍ତ୍ରୀଙ୍କୁ ଆଣ୍ଠୁଏ ପାଣି ଭିତରେ କଂକ୍ରିଟ କରଣର ଭିଡିଓ ପ୍ରମାଣ ପଠାଯାଇଥିଲା। ଏ ବିଷୟରେ ଏସଡ଼ିଓଙ୍କ ମତାମତ ମଧ୍ୟ ନିଆଯାଇଥିଲା। ମୁଁ ଦେଖୁଛି କଥା ହେଉଛି ବୋଲି କହିଥିଲେ; କିନ୍ତୁ ଏ ପର୍ଯ୍ୟନ୍ତ ଏହି ଘଟଣାରେ ବିଭାଗୀୟ ପଦକ୍ଷେପ ନିଆ ନ ଯିବା ବିଭାଗର ଅପାରଗତାକୁ ପଦାରେ ପକାଉଛି। ଏଥିସହ ଏହି ଦୁର୍ନୀତିକୁ ଏସଡ଼ିଓ ତଥା ଅଧିକ୍ଷଣ ଯନ୍ତ୍ରୀଙ୍କ ପରୋକ୍ଷରେ ସମର୍ଥନ ରହିଥିବା ଅଞ୍ଚଳବାସୀ ଅଭିଯୋଗ ଆଣିଛନ୍ତି। ଅନ୍ୟପଟେ ବୁଧବାର ରାସ୍ତାକାମ ସ୍ଥଳ ପରିଦର୍ଶନ କରିବାରୁ ଲୋକଙ୍କ ପାଇଁ ଦିଆଯାଇଥିବା ଅସ୍ଥାୟୀ ବିକଳ୍ପ ରାସ୍ତା ଜଳମଗ୍ନ ହୋଇ ରହିଛି। ଏହାଫଳରେ ସେହି



ରାସ୍ତାଦେଇ ଯିବାଆସିବା କରୁଥିବା ଲୋକଙ୍କ ଯାତାୟାତ ବନ୍ଦ ହୋଇ ରହିଛି। ବର୍ଷାପାଣି କାଦୁଅରେ ପରିଣତ ହୋଇ ଲୋକେ ସ୍ଲିପ୍ ହୋଇ ପଡିଯାଉଥିବା ଦେଖିବାକୁ ମିଳିଛି। ଏନେଇ ବୁଧବାର ପୁଣି ଏସଡ଼ିଓଙ୍କୁ ଏହି ଦୁର୍ନୀତି ବିଷୟରେ ଅବଗତ କରି କ'ଣ ପଦକ୍ଷେପ ନିଆଯାଇଛି ପଚାରିବାରୁ କ'ଣ ପଦକ୍ଷେପ ନେବା ବୋଲି ଖମାଖିଆଲି ମନ୍ତବ୍ୟ ଦେଇଛନ୍ତି। ବିଭାଗୀୟ ଅଧିକାରୀଙ୍କ ଏଭଳି ମନୋଭାବ ଓ ଠିକାଦାର ପ୍ରୀତି ଯୋଗୁଁ ଅଞ୍ଚଳବାସୀଙ୍କ ମଧ୍ୟରେ ଘୋର ଅସନ୍ତୋଷ ପ୍ରକାଶ ପାଇବାରେ ଲାଗିଛି। ତେବେ ଠିକାଦାରଙ୍କ ଏଭଳି ଖାମଖିଆଲି ମନୋଭାବ ଓ ଦୁର୍ନୀତି ସତ୍ତ୍ୱେ ବିଭାଗ କେଉଁ ସ୍ୱାର୍ଥ ଯୋଗୁଁ ଏ ପର୍ଯ୍ୟନ୍ତ କାର୍ଯ୍ୟାନୁଷ୍ଠାନ ନ ନେଇ ଚୁପ୍ ରହିଛି ତାହା ତଦନ୍ତ ସାପେକ୍ଷ ହୋଇପଡିଛି। ଏ ଘଟଣାରେ ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଦୃଷ୍ଟି ଦେଇ ଆବଶ୍ୟକ ପଦକ୍ଷେପ ନ ନେଲେ ଅଞ୍ଚଳବାସୀ ବାଧ୍ୟ ହୋଇ ସ୍ଥାନୀୟ ବିଧାୟକ ତଥା ଉପମୁଖ୍ୟମନ୍ତ୍ରୀଙ୍କ ଦ୍ୱାରସ୍ଥ ହେବେ ବୋଲି ଚେତାବନୀ ଦେଇଛନ୍ତି।

### ନାତିକୁ ବଞ୍ଚାଇବାକୁ ଯାଇ ବିଦ୍ୟୁତ୍ ସଂସ୍ପର୍ଶରେ ଜେଜେଙ୍କ ମୃତ୍ୟୁ ଘଟଣା

## କ୍ଷତିପୂରଣ ଦାବିରେ ଶବ ରଖି ବିକ୍ଷୋଭ

**ରାଉରକେଲା, ୨୪।୬(ସମିସ):** ସୁନ୍ଦରଗଡ଼ ଜିଲ୍ଲା ରାଏବଗା ଥାନା ଅନ୍ତର୍ଗତ ମଝାପଡ଼ା ପଞ୍ଚାୟତ ଜୟକୁଦର ଗୀର୍ଜାଟୋଲି ବସ୍ତିରେ ନାତିକୁ ବଞ୍ଚାଇବାକୁ ଯାଇ ବିଦ୍ୟୁତ୍ ଆଘାତରେ ସାନ ଜେଜେବାପାଙ୍କ ମୃତ୍ୟୁ ଘଟଣାରେ ବୀରମିତ୍ରପୁର ହସ୍ପିଟାଲ ପରିସରରେ ମୃତଦେହ ରଖି ପରିବାର ଲୋକଙ୍କ ସମେତ ବସ୍ତିବାସିନ୍ଦା କ୍ଷତିପୂରଣ ଦାବି କରିଥିଲେ। ତେବେ ଆପୋଷ ବୁଝାମଣା ପରେ ସମ୍ପୃକ୍ତ ଠିକାଦାର ୫ ଲକ୍ଷ ଟଙ୍କା ଦେବାକୁ ପ୍ରତିଶ୍ରୁତି ଦେବାପରେ ଶବ ବ୍ୟବଚ୍ଛେଦ ହୋଇଥିବା ଜଣାପଡ଼ିଛି। ପ୍ରଥମ କିସ୍ତିରେ ୧ ଲକ୍ଷ ଟଙ୍କା କ୍ଷତିପୂରଣ ବାବଦକୁ ସମ୍ପୃକ୍ତ ଠିକାଦାର ପରିବାର ବର୍ଗକୁ ପ୍ରଦାନ କରିଥିବା ବେଳେ ଶବ ସତ୍କାର ପାଇଁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ୧୦ ହଜାର ଟଙ୍କା ବୀରମିତ୍ରପୁର ତହସିଲଦାର ପ୍ରଦାନ କରିଥିଲେ। ଏହାସହ ବ୍ଲକ ପକ୍ଷରୁ ୧୦ ହଜାର ଟଙ୍କା ପ୍ରଦାନ କରାଯାଇଛି।

ସୂଚନାଯୋଗ୍ୟ ଯେ, ଗୀର୍ଜାଟୋଲି ବସ୍ତିରେ ଏକ ନିର୍ମାଣାଧୀନ କୋଠାକୁ ଯାଇଥିବା ବିଦ୍ୟୁତ୍ ତାର ତଳେ ପଡ଼ିଥିବା ବେଳେ ୩ ବର୍ଷର ଶିଶୁ ଅସ୍ୱିକ୍ କୁସୁମା ଏହା ସଂସ୍ପର୍ଶରେ ଆସିଯାଇଥିଲା। ନାତିକୁ ବଞ୍ଚାଇବାକୁ ଯାଇ ଜେଜେବାପା ଇଶଦଙ୍କର ମୃତ୍ୟୁ ହୋଇଥିଲା। ମୃତକଙ୍କ ପରିବାରକୁ ଠିକାଦାର କ୍ଷତିପୂରଣ ଦେବାକୁ ଦାବିକରି ବୀରମିତ୍ରପୁର ହସ୍ପିଟାଲ ମୃତଦେହ ପରିବାର ବର୍ଗ ବିକ୍ଷୋଭ କରିଥିଲେ। ବୀରମିତ୍ରପୁର ବିଧାୟକ ରୋହିତ ଜୋସେଫ ତିର୍କୀ ପହଞ୍ଚି ପରିବାରକୁ କ୍ଷତିପୂରଣ ଦେବାକୁ ପ୍ରଶାସନକୁ ଅନୁରୋଧ କରିଥିଲେ। ଅଘଟଣ ପାଇଁ ଦାୟୀ ବ୍ୟକ୍ତିମାନଙ୍କୁ ଚିହ୍ନଟ କରି କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ବିଧାୟକ ଦାବି କରିଥିଲେ। ଆପୋଷ ଆଲୋଚନା ପରେ ସମ୍ପୃକ୍ତ ଠିକାଦାର ଦାବି ମୁତାବକ ୫ ଲକ୍ଷ ଟଙ୍କା ପ୍ରଦାନ ପାଇଁ ସମ୍ମତି ପ୍ରକାଶ କରିବା ସହ ପ୍ରଥମେ ୧ ଲକ୍ଷ ଟଙ୍କା ପ୍ରଦାନ କରିଥିଲେ। ଅବଶିଷ୍ଟ ୪ ଲକ୍ଷ ଟଙ୍କା ୩ଟି କିସ୍ତିରେ ଦେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ।

# ଶୁଖିଲା ପଡ଼ିଛି ଚାଷ ଜମି; ବର୍ଷାକୁ ଚାହିଁ ଚାଷୀ ହତାଶ

### ହଳଦିଆ ପଡ଼ିଗଲାଣି ତଳି, ଆସନ୍ନ ମରୁଡ଼ି ଆଶଙ୍କା

**ବଣାଇଁ, ୨୪।୬(ସମିସ)**



ବଣାଇଁ ବ୍ଲକ ଅଞ୍ଚଳରେ ଶୁଖିଲା ପଡ଼ିଛି ଚାଷ ଜମି। ଜୁନ୍ ଶେଷ ହେବାକୁ ବସିଲାଣି ହେଲେ ବର୍ଷାର ଦେଖାନାହିଁ। ସେପଟେ ବିଲରେ ହଳକରି ଧାନ ବୁଣିବା ସହ ତଳି ପକା ସରିଛି। ବର୍ଷାକୁ ଅନେଇ ହତାସ ହେଲାଣି ଚାଷୀକୂଳ। ବ୍ଲକର କେନ୍ଦ୍ରିକଳା, ବାବୁ ନୂଆଗାଁ, ଅଲେଖପୁର, ଗୁଡ଼ିଆଲି, ଦରେଇକଳା, ଗୋବିନ୍ଦପୁର, ଇନ୍ଦ୍ରପୁର, କେନାଭେଟା, ତଳିତା, ଜର୍କୈକଳା ଗୋଗୁଆ ଭଳି ଅନେକ ଗ୍ରାମର ଚାଷ ଜମି ଫାଟି ଆଁ କଲାଣି। ଧାନ ରୁଆ, ବିହୁଡା ଠପ ହୋଇଥିବା ବେଳେ ଧାନତଳି ହଳଦିଆ ହୋଇ ପଡ଼ିଛି।

ଅନ୍ୟପକ୍ଷରେ ବର୍ଷାର ଅଭାବ ଯୋଗୁଁ ନଦୀ ନାଳର ଜଳ ଉତ୍ସ ଗୁଡିକରେ ପାଣି ନାହିଁ। ବ୍ଲକ ଅଧୀନରେ ୧୪ ହଜାର ହେକ୍ଟରରୁ ଊର୍ଦ୍ଧ୍ୱ ଧାନକ୍ଷେତ ମାତ୍ର ୫ପ୍ରତିଶତ କାର୍ଯ୍ୟ ହୋଇଯାଇଛି। ଏହି ୫ପ୍ରତିଶତ ଚାଷ ଜମିରେ ଚାଷ ବଞ୍ଚାଇବାକୁ ଚାଷୀମାନେ ମୋଟର ସାହାଯ୍ୟରେ ପାଣି ମଡ଼ାଇବା ପାଇଁ ଉଦ୍ୟମ ଜାରି ରଖିଛନ୍ତି। ତେବେ ଏହି ବ୍ଲକ ଅଧୀନରେ ରୁକୁଡା ଜଳ ସେଚନ ପ୍ରକଳ୍ପ ଜମି ରହିଛି। ଏଥିରେ ୪ହଜାର ହେକ୍ଟର ଜମିରେ ଜଳସେଚନର ଯୋଜନା ରହିଥିଲେ ହେଁ ଅଧିକାଂଶ ଚାଷ ଜମିକୁ ପାଣି ପହଞ୍ଚି ପାରୁନାହିଁ। ଏଥିଯୋଗୁଁ ଚାଷ କାର୍ଯ୍ୟରେ ଗୁରୁତର ବାଧା ସୃଷ୍ଟି ହୋଇଛି। ଏହି ଅଞ୍ଚଳରେ ମୁଖ୍ୟ ଜୀବିକା ଧାନ ଚାଷ ହୋଇଥିବା ବେଳେ ଚାଷୀ କୂଳ ହତାଶ ହୋଇପଡ଼ିଛନ୍ତି। ଜୁନ୍ ମାସରେ ଆଦୌ ବର୍ଷା ହୋଇନଥିବା ଯୋଗୁଁ ଚାଷୀଙ୍କ ପାଇଁ ଅଡୁଆ ବଢ଼ିବାରେ ଲାଗିଛି। କୃଷି ବିଭାଗର ଅଧିକାରୀଙ୍କ କହିବାନୁଯାୟୀ ବର୍ଷାର ଅଭାବ ଯୋଗୁଁ ବ୍ଲକ ଅଧୀନରେ ଅଧିକାଂଶ ଚାଷ ଜମିରେ ଚାଷ କାର୍ଯ୍ୟହୋଇଛି। ହେଲେ ଉକ୍ତ ଜମି ପାଇଁ ପାଣିର ଆବଶ୍ୟକ ରହିଥିବା ବେଳେ ଆଗାମୀ ୨/୩ ଦିନ ମଧ୍ୟରେ ବର୍ଷା ନହେଲେ ଚାଷୀଙ୍କ ପ୍ରଭୁତ କ୍ଷତି ସମ୍ଭାବନା ହେବା ସ୍ୱୀକାର କରିଛନ୍ତି।

## ସାପ କାମୁଡ଼ାରେ ଯୁବତୀଙ୍କ ମୃତ୍ୟୁ

**ରାଉରକେଲା, ୨୪।୬(ସମିସ):** ସୁନ୍ଦରଗଡ଼ ଜିଲ୍ଲା ନୂଆଗାଁ ବ୍ଲକ ସୋରଡ଼ା ପଞ୍ଚାୟତ ଧାଙ୍ଗଡ଼ ଟୋଲି ବସ୍ତିର ମହିଳା ବଡି ଲୋହର (୪୭)ଙ୍କ ସାପ କାମୁଡାରେ ମୃତ୍ୟୁ ଘଟିଛି। ମଙ୍ଗଳବାର ସନ୍ଧ୍ୟାରେ ସୋରଡ଼ାରେ ବର୍ଷା ଛାଡ଼ିଲା ପରେ ସେ ତାଙ୍କ ଘରୁ ବାହାରକୁ ବାହାରି ଠିଆ ହୋଇଥିଲା ବେଳେ ଏକ ସାପ କାମୁଡ଼ି ଥିଲା। ଘର ଲୋକଙ୍କୁ ଜଣାଇବା ପରେ ସେମାନେ ଡାକ୍ତରଖାନା ନେବା ବଦଳରେ ଅନ୍ଧବିଶ୍ୱାସର ସାହାରା ନେଇ ଝଡ଼ାଫୁଙ୍କା କରିଥିଲେ। ବୁଧବାର ସକାଳେ ତାଙ୍କ ସ୍ୱାସ୍ଥ୍ୟବସ୍ଥା ଗୁରୁତର ହେବାରୁ ରାଉରକେଲା ସରକାରୀ ଡାକ୍ତରଖାନାକୁ ନେଇଥିଲେ। ମାତ୍ର ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏନେଇ ବିସ୍ରା ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି।

## ବାଇକ୍ ଓ ସ୍କୁଟିକୁ ଧକ୍କା ଦେଲା ପିକ୍‌ଅପ୍; ଜଣେ ଗୁରୁତର

**ଲହୁଣୀପଡ଼ା, ୨୪।୬(ସମିସ):** ଲହୁଣୀପଡ଼ା ଥାନା ପୂର୍ତ୍ତ ବିଭାଗ ରାସ୍ତା ଲହୁଣୀପଡ଼ା ହନୁମାନ ମନ୍ଦିର ଛକ ଏବଂ ଲହୁଣୀପଡ଼ା ପୁରୁଣା ବସ୍‌ଷ୍ଟାଣ୍ଡ ନିକଟରେ ବାଇକ ଓ ସ୍କୁଟିକୁ ପିକଅପ୍ ଧକ୍କା ଦେବାରୁ ଜଣେ ଗୁରୁତର ହୋଇଥିବାବେଳେ ୨ ଜଣ ଆହତ ହୋଇଛନ୍ତି। ପିକ୍‌ଅପ୍‌ଟି ହନୁମାନ ମନ୍ଦିର ଛକ ନିକଟରେ ବାଇକ୍‌କୁ ଧକ୍କା ଦେବାରୁ ବାଇକ ଚାଳକ ଜଲେନ ସାମଦ (୫୨) ଆହତ ହୋଇଥିଲେ। କିଛିବାଟ ଯାଇ ଲହୁଣୀପଡ଼ା ପୁରୁଣା ବସ୍‌ଷ୍ଟାଣ୍ଡ ନିକଟରେ ପୁଣି ଏକ ସ୍କୁଟିକୁ ଧକ୍କା ଦେବାରୁ ଏଥିରେ ବସିଥିବା ସିସିଲା ମୁଣ୍ଡା (୨୬) ଏବଂ ସସ୍ମିତା ଟପୋ (୨୫) ଆହତ ହୋଇଥିଲେ। ସିସିଲାଙ୍କୁ ଗୁରୁତର ଅବସ୍ଥାରେ ରାଉରକେଲା ସ୍ଥାନାନ୍ତର କରାଯାଇଛି।

## ହମ୍ପସ୍‌ରେ ପଡ଼ି ଗୋଲେଇ ଛକରେ ପଶିଗଲା ବୋଲେରୋ

**ଲହୁଣୀପଡ଼ା, ୨୪।୬(ସମିସ):** ଲହୁଣୀପଡ଼ା ଥାନା ୧୪୩ ନମ୍ବର ଜାତୀୟ ରାଜପଥରେ ରାଜାମୁଣ୍ଡା ବାଇପାସ୍ ଗୋଲେଇ ଛକ ନିକଟରେ ଏକ ଦ୍ରୁତଗାମୀ ବୋଲେରୋ ହମ୍ପ୍‌ରେ ପଡ଼ିବା ପରେ ଭାରସାମ୍ୟ ହରାଇ ଗୋଲେଇ ଛକ ମଧ୍ୟକୁ ପଶି ଯାଇଥିବା ବେଳେ ଗାଡ଼ିରେ ଥିବା ୩ ଜଣ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ବୋଲେରୋଟି ବାରକୋଟ ପଟୁ ଆସୁଥିବା ବେଳେ ନିୟନ୍ତ୍ରଣ ହରାଇ ହମ୍ପ ଉପରେ ଚଢ଼ି ଉପରକୁ ଉଠିଯାଇ ପ୍ରାୟ ୨୦ ମିଟର ଶୂନ୍ୟରେ ଯାଇ ଗୋଲେଇ ଛକ ମଧ୍ୟରେ ପଡ଼ିଥିଲା। ଏହାପରେ ଗାଡ଼ିର ଚକ ଫାଟି ଯାଇଥିଲା। ପୁଲିସ ଆହତଙ୍କୁ ଉଦ୍ଧାର କରି ଲହୁଣୀପଡ଼ା ଡାକ୍ତରଖାନାରେ ଭର୍ତ୍ତି କରିଥିବା ବେଳେ ଗାଡ଼ିକୁ ଜବତ କରି ଥାନାକୁ ଆଣିଥିବା ଜଣାପଡ଼ିଛି।

## ଚଉତରା ବିହୀନ କୂଅରୁ ବୃଦ୍ଧଙ୍କ ମୃତଦେହ ଉଦ୍ଧାର

**ରାଉରକେଲା, ୨୪।୬(ସମିସ):** ଏକ ଚଉତରା ବିହୀନ କୂଅରୁ ଜଣେ ବୃଦ୍ଧଙ୍କ ମୃତଦେହ ଉଦ୍ଧାର ହୋଇଛି। ମୃତକ ହେଲେ ହାତୀବାରି ଥାନା ନୂଆଗାଁ ଫାଣ୍ଡି ଅନ୍ତର୍ଗତ ଲିମିଡ଼ା ପଞ୍ଚାୟତର କୁଣ୍ଡୁରା ଗ୍ରାମ ବାସିନ୍ଦା ନାଭ ଓରାମ (୬୪)।

ସୂଚନା ମୁତାବକ, ମଙ୍ଗଳବାର ନାଭ ନିଜ ଗ୍ରାମ କୁଣ୍ଡୁରାରୁ ଅପରାହ୍ନରେ ବାଗଡ଼େଗା ସାପ୍ତାହିକ ହାଟକୁ ଯାଇଥିଲେ। ଘରକୁ ନ ଫେରିବାରୁ ଘର ଲୋକେ ତାଙ୍କୁ ଖୋଜାଖୋଜି କରିଥିଲେ। ହେଲେ ତାଙ୍କ କୌଣସି ପତ୍ତା ମିଳି ନ ଥିଲା। ବୁଧବାର ସକାଳେ କିଛି ଲୋକେ ଲିମିଡା ଗ୍ରାମ ନିକଟରେ ଥିବା ଏକ କୂଅରେ ଶବ ଭାସୁଥିବା ଦେଖି ପୁଲିସକୁ ଖବର ଦେଇଥିଲେ। ଫାଣ୍ଡି ଅଧିକାରୀ ପ୍ରଫୁଲ୍ଲ କୁମାର ସେଠି ପହଞ୍ଚି ମୃତଦେହକୁ ଗ୍ରାମ ଲୋକଙ୍କ ସହଯୋଗରେ କୂଅ ଭିତରୁ ବାହାର କରିଥିଲେ। ଶବକୁ ଜବତ କରି ରାଉରକେଲା ସରକାରୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଥିଲା। ହେଲେ ବୁଧବାର କୌଣସି କାରଣରୁ ବ୍ୟବଚ୍ଛେଦ ହୋଇପାରି ନଥିବାବେଳେ ଆସନ୍ତା କାଲି ବ୍ୟବଚ୍ଛେଦ କରାଯିବ ବୋଲି ପୁଲିସ କହିଛି। ଏ ନେଇ ହାତୀବାରି ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି।

## ଭାରତର ନୌଶକ୍ତିକୁ ସଶକ୍ତ କରୁଛି 'ସେଲ୍'

### ଆଇଏନ୍‌ଏସ୍ ଦୁନାଗିରି, ଅଗ୍ରେ ଓ ସଂଶୋଧକ ପାଇଁ ଡିଫେନ୍ସ-ଗ୍ରେଡ୍ ଷ୍ଟିଲ୍ ସରବରାହ

**ରାଉରକେଲା, ୨୪।୬ (ସମିସ):** ଷ୍ଟିଲ୍ ଅଥରିଟି ଅଫ୍ ଇଣ୍ଡିଆ ଲିମିଟେଡ୍ (ସେଲ) ଷ୍ଟିଲ୍ ମନ୍ତ୍ରାଳୟ ଅଧୀନସ୍ଥ ମହାରତ୍ନ ସେଣ୍ଟ୍ରାଲ ପବ୍ଲିକ୍ ସେକ୍ଟର ଏଣ୍ଟରପ୍ରାଇଜ୍ ଭାରତୀୟ ନୌସେନାର ତିନୋଟି ନୂତନ କମିଶନ୍ ହୋଇଥିବା ଜଳଜାହାଜ- ଆଡଭାନ୍ସଡ୍ ଷ୍ଟେଲ୍‌ଥ ଫ୍ରିଗେଟ୍ ଆଇଏନ୍‌ଏସ୍ ଦୁନାଗିରି,



ଆଣ୍ଟି-ସବମାରିନ୍ ୱାରଫେୟାର ଶ୍ୟାଲୋ ୱାଟର କ୍ରାଫ୍ଟ ଆଇଏନ୍‌ଏସ୍ ଅଗ୍ରେ ଏବଂ ସର୍ଭେ ଭେସେଲ୍ (ବୃହତ୍) ଆଇଏନ୍‌ଏସ୍ ସଂଶୋଧକ ପାଇଁ ସମ୍ପୂର୍ଣ୍ଣ ୫, ୭୦୦ ଟନ୍ ସ୍ପେସିଆଲ୍ ଷ୍ଟିଲ୍ ସରବରାହ କରି ପୁଣି ଥରେ ଦେଶର ନୌସେନା ସାମର୍ଥ୍ୟକୁ ସୁଦୃଢ଼ କରିବାରେ ମହତ୍ତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଛି। ଏହି ତିନୋଟି ଅତ୍ୟାଧୁନିକ ଜଳଜାହାଜ ୨୧ ଜୁନ୍ ୨୦୨୬ରେ କୋଲକାତାର ଶ୍ୟାମାପ୍ରସାଦ ମୁଖାର୍ଜୀ ବନ୍ଦରଗାହରେ ଆୟୋଜିତ ଏକ ଐତିହାସିକ ସମାରୋହରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଦ୍ୱାରା ଆନୁଷ୍ଠାନିକ ଭାବେ ଭାରତୀୟ ନୌସେନାରେ କମିଶନ୍ କରାଯାଇଛି।

ସେଲ୍ ଦ୍ୱାରା ସରବରାହ କରାଯାଇଥିବା ଷ୍ଟିଲ୍‌ରେ ସ୍ପେସିଆଲ୍ କ୍ୱାଲିଟି ଡିଏମଆର-୨୪୯ 'ଏ' ଗ୍ରେଡ୍‌ର ହଟ୍-ରୋଲ୍ଡ ସିଟ୍ ଓ ପ୍ଲେଟ୍ ଅନ୍ତର୍ଭୁକ୍ତ ଅଛି। ଏହି ସ୍ପେସିଆଲାଇଜ୍ଡ, ଡିଫେନ୍ସ-ଗ୍ରେଡ୍ ଷ୍ଟିଲ୍ ସେଲ୍‌ଫର ଫ୍ଲାଗଶିପ୍ ଫାସିଲିଟି ବୋକାରୋ, ଭିଲାଇ ଏବଂ ରାଉରକେଲା ଷ୍ଟିଲ୍ ପ୍ଲାଣ୍ଟରୁ ତିଆରି ଓ ସରବରାହ କରାଯାଇଥିଲା। ଯାହା ଭାରତର ସାମୁଦ୍ରିକ ପ୍ରତିରକ୍ଷା ଭିତ୍ତିଭୂମିକୁ ସମର୍ଥନ କରିବାରେ ଏହି ମହାରତ୍ନର ଦୃଢ଼ ଟେକ୍ନୋଲୋଜିକାଲ୍ ସାମର୍ଥ୍ୟକୁ ଦର୍ଶାଇଥାଏ।

ସେଲ୍ ଦେଶର ଆତ୍ମନିର୍ଭର ଭାରତ ଏବଂ ମେକ୍ ଇନ୍ ଇଣ୍ଡିଆ ଅଭିଯାନରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିବା ସହ ମହତ୍ତ୍ୱପୂର୍ଣ୍ଣ ନୌସେନା ପ୍ଲାଟଫର୍ମ ପାଇଁ ସ୍ପେସିଆଲାଇଜ୍ଡ ଷ୍ଟିଲ୍ ଉତ୍ପାଦନ କରି ପ୍ରତିରକ୍ଷା ସ୍ୱଦେଶୀକରଣର ଏକ ଅବିଚ୍ଛେଦ୍ୟ ଅଂଶ ହୋଇଯାଇଛି। ପ୍ରତିରକ୍ଷା ଶିଳ୍ପର ବର୍ଦ୍ଧିତ ଆବଶ୍ୟକତାକୁ ପୂରଣ କରିବା ପାଇଁ, ସେଲ୍‌ଫ ନିଜର ପ୍ଲେଟ୍-ଉତ୍ପାଦନ ବ୍ୟବସ୍ଥା ରେ, ବିଶେଷତଃ ରାଉରକେଲା ଷ୍ଟିଲ୍ ପ୍ଲାଣ୍ଟର ସ୍ପେସିଆଲ୍ ପ୍ଲେଟ୍ ପ୍ଲାଣ୍ଟରେ, ପ୍ରତିରକ୍ଷା ଆବଶ୍ୟକତା ପାଇଁ ଡି ଏମଆର ଗ୍ରେଡ୍ ପ୍ଲେଟ୍‌ର ଉତ୍ପାଦନ ବୃଦ୍ଧି କରିବାକୁ ପୂର୍ବରୁ ଅତିରିକ୍ତ ପଦକ୍ଷେପ ନେଇଛି।

ସେଲ୍‌ଫ ଅଧକ୍ଷ ତଥା ପରିଚାଳନା ନିର୍ଦ୍ଦେଶକ ଡ. ଅଶୋକ କୁମାର ପାଣ୍ଡା କୁହନ୍ତି, ଭାରତର ପ୍ରତିରକ୍ଷା ଶିଳ୍ପରେ ଏକ ମୁଖ୍ୟ ସହଭାଗୀ ଭାବେ 'ସେଲ୍' ଦେଶର ଆତ୍ମନିର୍ଭରତା ପ୍ରତି ଗଭୀର ଭାବେ ପ୍ରତିବଦ୍ଧ। ପ୍ରତିରକ୍ଷା ଶିଳ୍ପର ବର୍ଦ୍ଧିତ ଆବଶ୍ୟକତାକୁ ଦୃଷ୍ଟିରେ ରଖି କମ୍ପାନୀ ଡିଏମଆର ଗ୍ରେଡ୍ ପ୍ଲେଟ୍ ପାଇଁ ରାଉରକେଲା ଷ୍ଟିଲ୍ ପ୍ଲାଣ୍ଟର ସ୍ପେସିଆଲ୍ ପ୍ଲେଟ୍ ପ୍ଲାଣ୍ଟ ଉପରେ ବିଶେଷ ଧ୍ୟାନ ଦେଇ ନିଜର ଉତ୍ପାଦନ ଶକ୍ତି ବୃଦ୍ଧି କରିଛି। ଏହି ଉଚ୍ଚ-ସାମର୍ଥ୍ୟ ସମ୍ପନ୍ନ ଡିଏମଆର ୨୪୯ ଏ ଷ୍ଟିଲ୍ ପ୍ଲେଟ୍ ପ୍ରଦାନ କରିବା ଭାରତର ରଣନୈତିକ ସ୍ୱାଧୀନତାକୁ ସୁରକ୍ଷିତ କରିବା ସହ ସେଲ୍‌ଫର ଉନ୍ନତ ବୈଷୟିକ ଦକ୍ଷତାକୁ ଉଜାଗର କରୁଛି।

## 'ଜେସିଏସ୍‌ଏସ୍‌ଆଇ' ସୁରକ୍ଷା ଜାଗରଣ ପ୍ରତିଯୋଗିତାରେ ଆର୍‌ଏସ୍‌ପି କର୍ମଚାରୀଙ୍କ ସଫଳତା




**ରାଉରକେଲା, ୨୪।୬ (ସମିସ):** ରାଉରକେଲା ଇସ୍ପାତ କାରଖାନା (ଆର୍‌ଏସ୍‌ପି)ର କର୍ମଚାରୀମାନେ ପ୍ରତିଷ୍ଠିତ ଜଏଣ୍ଟ କମିଟି ଅନ୍ ସେଫ୍ଟି ହେଲ୍‌ଥ ଆଣ୍ଡ ଏନ୍‌ଭାଇରନ୍‌ମେଣ୍ଟ ଇନ୍ ଦ ଷ୍ଟିଲ୍ ଇଣ୍ଡଷ୍ଟ୍ରି (ଜେସିଏସ୍‌ଏସ୍‌ଆଇ) ଜାଗରଣ ପ୍ରତିଯୋଗିତା-୨୦୨୫ରେ ଅନେକ ପୁରସ୍କାର ଜିତି କାରଖାନା ପାଇଁ ଗୌରବ ଆଣିଛନ୍ତି।


ଜୁନ୍ ୨୩ରେ 'ସମାଗମ' କନ୍‌ଫରେନ୍ସ ହଲ୍‌ରେ ଆୟୋଜିତ ଏକ ଉତ୍ସବରେ ଭାରପ୍ରାପ୍ତ ମହାପ୍ରବନ୍ଧକ (ସର୍ଭିସେସ୍) ଅତୀଶ ଚନ୍ଦ୍ର ସରକାର ଉକ୍ତ ବିଜେତାମାନଙ୍କୁ ସମ୍ମାନିତ କରିଥିଲେ। ଏହି ଅବସରରେ ମୁଖ୍ୟ ମହାପ୍ରବନ୍ଧକ (ସେଫ୍ଟି ଆଣ୍ଡ ଫାୟାର ସର୍ଭିସେସ୍) ହୀରାଲାଲ ମହାପାତ୍ର, ପାଇପ୍ ପ୍ଲାଣ୍ଟର ବିଭାଗୀୟ ମୁଖ୍ୟ ମହମ୍ମଦ ଏମ୍. ୟୁ. ଲସ୍କର, ଆର୍‌ଆଣ୍ଡସି ଲାବରୋଟୋରିର ବିଭାଗୀୟ ମୁଖ୍ୟ ରମାଶଙ୍କର ଶର୍ମା, କୋକ୍ ଓଭନ୍ସର ମହାପ୍ରବନ୍ଧକ ଜିତେନ କୁମାର ମହାନ୍ତି ଏବଂ କାରଖାନାର ଅନ୍ୟାନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

ବ୍ୟକ୍ତିଗତ ବର୍ଗରେ ପୋଷ୍ଟର ଡିଜାଇନିଂ ପାଇଁ ପାଇପ୍ ପ୍ଲାଣ୍ଟର ଜୁନିୟର ଇଞ୍ଜିନିୟର ବାଦଲ କର ଏବଂ ଆର୍‌ଆଣ୍ଡସି ଲାବ୍‌ର ଜୁନିୟର ଇଞ୍ଜିନିୟର ମାନସ ରଞ୍ଜନ ବେହେରା ପ୍ରଥମ ପୁରସ୍କାର ହାସଲ କରିଛନ୍ତି। ସେହିପରି କୋକ୍ ଓଭନ୍ସର ଜୁନିୟର ଇଞ୍ଜିନିୟରିଂ ଆସିଷ୍ଟାଣ୍ଟ ଦୀପକ କୁମାର ଦେ କ୍ୟାଲେଣ୍ଡର ଡିଜାଇନ୍ ପ୍ରତିଯୋଗିତାରେ ପ୍ରଥମ ପୁରସ୍କାର ବିଜୟୀ ହୋଇଛନ୍ତି।

କାର୍ଯ୍ୟକ୍ରମ ଆରମ୍ଭରେ ମହାପ୍ରବନ୍ଧକ (ଏସଇଡି) ତଥା ବିଭାଗୀୟ ମୁଖ୍ୟ ଅବକାଶ ବେହେରା ଅତିଥିମାନଙ୍କୁ ସ୍ୱାଗତ ସହ ସମଗ୍ର ଇସ୍ପାତ ଶିଳ୍ପରେ ସୁରକ୍ଷା ସଚେତନତା ବୃଦ୍ଧି କରିବାରେ ଜେସିଏସଏସଆଇ ପ୍ରତିଯୋଗିତାର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ହୀରାଲାଲ ମହାପାତ୍ର ଆନୁଷ୍ଠାନିକ ଭାବେ ଧନ୍ୟବାଦ ଅର୍ପଣ କରିଥିଲେ।

ଉଲ୍ଲେଖଯୋଗ୍ୟ ଯେ, ତୃଣମୂଳ ସ୍ତରରେ ସଚେତନତା ସୃଷ୍ଟି କରିବା ଏବଂ ଭାରତୀୟ ଇସ୍ପାତ ଶିଳ୍ପରେ ସୁରକ୍ଷା, ସ୍ୱାସ୍ଥ୍ୟ ଓ ପରିବେଶ ପରିଚାଳନା ସଂସ୍କୃତିକୁ ସଦୃଢ଼ କରିବା ପାଇଁ ସେଲ୍‌ଫ ସେଫ୍ଟି ଅର୍ଗାନାଇଜେସନ ରାଞ୍ଚି ଦ୍ୱାରା ଜାତୀୟସ୍ତରରେ ପ୍ରତିବର୍ଷ ପ୍ରବନ୍ଧ ଲିଖନ, ପୋଷ୍ଟର ଡିଜାଇନ୍ ଏବଂ କ୍ୟାଲେଣ୍ଡର ଡିଜାଇନ୍ ଭଳି ବର୍ଗରେ ଜେସିଏସଏସଆଇ ସଚେତନତା ପ୍ରତିଯୋଗିତା ଆୟୋଜନ କରାଯାଇଥାଏ। ୧୯୭୩ ମସିହାରେ ପ୍ରତିଷ୍ଠିତ ଜେସିଏସଏସଆଇ ହେଉଛି ଏକ ଅନନ୍ୟ ଜାତୀୟ ଦ୍ୱିପାକ୍ଷିକ ମଞ୍ଚ, ଯେଉଁଥିରେ ସେଲ୍‌ଫ, ଟାଟା ଷ୍ଟିଲ୍, ଜେଏସଡବ୍ଲ୍ୟୁ ଷ୍ଟିଲ୍ ଏବଂ ଏଏମ/ଏନଏସ ଇଣ୍ଡିଆ ସମେତ ୨୨ଟି ସଦସ୍ୟ ସଂଗଠନ ସାମିଲ ଅଛନ୍ତି ଏବଂ ଏହା ଇସ୍ପାତ ଶିଳ୍ପ କ୍ଷେତ୍ରରେ ସୁରକ୍ଷା, ସ୍ୱାସ୍ଥ୍ୟ ଓ ପରିବେଶର ମାନକୁ ଆଗକୁ ବଢ଼ାଇବା ପାଇଁ ମିଳିତ ଭାବେ କାର୍ଯ୍ୟ କରେ।

## ମୌସୁମୀ ପୂର୍ବରୁ ଆର୍‌ଏସ୍‌ପିର ନର୍ଥ ଚାନେଲ ସଫେଇ ଶେଷ



**ରାଉରକେଲା, ୨୪।୬(ସମିସ):** ଆସୁଥିବା ବର୍ଷା ଋତୁରେ ଶିଳ୍ପ କାର୍ଯ୍ୟକଳାପକୁ ସୁରକ୍ଷିତ ରଖି ଅବିରତ ଉତ୍ପାଦନ ସୁନିଶ୍ଚିତ କରିବା ଲାଗି ସେଲ୍‌ଫ ରାଉରକେଲା ଇସ୍ପାତ କାରଖାନାର ସିଭିଲ ଇଞ୍ଜିନିୟରିଂ (ସେବା) ବିଭାଗ ସର୍ତ୍ତା ଚୌକ ଏବଂ ସଂସ୍କାର ଗେଟ ମଧ୍ୟବର୍ତ୍ତୀ ଗୁରୁତ୍ୱପୂର୍ଣ୍ଣ ନର୍ଥ ଚାନେଲ ବ୍ଲକର ଏକ ବ୍ୟାପକ ପଙ୍କ ଅପସାରଣ ଏବଂ ସଫେଇ ଅଭିଯାନ ସଫଳତାର ସହ ସମ୍ପନ୍ନ କରିଛି।

ସୂକ୍ଷ୍ମ ହସ୍ତଚାଳିତ ସଫେଇ ସହିତ, ଆର୍‌ଏସ୍‌ପି ଦୁଇଟି ଭାରୀ-ଶକ୍ତିର ବୁଲଡୋଜର ଏଥିରେ ନିୟୋଜିତ କରିଥିଲା। ଯାହା ହଜାର ହଜାର ଟନ୍ ପଙ୍କ ନିଷ୍କାସନ କରି ଚାନେଲକୁ ତାହାର ମୌଳିକ ଗଭୀରତା ଓ ଧାରଣ ଶକ୍ତିକୁ ପୁନଃସ୍ଥାପନ କରିଛି। ଏହି ସାଂଗଠନିକ ଅବରୋଧଗୁଡ଼ିକୁ ଦୂର କରି, ଏହି ଅଭିଯାନ ପ୍ରବଳ ବର୍ଷା ସମୟରେ ମୁଖ୍ୟ କାର୍ଯ୍ୟକାରୀ ଅଞ୍ଚଳରେ ଆକସ୍ମିକ ବନ୍ୟା ଓ ଜଳଜମା ସମ୍ଭାବନାକୁ ସମ୍ପୂର୍ଣ୍ଣ ଭାବେ ଦୂର କରିଦେଇଛି, ଯାହାଦ୍ୱାରା ବର୍ଷା ଜଳ ଗୁରୁତ୍ୱପୂର୍ଣ୍ଣ ବିଦ୍ୟୁତ ସବ୍‌ଷ୍ଟେସନ ଏବଂ କାରଖାନା ଶେଡ଼ଗୁଡ଼ିକୁ ପ୍ରବେଶ କରିବାରୁ ରୋକି ଏକ ସ୍ଥିର, ବାଧାହୀନ ଇସ୍ପାତ ଉତ୍ପାଦନ ପ୍ରକ୍ରିୟାକୁ ସୁନିଶ୍ଚିତ କରିବ।

ନିଷ୍କାସନ ଭିତ୍ତିଭୂମିକୁ ମଜଭୁତ କରିବା ଲକ୍ଷ୍ୟ ରେ, ରାଉରକେଲା ସହର ଭିତରୁ ବର୍ଷା ଜଳ ନର୍ଥ ଚାନେଲକୁ ନେଇଯାଉଥିବା ମୁଖ୍ୟ ସଂଯୋଗକାରୀ ନାଳ ଗୁଡ଼ିକୁ ମଧ୍ୟ ସମ୍ପୂର୍ଣ୍ଣ ଭାବେ ସଫା କରାଯାଇଥିଲା। ରିଂ ରୋଡ଼ ସହ ସଂଯୁକ୍ତ ପାଞ୍ଚଟି ମୁଖ୍ୟ ନାଳ କୁ ସଫା କରାଯାଇଥିଲା, ଯେଉଁଥିରେ ବିସ୍ରା ଚୌକରେ ଥିବା ଦୁଇଟି ନାଳ, ନାଳା ରୋଡ଼ ନିକଟରେ ଥିବା ଦୁଇଟି ନାଳ, ଏବଂ ମ୍ୟୁନିସିପାଲ କଲେଜ ପଛରେ ଥିବା ଗୋଟିଏ ନାଳ ସାମିଲ।

ଏହା ଉଲ୍ଲେଖନୀୟ ଯେ, ନର୍ଥ ଚାନେଲ ସମଗ୍ର କାରଖାନା ପରିସରର ବର୍ଷା ଜଳ ପରିଚାଳନା ଲାଗି ଏକ ମୁଖ୍ୟ ନିର୍ଗମନ ଧମନୀ ତଥା ନିଷ୍କାସନ ନେଟୱାର୍କର ଏକ ଗୁରୁତ୍ୱପୂର୍ଣ୍ଣ ଅଂଶ ଅଟେ।

### ଏସ୍‌ଆଇଆର୍ ସମ୍ପର୍କରେ ରାଜନୈତିକ ଦଳଗୁଡ଼ିକ ସହିତ ବୈଠକ

# ୯୪% ପରିଗଣନା ଫର୍ମର ଡିଜିଟାଇଜେସନ ସରିଛି

**ରାଉରକେଲା, ୨୪।୬(ସମିସ)**



ଜିଲ୍ଲାରେ ସ୍ୱତନ୍ତ୍ର ସଘନ ସଂଶୋଧନ (ଏସ୍‌ଆଇଆର) ଅନ୍ତର୍ଗତ ପରିଗଣନା ଫର୍ମ ବଣ୍ଟନ ପ୍ରକ୍ରିୟା ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ଇତିମଧ୍ୟରେ ଜିଲ୍ଲାର ସମସ୍ତ ୭ ଗୋଟି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ପରିଗଣନା ଫର୍ମର ଡିଜିଟାଇଜେସନ୍ ପ୍ରକ୍ରିୟା ମଧ୍ୟ ସଫଳତାର ସହ ସମ୍ପୂର୍ଣ୍ଣ ହେଇଛି। ଏହି ପରିପ୍ରେକ୍ଷୀରେ ସୁନ୍ଦରଗଡ଼ର ସଦ୍‌ଭାବନା ଭବନଠାରେ ଅତିରିକ୍ତ ଜିଲ୍ଲା ନିର୍ବାଚନ ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ସୂରଜ ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ସମସ୍ତ ରାଜନୈତିକ ଦଳ ସହିତ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ରାଜଗାଙ୍ଗପୁର ନିର୍ବାଚନ ମଣ୍ଡଳୀର ନିର୍ବାଚନ ପଞ୍ଜୀକରଣ ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଅଭିମନ୍ୟୁ ମାଝୀ, ତଳସରା ନିର୍ବାଚନ ମଣ୍ଡଳୀର ନିର୍ବାଚନ ପଞ୍ଜୀକରଣ ଅଧିକାରୀ ତଥା ସଦର ଉପଜିଲ୍ଲାପାଳ ତେଜସ୍ୱିନୀ ବେହେରା ଏବଂ ରାଜ୍ୟର ସମସ୍ତ ସ୍ୱୀକୃତିପ୍ରାପ୍ତ ରାଜନୈତିକ ଦଳର ପ୍ରତିନିଧିମାନେ ଯୋଗ ଦେଇଥିଲେ।

ସୂଚନାଯୋଗ୍ୟ ଯେ, ଜିଲ୍ଲାରେ ମୋଟ ୧୪, ୬୪, ୫୪୭ ଜଣ ଭୋଟର ରହିଛନ୍ତି। ସେହିଭଳି ୧୩, ୭୬, ୯୧୨ ଗୋଟି ଅର୍ଥାତ୍ ୯୪ ପ୍ରତିଶତ ପରିଗଣନା ଫର୍ମର ଡିଜିଟାଇଜେସନ ହୋଇଅଛି ଏବଂ ଅବଶିଷ୍ଟ ୬ ପ୍ରତିଶତକୁ ଅନୁପସ୍ଥିତ, ସ୍ଥାନାନ୍ତର, ମୃତ ତାଲିକାରେ ଅନ୍ତର୍ଭୁକ୍ତ କରାଯାଇଛି। ବୈଠକରେ ଉପସ୍ଥିତ ସମସ୍ତ ରାଜନୈତିକ ଦଳର ପ୍ରତିନିଧିମାନଙ୍କୁ ଭୋଟର ତାଲିକା ଏବଂ ଏଏସ୍‌ଡି ତାଲିକାର ତଥ୍ୟ ପ୍ରଦାନ କରାଯାଇଛି। ସେହିଭଳି ବିଏଲ୍‌ଓ ଏବଂ ବୁଥ ସ୍ତରୀୟ ଏଜେଣ୍ଟମାନଙ୍କ ମଧ୍ୟରେ ସମନ୍ୱୟ ବୈଠକ କରିବାକୁ ଆଲୋଚନା କରାଯାଇଛି। ସମସ୍ତ ବିଏଲଓମାନେ ସେମାନଙ୍କ ସମ୍ପୃକ୍ତ ବୁଥସ୍ତରୀୟ ଏଜେଣ୍ଟମାନଙ୍କ ସହ ବୈଠକ କରି ଏହି ଏଏସ୍‌ଡି ତାଲିକା ଉପରେ ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ।

ସେହିଭଳି ଯଦି ଅବଶିଷ୍ଟ ୬ ପ୍ରତିଶତ ଏଏସଡି ତାଲିକା ମଧ୍ୟରେ କୌଣସି ଯୋଗ୍ୟ ଭୋଟର ଥାଆନ୍ତି, ତେବେ ତାଙ୍କୁ ତୁରନ୍ତ ଚିହ୍ନଟ କରି ଭୋଟର ତାଲିକାରେ ସାମିଲ କରିବାରେ ସହଯୋଗ କରିବାକୁ ସମସ୍ତ ରାଜନୈତିକ ଦଳ ମାନଙ୍କୁ ପ୍ରସାଶନ ପକ୍ଷରୁ ଅନୁରୋଧ କରାଯାଇଛି। ଏଥିରେ ସମସ୍ତ ରାଜନୈତିକ ଦଳମାନେ ମଧ୍ୟ ସମ୍ପୂର୍ଣ୍ଣ ସହଯୋଗ ପ୍ରଦାନ କରିବେ ବୋଲି କହିଥିଲେ ଏବଂ ଏଥି ନିମନ୍ତେ ବୁଥସ୍ତରୀୟ ଅଧିକାରୀମାନେ ସମସ୍ତ ପ୍ରକାର ସହଯୋଗ ଯୋଗାଇ ଦେବେ ବୋଲି କହିଥିଲେ।

**୬ ପ୍ରତିଶତ ଅନୁପସ୍ଥିତ, ସ୍ଥାନାନ୍ତର, ମୃତ ତାଲିକାରେ ଅନ୍ତର୍ଭୁକ୍ତ**

ଏହି ଅବସରରେ ଭୋଟର ତାଲିକାକୁ ସମ୍ପୂର୍ଣ୍ଣ ସ୍ୱଚ୍ଛ ଓ ତ୍ରୁଟିଶୂନ୍ୟ କରିବା ପାଇଁ ପ୍ରଶାସନ ପକ୍ଷରୁ ସମସ୍ତଙ୍କ ସହଯୋଗ କାମନା କରାଯାଇଛି। ବୈଠକରେ ବିଭିନ୍ନ ରାଜନୈତିକ ଦଳର ପ୍ରତିନିଧି ଭେଷଜ ରଥ, ଜୟ ନାରାୟଣ ତ୍ରିପାଠୀ, ଅଜିତ ପ୍ରସାଦ, ଅମୀୟ କୁମାର ପ୍ରଧାନ, କୁସୁମ ଟେଟେ ପ୍ରମୁଖ ଉପସ୍ଥିତ ଥିଲେ।

ସକାଳ
THE SAKALA



# ସମ୍ପାଦକୀୟ



ଦେଶବାସୀ ଦୁର୍ନୀତି ବିରୋଧୀ ସଂଗ୍ରାମରେ ହତୋତ୍ସାହିତ ହେବା ଅନୁଚିତ।
- ଆନ୍ନା ହଜାରେ

## ଅସ୍ମିତା-ଷଡ଼୍‌ଯନ୍ତ୍ର

ଓଡ଼ିଆ ଅସ୍ମିତାର ନାରା ଦେଇ ଓଡ଼ିଶାରେ ଶାସନ କ୍ଷମତାକୁ ଆସିଥିବା ଡବଲ୍ ଇଞ୍ଜିନ ସରକାରକୁ ଦୁଇବର୍ଷ ପୂରିଛି। ବର୍ଷପୂର୍ତ୍ତି ଉତ୍ସବରେ ସରକାର ନିଜ ପିଠି ନିଜେ ଥାପୁଡ଼ାଇବାରେ ଅବହେଳା କରିନାହାନ୍ତି। କିନ୍ତୁ ଇତିମଧ୍ୟରେ ଓଡ଼ିଶାର ବାସ୍ତବଚିତ୍ର ହାଟରେ ପଡ଼ି ଦାଣ୍ଡରେ ଗଡ଼ୁଛି ଏବଂ ଓଡ଼ିଆ ଅସ୍ମିତା କେତେ ଉପରକୁ ଉଠିଛି କି ଭୂଲୁଣ୍ଠିତ ହୋଇଛି ତାହାର ରିପୋର୍ଟ କାର୍ଡ ଜନସାଧାରଣଙ୍କ ଆଗରେ ଝଲସୁଛି। ଓଡ଼ିଆ ଅସ୍ମିତାର ପ୍ରାଣକେନ୍ଦ୍ର ଶ୍ରୀଜଗନ୍ନାଥଙ୍କ ରଥଯାତ୍ରାକୁ ୟୁନେସ୍କୋର ଅସ୍ପର୍ଶମାନ ସାଂସ୍କୃତିକ ଐତିହ୍ୟ ମାନ୍ୟତା ଉଦ୍ୟମ କେନ୍ଦ୍ର ସଂଗୀତ ନାଟକ ଏକାଡେମିର ଇନଭେଣ୍ଟରି ଅର୍ଗଳି ଡେଇଁଲାଣି କି ନାହିଁ ତାହା ଅଜଣା। ଓଡ଼ିଶୀ ସଂଗୀତକୁ ଶାସ୍ତ୍ରୀୟ ମାନ୍ୟତା ପ୍ରସଙ୍ଗ ଡବଲ୍ ଇଞ୍ଜିନ ସ୍ୱରକାରର ଓଡ଼ିଆ ଅସ୍ମିତା ତାଲିକାରେ ବୋଧହୁଏ ନାହିଁ। ନୂଆ ବିଷୟକୁ ମାନ୍ୟତା ବା ତାଲିକାଭୁକ୍ତ କରିବା ଦୂରେ ଥାଉ ତାଲିକାଭୁକ୍ତ ବିଷୟକୁ ବାଦ୍ ଦେବାରେ କିନ୍ତୁ ଡବଲ୍ ଇଞ୍ଜିନ ସରକାରଙ୍କ ତୁଳନା ନାହିଁ। ଡବଲ୍ ଇଞ୍ଜିନ୍ ସରକାର ଆସୁଆସୁ ରାଜନୈତିକ ଅସୂୟାଗ୍ରସ୍ତ ହୋଇପଡ଼ି ପ୍ରଥମ ଦଫାରେ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନାରୁ ପ୍ରବାଦ ପୁରୁଷ ବିଶ୍ୱବନ୍ଦ୍ୟ ବିଜୁ ବାବୁଙ୍କ ନାମକୁ ବାଦ୍ ଦେବାର ଉଦ୍ୟମ ଆରମ୍ଭ କରିଥିଲେ। ଏବେ ସେ ସବୁକୁ ବଳିଯାଇଛି ସରକାରୀ ପାଠ୍ୟପୁସ୍ତକରେ ଓଡ଼ିଶାର ସାହିତ୍ୟିକ, ସଂଗୀତଜ୍ଞଙ୍କୁ ବାଦ୍ ଦେବାର ଅକ୍ଷମଣୀୟ ତ୍ରୁଟି।

ଏବେ ଯେଉଁ ତ୍ରୁଟି(ବରଂ ଉଦ୍ଦେଶ୍ୟମୂଳକ ଷଡ଼ଯନ୍ତ୍ର କହିଲେ ଠିକ୍ ହେବ) ଟି ସାମ୍ନାକୁ ଆସିଛି ତାହା ଓଡ଼ିଆ ଜାତି, ଓଡ଼ିଆ ଭାଷା ସାହିତ୍ୟ ଓ ଓଡ଼ିଶା ସ୍ୱାଭିମାନ ପ୍ରତି କୁଠାରଘାତ ଭଳି। ଅଷ୍ଟମ ଶ୍ରେଣୀ ପାଇଁ ଉଦ୍ଦିଷ୍ଟ 'କୃତି' ପୁସ୍ତକର ପୃଷ୍ଠା ୯୨ରେ 'ଦେଶଭକ୍ତି ସଂଗୀତ' ଶୀର୍ଷକ ବିଷୟବସ୍ତୁରେ ୫ଟି ଦେଶାତ୍ମବୋଧକ ସଂଗୀତ ସ୍ଥାନ ପାଇଛି। ସେଥିମଧ୍ୟରୁ ଗୋଟିଏ ବଙ୍ଗୀୟ କବି ବଙ୍କିମଚନ୍ଦ୍ର ଚଟ୍ଟୋପାଧ୍ୟାୟଙ୍କ ରଚିତ 'ମନସା ସତତଂ ସ୍ମରଣୀୟମ୍' ଥିବା ବେଳେ ଅନ୍ୟ ଚାରୋଟି ଓଡ଼ିଆ କବିତା ରହିଛି। କିନ୍ତୁ ବିଡ଼ମ୍ବନା ହେଲା କେବଳ ବଙ୍କିମଚନ୍ଦ୍ରଙ୍କ ବ୍ୟତୀତ ଅନ୍ୟ ଚାରୋଟି କବିତାର କବି କିଏ ତାହା ଉଲ୍ଲେଖ ନାହିଁ। ପ୍ରାତଃସ୍ମରଣୀୟ ଗୋଦାବରୀଶ ମିଶ୍ରଙ୍କ ରଚିତ କବିତାରେ ଏତେ ବନାନ ଅଶୁଦ୍ଧି ରହିଛି ଯେ ତାହା ଓଡ଼ିଶାର ବରପୁତ୍ରଙ୍କ ପ୍ରତି ଅପମାନ ଭଳି। ସେହିପରି ପୃଷ୍ଠା ୯୪ରେ 'ପ୍ରେରଣା ଓ କଳ୍ପନା' ଶୀର୍ଷକ ବିଷୟରେ ସଙ୍ଗୀତକାର ଭାବରେ କେବଳ ରବୀନ୍ଦ୍ର ଜୈନଙ୍କ ବିଷୟରେ ଗୋଟିଏ ଅନୁଚ୍ଛେଦ ରହିଛି। ଓଡ଼ିଆ ସଙ୍ଗୀତକାରଙ୍କ ବିଷୟରେ ଜାଣିବା ଓଡ଼ିଆ ଛାତ୍ରଛାତ୍ରୀଙ୍କ ଅଧିକାର ବହିର୍ଭୂତ ନା ତାହା ସ୍ଥାନିତ କରିବା ଅପରାଧ ବୋଲି ପୁସ୍ତକ ପ୍ରଣେତାମାନେ ବିଚାର କଲେ? ଏହା ଉଦ୍ଦେଶ୍ୟମୂଳକ ମାନବୀକୃତ ଷଡ଼ଯନ୍ତ୍ର କି ନୁହେଁ ସୁଧୀ ପାଠକବୃନ୍ଦ ବିଚାର କରିବେ।

ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ବିଭିନ୍ନ ବିଷୟର ପାଠ୍ୟପୁସ୍ତକରେ ପ୍ରତିଦିନ ନୂଆ ନୂଆ ତ୍ରୁଟି ସାର୍ବଜନିନ ହେଉଛି। ଏଭଳି ରାଶିରାଶି ତ୍ରୁଟିସମ୍ବଳିତ ପାଠ୍ୟପୁସ୍ତକରୁ ଓଡ଼ିଆ ପିଲାମାନେ କେତେ ଜ୍ଞାନ ଅର୍ଜନ କରିବେ, ଜାତୀୟସ୍ତରରେ କେତେ ପ୍ରତିଯୋଗୀକ୍ଷମ ହୋଇପାରିବେ ତାହା ଏକ ଗୁରୁତର ପ୍ରସଙ୍ଗ। କିନ୍ତୁ ସବୁଠାରୁ ଉଦ୍‌ବେଗଜନକ ଓ ସ୍ପର୍ଶକାତର ପ୍ରସଙ୍ଗଟି ହେଉଛି ପାଠ୍ୟପୁସ୍ତକ ମାଧ୍ୟମରେ ଓଡ଼ିଆ ଭାଷା ସଂସ୍କୃତିର ଭିତ୍ତିକୁ ଦୋହଲାଇ ଦେବାର ଷଡ଼ଯନ୍ତ୍ର ଆରମ୍ଭ ହୋଇଛି ଏହି ଅପ୍ରିୟ ସତ୍ୟକୁ ସ୍ୱୀକାର କରିବାକୁ ପଡ଼ିବ। ପାଠ୍ୟପୁସ୍ତକରେ ଓଡ଼ିଆ ଇତିହାସ ଓ ସଂସ୍କୃତିକୁ ବିକୃତ କରିବା କିମ୍ବା ଗୌଣ କରିବାର ଷଡ଼ଯନ୍ତ୍ର ଆଜିର ନୁହେଁ। ଏହାପୂର୍ବରୁ କେନ୍ଦ୍ର ସରକାରଙ୍କ ଅଧୀନ ଏନ୍‌ସିଇଆରଟି ଅଷ୍ଟମ ଶ୍ରେଣୀ ସାମାଜିକ ବିଜ୍ଞାନ ପୁସ୍ତକର ପ୍ରଥମ ଭାଗରୁ ଓଡ଼ିଶାର ପାଇକ ବିଦ୍ରୋହ ବିଷୟକୁ ବାଦ୍ ଦିଆଯାଇଛି, ଅଥଚ ପଶ୍ଚିମବଙ୍ଗର ସନ୍ନ୍ୟାସୀ ବିଦ୍ରୋହ, ବିହାରର କୋଲ୍ ବିଦ୍ରୋହ ଆଦି ସ୍ଥାନିତ ହୋଇଛି। ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସମେତ ପ୍ରାୟ ସବୁ ମହଲରୁ ଏହାକୁ ନେଇ ଅସନ୍ତୋଷ ପ୍ରକାଶ ପାଇବା ଏବଂ ପ୍ରତିବାଦର ସ୍ୱର ତୀବ୍ର ହେବା ପରେ ତାହା ଦ୍ୱିତୀୟ ଭାଗରେ ସ୍ଥାନ ପାଇଛି, ଯେଉଁଠାରେ ଦେଶର ବିଭିନ୍ନ ଆଞ୍ଚଳିକ ବିଦ୍ରୋହ ବିଷୟ ସ୍ଥାନିତ ହୋଇଛି। ଅର୍ଥାତ୍ ଯେଉଁ ପାଇକ ବିଦ୍ରୋହ ଦେଶର ପ୍ରଥମ ସଶସ୍ତ୍ର ସଂଗ୍ରାମର ଜାତୀୟ ମାନ୍ୟତା ପାଇବା କଥା ତାହାକୁ 'ଆଞ୍ଚଳିକ' ବର୍ଗରେ ସୀମିତ କରି ଜାତୀୟ ମାନ୍ୟତା ପ୍ରସଙ୍ଗକୁ ସମାଧି ଦିଆଯାଇଛି।

ଓଡ଼ିଆ ଅସ୍ମିତା ପ୍ରତି କୁଠାରଘାତ ଏବଂ ଓଡ଼ିଆ ପ୍ରାଣକୁ କ୍ଷତାକ୍ତ କରିବାର ଆଉ ଦୁଇ/ତିନିଟି ଉଦାହରଣ ନିଆଯାଉ। ୧୮୯୯ ମସିହାରେ ମା'ରମାଦେବୀ, ସହିଦ ଲକ୍ଷ୍ମଣ ନାୟକଙ୍କ ଭଳି ସ୍ୱାଧୀନତା ସଂଗ୍ରାମୀମାନଙ୍କ ଜନ୍ମ। ଗତବର୍ଷ ରାଜ୍ୟ ଓ କେନ୍ଦ୍ର ସରକାର ଇନ୍ଦୋରର ପୂର୍ବତନ ମହାରାଣୀ ଅହଲ୍ୟାବାଇ ହୋଲ୍‌କରଙ୍କର ୩୦୦ତମ ଜନ୍ମବାର୍ଷିକୀ ପାଳନ କଲେ। ଅଥଚ ଓଡ଼ିଶାରେ ମହିଳା ସଶକ୍ତୀକରଣର ବାର୍ତ୍ତାବହ, ସ୍ୱାଧୀନତା ସଂଗ୍ରାମୀ, ସର୍ବୋଦୟ ନେତ୍ରୀ ମା'ରମାଦେବୀ ଏବଂ ଦେଶମାତୃତା ପାଇଁ ହସିହସି ଫାଶୀଖୁଣ୍ଟରେ ଝୁଲିଥିବା ଆଦିବାସୀ ନେତା ଲକ୍ଷ୍ମଣ ନାୟକଙ୍କ ୧୨୫ତମ ଜନ୍ମବାର୍ଷିକୀ ଉତ୍ସବ ପାଳନ ହେଲା ନାହିଁ। ସେହିପରି ନିକଟରେ ବଙ୍ଗୀୟ ନେତା ଡ. ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ତିରୋଧାନ ଦିବସକୁ ବଳିଦାନ ଦିବସ ରୂପେ ଓଡ଼ିଶା ସରକାର ପାଳନ କଲେ। ଏଥିରେ ଆପତ୍ତି ନାହିଁ। କିନ୍ତୁ ପ୍ରଶ୍ନ ଉଠୁଛି ବ୍ରିଟିଶରଙ୍କ ବିରୋଧରେ ବିପ୍ଳବର ମୂଳଦୁଆ ପକାଇଥିବା ଦେଶର ପ୍ରଥମ ସହିଦ ଓଡ଼ିଶାର ଜୟୀ ରାଜଗୁରୁଙ୍କ ସହିଦ ଦିବସ ପଶ୍ଚିମବଙ୍ଗବାସୀ ପାଳନ କରିବେ ତ? ଜୟୀ ରାଜଗୁରୁଙ୍କୁ ଯେଉଁ ବରଗଛରେ ଦୁଇଗୋଡ଼ ବାନ୍ଧି ଅମାନୁଷିକ ଭାବେ ହତ୍ୟା କରାଯାଇଥିଲା ତାହା ଆଜି ପର୍ଯ୍ୟନ୍ତ ସେହି ରାଜ୍ୟର ମେଦିନୀପୁରର ବାଘତୋଟାରେ ଅଛି। ଅହଲ୍ୟାବାଇଙ୍କ ଜନ୍ମଜୟନ୍ତୀ ପାଳନ ବେଳେ ଓଡ଼ିଶାର ବୀରାରମଣୀ ରାଣୀ ଶୁକଦେଇଙ୍କ ଜନ୍ମ ଓ ପୁଣ୍ୟତିଥି ଜାତୀୟସ୍ତରରେ ପାଳନ ହେବ କି? ବିର୍ସାମୁଣ୍ଡାଙ୍କ ଭଳି ବୀର ସୁରେନ୍ଦ୍ର ସାଏ ଓ ଲକ୍ଷ୍ମଣ ନାୟକ କେବେ ଜାତୀୟ ଗୌରବ ଲାଭ କରିବେ?

ଓଡ଼ିଆ ଅସ୍ମିତା ହନନର ତାଲିକା ପ୍ରସ୍ତୁତ କଲେ ଏବଂ ତ୍ରୁଟି ଖୋଜିଲେ କମଳର ଲୋମ ଗଣନା କରିବା ଭଳି ହେବ। ଏହାକୁ ତ୍ରୁଟି ବଦଳରେ ବରଂ ଓଡ଼ିଆ ସଂସ୍କୃତି ବିରୋଧରେ ଜଗନ୍ୟ ଷଡ଼ଯନ୍ତ୍ର କହିଲେ ଠିକ୍ ହେବ। ଓଡ଼ିଆପ୍ରାଣ ନାଗରିକ, ଶିକ୍ଷାବିତ୍ ଓ ବୁଦ୍ଧିଜୀବୀଙ୍କ ମତରେ 'ଜଣେ ବଙ୍ଗାଳୀ କହିଥିଲେ 'ଓଡ଼ିଆ ଏକ ସ୍ୱତନ୍ତ୍ର ଭାଷା ନୁହେଁ।' ଏବେ ବୋଧହୁଏ ସେହି ଉକ୍ତିକୁ ଚରିତାର୍ଥ କରିବା ସହିତ ଆଉ ଦୁଇପାଦ ଆଗକୁ ଯାଇ 'ଓଡ଼ିଆ ଏକ ସ୍ୱତନ୍ତ୍ର ସଂସ୍କୃତି ସ୍ୱତନ୍ତ୍ର ନୁହେଁ' ବୋଲି ପ୍ରମାଣ କରିବାର ଷଡ଼ଯନ୍ତ୍ର ଆରମ୍ଭ ହୋଇଯାଇଛି।' ଓଡ଼ିଆ ପ୍ରାଣର ଏହି ଅବ୍ୟକ୍ତ ବେଦନା ରାଜ୍ୟ ସରକାର ଶୀଘ୍ର ଅନୁଭବ କଲେ ଓଡ଼ିଆ ଅସ୍ମିତା ଆହୁରି ଅପମାନିତ ହେବାରୁ ରକ୍ଷା ପାଇବ। ●

## ସାବଧାନ! ଦୁଃଶାସନ ବଢ଼ୁଛି

ଡକ୍ଟର ଅବଶ ପରିଡ଼ା

ରାୟଗଡ଼ାରେ ଜନୈକା ମହିଳା ଏନଜିଓ କର୍ମୀଙ୍କୁ ବିବସ୍ତ୍ର କରିବାର ଗଣଉଦ୍ୟମ ଭିଡ଼ହିଂସାର ଅନ୍ୟ ଏକ ଭୟଙ୍କର ରୂପ। ଏଥିରେ ଭିଡ଼ ମନସ୍ତତ୍ତ୍ୱ, ଗୁଜବ, ଭୁଲ ତଥ୍ୟ, ନୈତିକତା, ଚେତନା ଓ ପାଗଳାମି ଭଳି ଅନେକ ସାମାଜିକ ଓ ବ୍ୟକ୍ତିଗତ ଉପାଦାନଗୁଡ଼ିକ ଅଛି। କିନ୍ତୁ ଏହି ଲଜ୍ଜାକର ଘଟଣାରେ ଦୁଇଟି ବିଚଳିତକାରୀ ବାସ୍ତବତା ମଧ୍ୟ ଅଛି, ଯାହା ଆମ ସଭ୍ୟସମାଜର ମୂଳଦୁଆକୁ ଦୋହଲାଇ ଦେଇଛି। ପ୍ରଥମଟି ହେଉଛି ଭିଡ଼ହିଂସା ବ୍ୟତୀତ ଏହା ଏକ ସାର୍ବଜନୀନ ସ୍ଥାନରେ ଯୌନ ହିଂସାର କାର୍ଯ୍ୟ। ଯେତେବେଳେ ଜଣେ ମହିଳାଙ୍କୁ ଜନଗହଳିପୂର୍ଣ୍ଣ ସ୍ଥାନରେ ବିବସ୍ତ୍ର, ଅପମାନିତ ଓ ଆକ୍ରମଣ କରାଯାଏ, ସେତେବେଳେ ହିଂସା କେବଳ ଶରୀର ବିରୁଦ୍ଧରେ ନୁହେଁ, ବରଂ ମହିଳାଙ୍କ ମର୍ଯ୍ୟାଦା, ପରିଚୟ ଓ ମୌଳିକ ମାନବାଧିକାର ବିରୁଦ୍ଧରେ ମଧ୍ୟ ହୋଇଥାଏ। ଦ୍ୱିତୀୟଟି ଆହୁରି ଚିନ୍ତାଜନକ। ପୁଲିସର କହିବା ଅନୁଯାୟୀ ଏହି ଘଟଣାରେ ଅନେକ ନାବାଳକଙ୍କ ସମ୍ପୃକ୍ତି ଅଛି। ଏତେ ଛୋଟ ପିଲାମାନେ ଘୃଣା, ନିଷ୍ଠୁରତା କିମ୍ବା ସାର୍ବଜନୀନ ସ୍ଥାନରେ ଅନ୍ୟମାନଙ୍କୁ ଅପମାନିତ କରିବା କଥା ଶିଖିଲେ କେମିତି? ପରିବାର, ଶିକ୍ଷା, ସାମାଜିକ ଗଣମାଧ୍ୟମ ଓ ବୃହତ ସାମାଜିକ ପରିବେଶରୁ ସେମାନେ କ'ଣ ଏସବୁ ଶିଖୁଛନ୍ତି? ଏଠି ଜାଣି ରଖିବାକୁ ହେବ ଯେ ଯେଉଁଠି ନାବାଳକମାନେ ସାମୂହିକ ହିଂସାର ଅଂଶ ହୋଇଛନ୍ତି, ସେଠାରେ ଦୁଇଟି ବିଫଳତା ଆସେ। ପ୍ରଥମଟି ହେଉଛି ଆଇନ ଶୃଙ୍ଖଳା ନିୟନ୍ତ୍ରଣହୀନ ହୁଏ। ଦ୍ୱିତୀୟ ବିଫଳତା ହେଉଛି ନୈତିକ ଅଧୋପତନ ସହ ସାମାଜିକ ସଙ୍କଟ ମାଡ଼ି ଆସେ।

କିଛିଦିନ ତଳେ ପ୍ରକାଶିତ ଜାତୀୟ ଅପରାଧ ରେକର୍ଡ ବ୍ୟୁରୋର ଏକ ତଥ୍ୟ ଅନୁଯାୟୀ ଓଡ଼ିଶାର ସାର୍ବଜନୀନ ସ୍ଥାନ ଏବଂ ରାସ୍ତାରେ ହୋଇଥିବା ଯୌନ ନିର୍ଯାତନା ମାମଲା ସଂଖ୍ୟା ଭାରତରେ ସର୍ବାଧିକ। ଆହୁରି ଚିନ୍ତାଜନକ କଥା ହେଉଛି ଯେ ମହିଳାମାନଙ୍କ ପୋଷାକ ଟାଣିବା, ଚିରିବା, ବିବସ୍ତ୍ର କରିବାରେ ଆମ ରାଜ୍ୟ ଦେଶର ଶୀର୍ଷରେ ରହିଛି। ସେହିପରି ମହିଳାଙ୍କ ମର୍ଯ୍ୟାଦାକୁ ଆଘାତ ଦେବା ମାମଲାରେ ମଧ୍ୟ ଓଡ଼ିଶା ସର୍ବଭାରତୀୟ ସ୍ତରରେ ଦ୍ୱିତୀୟ ସ୍ଥାନରେ ଅଛି। ଏହି ସବୁ ତଥ୍ୟ ଦେଖିଲା ପରେ ସାର୍ବଜନୀନ ସ୍ଥାନରେ ଯୌନ ହିଂସା ଘଟଣାଗୁଡ଼ିକୁ କିଛି ବ୍ୟକ୍ତିଙ୍କ ଦ୍ୱାରା ବା ନିର୍ଦ୍ଦିଷ୍ଟ ଶ୍ରେଣୀ ଦ୍ୱାରା କରାଯାଇଥିବା ପୃଥକ ଅପରାଧ ଭାବରେ ବିବେଚନା କରିବା ଉଚିତ୍ ନୁହେଁ। ଏଗୁଡ଼ିକ ଶ୍ରେଣୀ, ଜାତି ଓ ଶିକ୍ଷାଗତ ଯୋଗ୍ୟତାରେ ଆଉ ସୀମିତ ନାହିଁ। ବରଂ ସମାଜ ମଧ୍ୟରେ ଥିବା ଗଭୀର ସାମାଜିକ ଓ ମାନସିକ ସମସ୍ୟାର ଲକ୍ଷଣ ହୋଇସାରିଛି। ସମ୍ଭବତଃ, ଦୁଃଶାସନର ମାନସିକତା ଓ କୁରୁସଭାର ନିରବତା ଏବେ ବି ଆମ ଚାରିପାଖରେ ବଞ୍ଚିରହିଛି।

ସାର୍ବଜନୀନ ଯୌନ ହିଂସା ଅଧିକାଂଶ କ୍ଷେତ୍ରରେ ଯୌନ ଇଚ୍ଛା ବିଷୟରେ ହୋଇ ନ ଥାଏ। ସାର୍ବଜନୀନ ବିବସ୍ତ୍ରୀକରଣ କିମ୍ବା ଯୌନ ନିର୍ଯାତନା ପ୍ରାୟତଃ ମହିଳାମାନଙ୍କ ଉପରେ ଶକ୍ତି ପ୍ରଦର୍ଶନ କରିବା ପାଇଁ ଏକ ଅସ୍ତ୍ର ଭାବରେ ବ୍ୟବହୃତ ହୁଏ। ଆମ ସମାଜରେ ମହିଳାଙ୍କ ଗରିମା ସହିତ ଶାଳୀନତା ଦୃଢ଼ ଭାବରେ ଜଡ଼ିତ। ତେଣୁ ଆକ୍ରମଣକାରୀମାନେ ଜାଣନ୍ତି ଯେ ସାର୍ବଜନୀନ ଅପମାନ ହିଁ ମହିଳାଙ୍କୁ ଗଭୀର ଭାବପ୍ରବଣ ଆଘାତ ସୃଷ୍ଟି କରିପାରିବ। ବିବାଦ ସମାଧାନ କରିବା, କ୍ରୋଧ ପ୍ରକାଶ କରିବା, ଦଣ୍ଡ ଦେବା କିମ୍ବା ନିୟନ୍ତ୍ରଣ ଜାହିର କରିବା ପାଇଁ ଅନେକ ମହିଳାଙ୍କ ଶରୀର ଏକ ପ୍ରତୀକାତ୍ମକ ଯୁଦ୍ଧକ୍ଷେତ୍ର ହୋଇସାରିଛି। ମହିଳାଙ୍କ ସାର୍ବଜନୀନ ବିବସ୍ତ୍ରୀକରଣ ହେଉଛି ଦଣ୍ଡର ଏକ ଅଂଶ, ଯେଉଁଠି ସେମାନଙ୍କୁ ଅପମାନିତ କରାଯାଇପାରିବ ଏବଂ ତାହା ସହିତ ପୁରୁଷ ନିଜ ପ୍ରାଧାନ୍ୟ ମଧ୍ୟ ପ୍ରଦର୍ଶିତ କରିପାରିବେ। ଠିକ୍ ଯେମିତି କୁରୁସଭାରେ ଦ୍ରୌପଦୀଙ୍କୁ ବସ୍ତ୍ରହରଣ କରି ଏକପ୍ରକାର ଦଣ୍ଡ ଦିଆଯାଇଥିଲା।

ଆଉ ଏକ ଅସହଜ କଥା ହେଉଛି ଯେ ଡାହାଣୀ ଓ ଗୁଣିଗାରେଡ଼ି ସନ୍ଦେହରେ ଅଭିଯୁକ୍ତ ମହିଳାମାନଙ୍କୁ ନିବସ୍ତ୍ର କରିବା ବା ଉଲଗ୍ନ କରି ଚଲେଇବା ହେଉଛି ଓଡ଼ିଶାରେ ଏକ ସାଧାରଣ ଘଟଣା। ଅନେକ ଆଦିବାସୀ ଅଞ୍ଚଳ ଓ ଗ୍ରାମାଞ୍ଚଳରେ ଏପରି କାର୍ଯ୍ୟଗୁଡ଼ିକୁ ଲିଙ୍ଗଗତ ହିଂସାର ନିଷ୍ଠୁର ରୂପ ଭାବରେ ସ୍ୱୀକୃତି ଦିଆ ଯାଏନାହିଁ; ବରଂ ଆମେ ଏହାକୁ ସାଂସ୍କୃତିକ ପ୍ରଥା, ଅନ୍ଧବିଶ୍ୱାସ କିମ୍ବା ଉପସାଂସ୍କୃତିକ ପରମ୍ପରା ଭାବରେ ଯୁକ୍ତିଯୁକ୍ତ କରିଦେଉ। ସମାଜଶାସ୍ତ୍ର ଅନୁସାରେ, ଯେତେବେଳେ ଏକ ସମାଜ ଏପରି ପ୍ରଥା ବିରୁଦ୍ଧରେ ଦୃଢ଼ ନୈତିକ ପ୍ରତିବନ୍ଧକ, ସାମୂହିକ ନିନ୍ଦା ଏବଂ କଠୋର ଦଣ୍ଡ ଲାଗୁ କରିବାରେ ବିଫଳ ହୁଏ, ସେତେବେଳେ ଅଜାଣତରେ ମହିଳାଙ୍କ ସାର୍ବଜନୀନ ଅପମାନକୁ ଦଣ୍ଡର ଏକପ୍ରକାର ବୈଧ କରିଥାଏ। ଏହାର ପରିଣାମ ଆଜି ଦୃଶ୍ୟମାନ। ଡକ୍ଟର ଫିଓନା ଭେରା-ଗ୍ରେଙ୍କ ଅଧ୍ୟୟନରୁ ଜଣାପଡ଼ିଛି ଯେ ସାର୍ବଜନୀନ ଯୌନ ଉତ୍ପୀଡ଼ନ ପୃଥକ ଘଟଣାଗୁଡ଼ିକର ଏକ ସଂଗ୍ରହ ନୁହେଁ; ବରଂ ଦୈନନ୍ଦିନ ସାମାଜିକ ଜୀବନରେ ସନ୍ନିହିତ ଗଭୀର ସାଂରଚନିକ ଅସମାନତାର ପ୍ରତିଫଳନ।

ରାୟଗଡ଼ା ଭିଡ଼ ଆକ୍ରମଣରେ ନାବାଳକମାନଙ୍କ ସମ୍ପୃକ୍ତି ସୂଚାଇ ଦେଉଛି ଯେ ହିଂସା ଆଉ ବୟସ୍କମାନଙ୍କ ମଧ୍ୟରେ ସୀମିତ ନାହିଁ। ଏନ୍‌ସିଆରବି ରିପୋର୍ଟ ଅନୁଯାୟୀ, ଭାରତରେ ନାବାଳକ ଅପରାଧ ପ୍ରାୟ ୧୨ ପ୍ରତିଶତ ବୃଦ୍ଧି ପାଇଛି। ୧ ହଜାରରୁ ଅଧିକ ବଳାତ୍କାର ମାମଲାରେ ନାବାଳକମାନଙ୍କୁ ଗିରଫ କରାଯାଇଥିଲା। ଗିରଫ ସମସ୍ତ ନାବାଳକଙ୍କ ମଧ୍ୟରୁ ପ୍ରାୟ ୭୮ ପ୍ରତିଶତ ୧୬ ରୁ ୧୮ ବୟସ ବର୍ଗର। ଏଥିରେ ଅନ୍ୟ ବର୍ଗଟି ଥିଲା ୧୨ ରୁ ୧୬ ବର୍ଷ ମଧ୍ୟରେ। ସମାଜବିଜ୍ଞାନ ଦୃଷ୍ଟିରୁ ଏହି ସଂଖ୍ୟାଗୁଡ଼ିକ ଆମ ବିଶ୍ୱାସକୁ ଏକପ୍ରକାର ଭାଙ୍ଗି ଦେଉନି କି? ସାମାଜିକ ଶିକ୍ଷା ତତ୍ତ୍ୱ କୁହେ ଯେ ଯୁବପିଢ଼ି ପ୍ରାୟତଃ ପ୍ରଭାବଶାଳୀ ବୟସ୍କଙ୍କୁ ନିରୀକ୍ଷଣ ଏବଂ ଅନୁକରଣ କରି ଆଚରଣ ଶିଖନ୍ତି। କିନ୍ତୁ ଏବେ ନାବାଳକମାନେ କେବଳ ନିର୍ଦ୍ଦୋଷ ଦର୍ଶକ ହୋଇ ରହିନାହାନ୍ତି; ସେମାନେ ଅଭିଯୁକ୍ତ, ଅପରାଧୀ। ଏହାର ଅର୍ଥ ଆମର ସାମାଜିକୀକରଣ, ଲାଳନପାଳନ ଓ ପାରିବାରିକ ପରିବେଶ ଏକ ଭଲ ଚରିତ୍ର ଗଠନ ପାଇଁ ଯଥେଷ୍ଟ ଅନୁକୂଳ ହେଉନି। ଅନେକ ଗବେଷଣା ଅନୁଯାୟୀ ଦାରିଦ୍ର୍ୟ ବ୍ୟତୀତ ପିତାମାତାଙ୍କ ନିଶାଦ୍ରବ୍ୟ ସେବନ, ପିତାମାତାଙ୍କ ଦୁଃବ୍ୟବହାର ଏବଂ ତଦାରଖର ଅଭାବ ଦ୍ୱାରା ନାବାଳକମାନେ ଭୁଲ ବାଟକୁ ଯାଉଛନ୍ତି।

ଆମେ ଜାଣୁ ଯେ ଭିଡ଼ ହିଂସା ସମୟରେ ବ୍ୟକ୍ତିଗତ ନୈତିକ ଦାୟିତ୍ୱ ଦୁର୍ବଳ ହୋଇଯାଏ। ଯାହାକୁ ମନସ୍ତତ୍ତ୍ୱବିତ୍‌ମାନେ 'ଦାୟିତ୍ୱର ପ୍ରସାରଣ' ବୋଲି କୁହନ୍ତି। ଜଣେ କିଶୋର ଯିଏ କେବେବି ଏକାକୀ ହିଂସା କରିପାରିବ ନାହିଁ, ଯଦି ସେ ଆକ୍ରମଣାତ୍ମକ ଭିଡ଼ ମଧ୍ୟରେ ରହେ ତେବେ ସେ ଜଣେ ସକ୍ରିୟ ଅଂଶଗ୍ରହଣକାରୀ ହୋଇଯାଏ। ଆଉ ଗୋଟିଏ ତତ୍ତ୍ୱ କୁହେ ଯେ ଯୌନଗତ ଆଚରଣ ଓ ଦଳଗତ ଆଚରଣ ସମୟରେ ପୁରୁଷଙ୍କ ମଧ୍ୟରେ ସମ୍ପର୍କ ଅଧିକ ଦୃଢ଼ ହୋଇଥାଏ। ଆମେ ରହୁଥିବା ସମାଜ ପୁରୁଷଙ୍କଠାରୁ ଯେଉଁ ଗୁଣ ଏବଂ ଆଚରଣ ଆଶା କରେ ତାହା ହେଉଛି ପୁରୁଷତ୍ୱ। ପରିବାର, ସମ୍ପ୍ରଦାୟ, ଗଣମାଧ୍ୟମ ଓ ଶିକ୍ଷା ମାଧ୍ୟମରେ ଯୁବାବସ୍ଥାରୁ ପୁରୁଷତ୍ୱର ଶିକ୍ଷା ଦିଆଯାଏ। ଆଜିକାଲି ସାମାଜିକ ଗଣମାଧ୍ୟମରେ ଅଧିକ ସମୟ କାଟୁଥିବା ଆମ କିଶୋର ପୁଅମାନେ ପୁରୁଷତ୍ୱ ବିଷୟରେ କ'ଣ ଶିଖୁଛନ୍ତି? ଏହାକୁ ନେଇ ହୋଇଥିବା ଏକ ଅଧ୍ୟୟନରୁ ଜଣାପଡ଼ିଛି ଯେ ଡିଜିଟାଲ ପ୍ଲାଟଫର୍ମ ଓ ସାମାଜିକ ଗଣମାଧ୍ୟମରେ ପାରମ୍ପରିକ ପୁରୁଷତ୍ୱର ପ୍ରଚାର ଅଧିକ। ଶାରୀରିକ ଶକ୍ତି, ଧନୀ, ଆବେଗହୀନ ଓ ନିଜ ଭାବନା ଉପରେ ନିୟନ୍ତ୍ରଣକୁ ପ୍ରକୃତ ପୁରୁଷ ଗୁଣ ଭାବରେ ଉପସ୍ଥାପନ କରାଯାଉଛି। ଏପରିକି ମହିଳାଙ୍କୁ ନିୟନ୍ତ୍ରଣରେ ରଖିବା ହେଉଛି ଜଣେ ଶକ୍ତ ପୁରୁଷର ଗୁଣ ବୋଲି ଅନେକ ସାମାଜିକ ଗଣମାଧ୍ୟମ ବିଷୟବସ୍ତୁର ପ୍ରକାଶ ପାଉଛି।

ନିର୍ଭୟା ପରି ଏକ ହାଇ-ପ୍ରୋଫାଇଲ୍ ଅପରାଧ ଓ ଦଣ୍ଡ ପରେ ଆଶା କରାଯାଉଥିଲା ଯେ ସାର୍ବଜନୀନ ଯୌନ ହିଂସା କମିଯିବ। କିନ୍ତୁ ବିଡ଼ମ୍ବନା ଯେ ଏହା କୌଣସି ପ୍ରକାରର ଆଇନଗତ ସଚେତନତା କିମ୍ବା ଆଚରଣଗତ ପରିବର୍ତ୍ତନ ଆଣିଲାନାହିଁ। ତେଣୁ ଏବେ ରାୟଗଡ଼ା ଘଟଣା ଆମ ପାଖେ ସେହି ଜଟିଳ ପ୍ରଶ୍ନ ଛାଡ଼ି ଯାଇଛି। ଆଇନର ଦଣ୍ଡ, ସଚେତନତା କ'ଣ ସତରେ ଆମ ଆଚରଣ ଓ ମାନସିକତାକୁ ପରିବର୍ତ୍ତନ କରିପାରିବ? ଯେତେବେଳେ ନାବାଳକମାନେ ସାର୍ବଜନୀନ ଯୌନ ହିଂସାରେ ଅଧିକ ଅଂଶଗ୍ରହଣ କରୁଛନ୍ତି, ଏହା ପରିବାର, ବିଦ୍ୟାଳୟ, ସମ୍ପ୍ରଦାୟ ଓ ଡିଜିଟାଲ୍ ପ୍ଲାଟଫର୍ମଗୁଡ଼ିକର ବିଫଳତାକୁ ପ୍ରକାଶ କରୁନାହିଁ କି? ସମ୍ଭବତଃ ଏଥିରେ ମହିଳାମାନଙ୍କ ପ୍ରତି ମର୍ଯ୍ୟାଦା, ସହାନୁଭୂତି ଓ ସମ୍ମାନର ମୂଲ୍ୟାଙ୍କନ କମ୍ କରାଯାଉଛି ଏବଂ ଦୁଃଶାସନର ମାନସିକତା ଲୁଚି ରହିଛି। ●

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨

## ବଦଳୁଛି ବଜାର କୌଶଳ

ପ୍ରଣତି ଆଚାର୍ଯ୍ୟ ମିଶ୍ର

ଭାରତରେ ଉତ୍ପାଦଗୁଡ଼ିକର ଅନଲାଇନ୍ ବିକ୍ରି ଦୀର୍ଘ ଦିନରୁ ଚାଲିଆସୁଛି। କିନ୍ତୁ କୋଭିଡ୍ ମହାମାରୀ ସମୟରେ ଏଥିରେ ପ୍ରବଳ ଅଭିବୃଦ୍ଧି ଦେଖାଦେଲା। ସେତିକିବେଳେ ଲୋକମାନେ ବୁଝିପାରିଲେ ଯେ ଯୋଗାଣ ଶୃଙ୍ଖଳା ପରିଚାଳନା(ସପ୍ଲାଇଚେନ୍ ମ୍ୟାନେଜମେଣ୍ଟ) କିପରି ଯାଦୁ କରିପାରେ। ଆଜି ଦେଶର ଯେକୌଣସି କୋଣରୁ ଯେକୌଣସି ସାମଗ୍ରୀ କିଣାବିକା କରାଯାଇପାରୁଛି ଏବଂ ଇ-କମର୍ସ କମ୍ପାନୀଗୁଡ଼ିକ ଏହି ଚମତ୍କାର କରୁଛନ୍ତି। ସେମାନେ ସାରା ବିଶ୍ୱରେ ବ୍ୟାପାର କରିବାର ଶୈଳୀକୁ ବଦଳାଇ ଦେଇଛନ୍ତି।

ଏହା ଏଭଳି ଏକ ବ୍ୟବସାୟ, ଯେଉଁଠାରେ ଗ୍ରାହକ ବିକ୍ରେତାଙ୍କ ବିଷୟରେ ଜାଣି ନ ଥା'ନ୍ତି। କିନ୍ତୁ ତାଙ୍କର ବିଶ୍ୱାସ ଥାଏ ଯେ ତାଙ୍କୁ ସଠିକ୍ ଜିନିଷ ସଠିକ୍ ମୂଲ୍ୟରେ ଉପଲବ୍ଧ ହେଉଛି। ଯଦି ପସନ୍ଦ ନ ହେଲା ତେବେ ସାମଗ୍ରୀ ଫେରସ୍ତର ସୁବିଧା ମଧ୍ୟ ଅଛି। ଏହାବ୍ୟତୀତ ଗ୍ରାହକ ଜାଣନ୍ତି ଯେ ସାମଗ୍ରୀ ବାବଦକୁ ସେ ଦେଉଥିବା ଟଙ୍କା ସୁରକ୍ଷିତ। ଏମାନଙ୍କର ଡେଲିଭରି ବା ଯୋଗାଣ ମଧ୍ୟ ଅତ୍ୟନ୍ତ ଦ୍ରୁତ ଓ ସମୟାନୁବର୍ତ୍ତୀ। ଏହା ଏମିତି ଏକ ଦୁନିଆ, ଯେଉଁଠି ଗ୍ରାହକ ହିଁ ରାଜା। କାରଣ ତାଙ୍କୁ ଗୋଟିଏ ଜିନିଷ ପାଇଁ ଶହ ଶହ ବିକଳ୍ପ ମିଳିଥାଏ। ଏହି କାରଣରୁ ୨୦୨୪ରେ ଭାରତର ଇ-କମର୍ସ ବଜାର ୧୪୭.୩ ବିଲିୟନ ଡଲାରରେ ପହଞ୍ଚିଛି ଏବଂ ଏଥିରେ ୧୮.୭ ପ୍ରତିଶତ ବୃଦ୍ଧି ଘଟିଛି। ଆମାଜନ, ଫ୍ଲିପକାର୍ଟ, ମାୟନ୍ତ୍ରା, ଜିଓ ମାର୍ଟ, ଟାଟା କ୍ଲିକ୍ ଭଳି କମ୍ପାନୀଗୁଡ଼ିକ ଏକ୍ଷେତ୍ରରେ କୋଟି କୋଟି ଟଙ୍କାର ସାମଗ୍ରୀ ବିକ୍ରି କରୁଛନ୍ତି ଏବଂ ସେମାନଙ୍କ ଗ୍ରାହକ ସଂଖ୍ୟା କ୍ରମାଗତ ଭାବେ ବଢ଼ୁଛି।

ଭାରତରେ ସ୍ମାର୍ଟଫୋନ୍ ଓ ଇଣ୍ଟରନେଟ୍ ଶସ୍ତା ହେବା ଯୋଗୁଁ ଲୋକଙ୍କ ଚିନ୍ତାଧାରା ଓ କିଣାବିକା କରିବାର ଶୈଳୀ ବଦଳିଛି, ଯାହା ଫଳରେ ଏହି ବଜାର ଦ୍ରୁତଗତିରେ ବଢ଼ୁଛି। ଏହି କମ୍ପାନୀଗୁଡ଼ିକ ଛୁଞ୍ଚିଠାରୁ ଆରମ୍ଭ କରି ମୋଟର କାର୍ ପର୍ଯ୍ୟନ୍ତ ସବୁକିଛି ଅନଲାଇନ୍‌ରେ ବିକ୍ରି କରୁଛନ୍ତି। ଏବେ ଏହି ବଜାର ଛୋଟ ସହର, ଗାଁ ଗହଳି ପର୍ଯ୍ୟନ୍ତ ପହଞ୍ଚି ଗଲାଣି। ଆଶା କରାଯାଉଛି ଯେ ୨୦୨୭ ସୁଦ୍ଧା ଭାରତରେ ଇ-କମର୍ସର ୪୦ କୋଟି ଗ୍ରାହକ ହେବେ। ୨୦୩୦ ସୁଦ୍ଧା ଏମାନଙ୍କର ମୋଟ ବିକ୍ରି ୨୫୦ରୁ ୩୦୦ ବିଲିୟନ ଡଲାରରେ ପହଞ୍ଚିବ। ଏହାର ସକାରାତ୍ମକ ପ୍ରଭାବ ଆମ ଅର୍ଥନୀତି ଉପରେ ପଡ଼ିଛି।

ସ୍ୱଦେଶୀ ଇ-କମର୍ସ କମ୍ପାନୀ ଫ୍ଲିପକାର୍ଟ ଏକ ବହି ଦୋକାନ ଭାବେ ଆରମ୍ଭ ହୋଇଥିଲା, ଯାହା ପରବର୍ତ୍ତୀ ସମୟରେ ଏକ ବ୍ୟାପକ ଅନଲାଇନ୍ ବଜାର ଭାବେ ବିକଶିତ ହେଲା। ଏହା 'କ୍ୟାଶ୍ ଅନ୍ ଡେଲିଭରି' ଭଳି କ୍ରାନ୍ତିକାରୀ ସୁବିଧା ଆରମ୍ଭ କରିଥିଲା, ଯାହା ଅନଲାଇନ୍ ସପିଂକୁ ଲୋକପ୍ରିୟ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କଲା। ବ୍ୟାପାରର ଏହି ଖେଳରେ ଏବେ କ୍ୱିକ୍-କମର୍ସ କମ୍ପାନୀଗୁଡ଼ିକ ମଧ୍ୟ ଦ୍ରୁତଗତିରେ ଆଗକୁ ବଢ଼ୁଛନ୍ତି। ବ୍ଲିଙ୍କିଟ୍, ଇନଷ୍ଟାମାର୍ଟ, ଜେପ୍ଟୋ ଭଳି କମ୍ପାନୀଗୁଡ଼ିକ ମିନିଟ୍ ମଧ୍ୟରେ ଗ୍ରାହକଙ୍କ ଘରେ ଜରୁରୀ ସାମଗ୍ରୀ ପହଞ୍ଚାଇ ଦେଉଛନ୍ତି। ଫଳସ୍ୱରୂପ, ସେମାନେ ଏବେ ଇ-କମର୍ସ କମ୍ପାନୀଗୁଡ଼ିକୁ କଡ଼ା ଟକ୍କର ଦେଉଛନ୍ତି। ସେମାନଙ୍କ କାରବାର ବାର୍ଷିକ ୪୦ ପ୍ରତିଶତ ହାରରେ ବୃଦ୍ଧି ପାଉଛି ଏବଂ ମୋଟାମୋଟି ଆକଳନ ଅନୁଯାୟୀ, ଚଳିତ ବର୍ଷ ସେମାନଙ୍କର ମୋଟ କାରବାର ପ୍ରାୟ ୭ ବିଲିୟନ ଡଲାରରେ ପହଞ୍ଚିଯିବ।

କର୍ଣ୍ଣେଲ ଏସସି ଜନସନଙ୍କ ରିପୋର୍ଟ ଅନୁଯାୟୀ, ଭାରତରେ କ୍ୱିକ୍-କମର୍ସ କାରବାର ଚଳିତ ବର୍ଷ (୨୦୨୬) ବଢ଼ି ୬୫, ୬୪୫.୪୦ କୋଟି ଟଙ୍କା ହୋଇଯାଇଛି। ୨୦୨୨ ତୁଳନାରେ ଏହି ଅଭିବୃଦ୍ଧି ୨୪ ଗୁଣ ଅଧିକ। ବେନ୍ ଆଣ୍ଡ କମ୍ପାନୀର ଏକ ରିପୋର୍ଟ ଦର୍ଶାଉଛି ଯେ ୨୦୨୪ରେ କ୍ୱିକ୍ କମର୍ସ କମ୍ପାନୀଗୁଡ଼ିକର ଅର୍ଡର ଉଲ୍ଲେଖନୀୟ ଭାବେ ବୃଦ୍ଧି ପାଇଛି। ଦେଶର ମୋଟ ଅନଲାଇନ୍ ଗ୍ରୋସରୀ ଅର୍ଡରର ଦୁଇ-ତୃତୀୟାଂଶ କ୍ୱିକ୍-କମର୍ସ ପ୍ଲାଟଫର୍ମରୁ ହୋଇଥିଲା। ଇ-କମର୍ସ ବଜାରରେ କ୍ୱିକ୍-କମର୍ସ କମ୍ପାନୀଗୁଡ଼ିକ ନିଜର ପ୍ରଭାବ ଦୃଢ଼ କରିଚାଲିଛନ୍ତି। ଆମର ଇ-କମର୍ସ ଦେଶର ଦୃଢ଼ତା, ନବସୃଜନ ଓ ଉଦ୍ୟମଶୀଳତାର ଏକ ପ୍ରମାଣ। ଆମାଜନ ଓ ଫ୍ଲିପକାର୍ଟ ଭଳି ବିଶ୍ୱସ୍ତରୀୟ କମ୍ପାନୀଠାରୁ ଆରମ୍ଭ କରି ଅନ୍ୟାନ୍ୟ ପ୍ଲାଟଫର୍ମ ବଜାର ପରିସର ବୃଦ୍ଧି କରିବାରେ ନିଜର ଅନନ୍ୟ ଅବଦାନ ଦେଇଛନ୍ତି।

ସବୁଠାରୁ ବଡ଼ କଥା ହେଉଛି ଏହି କମ୍ପାନୀଗୁଡ଼ିକ ବ୍ୟାପକ ସ୍ତରରେ ନିଯୁକ୍ତି ସୁଯୋଗ ସୃଷ୍ଟି କରୁଛନ୍ତି। ପିଆଇଏଫ୍ ଫାଉଣ୍ଡେସନର ଏକ ରିପୋର୍ଟ ଅନୁଯାୟୀ, ଏହି କମ୍ପାନୀଗୁଡ଼ିକ ଗତ ବର୍ଷ ୧.୫୮ କୋଟି ଲୋକଙ୍କୁ ରୋଜଗାର ଦେଇଛନ୍ତି। ସେଥିମଧ୍ୟରେ ୩୫ ଲକ୍ଷ ମହିଳା ଅଛନ୍ତି। ରିପୋର୍ଟରେ ଏହା ମଧ୍ୟ କୁହାଯାଇଛି ଯେ ଇ-କମର୍ସ କମ୍ପାନୀଗୁଡ଼ିକ ସାଧାରଣ ବ୍ୟବସାୟୀ ତୁଳନାରେ ୫୪ ପ୍ରତିଶତ ଅଧିକ ଲୋକଙ୍କୁ ନିଯୁକ୍ତି ଦେଉଛନ୍ତି। ଦ୍ୱିତୀୟ ଓ ତୃତୀୟ ଶ୍ରେଣୀର ସହରଗୁଡ଼ିକରେ ଗ୍ରାହକ ହାରାହାରି ୫, ୦୦୦ ଟଙ୍କାରୁ ଅଧିକ ଅନଲାଇନ୍ କିଣାବିକା କରୁଛନ୍ତି, ଯାହା ବଡ଼ ସହର ଅପେକ୍ଷା ଅଧିକ। ଇ-କମର୍ସ କମ୍ପାନୀଗୁଡ଼ିକ ଡେଲିଭରି ବୟ ସହିତ ଦକ୍ଷ ବ୍ୟକ୍ତିମାନଙ୍କୁ ମଧ୍ୟ ନିଯୁକ୍ତି ଦେଉଛନ୍ତି। ଏହି କମ୍ପାନୀଗୁଡ଼ିକ ୱେୟାର ହାଉସିଂ, ଲଜିଷ୍ଟିକ୍ସ, ଡିଜିଟାଲ୍ ଓ ଟେକ୍ନୋଲୋଜି ମ୍ୟାନେଜମେଣ୍ଟ, ଫାଇନାନ୍ସ ଇତ୍ୟାଦି କ୍ଷେତ୍ରରେ ବହୁଳ ପରିମାଣରେ ରୋଜଗାର ପ୍ରଦାନ କରୁଛନ୍ତି। ଆଗାମୀ ସମୟରେ ଏହି କ୍ଷେତ୍ରରେ କାରବାର ବୃଦ୍ଧି ସହିତ ନିଯୁକ୍ତି ସୁଯୋଗ ଆହୁରି ବଢ଼ିବ। ଇ-କମର୍ସ କମ୍ପାନୀଗୁଡ଼ିକ ଅତ୍ୟନ୍ତ ସୁନିୟୋଜିତ ଭାବେ କାର୍ଯ୍ୟ କରୁଛନ୍ତି।

ଆଜି ଇ-କମର୍ସ ଓ କ୍ୱିକ୍-କମର୍ସ କେବଳ ସାମଗ୍ରୀ କିଣାବିକାର ମାଧ୍ୟମ ହୋଇ ରହିନାହିଁ, ବରଂ ଏହା ଭାରତୀୟ ଅର୍ଥନୀତିର ଏକ ଶକ୍ତିଶାଳୀ ସ୍ତମ୍ଭ ଭାବେ ଉଭା ହୋଇଛି। ଗ୍ରାହକଙ୍କୁ ରାଜାର ସମ୍ମାନ ଦେବା ସହିତ ଏହି ବ୍ୟବସ୍ଥା ଲକ୍ଷ ଲକ୍ଷ ଲୋକଙ୍କୁ, ବିଶେଷ କରି ମହିଳାମାନଙ୍କୁ, ନିଯୁକ୍ତି ସୁଯୋଗ ଯୋଗାଇ ଦେଇ ସ୍ୱାବଲମ୍ବୀ କରିପାରିଛି। ବୈଷୟିକ ଜ୍ଞାନକୌଶଳର ଅଭିବୃଦ୍ଧି ଏବଂ ଯୋଗାଣ ଶୃଙ୍ଖଳାର ସଠିକ୍ ପରିଚାଳନା ଆଗାମୀ ଦିନରେ ଭାରତକୁ ବିଶ୍ୱର ଏକ ପ୍ରମୁଖ ଡିଜିଟାଲ୍ ବଜାରରେ ପରିଣତ କରିବାର ସାମର୍ଥ୍ୟ ରଖେ। ●

ନୟାଗଡ଼, ମୋ: ୯୪୩୭୬୪୨୯୪୭

## କଲ୍ୟାଣମୁଖୀ ଅର୍ଥନୀତିର ବ୍ୟାଖ୍ୟାକର: ବୈଦ୍ୟନାଥ ମିଶ୍ର

ସାହିତ୍ୟ ସରିତ୍

ପ୍ରଫେସର ମଣୀନ୍ଦ୍ର କୁମାର ମେହେର

ଜଣେ ଅର୍ଥନୀତିର ତତ୍ତ୍ୱ ଜାଣିଲେ ଅର୍ଥନୀତିଜ୍ଞ ହୋଇପାରନ୍ତି। ମାତ୍ର ସେହି ତତ୍ତ୍ୱ ଲୋକମଙ୍ଗଳ ସକାଶେ ଅଭିପ୍ରେତ ବୋଲି ଯେଉଁମାନେ ହୃଦୟଙ୍ଗମ କରିପାରିବାର ସହାନୁଭୂତିରେ ଆପ୍ଲୁତ ସେମାନେ ହିଁ ସର୍ଜନା କରିପାରନ୍ତି ହୃଦୟସ୍ପର୍ଶୀ ସାହିତ୍ୟ। ପୁଣି ଯାହାର ମୂଳଲକ୍ଷ୍ୟ ଲୋକହିତ ସାଧନ, ତାହାକୁ ବୋଧଗମ୍ୟ ଭାଷାରେ ପ୍ରକାଶ କରିବା ହିଁ ପ୍ରକୃତ ବିଦ୍ୱାନବ୍ୟକ୍ତିଙ୍କ ପ୍ରତିଭାର ପରିଚାୟକ। ଏ ପରିପ୍ରେକ୍ଷୀରେ ପ୍ରଫେସର ବୈଦ୍ୟନାଥ ମିଶ୍ରଙ୍କ ଅବଦାନ ଅନସ୍ୱୀକାର୍ଯ୍ୟ ନିଶ୍ଚୟ। ଅର୍ଥନୀତିର ଜଟିଳ ତତ୍ତ୍ୱକୁ ଆଧାର କରି ଯେ ଆକର୍ଷଣୀୟ ସାହିତ୍ୟ ସର୍ଜନା ସମ୍ଭବ - ଏହା ସେ ପ୍ରମାଣିତ କରିଦେଲେ ଆନ୍ତରିକ ସାଧନା ଦ୍ୱାରା। ଅର୍ଥନୈତିକ ବିଚାରଧାରାକୁ କେନ୍ଦ୍ର କରି ସରଳ ଭାଷାରେ ସେ ଯେଉଁ ପ୍ରବନ୍ଧ ରଚନା କଲେ ତାହା ବିଭିନ୍ନ ପତ୍ରପତ୍ରିକାରେ ପ୍ରକାଶିତ ହୋଇ ସୁଖପାଠ୍ୟ ହେବା ସହିତ ପାଠକୀୟ ଚେତନାକୁ ସାମାଜିକ କଲ୍ୟାଣ ଅଭିମୁଖୀ କରିଦେଲା। ପୁଞ୍ଜିବାଦ କହିଲେ କ'ଣ, ସାମ୍ୟବାଦର ବିଶେଷତ୍ୱ ଓ ମହାତ୍ମା ଗାନ୍ଧୀଙ୍କ ଅର୍ଥନୀତିର ନୈତିକ ଦିଗଗୁଡ଼ିକର କି ମାର୍ମିକ ଉପସ୍ଥାପନ କରିଦେଲେ ସେ!

ଅଧିକରୁ ଅଧିକ ଅର୍ଥ ଉପାର୍ଜନ ଯେକୌଣସି ବ୍ୟକ୍ତିର ଅଧିକାରଭୁକ୍ତ। କିନ୍ତୁ ସ୍ୱଅର୍ଜିତ ବିପୁଳ ସମ୍ପଦକୁ ସମ୍ପୂର୍ଣ୍ଣ ଭାବରେ ନିଜର ଭୋଗବିଳାସ ପାଇଁ କେହି ବିନିଯୋଗ କରିପାରିବ ସ୍ୱାଧୀନ ଭାବରେ - ଏ ଅଧିକାର ତା'ର ରହିବା ଉଚିତ ନୁହେଁ। ଏ କଥା ମହାତ୍ମା ଗାନ୍ଧୀ ଯେଭଳି ସୁସ୍ପଷ୍ଟ ଭାବରେ ଅବତାରଣା କଲେ ସମଗ୍ର ପୃଥିବୀରେ ତା'ର ତୁଳନା ନାହିଁ। ସ୍ୱଚ୍ଛନ୍ଦ ସାଂସାରିକ ଜୀବନ ଅତିବାହିତ କରିବା ସକାଶେ ଆବଶ୍ୟକ ଅର୍ଥରାଶିକୁ କେବଳ ନିଜ ନିକଟରେ ରଖି ବଳକା ଅର୍ଥ ସମାଜର ଅନଗ୍ରସର ଲୋକଙ୍କ ପାଇଁ ସ୍ୱଇଚ୍ଛାରେ ଦାନ କରିବେ। ଫଳରେ ଏହି ଶ୍ରେଣୀର ବ୍ୟକ୍ତିବୃନ୍ଦ ହେବେ ସମାଜର ଟ୍ରଷ୍ଟି। କଥାଟି ଶୁଣିବା ପାଇଁ ଅତ୍ୟନ୍ତ ସୁଖକର। ମାତ୍ର ବାସ୍ତବ କ୍ଷେତ୍ରରେ ଏହାର ପ୍ରୟୋଗ ଯେ ଅସମ୍ଭବ - ଏହି ବିଷୟକୁ ନେଇ ଗାନ୍ଧିଜୀ ସମାଲୋଚନାର ଶରବ୍ୟ ହୋଇଛନ୍ତି। କିଏ କାହିଁକି ସ୍ୱଇଚ୍ଛାରେ କଷ୍ଟାର୍ଜିତ ଧନ ଦାନ କରିବେ? କିନ୍ତୁ ଗାନ୍ଧିଜୀଙ୍କ ପରିକଳ୍ପିତ ଅର୍ଥନୀତିକୁ ବିସ୍ତୃତ ଭାବରେ ବୈଦ୍ୟନାଥ ମିଶ୍ର ବ୍ୟାଖ୍ୟା କରିଦେଇଛନ୍ତି। ବାସ୍ତବିକ ଧନିକ ସମ୍ପ୍ରଦାୟକୁ ସମ୍ବେଦନଶୀଳ ହେବାର ଏହା ଏକ ସୁବର୍ଣ୍ଣ ସୁଯୋଗ। ସ୍ୱଇଚ୍ଛାରେ ଟ୍ରଷ୍ଟି ହେବାକୁ ଅନିଚ୍ଛୁକଙ୍କ ପ୍ରତି ପ୍ରଯୁଜ୍ୟ ହେବ ଗାନ୍ଧିଜୀଙ୍କ ଅମୋଘ ଅହିଂସ ଅସ୍ତ୍ର 'ଅସହଯୋଗ'। ସମାଜର ସହଯୋଗରେ ହିଁ ଜଣେ ଧନ ଉପାର୍ଜନ କରିଥାଏ। ଯଦି ସେଥିରୁ ଉଦବୃତ୍ତ ଅର୍ଥ ସେ ସାମାଜିକ ବିକାଶ ପାଇଁ ବିନିଯୋଗ କରିବାରେ କୁଣ୍ଠିତ, ସମାଜ ତା'କୁ କାହିଁକି ସମର୍ଥନ କରିବ? ଯେଉଁ ଅପରାଜେୟ ବ୍ରିଟିଶ ଶାସକକୁ ଅସହଯୋଗ ବଳରେ ହିଁ ଦୁର୍ବଳ କରିଦେଇଥିଲେ ଗାନ୍ଧିଜୀ, ସେହି ଶକ୍ତିଶାଳୀ ନୀତି ସମାଜରେ କାର୍ଯ୍ୟକ୍ଷମ ହେବ ନାହିଁ କାହିଁକି? ଅସହଯୋଗର ପ୍ରଭାବ ଅନ୍ୟ କୌଣସି ମତବାଦଠାରୁ କେତେ ବାସ୍ତବଧର୍ମୀ ତାହା ବୈଦ୍ୟନାଥ ମିଶ୍ର ବଳିଷ୍ଠ ଭାବରେ ପ୍ରତିପାଦନ କରିଦେଲେ।

ପ୍ରଫେସର ମିଶ୍ର ସମାଜର ତଳସ୍ତରରୁ ଆସିଥିବାରୁ ଦେଶର ଦାରିଦ୍ର୍ୟ ଦୂରୀକରଣ କେଉଁ ଅର୍ଥନୀତିର ଆଦର୍ଶ ବଳରେ ସମ୍ଭବ, ତାହା ଗଭୀର ଭାବରେ ଚିନ୍ତା କରିଛନ୍ତି। ତାଙ୍କ ରଚିତ ପୁସ୍ତକଗୁଡ଼ିକରେ ପ୍ରସଙ୍ଗଗୁଡ଼ିକର ଚିତ୍ତାକର୍ଷକ ବର୍ଣ୍ଣନା ସାଧାରଣ ପାଠକବର୍ଗ ମଧ୍ୟରେ ବି ସକାରାତ୍ମକ ଚିନ୍ତନକୁ ପ୍ରଶସ୍ତ କରି ଦେଇପାରେ। ତା' ମଧ୍ୟରେ ଅନ୍ତର୍ଭୁକ୍ତ 'ପୁଞ୍ଜିବାଦ, ସମାଜବାଦ ଓ ଗାନ୍ଧୀବାଦ', 'ଭାରତର ଆର୍ଥନୀତିକ ସମସ୍ୟା', 'ଆର୍ଥନୀତିକ ଯୋଜନା', 'ଶାସନ ଓ ସଂସ୍କାର', 'ସମାଜବାଦ ଓ ଗଣତନ୍ତ୍ର', 'ସାମାଜିକ ମୂଲ୍ୟବୋଧ', 'ରାଜନୀତିର ସୁଖ ଓ ଦୁଃଖ', 'ଚନ୍ଦ୍ରଲୋକରେ ଚହଳ' ଆଦି ଅନେକ ପୁସ୍ତକ। ଜୀବନରେ ଶିକ୍ଷା, ସମାଜ, ରାଜନୀତି କ୍ଷେତ୍ରରେ ଯେଉଁଠି ସେ ଲକ୍ଷ୍ୟ କରିଛନ୍ତି ଦରିଦ୍ରମାନଙ୍କ ପ୍ରତି ପ୍ରକାଶିତ ସହାନୁଭୂତି ମଧ୍ୟରେ ଲୁକ୍କାୟିତ ହୋଇ ରହିଛି ଛଦ୍ମତାର ଆବିଳତା, ସେଥିରେ ସେ ପୀଡ଼ାଗ୍ରସ୍ତ ହୋଇଛନ୍ତି। ରାଜନୈତିକ ଜୀବନରେ ଯେଉଁସବୁ ତିକ୍ତ ଅନୁଭୂତିର ସମ୍ମୁଖୀନ ହୋଇଛନ୍ତି, ତାହାକୁ ନିଷ୍କପଟ ଭାବରେ ଖବରକାଗଜରେ ବ୍ୟକ୍ତ କରିଛନ୍ତି। ସମାଜରେ ଅର୍ଥନୈତିକ ସମାନତା ପ୍ରତିଷ୍ଠା କରିବାର ବିଶିଷ୍ଟ ବ୍ୟକ୍ତିଙ୍କ ଅନାନ୍ତରିକତା ତାଙ୍କୁ ଆହତ କରିଛି ଗଭୀର ଭାବରେ। ଦାରିଦ୍ର୍ୟ ନିପୀଡ଼ିତ ସମାଜ ପ୍ରତି ସହାନୁଭୂତି ବ୍ୟକ୍ତ ଲକ୍ଷ୍ୟରେ ବିଶିଷ୍ଟ ବ୍ୟକ୍ତିଙ୍କ ଉଦବେଗ ସୃଷ୍ଟିକାରୀ ଉଦବୋଧନ କେତେ ଶଠତାପୂର୍ଣ୍ଣ, ତାହା ନିର୍ଭୀକ ଭାବରେ ବର୍ଣ୍ଣନା କରିଦେଇଛନ୍ତି।

ଯେଉଁ ଯୁବସମାଜ ସାମାଜିକ କ୍ଷେତ୍ରରେ ପରିବର୍ତ୍ତନ ଅସମ୍ଭବ ନୁହେଁ ବୋଲି ଅନୁଭବ କରିପାରନ୍ତି ଏବଂ ସ୍ୱଦେଶର ଯଥାର୍ଥ ପ୍ରଗତି ପାଇଁ କାର୍ଯ୍ୟ କରିବାକୁ ପ୍ରତିଜ୍ଞାବଦ୍ଧ ହୋଇଛନ୍ତି ସେମାନଙ୍କ ପାଇଁ ପ୍ରଫେସର ବୈଦ୍ୟନାଥ ମିଶ୍ରଙ୍କ ପୁସ୍ତକାବଳୀ ଶ୍ରେଷ୍ଠ ପ୍ରେରଣା-ପ୍ରଦାନ -କ୍ଷମ ଏକ ଏକ ଆଲୋକବର୍ତ୍ତିକା ଭାବେ ବିଦ୍ୟମାନ। ●

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

## ଲେଖକ/ଲେଖିକାଙ୍କ ନିମନ୍ତେ ସୂଚନା

୧. 'ସକାଳ'ର ସମ୍ପାଦକୀୟ ପୃଷ୍ଠା ପାଇଁ ପ୍ରଥମ ଲେଖା ସର୍ବାଧିକ ୯୦୦ ଶବ୍ଦ ଏବଂ ଦ୍ୱିତୀୟ ଲେଖା ସର୍ବାଧିକ ୫୦୦ ଶବ୍ଦ ମଧ୍ୟରେ ସୀମିତ ରଖିବା ବାଞ୍ଛନୀୟ।
୨. ଲେଖା ପ୍ରକାଶନ ସମ୍ପର୍କରେ ସମ୍ପାଦନା ମଣ୍ଡଳିର ନିଷ୍ପତ୍ତି ଚୂଡ଼ାନ୍ତ। ଲେଖାର କେବଳ ସମ୍ପାଦିତ ଅଂଶ ହିଁ ପ୍ରକାଶିତ ହେବ।
୩. 'ସକାଳ'କୁ ପଠାଇଥିବା ସମାନ ଲେଖା ଏକାଧିକ ଖବରକାଗଜ/ପତ୍ରପତ୍ରିକାରେ ପ୍ରକାଶିତ ହେଲେ ଏବଂ ଅତୀତରେ ପ୍ରକାଶିତ ଲେଖାକୁ ପୁଣି ଥରେ ପଠାଇବା ଜଣାପଡ଼ିଲେ ଭବିଷ୍ୟତରେ ସମ୍ପୃକ୍ତ ଲେଖକ/ଲେଖିକାଙ୍କ ଲେଖା ଆଉ ବିଚାରକୁ ନିଆଯିବ ନାହିଁ।
୪. ଲେଖା ପଠାଇବାର ୭ ଦିନ ମଧ୍ୟରେ ପ୍ରକାଶିତ ନ ହେଲେ ଲେଖକ/ଲେଖିକା ତାହାକୁ ଅନ୍ୟ ଖବରକାଗଜ/ପତ୍ରପତ୍ରିକାକୁ ପଠାଇ ପାରିବେ।
୫. ସାମ୍ପ୍ରଦାୟିକ ଉତ୍ତେଜନା ସୃଷ୍ଟିକାରୀ, ବ୍ୟକ୍ତିଗତ ଆକ୍ରୋଶମୂଳକ ଓ ପ୍ରଶଂସାସୂଚକ ଲେଖା ପ୍ରକାଶିତ ହେବ ନାହିଁ। ପ୍ରସଙ୍ଗଭିତ୍ତିକ, ସୁସ୍ଥ ଓ ବୌଦ୍ଧିକ ସମାଲୋଚନାମୂଳକ ଲେଖାକୁ ଅଗ୍ରାଧିକାର ଦିଆଯିବ।
୬. ଲେଖା ପ୍ରକାଶନର ଅନ୍ତର ଅନ୍ୟୂନ ୧୫ ଦିନ ରହିବ।
୭. 'ସକାଳ' ଓଡ଼ିଶାର ବୃହତ୍ ପାଠକବର୍ଗଙ୍କର। ସେମାନଙ୍କ ରୁଚି, ଆଗ୍ରହ ଓ ଚାହିଦାକୁ ସମ୍ମାନ ଜଣାଇବା ଆମ ସମସ୍ତଙ୍କର କର୍ତ୍ତବ୍ୟ। ଏହାକୁ ହୃଦୟଙ୍ଗମ କରି ଉପରୋକ୍ତ ମାର୍ଗଦର୍ଶିକାକୁ ସଯତ୍ନ ଅନୁପାଳନ ପାଇଁ ଲେଖକ/ଲେଖିକାଙ୍କୁ ପୁଣି ଥରେ ବିନମ୍ର ଓ ସଶ୍ରଦ୍ଧ ଅନୁରୋଧ କରୁଛୁ।

କାର୍ଯ୍ୟନିର୍ବାହୀ ସମ୍ପାଦକ



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## WALK IN INTERVIEW

Wanted Teaching Guest Faculties for **Logic, Sanskrit, Odia, Education, Commerce, I.T.** subjects and Library Attendant (one in each) will be held in the office of the undersigned at **09:00 a.m. on 30/06/2026.** Interested candidates having minimum **55% of marks** in concerned subjects (Teaching) in **Master Degree level** & **+2 Passed** qualification for Library Attendant should attend the interview with their **Resume, original photo** copies testimonials.

**Principal**
**RAGHUNATHJEW H.S SCHOOL**
**DEULASAHI, CUTTACK-753008.**

24001/248/2627

## GOVERNMENT OF ODISHA
## TOURISM DEVELOPMENT OFFICE, PURI

**No. Acct. TDOP-39/26-1403/TDO, Puri, Date: 24.06.2026**
**Email: oritourpuri@gmail.com, Tel No.: 06752-222664**

## SHORT TENDER CALL NOTICE

Tourism Development Office, Puri on behalf of Department of Tourism, Government of Odisha, Bhubaneswar invites tender in sealed covers from intending Agencies/Firms/Event Managers for installation of Temporary Tourism Information Stalls at different places of Puri in connection with Car Festival, 2026. Detailed information is available on the Puri District website: **https://puri.odisha.gov.in.**

OIPR-24001/24409/1/26-27/0001 Sd/- Asst. Director, Tourism

GOVERNMENT OF ODISHA 25001/504/2627

### OFFICE OF THE EXECUTIVE ENGINEER
### RURAL WORKS DIVISION-II, SUNDARGARH

**Lt. No. 4502 / Dt. 22.06.2026**

**1st Corrigendum to Bid Identification No. Online – EERKL-15/2026-27**

Due to some unavoidable circumstances in respect of the tender for Building Works invited in Tender Call Notice Bid Identification No. Online – EERKL-15/2026-27 by the Executive Engineer, Rural Works Division-II, Sundargarh, the date of online bidding and opening, which was scheduled from 19.06.2026 to 30.06.2026, is hereby extended as follows:

| Availability of Tender Online (From) | | Last Date & Time of Seeking Tender Clarification | Date & time of Opening of Tender (Technical Bid) |
|---|---|---|---|
| FROM | TO | | Online-EERKL-15/2026-27 |
| 24.06.2026 at 10.00 AM | 02.07.2026 up to 5.00 P.M. | 01.07.2026 up to 5.00 P.M. | 03.07.2026 at 11.00 A.M. |

**Executive Engineer**
**R.W. Division-II, Sundargarh**

OIPR-25001/25193/1/26-27/0023

GOVERNMENT OF ODISHA 34001/389/2627

### OFFICE OF THE SUPERINTENDING ENGINEER,
### JEYPORE (R&B) DIVISION, JEYPORE

**e-Procurement Notice**

**Bid Identification No. S.E (R&B)-07/2026-27/JYP(K)**
**No. 3844 Date: 18.06.2026**

Bid Documents consisting of work, Estimated Cost, Cost of Tender Paper, EMD, Time of Completion, Class of Contractors and the set of terms and conditions of contract and other necessary documents can be seen in Govt. Website i.e. www.tendersodisha.gov.in.

1. **Name of the Work** : Road & Building Work as mentioned in DTCN.
2. **No. of Works** : 4 Nos.
3. **Estimated Cost** : Rs. 18.45 Lakhs to Rs. 27.82 Lakhs
4. **Period of Completion** : 1 (One) to 3 (Three) Months
5. **Date & Time of Bidding** : From 11.00 Hours of 25.06.2026 up to 17.00 Hours of 04.07.2026
6. **Last Date & Time for Receipt of Bids in Portal** : 17.00 Hours of 04.07.2026
7. **Bids Received Online Shall Be Opened On** : 11.00 Hours of 06.07.2026
8. **Name and Address of the Officer Inviting Bid** : Superintending Engineer, Jeypore (R&B) Division, Jeypore.

Further details can be seen from www.tendersodisha.gov.in.

**Superintending Engineer**
**Jeypore (R&B) Division, Jeypore**

OIPR-34001/34027/1/26-27/0007

OFFICE OF THE PRINCIPAL

### NATIONAL COLLEGE, NUAPADA

AT/PO/DIST-NUAPADA (ODISHA) – 766105
e-Mail: principalncn@gmail.com

**Notice No.: 13/NCN** **Date: 23/06/2026**

**Quotation Call Notice**

Sealed quotations are invited from the interested firms/suppliers having valid GSTIN & PAN to supply the following items prescribed by the Government of Odisha, Department of Higher Education, Odisha, Bhubaneswar vide Letter No. 16578 Dtd. 23.03.2026 following all norms and specification of the items as specified in this letter. The sealed quotations along with the copies of GSTIN & PAN etc. should be reached to the undersigned by **5.00 PM on or before 07.07.2026** by Registered/Speed Post/Courier Services. For further details please visit the college website www.nationalcollegenpd.com. The quotation should be inclusive of spot delivery, installation charges and taxes. The undersigned reserves the right to cancel or withdraw the Quotation Call.

| Sl. No. | Item | Specification | Company |
|---|---|---|---|
| 1 | Desktop Set | i10, 12th Gen, 8GB RAM, 512 GB, 23.8 inch above | HP / Dell / Lenovo |
| 2 | UPS | 650VA / 360W | Microtek / Luminous / Vguard |
| 3 | MFM Printer | Laser Jet, Colour Inkjet | HP / Canon / Samsung |

**Sd/- Principal**
**National College, Nuapada**

### EOI FOR EMPANELMENT OF SUPPLIER FOR DAIRY ANIMALS

6001/57/2627

**EOI No. 10474, Date: 22.06.2026**

**EOI for Empanelment of "Supplier for Dairy Animals"**

Suppliers for supply of milch cow/buffalo from outside the State for sub-schemes under **Mukhyamantri Kamdhenu Yojana (MKY) / Mukhyamantri Krushi Udyoga Yojana (MKUY)**

The Fisheries & ARD Department has launched the **Mukhyamantri Kamdhenu Yojana (MKY)** to accelerate the growth of the dairy sector in the State through the induction of high-genetic-potential dairy cows/buffaloes from outside Odisha, with the objective of enhancing the quality and productivity of the State's dairy animal population.

The Director of Animal Husbandry and Veterinary Services, Odisha, Cuttack invites **Expression of Interest (EOI)** from intending Firms/Organizations/Agencies/Individuals for empanelment towards supply of high milk yielding cows/buffaloes from outside the state for animal induction by farmers under State Plan Scheme "Mukhyamantri Kamdhenu Yojana" and "Mukhyamantri Krushi Udyoga Yojana (MKUY)".

The details of the Expression of Interest (Non-transferable) as well as terms and conditions and information docket are available on the DAH & VS, Odisha website: https://odishaahvs.nic.in. Interested parties are requested to download the required documents and submit their response to the undersigned at the above-mentioned address along with the cost of the EOI document of **Rs. 2360/- (Rs. 2000/- + 18% GST)** in shape of Bank Draft drawn in favour of the **Director, AH & VS**, payable at Cuttack.

The cost of EOI documents is compulsory and the bank draft should be enclosed in original along with the EOI documents. The cost paid for EOI documents is non-refundable.

**Time Line**

| | |
|---|---|
| Date & Time of release of EOI | 25.06.2026 |
| Submission of queries on EOI & Pre-bid meeting | At DAH&VS, Mangalabag, Cuttack, Odisha on 02.07.2026 at 11:30 AM |
| Start Date & Time of submission of EOI documents | 27.06.2026 (10:00 AM) |
| Last Date & Time of submission of EOI | 17.07.2026 (05:00 PM) |
| Date & Time of opening of Bid | 20.07.2026 (11:30 AM) |

**DIRECTOR**
Animal Husbandry and Veterinary Services,
Odisha, Mangalabag, Cuttack

OIPR-6001/6014/1/26-27/0006

## AFFIDAVIT

By virtue of an affidavit no.172 before the Notary Public, Bhubaneswar, dtd.24.06.2026, I, Hapi Swain, At-Baghuapalli, PS-Fategarh, Dist.-Nayagarh, Odisha–752077, hereby declare that I have changed my name from Hapi Swain to Soumya Ranjan Swain. Henceforth, I shall be known as **Soumya Ranjan Swain** for all purposes.

## AFFIDAVIT

By Virtue of an affidavit sworn before in the Court of Executive Magistrate, Basta, Balasore. I, Harihar Dandapat,S/o- Muralidhar Dandapat of permanent Resident At -Tigiria, Po-Pandarungi, Ps-Basta, Dist-Balasore, Odisha, 756029. Declared by Affidavit Sl No: - 1552, Dtd-17/04/2026. That, I, Have changed my name from SANAYASI KHATUA to HARIHAR DANDAPAT. Hence forth, I shall be Known as **HARIHAR DANDAPAT** for all future purpose.

**Harihar Dandapat**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, Vide no- 977, dated 20.06.2026, I, MANISA NAYAK, Daughter of - Pradeep Kumar Nayak & Wife of - Sudhakar Kachhap permanent resident of Village - Bhurbhusi, PO - Betal, PS - Kodinga, Dist - Nabarangpur, Odisha, Pin - 764075, declare that I have changed my name from MONISHARANI KACHHAP to MANISA NAYAK. Henceforth, I shall be known as **MANISA NAYAK** for all purposes.

**Sd/- Manisa Nayak**

## AFFIDAVIT

By virtue of an affidavit sworn before the Executive Magistrate, Bargarh dated 16.06.2026, I, Alestar Minz, Address- Vill.-Khaliapali, Po.- Bardol, Ps./Dist.- Bargarh, Odisha declare that, my daughter's actual name is **Sonia Minz** and date of birth is **12.11.2012** but in her Aadhar card her name has been wrongly mentioned as Dania Minch. That, **Sonia Minz** and **Dania Minch** is one and same person.

## ବିକ୍ରି କବଲା ହଜିଛି

ଆମ୍ଭେ ଶ୍ରୀ ନାରାୟଣ ପ୍ରସାଦ ସାହୁ, ପିତା- ସ୍ୱର୍ଗତ ଦାଶରଥି ସାହୁ, ସା/ପୋ- ପାଟପୁର, ଥାନା- ଉଦଳା, ଜି- ମୟୂରଭଞ୍ଜ ପ୍ରକାଶ କରୁଅଛି ଯେ ତା. ୦୮.୦୬.୨୦୨୬ ରିଖ ସୋମବାର ଦିନ ଉଦଳା କଚେରୀରୁ ପାଟପୁର ସ୍ଥିତ ମୋ ଘରକୁ ଫେରିବା ବାଟରେ ମୋର ଅରିଜିନାଲ ରେଜେଷ୍ଟ୍ରି ବିକ୍ରି କବଲା ନ. ୧୮୨୯, ତା. ୨୨.୧୦.୧୯୮୮ କେଉଁଠାରେ ହଜିଯାଇଛି । ବହୁ ଖୋଜା ଖୋଜି କରିବା ସତ୍ତ୍ୱେ ମୁଁ ପାଇପାରିନାହିଁ। ଯଦି କେହି ସହୃଦୟ ବ୍ୟକ୍ତି ଉକ୍ତ କବଲାଟି ପାଇଥାନ୍ତି, ଦୟାକରି ମୋବାଇଲ ନଂ. ୯୧୭୮୨୭୮୯୦୭ରେ ଜଣାଇବାକୁ ଅନୁରୋଧ କରୁଛି ।

ନାରାୟଣ ପ୍ରସାଦ ସାହୁ

## ପଶ୍ଚିମ ରେଳବାଇ
## ରତଲାମ ମଣ୍ଡଳ

**ଇ-ଟେଣ୍ଡର ବିଜ୍ଞପ୍ତି**

ପଶ୍ଚିମ ରେଳବାଇ, ରତଲାମ ମଣ୍ଡଳ ପକ୍ଷରୁ ଏକ ଇ-ଟେଣ୍ଡର ବିଜ୍ଞପ୍ତି ଜାରି କରାଯାଇଛି। ଟେଣ୍ଡର ବିଜ୍ଞପ୍ତି ସଂଖ୍ୟା M247GLRSRP262715, ତାରିଖ 23.06.2026। ଏହି ଟେଣ୍ଡର 80ଟି ବିଦ୍ୟୁତ ଲୋକୋମୋଟିଭର ରିପାଇପିଂ କାର୍ଯ୍ୟ ପାଇଁ ଆହ୍ୱାନ କରାଯାଇଛି। କାର୍ଯ୍ୟଟି ପଶ୍ଚିମ ରେଳବାଇର ଦାହୋଦସ୍ଥିତ CVWM କାର୍ଯ୍ୟାଳୟରେ ସମ୍ପାଦିତ ହେବ। ଏହାର ଆନୁମାନିକ ମୂଲ୍ୟ ଟ.8,80,39,200/- ଧାର୍ଯ୍ୟ କରାଯାଇଥିବା ବେଳେ ଅମାନତ ଜମା ଡିପୋଜିଟ୍ ( E M D ) ରାଶି ଟ.17,60,800/- ନିର୍ଦ୍ଧାରଣ କରାଯାଇଛି। ଇ-ଟେଣ୍ଡର ଦାଖଲ କରିବାର ଶେଷ ସମୟ 15.07.2026 ତାରିଖ ଦିନ ଅପରାହ୍ନ 2.30 ଘଣ୍ଟା ପର୍ଯ୍ୟନ୍ତ ରହିଛି ଏବଂ ସେହି ଦିନ ଅପରାହ୍ନ 3.00 ଘଣ୍ଟାରେ ଟେଣ୍ଡର ଖୋଲାଯିବ। ଟେଣ୍ଡର ସମ୍ବନ୍ଧୀୟ ବିସ୍ତୃତ ବିବରଣୀ ଏବଂ ଦଲିଲପତ୍ର www.ireps.gov.in ୱେବସାଇଟରେ E-Tenders/Works/IRElectrical ରୁ ପ୍ରାପ୍ତ କରିପାରିବେ।

Apex/109

Like us on: facebook.com/WesternRly

## ପଶ୍ଚିମ ରେଳବାଇ
## ରତଲାମ ମଣ୍ଡଳ

**ଇ-ଟେଣ୍ଡର ବିଜ୍ଞପ୍ତି**

ପଶ୍ଚିମ ରେଳବାଇ, ରତଲାମ ମଣ୍ଡଳର DRM (S&T), ୱର୍କସ୍ ରତଲାମ ପକ୍ଷରୁ ଟେଣ୍ଡର ନଂ SnT-RTM-26-Tele-14, ତାରିଖ 23.06.2026 ଅନୁସାରେ ଏକ ଇ-ଟେଣ୍ଡର ଆମନ୍ତ୍ରଣ କରାଯାଇଛି। ଏହି କାର୍ଯ୍ୟ ଅନ୍ତର୍ଗତ ରତଲାମ ମଣ୍ଡଳର ବ୍ଲକ୍ ସେକ୍ସନରେ ଥିବା ବର୍ତ୍ତମାନର ଭୂଗର୍ଭସ୍ଥ ସିଗ୍ନାଲ ଏବଂ ଟେଲିକମ୍ କେବୁଲଗୁଡ଼ିକର ଡ୍ରୋନ୍ ଓ D G P S ସର୍ଭେ କରାଯାଇ କେବୁଲ ରୁଟ୍ ପ୍ଲାନ୍ ପ୍ରସ୍ତୁତ କରାଯିବ। ଏହି ଟେଣ୍ଡରର ଆନୁମାନିକ ମୂଲ୍ୟ 7,71,13,920.00 ଟଙ୍କା ହୋଇଥିବାବେଳେ ବିଡ୍ ସିକ୍ୟୁରିଟି / ଅମାନତ ଜମା ଭାବେ 15,42,300.00 ଟଙ୍କା ଜମା କରିବାକୁ ପଡ଼ିବ। ବିଡ୍ ଦାଖଲ କରିବାର ଶେଷ ତାରିଖ ଓ ସମୟ: 20.07.2026, ଅପରାହ୍ନ 3.00 ଘଣ୍ଟା ରହିଛି ଏବଂ ବିଡ୍‌ଗୁଡ଼ିକ ସେହି ଦିନ ଅପରାହ୍ନ 3.30 ଘଣ୍ଟା ପରେ ଖୋଲାଯିବ। କାର୍ଯ୍ୟ ସମାପ୍ତି ପାଇଁ 12 ମାସର ଅବଧି ନିର୍ଦ୍ଧାରିତ ହୋଇଛି। ବିଡ୍ ଖୋଲିବା କାର୍ଯ୍ୟ Sr. DSTE, DRM କାର୍ଯ୍ୟାଳୟ, ରତଲାମ, ମଧ୍ୟପ୍ରଦେଶରେ ସମ୍ପନ୍ନ ହେବ। ଆଗ୍ରହୀ ଟେଣ୍ଡରଦାତାମାନେ ଇ-ଟେଣ୍ଡର ପୋର୍ଟାଲ www.ireps.gov.in ରେ ଟେଣ୍ଡର ସମ୍ବନ୍ଧୀୟ ସମସ୍ତ ବିବରଣୀ ଦେଖିପାରିବେ ଏବଂ ସେହି ପୋର୍ଟାଲ ମାଧ୍ୟମରେ ନିଜର ପ୍ରସ୍ତାବ ଦାଖଲ କରିବାକୁ ପଡ଼ିବ।

Apex/107

Like us on: facebook.com/WesternRly

## ସାର୍ବଜନୀନ ସୂଚନା

ଏହି ସୂଚନା ମାଧ୍ୟମରେ ମୋର ମହକିଲ ଶ୍ରୀମତୀ କଳ୍ପନା କବାଟ, ପିତା- ପରମାନନ୍ଦ କବାଟ ବନଜା ବେହେରାଙ୍କ ସପକ୍ଷରେ ମୂଳ ବିକ୍ରୟ ପତ୍ର ପଞ୍ଜିକୃତ ନଂ- ୧୧୧୨୧୮୦୩୪୮ (୩୧.୦୩.୨୦୧୮) ବନଜା ବେହେରାଙ୍କ ସପକ୍ଷରେ ଏବଂ ୧୧୧୨୨୪୦୦୮୭୩ (୧୬.୦୨.୨୦୨୬) କଳ୍ପନା କବାଟ ସପକ୍ଷରେ ସଂଶୋଧନ ପତ୍ର ପଞ୍ଜିକୃତ ନଂ- ୧୧୧୨୨୨୦୩୯୧୬(୦୨.୦୬.୨୦୨୨) ସହିତ ବନଜା ବେହେରାଙ୍କ ସପକ୍ଷରେ RoR ଖାତା ନଂ- ୩୧୧/୨୭୦୬ ଏବଂ ୩୧୧/୩୧୧୧ କଳ୍ପନା କବାଟ ସପକ୍ଷରେ ମୌଜା-କଣ୍ଡିଲୋ, ତହସିଲ-ଜଟଣୀ, ଜିଲ୍ଲା-ଖୋର୍ଦ୍ଧା, ରାଜ୍ୟ-ଓଡ଼ିଶାଙ୍କ ସପକ୍ଷରେ ଥିବା ସମ୍ପୃକ୍ତ ROR ହଜାଇଛନ୍ତି। ଏଥିପାଇଁ ଘଟଗାଁ ଥାନାରେ ଏକ FIR (ଅଭିଯୋଗ ନଂ- ୨୪୪୯୭୦୧୫୦୭୨୬୦୦୦୧୦) ୨୨.୦୬.୨୦୨୬ରେ ଦାୟର କରାଯାଇଛି। ସମସ୍ତ ବ୍ୟକ୍ତିଙ୍କୁ ଏହି ନୋଟିସ୍ ପ୍ରକାଶ ପାଇବାର ପର୍ଯ୍ୟାପ୍ତ ପ୍ରମାଣ ସହିତ ୧୫ ଦିନ ମଧ୍ୟରେ ଉକ୍ତ ସମ୍ପତ୍ତି କିମ୍ବା ଏହାର ଯେକୌଣସି ଅଂଶ ବିଷୟରେ ସେମାନଙ୍କର ଦାବି କିମ୍ବା ଆପତ୍ତି ଦାଖଲ କରିବାକୁ ଏତଦ୍ୱାରା ସୂଚିତ କରାଯାଉଛି। ଯଦି ଉପରୋକ୍ତ ଡକ୍ୟୁମେଣ୍ଟଗୁଡ଼ିକ ୧୫ ଦିନ ମଧ୍ୟରେ ନ ମିଳେ, ତେବେ ରେଜିଷ୍ଟ୍ରି ଅଫିସରୁ ପ୍ରାପ୍ତ ଡକ୍ୟୁମେଣ୍ଟଗୁଡ଼ିକର ପ୍ରମାଣିତ କପିକୁ ମୂଳ ଡକ୍ୟୁମେଣ୍ଟ ଭାବରେ ବିବେଚନା କରାଯିବ।

ସମୀର କୁମାର ପାଇକରାୟ (ଆଡ୍‌ଭୋକେଟ୍)
ଭୁବନେଶ୍ୱର କୋର୍ଟ,
ଫୋନ୍: ୭୦୦୮୦୦୫୪୧୯

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, Vide no - 980, dated 22.06.2026, I, MUNA NAYAK, Son of - Sunadhar Harijan, permanent resident of Village - Jatabal, PO - Jatabal, PS - Dabugam, Dist - Nabarangpur, Odisha, Pin - 764071, declare that I have changed my name from MUNA HARIJAN to MUNA NAYAK. Henceforth, I shall be known as **MUNA NAYAK** for all purposes.

**Sd/- Muna Nayak**

## AFFIDAVIT

By virtue of an affidavit sworn before the Executive Magistrate, Nabarangpur, Vide no- 987, dated 23.06.2026 I, NALINI PUJARI, Daughter of - Madhu Pujari & Wife of - Jhadeswar Patro, permanent resident of Village - Sirisi, PO - Sirisi, PS - Papadahandi, Dist - Nabarangpur, Odisha, Pin - 764071, declare that I have changed my name from NALINI RAJGOND to NALINI PUJARI. Henceforth, I shall be known as **NALINI PUJARI** for all purposes.

**Sd/- Nalilin Pujari**

## AFFIDAVIT

By virtue of an affidavit before the Notary Public, Sukinda, Jajpur, dtd.23.06.2026, I, Satyajit Behura, Village /PO/PS-Sukinda, Dist.-Jajpur do hereby declare that I have changed my minor son's name from Saipriti Behura to Saiprit Behura. Henceforth, he shall be known as **Saiprit Behura** for all purposes.

**Sd/- Satyajit Behura**

## AFFIDAVIT

I Sk Akhlak Hosain holding indian Passport No-M7901874 residing At- Sayedpur, Noor Mohalla, Po/Ps-Binjharpur, Dist-Jajpur, Odisha, Pin-755004 declare by Court Affidavit vide no 2966 Dt-22/06/2026 have change the of my mother Khursida Bibi (Old Name) to Khursida Jahanara Begum (New Name) and my father Sofean Shaikh (Old Name) to Sk Sufiyan (New Name) . And have changed my Date of Birth from 10.09.1990. to 10.09.1993 For all Future Purposes.

**Sk Akhlak Hosain**

## AFFIDAVIT

I, Bismaya Kumar Swain, aged about 60 years, S/o- Late Manmohan Swain, resident of At: Plot No- RP/119, Pandav Nagar, Tankapani road, Po/Ps- Badagada, Bhubaneswar, Dist- Khordha, Pin- 751018, State: Odisha declared by this affidavit No. 45, dtd- 24/06/2026 that now onwards I shall be known as **BISMAY KUMAR SWAIN** for all future purposes.

## AFFIDAVIT

By virtue of an affidavit (SL No. 1580, dtd- 23/06/2026) sworn before The Executive Magistrate, Bhubana, Dhenkanal. I, **Tirthabasi Swain,** S/o- Jogi Swain, permanent resident of Vill/PO: Balibo(L), PS: Bhubana, Dist: Dhenkanal, PIN- 759017, State: Odisha. Correctly record in all relevant documents including in his birth certificate bearing Regd No- 4736/2015, on dt-03.08.2015 Issued by the registered birth Dhenkanal Municipality. declare that I have changed my minor son's name from **Saswat Sekhar Swain** (old name) to **Sai Sritam Swain** (new name). Henceforth, he shall be known as **Sai Sritam Swain** (new name) for all purposes.

**Tirthabasi Swain**

## AFFIDAVIT

I, Paresh Agrawal, aged about 43 years, S/O- Pawan Kumar Agrawal, resident of Kansari Pada, Balangir, Po- Balangir, Ps- Town Bolangir, Dist- Balangir, Odisha, Pin- 767001 do hereby declare by this affidavit No. 1296, dtd- 24/06/2026, that now onwards I shall be known as **PARESH KUMAR AGRAWAL** for all future purposes.

## AFFIDAVIT

By virtue of an affidavit (Sl No.235, dtd- 22/06/2026) sworn before the Executive Magistrate, Khariar, Nuapada. I, **Kunal Tandi** (applicant name), S/o Narayan Tandi, resident of Village: Khariar, Ward No.4, PO/PS: Khariar, Dist: Nuapada, Odisha declare that I have changed my minor son's name from **Prince Tandi** (old name) to **Prinsu Tandi** (new name). Henceforth, he shall be known as **Prinsu Tandi** (new name) for all purpose.

**Kunal Tandi**

24001/233/2627

## ଓଡ଼ିଶା ସରକାର
## କେନ୍ଦୁଝର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ
## ଅଧିସୂଚନା

ନଥି ସଂ - IX(A)-11/2026-324 ତାରିଖ: ୦୯.୦୬.୨୦୨୬

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ସରକାର (Appropriate Government) ସରକାରୀ ବ୍ୟୟରେ ମୌଜା-ବାଲକାଟି, ଥାନା- ଆନନ୍ଦପୁର, ତହସିଲ- ଆନନ୍ଦପୁର, ଜିଲ୍ଲା-କେନ୍ଦୁଝରରେ ନିମ୍ନ ତଫସିଲ ମତେ ପ୍ରାୟ ଏ୨,୯୩୦ ରକବା ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାଯୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁର୍ନବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act 2013) ର ୧୧(୧) ଧାରା ରେ ଭାରପ୍ରାପ୍ତ ହୋଇ ସରକାର (Appropriate Government ) ଏତଦଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାଯୋଚିତ କ୍ଷତିପୂରଣ ଅଧୁକାର ଏବଂ ଭୂ-ଅର୍ଜନ, ପୁର୍ନବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧-ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ- ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ।
୨-ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ-ଅଧିକ୍ଷଣ ଯନ୍ତ୍ରୀ, ଡ୍ରେନେଜ ଡିଭିଜନ, ଭଦ୍ରକ ।
୩-କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ- ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ।
୪-ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ - ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।
୫-ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ-ଉପ ଜିଲ୍ଲାପାଳ, ଆନନ୍ଦପୁର ।

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | ପ୍ଲଟର ମୋଟ ରକବା | ଅଧି ସୂଚିତ ଜମିର ରକବା | ରସ୍ତର ନାମ |
|---|---|---|---|---|---|---|---|---|
| କେନ୍ଦୁଝର | ଆନନ୍ଦପୁର | ବାଲକାଟି | ଗ୍ରାମାଞ୍ଚଳ | ସଂଲଗ୍ନ | ସଂଲଗ୍ନ | ୧୫.୩୭୦ | ୨.୯୩୦ | ସଂଲଗ୍ନ |

ଉକ୍ତ ଅଧିସୂଚିତ ଜମି ରକବା ମଧ୍ୟରୁ ଏ୦.୦୦ ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।
ଉକ୍ତ ଭୂମିର ଏକ ନକ୍ସା ଭୁ-ଅର୍ଜନ ଅଧିକାରୀ, ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, କେନ୍ଦୁଝରରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।
ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି କେନ୍ଦୁଝର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ରାଜ୍ୟପାଳଙ୍କ ଆଦେଶକ୍ରମେ
ବିଶାଳ ସିଂ
ଜିଲ୍ଲାପାଳ, କେନ୍ଦୁଝର

### ଭୂମି ଅନୁସୂଚୀ

ପ୍ରକଳ୍ପର ନାମ–ଘାଗରାନାଳର ପୁନରୁଦ୍ଧାର ପ୍ରକଳ୍ପ ନିମନ୍ତେ ଜମି ଅଧିଗ୍ରହଣ,
ମୌଜା- ବାଲକାଟି, ଥାନା –ଆନନ୍ଦପୁର, ତହସିଲ-ଆନନ୍ଦପୁର, ଜିଲ୍ଲା- କେନ୍ଦୁଝର

| କ୍ରମିକ ନଂ. | ଖତିୟାନ ନଂ. | ପ୍ରଜାର ନାମ ଓ ଠିକଣା | ପ୍ଲଟ୍ ନଂ. | କିସମ | ମୋଟ ରକବା (ଏକର) | ଅର୍ଜନ ରକବା (ଏକର) |
|---|---|---|---|---|---|---|
| ୧ | ୧୧ | ଆର୍ତ ସାହୁ ପି- ଅଇଁଠୁ ସାହୁ, ଜା- ତେଲି ବା- ନିଜଗାଁ | ୩୪ | ଶାରଦ ଏକ | ୦.୨୩୦ | ୦.୨୩୦ |
| ୨ | ୧୨ | ଇନ୍ଦ୍ରମଣି ଜେନା ପି-ଜନ୍ଧା ଜେନା, କନ୍ଦ ଜେନା, ବୈସିମ ଜେନା, ପି- ମଦନ ଜେନା, ଜା- ପାଣ, ବା- ଦଧିବାମନପୁର | ୧୭୨ | ଶାରଦ ଦୋଫସଲି ଏକ | ୦.୧୯୦ | ୦.୦୨୦ |
| | | | ୧୭୪ | ବିଆଳି ଦୋଫସଲି ଏକ | ୦.୬୪୦ | ୦.୦୩୦ |
| | | | ୧୭୮ | ଶାରଦ ଦୋଫସଲି ଏକ | ୦.୨୦୦ | ୦.୦୨୦ |
| ୩ | ୨୭୫/୨୩ | ଶ୍ରୀମତୀ ସାରୁଅ ସାହାଣୀ ସା-ଚକ୍ରଧର ସହାଣୀ , ଜା- ଖଣ୍ଡାୟତ ବା- ଦୁଡୁଗାଁ | ୧୯୪ | ବାଜେଫସଲ ଏକ | ୧.୨୨୦ | ୦.୦୩୦ |
| ୪ | ୩୧ | କେଳା ବାରିକ ପି- କପିଳ ବାରିକ, ଲକ୍ଷ୍ମୀଧର , ବାରିକ, ନାରାୟଣ ବାରିକ, ଚହଳିଆ ବାରିକ , ପି- ଧଡି ବାରିକ, ନାଣ୍ଟୁ ବାରିକ , ପି- ସପନ ବାରିକ , ଜା- ନିଆରି , ବା- ଫକିରପୁର | ୧୭୧ | ଶାରଦ ଦୋଫସଲି ଏକ | ୦.୩୪୮ | ୦.୨୨୦ |
| ୫ | ୫୦ | ଗୁମାନ ଜେନା, ଗୋପାଳ ଜେନା, ଗଙ୍ଗା ଜେନା ସିରିଆ ଜେନା, ରଙ୍ଗା ଜେନା, ପି- ରତନ ଜେନା, ଗଇ ଜେନା ସା- ରତନ ଜେନା, ମାନ ଜେନା, ବିଭୁତି ଜେନା, ପୋଇନ ଜେନା ପି- ପତନ ଜେନା ଜଳା ଜେନା - ପତନ ଜେନା, ଗୋପି ଜେନା, ମାଧବ ଜେନା, ଲେଖନ ଜେନା ପି- ଗାଣ୍ଡୁ ଜେନା, ବେଙ୍ଗ ଜେନା ସା- ଗାଣ୍ଡୁ ଜେନା, ବଇ ଜେନା, ମଠୁ ଜେନା, କାର୍ତିକ ଜେନା ପି-ମେନା ଜେନା ଜା-ପାଣ ବା-ଦଧିବାମନପୁର | ୧୯୩ | ବିଆଳି ଦୋଫସଲି | ୦.୫୦୦ | ୦.୦୪୦ |
| | | | ୧୯୩/ ୧୨୦୯ | ବିଆଳି ଦୋଫସଲି | ୦.୫୦୦ | ୦.୦୫୦ |
| ୬ | ୯୦ | ଦୈତାରୀ ଦାସ, ଆରତ ଦାସ, ସାରତ ଦାସ ପି- ରାମଚନ୍ଦ୍ର ଦାସ ଜା- ବ୍ରାହ୍ମଣ ବା-ଫକିରପୁର ଭାଗସୂତ୍ରେ ଦଖଲ - ନ ଜେନା, ପି- ବଇ ଜେନା, ଗୌରଙ୍ଗ ଜେନା ପି- ଶୁକୁରୀ ଜେନା ବିଦା ଜେନା ପି- ଲୋକେଇ ଜେନା, ଋଷି ଜେନା ପି-କ୍ଷେ ଜେନା ଜା- ପାଣ ବା- ଦଧିବାମନପୁର ସ୍ୱ ୧୯୫୦ ଠାରୁ | ୧୩୨ | ପତିତ | ୩.୫୦୦ | ୦.୦୬୦ |
| | | | ୧୩୫ | ବିଆଳି | ୧.୯୦ | ୦.୧୫୦ |
| | | | ୧୫୬ | ଶାରଦ ଦୋଫସଲି ଏକ | ୦.୪୭୦ | ୦.୧୨୦ |
| ୭ | ୧୧୭ | ନାଣ୍ଟୁ ବାରିକ ପି- ସପନ ବାରିକ ଜା- ନିଆରି ବା- ଫକିରପୁର | ୩୩ | ଶାରଦ ଏକ | ୦.୩୫୦ | ୦.୦୪୦ |
| ୮ | ୧୩୪ | ପଦୁ ଜେନା, ବିପିନ ଜେନା, ଉପ ଜେନା ପି- ବେନୁ ଜେନା, ଜୁଣ ଜେନା ସା-ବେନୁ ଜେନା, ଛଚି ଜେନା ପି- କାଙ୍ଗାଳି ଜେନା, ବିଲେଇ ଜେନା, ଝୁଲ ଜେନା, ପି- କରୁଣୀ ଜେନା, ଗୋଲେଖ ଜେନା, ରମ୍ଭା ଜେନା, ରମା ଜେନା, ପି- ଅନୁ ଜେନା, ସଖୀ ଜେନା ସା-ଅନୁ ଜେନା, ହାର ଜେନା ସା-ଦାମ ଜେନା, ସଜୀ ଜେନା ସା-କପିଳ ଜେନା ଜା-ପାଣ ବା- ଦଧିବାମନପୁର | ୧୫୯ | ଶାରଦ ଦୋଫସଲି ଏକ | ୦.୩୦୦ | ୦.୦୨୦ |
| | | | ୧୬୫ | ଶାରଦ ଦୋଫସଲି ଏକ | ୦.୨୧୦ | ୦.୦୨୦ |
| | | | ୧୬୪/ ୧୧୭୧ | ଶାରଦ ଦୋଫସଲି ଏକ | ୦.୧୧୦ | ୦.୦୭୦ |
| ୯ | ୧୩୬ | ପଦ୍ମଲାଭ କର ପି- ନିଧୁ କର ଜା- ବ୍ରାହ୍ମଣ ବା- ତରତରା | ୧୦ | ଶାରଦ ଏକ | ୦.୦୮୦ | ୦.୦୮୦ |
| ୧୦ | ୧୪୨ | ପୁନି ଖଟୁଆ, ଧନୀ ଖଟୁଆ , ପି- ଅପର୍ତ୍ତି ଖଟୁଆ. ରାଜନ ମହାନ୍ତି, ବାବାଜି ମହାନ୍ତି, ପି-ଶୁକୁଟା ମହାନ୍ତି, ପଠାଣି ମହାନ୍ତି ପି-ସଦେଇ ମହାନ୍ତି ଜା- ଗୋଲା ବା- ଅକରୁଆ ଜବର ଦଖଲ ଚକ୍ରଧର ଦାସ ପି- ପୁରୁଷୋତମ ଦାସ, ଜା-ବ୍ରାହ୍ମଣ, ବା- ଫକିର ପୁର ସ୍ୱ ୧୯୬୫ ଠାରୁ | ୨୪ | ବାଜେଫସଲ ଏକ | ୦.୧୦୦ | ୦.୧୦୦ |
| ୧୧ | ୧୭୯ | ବିଷ୍ଣୁ ଦାସ ପି- ସଦା ଦାସ ଜା-ପାଣ ବା- ଆମ୍ବ ଗଡିଆ | ୧୬୬ | ଶାରଦ ଦୋଫସଲି ଏକ | ୦.୩୭୦ | ୦.୦୫ |
| ୧୨ | ୨୦୦ | ଭିକାରି ସାହାଣି, ବାବାଜି ସାହାଣି, ସଙ୍ଖାଳି ସାହାଣି, ପି-ସାହାଣି, ରଙ୍ଗାଧର ସାହାଣି, ଘନ ସାହାଣି, ଯମୁନା ସାହାଣି, ବାଇଧର ସାହାଣି ପି- କାହ୍ନୁ ସାହାଣି, ବଇଁଶି ସାହାଣି, ସା- କାହ୍ନୁ ସାହାଣି, ସାରି ସାହାଣି, ସା- ନିଧୁଆ ସାହାଣି, ଦୁଃଖୁ ସାହାଣି, ସା-ପଦିଆ ସାହାଣି, ମଙ୍ଗଳି ସାହାଣି, ପି- ଶଙ୍କର ସାହାଣି, ମଡି ସାହାଣି, ପି- ଭାଲୁ ସାହାଣି, ପାଡିଆ ସାହାଣି ପି-ମଗୁରା ସାହାଣି, ବେନୁଆ ସାହାଣି, ଧନିଆ ସାହାଣି, ପି-ରାମ ସାହାଣି, ଜା-ଖଣ୍ଡାୟତ ବା- ଫକିରପୁର | ୧୬୮ | ଶାରଦ ଦୋଫସଲି ଏକ | ୦.୨୯୦ | ୦.୦୫୦ |
| | | | ୧୬୯ | ଶାରଦ ଦୋଫସଲି ଏକ | ୦.୧୫୦ | ୦.୦୮୦ |
| | | | ୧୬୯/ ୧୦୧୬ | ଶାରଦ ଦୋଫସଲି ଏକ | ୦.୧୭୦ | ୦.୦୮୦ |
| | | | ୧୬୯/ ୧୧୯୮ | ଶାରଦ ଦୋଫସଲି ଏକ | ୦.୧୦୦ | ୦.୦୫୦ |
| ୧୩ | ୨୨୧ | ମୁରଲୀଧର ସାହୁ, ପି- ମିନ୍ଧୁ ସାହୁ, ଜା- ବଣିଆ - ଫକିରପୁର | ୬୭ | ଶାରଦ ଏକ | ୦.୧୫୦ | ୦.୦୩୦ |
| ୧୪ | ୨୩୩ | ରଘୁନାଥ ଜେନା ପି- ହରି ଜେନା ଜା-ଖଣ୍ଡାୟତ ବା- ତରତରା | ୬ | ଶାରଦ ଏକ | ୦.୧୭୦ | ୦.୦୩୦ |
| | | | ୧୯/୧୦୩୬ | ଶାରଦ ଦୁଇ | ୦.୩୦୦ | ୦.୨୦୦ |
| ୧୫ | ୨୬୫/୬ | ଆରତ ସାହୁ ପି- ଅଇଁଠୁ ସାହୁ ଜା-ତେଲି ବା- ଦୁଡୁଗାଁ | ୨୯ | ଶାରଦ ଦୋଫସଲି ଏକ | ୦.୧୧୦ | ୦.୦୭୦ |
| | | | ୩୦ | ଶାରଦ ଦୋଫସଲି ଏକ | ୦.୧୬୦ | ୦.୧୨୦ |
| | | | ୨୬ | ଶାରଦ ଦୋଫସଲି ଏକ | ୦.୨୫୦ | ୦.୦୮୦ |
| | | | ୨୭ | ଶାରଦ ଦୋଫସଲି ଏକ | ୦.୧୫୦ | ୦.୧୧୦ |
| | | | ୨୮ | ଶାରଦ ଦୋଫସଲି ଏକ | ୦.୧୯୦ | ୦.୧୪୦ |
| ୧୬ | ୨୭୫/ ୯୪ | ପ୍ରଭାତ କୁମାର ପଣ୍ଡା, ପ୍ରଦୀପ କୁମାର ପଣ୍ଡା ପି- ଯୋଗେନ୍ଦ୍ର ୧୦୨୩ ପଣ୍ଡା ଜା- ବ୍ରାହ୍ମଣ ବା-ଫକିରପୁର | ୪୦/ ୧୦୨୩ | ଶାରଦ ଦୋଫସଲି ଏକ | ୦.୧୫୦ | ୦.୦୫୦ |
| ୧୭ | ୨୭୫/ ୧୧୩ | ମାନଗୋବିନ୍ଦ ନାହାକ, ପି-ପୋକ ନାହାକ, ଜା- ଖଣ୍ଡୁଆଳ ବା-ବାଲକାଟି | ୩୮/ ୧୦୨୧ | ଶାରଦ ଦୋଫସଲି ଏକ | ୧.୪୨୦ | ୦.୧୮୦ |
| ୧୮ | ୨୭୫/ ୧୩୨ | ରଘୁନାଥ ସେଠୀ, ପି- ଗିରିଧାରୀ ସେଠୀ, ଜା-ଧୋବା ବା- ଡୁଡୁଗାଁ | ୧୮୦/ ୧୪୦୭ | ଶାରଦ ଦୋଫସଲି ଏକ | ୦.୨୬୩ | ୦.୦୭୦ |
| ୧୯ | ୨୭୫/ ୧୩୬ | ଆନନ୍ଦ କୁମାର ସାହୁ ପି-ଆରତ ସାହୁ, ନିତ୍ୟାନନ୍ଦ ସାହୁ ପି-ରାମ ସାହୁ ଜା- କୁବେର ବା- ଡୁଡୁଗାଁ | ୧୮ | ଶାରଦ ଦୁଇ | ୦.୪୬୩ | ୦.୧୨୦ |
| ୨୦ | ୨୭୫/ ୧୩୯ | ଆରତ ସାହୁ ପି-ଅଇଁଠୁ ସାହୁ ଜା-ତେଲି ବା- ଡୁଡୁଗାଁ | ୩୧ | ଶାରଦ ଏକ | ୦.୧୨୩ | ୦.୧୨୦ |
| | | | | ମୋଟ | ୧୫.୩୭୦ | ୨.୯୩୦ |

AMIN
L.A. (Gen.) Section
Collectorate, Keonjhar

Land Acquisition Inspector
L.A. (Gen.) Section
Collectorate, Keonjhar

ଭୂ-ଅର୍ଜନ ଅଧିକାରୀ କେନ୍ଦୁଝର
ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ କେନ୍ଦୁଝର

OIPR-24001/24045/3/26-27/0006

# ଲୋକଙ୍କ ଦୁଃଖ କୁରୁମୁଣ୍ଡା ନାଳ

ଶଗଡା,୨୪।୬(ସମିସ)

ସରକାର ଗମନାଗମନ କ୍ଷେତ୍ରରେ ଉନ୍ନତି ଆଣିବା ପାଇଁ ଅନେକ ଯୋଜନା ମାଧ୍ୟମରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି; ହେଲେ ବିଭାଗୀୟ ଅଧିକାରୀଙ୍କ ଅବହେଳା ଯୋଗୁଁ ଲୋକେ ଏହାର ସୁବିଧାରୁ ବଞ୍ଚିତ ହେଉଥିବା ବେଳେ ଯାତାୟାତରେ ସମସ୍ୟା ଭୋଗୁଥିବା ଅଭିଯୋଗ ହୋଇଛି। ବୌଦ୍ଧ ଜିଲ୍ଲା ଶଗଡାଠାରୁ ମନମୁଣ୍ଡା ପୂର୍ତ୍ତ ରାସ୍ତାର କୁରୁମୁଣ୍ଡା ନାଳ ଉପରେ ଏକ ଉଚ୍ଚ ପୋଲ ନିର୍ମାଣ ପାଇଁ ଦୀର୍ଘ ବର୍ଷ ହେବ ଅଞ୍ଚଳବାସୀ ଦାବୀ କରି ଆସୁଥିଲେ ମଧ୍ୟ ବର୍ତ୍ତମାନ ସୁଦ୍ଧା ଏହାର କୌଣସି ସମାଧାନ ହୋଇପାରିନାହିଁ। ଏହା ଫଳରେ ସାମାନ୍ୟ ବର୍ଷା ହେଲେ ମଧ୍ୟ ଉକ୍ତ ନାଳ ଉପରେ ପାଣି ଆସିବାରୁ ଲୋକଙ୍କ ଯିବା ଆସିବା ବନ୍ଦ ହୋଇଯାଏ। ଅଞ୍ଚଳବାସୀ ଭୟଭୀତ ହୋଇ ପଡନ୍ତି। ଏପରିକି ରୋଗୀଙ୍କୁ ମେଡିକାଲ ନେବାକୁ ହେଲେ ମଧ୍ୟ ୨୦ କିଲୋମିଟର ବୁଲି ଯିବାକୁ ପଡେ ବୋଲି ଅଞ୍ଚଳବାସୀ କହିଛନ୍ତି। ଏହା ଫଳରେ ଚିକିତ୍ସା ଅଭାବରୁ ଗୁରୁତର ରୋଗୀ ନାନା ଅସୁବିଧାର ସମ୍ମୁଖୀନ ହୁଅନ୍ତି। ବର୍ଷା ହେଲେ ନାଳରେ ବନ୍ୟାଜଳ ପ୍ରବାହିତ ହୋଇଥାଏ। ଏହି ନାଳରେ ଗତବର୍ଷ ପ୍ରବଳ ବର୍ଷା ସହ ବନ୍ୟା ପାଣିରେ ଏକ ଟ୍ରାକ୍ଟର ଭାସି ଯାଇଥିଲା। ଗତ ବର୍ଷ ମନମୁଣ୍ଡା ଶଗଡା ପୂର୍ତ୍ତ ରାସ୍ତା ନୂତନ ନିର୍ମାଣ ହୋଇଥିଲେ

## ବାରମ୍ବାର ଦାବି ସତ୍ତ୍ୱେ ହୋଇ ପାରିଲାନି ଉଚ୍ଚ ପୋଲ

ମଧ୍ୟ ଏହି ପୋଲରେ ନୂତନ ଉଚ୍ଚ ପୋଲ ନିର୍ମାଣ ହୋଇ ପାରିଲା ନାହିଁ। ଅଞ୍ଚଳବାସୀ ଅନେକ ଥର ଅଭିଯୋଗ କରି ଆସୁଥିଲେ ମଧ୍ୟ ବିଭାଗ ଏହାକୁ ଅଣଦେଖା କରି ଆସୁଥିବାରୁ ଲୋକେ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ଏହି ପୋଲକୁ ଭାଙ୍ଗି ଏକ ଉଚ୍ଚ ପୋଲ ନିର୍ମାଣ କରିବାକୁ ଅଞ୍ଚଳବାସୀ ଦାବୀ କରିଛନ୍ତି। ବିଭାଗ ପୋଲ ନିର୍ମାଣ ଦିଗରେ ଆବଶ୍ୟକ ପଦକ୍ଷେପ ଗ୍ରହଣ ନ କଲେ ଅଞ୍ଚଳବାସୀ ଆନ୍ଦୋଳନକୁ ଓହ୍ଲାଇବେ ବୋଲି କଡା ଚେତାବନୀ ଦେଇଛନ୍ତି।

# ଜିଲ୍ଲାପାଳଙ୍କ ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପ ପରିଦର୍ଶନ

ବୌଦ୍ଧ,୨୪।୬(ସମିସ): ବୌଦ୍ଧ ଜିଲ୍ଲାପାଳ ବିଭୂତି ଭୂଷଣ ନାୟକ ହରଭଙ୍ଗା ବ୍ଲକର ବିଭିନ୍ନ ଗ୍ରାମ ଗସ୍ତ କରିଛନ୍ତି। ଏହି ଅବସରରେ ସେ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି। ସରକାରୀ ଯୋଜନାର କାର୍ଯ୍ୟାନ୍ୱୟନ ଦେଖିବା ସହ ହିତାଧିକାରୀଙ୍କ ସହ ଆଲୋଚନା କରିଛନ୍ତି। ଜନସାଧାରଣଙ୍କ ସମସ୍ୟାର ସମୀକ୍ଷା



କରିଥିଲେ। ଗସ୍ତ ସମୟରେ ଜିଲ୍ଲାପାଳ ଡମକୋଚ ମାଇନର ଇରିଗେସନ୍ ପ୍ରକଳ୍ପ ଓ କେନାଲ ନିର୍ମାଣ କାର୍ଯ୍ୟ ପରିଦର୍ଶନ କରି ଏହାର ଅଗ୍ରଗତି ସମ୍ପର୍କରେ ସମୀକ୍ଷା କରିଥିଲେ। ପରେ ସେ ଗୋରଡାମୁଣ୍ଡା ଗ୍ରାମର ଅଙ୍ଗନବାଡ଼ି କେନ୍ଦ୍ର ପରିଦର୍ଶନ କରି ଶିଶୁ ଓ ମାତୃ ସେବା ସମ୍ପର୍କିତ ବ୍ୟବସ୍ଥା ଅନୁଧ୍ୟାନ କରିଥିଲେ। ଗ୍ରାମବାସୀଙ୍କ ସହ ଆଲୋଚନା ବେଳେ ବିଦ୍ୟୁତ୍ ଯୋଗାଣରେ ଅନିୟମିତତା ସମ୍ପର୍କରେ ଅଭିଯୋଗ ପାଇଥିଲେ। ଏ ସମ୍ପର୍କରେ ସମ୍ପୃକ୍ତ ବିଭାଗକୁ ଆବଶ୍ୟକ ପଦକ୍ଷେପ ନେବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। କଣ୍ଟିସର ଗ୍ରାମରେ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଏବଂ ଅନ୍ତ୍ୟୋଦୟ ଗୃହ ନିର୍ମାଣ କାର୍ଯ୍ୟର ଅଗ୍ରଗତି ଯାଞ୍ଚ କରିଥିଲେ। ସେଠାରେ ପାନୀୟ ଜଳ ସମସ୍ୟା ସମ୍ପର୍କରେ ଗ୍ରାମବାସୀଙ୍କଠାରୁ ଅବଗତ ହୋଇ ଆବଶ୍ୟକ ସମାଧାନ ପାଇଁ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଆଦିବାସୀ ଓ ବୟସ୍କ ନାଗରିକମାନଙ୍କ ସହ ସିଧାସଳଖ ଆଲୋଚନା କରି ସେମାନଙ୍କ ଖାଦ୍ୟପେୟ, ଭତ୍ତା, ଅଭାବ ଓ ଆବଶ୍ୟକତା ବୁଝିଥିଲେ। ଯୋଗ୍ୟ ହିତାଧିକାରୀଙ୍କୁ ଗୁହାଳ ଘର ପାଇଁ ସହଯୋଗ ଯୋଗାଇଦେବା ପାଇଁ କହିଥିଲେ। ଜିଲ୍ଲାପାଳ ତଳଗାଁ ସ୍ଥିତ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଓ ଆୟୁଷ୍ମାନ ଜନଆରୋଗ୍ୟ ମନ୍ଦିର ପରିଦର୍ଶନ କରି ସ୍ୱାସ୍ଥ୍ୟ ସେବାର ମାନ, ଔଷଧ ଉପଲବ୍ଧତା ଓ ରୋଗୀଙ୍କୁ ଦିଆଯାଉଥିବା ସେବା ସମ୍ପର୍କରେ ସମୀକ୍ଷା କରିଥିଲେ। ସ୍ଥାନୀୟ ଲୋକଙ୍କ ସହ ଆଲୋଚନା କରି ସେମାନଙ୍କ ସମସ୍ୟା ସମ୍ପର୍କରେ ଅବଗତ ହୋଇଥିଲେ। କୃଷି ଓ ସହଯୋଗୀ କ୍ଷେତ୍ରର ବିକାଶକୁ ଗୁରୁତ୍ୱ ଦେଇ ଜିଲ୍ଲାପାଳ ସାନଭୁର୍ତା ଗ୍ରାମର ଚାଷୀ ସୁରେଶ ଚନ୍ଦ୍ର ଜାନୀଙ୍କ ଛେଳି ଫାର୍ମ ପରିଦର୍ଶନ କରିଥିଲେ। ସରକାରୀ ସହାୟତା ଓ ସୁବିଧା ସମ୍ପର୍କରେ ଚାଷୀଙ୍କ ସହ ଆଲୋଚନା କରି ଆୟ ବୃଦ୍ଧି ପାଇଁ ପରାମର୍ଶ ଦେଇଥିଲେ। ଅଯୋଧ୍ୟା ଗ୍ରାମରେ ବଲ୍ଲଭୀ ଦେହୁରୀଙ୍କ ବ୍ରଏଲର ଫାର୍ମ ପରିଦର୍ଶନ କରି ଉଦ୍ୟୋଗୀ ମହିଳାଙ୍କ ପ୍ରୟାସକୁ ପ୍ରଶଂସା କରିଥିଲେ। ସେହିପରି ବାଇଶିପଡ଼ାର ସମନ୍ୱିତ ଆମ୍ବ ଓ କଦଳୀ ଉଦ୍ୟାନ କୃଷି ଫାର୍ମ ପରିଦର୍ଶନ କରି ଚାଷୀଙ୍କୁ ଆଧୁନିକ କୃଷି ପଦ୍ଧତି ଆପଣାଇବା ଏବଂ ସରକାରୀ ଯୋଜନାର ସୁଯୋଗ ନେବା ପାଇଁ ଉତ୍ସାହିତ କରିଥିଲେ। ଏହି ଗସ୍ତ କାର୍ଯ୍ୟକ୍ରମରେ ଜିଲ୍ଲା ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସନା, ଉପନିର୍ଦ୍ଦେଶକ ଉଦ୍ୟାନ କୃଷି, କୃଷି ଅଧିକାରୀ, ପ୍ରାଣୀ ସମ୍ପଦ ଅଧିକାରୀ, ଜଳସେଚନ ବିଭାଗର ଯନ୍ତ୍ରୀ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ, ବ୍ଲକ୍ ଯନ୍ତ୍ରୀ ଏବଂ ବିଭିନ୍ନ ବିଭାଗର ଅଧିକାରୀ ଉପସ୍ଥିତ ଥିଲେ। ସମନ୍ୱିତ କୃଷିକୁ ଗୁରୁତ୍ୱ ଦେଇ ଚାଷୀଙ୍କୁ ସବୁପ୍ରକାର ବିଭାଗୀୟ ସହାୟତା ଯୋଗାଇ ଦେବାପାଇଁ ଜିଲ୍ଲାପାଳ ଅଧିକାରୀମାନଙ୍କୁ ପରାମର୍ଶ ଦେଇଥିଲେ।

# ବେଲପାହାଡ଼ ନଗରପାଳଙ୍କ ବିରୋଧରେ ଅନାସ୍ଥା ଭୋଟ୍

ଇବଥର୍ମାଲ,୨୪।୬(ସମିସ): ଝାରସୁଗୁଡା ଜିଲ୍ଲା ବେଲପାହାଡ ପୌର ପରିଷଦ ନଗରପାଳ ନିମାଇଁ ଚରଣ ପଣ୍ଡାଙ୍କ ବିରୋଧରେ ଅନାସ୍ଥା ଭୋ୍ ଶେଷ ହୋଇଛି। ବେଲପାହାଡ ପୌରପରିଷଦର ସମସ୍ତ ୧୯ ଜଣ କାଉନସିଲର ଭୋଟ ଦେଇଛନ୍ତି। ପିଏଆଇଟିଡିଏ ଝାରସୁଗୁଡାଙ୍କ ଅଧ୍ୟକ୍ଷତାରେ ଆଜି ସକାଳ ୧୧ଟାରୁ ଭୋଟିଂ ପ୍ରକ୍ରିୟା ଆରମ୍ଭ କରାଯାଇ ଭୋଟ ଗ୍ରହଣ କରାଯାଇଛି। ଭୋଟିଂ ଶେଷ ପରେ ବାଲାଟ ବକ୍ସ କଡା ସୁରକ୍ଷା ବଳୟ ମଧ୍ୟରେ ଜିଲ୍ଲା ଟ୍ରେଜେରୀକୁ ନିଆଯାଇଛି। ଏହି ଅନାସ୍ଥା ଭୋଟିଂର ଫଳାଫଳ ପ୍ରକାଶ ଉପରେ ଆସନ୍ତା ୩୦ ତରିଖ ପର୍ଯ୍ୟନ୍ତ ହାଇକୋର୍ଟ ରୋକ ଲଗାଇଛନ୍ତି। ତେଣୁ ୩୦ ତାରିଖ ପରେ ହାଇକୋର୍ଟଙ୍କ ପରବର୍ତ୍ତୀ ନିର୍ଦ୍ଦେଶ ଅନୁଯାୟୀ ଫଳାଫଳ ପ୍ରକାଶ କରାଯିବ। ଅନାସ୍ଥା ପ୍ରସ୍ତାବ ଆଗତ କରିଥିବା ୧୪ ଜଣ କାଉନସିଲର ନଗରପାଳଙ୍କ ବିରୋଧରେ ଭୋଟ କରିଥିବା ନେଇ ବେଲପାହାଡ ପୌରପରିଷଦ ଉପାଧ୍ୟକ୍ଷା ରୀନା ସୁନା ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ କହିଛନ୍ତି ଯେ, ୧୪ ଜଣ କାଉନସିଲର ନଗରପାଳଙ୍କ ବିପକ୍ଷରେ ଭୋଟ ଦେଇଛନ୍ତି। ବେଲପାହାଡ଼ ମୁନିସିପାଲଟି ବିକାଶର ଦେଢ଼ବର୍ଷ ପଛକୁ ଚାଲିଯାଇଛି। ଏଣୁ ବେଲପାହାଡ଼ର ବିକାଶ ପାଇଁ ସେମାନେ ଏହି ପଦକ୍ଷେପ ନେଇଛନ୍ତି।

ସେହିପରି ୧୧ ନମ୍ବର ୱାର୍ଡର କାଉନସିଲର ଯୁଧିଷ୍ଠିର ମୁଖୀ ପ୍ରତିକ୍ରିୟାରେ କହିଛନ୍ତି ଯେ, ୧୯ ଜଣ କାଉନସିଲର ଭୋଟ ଦେଇଛନ୍ତି। ଅନାସ୍ଥା ପ୍ରସ୍ତାବ ଦେଇଥିବା ୧୪ ଜଣ କାଉନସିଲର ବିଜେପି, ବିଜେଡି, କଂଗ୍ରେସରୁ ଅଛନ୍ତି। ପୌରପରିଷଦରେ କୌଣସି ବୈଠକ ଠିକ୍ ଭାବରେ ହେଉ ନ ଥିଲା। ପୌରପରିଷଦ ବିଭିନ୍ନ କାର୍ଯ୍ୟରେ ଭୟଙ୍କର ଦୁର୍ନୀତି ହୋଇଛି। ଏଣୁ ୧୪ ଜଣ କାଉନସିଲର ଏଭଳି ପଦକ୍ଷେପ ଗ୍ରହଣ କରି ପୌରାଧ୍ୟକ୍ଷଙ୍କ ବିରୋଧରେ ଭୋଟ ଦେଇଥିବା ସେ କହିଛନ୍ତି। ତେବେ ଆଇନ ଶୃଙ୍ଖଳାକୁ ଦୃଷ୍ଟିରେ ରଖି ବ୍ୟାପକ ପୁଲିସ ମୁତୟନ କରାଯାଇଥିଲା। ଅନ୍ୟପଟେ ନଗରପାଳଙ୍କ ସପକ୍ଷରେ ଥିବା କାଉନସିଲରମାନେ ଗଣମାଧ୍ୟମକୁ କୌଣସି ପ୍ରତିକ୍ରିୟା ଦେଇନାହାନ୍ତି। ସୂଚନାଯୋଗ୍ୟ, ନଗରପାଳଙ୍କ ବିରୋଧରେ ୧୯ ଜଣ କାଉନସିଲରଙ୍କ ମଧ୍ୟରୁ ୧୪ ଜଣ କାଉନସିଲର ଆସ୍ଥା ନ ଥିବା ଦର୍ଶାଇ ଜୁନ ୮ ତାରିଖ ଜିଲ୍ଲା ପ୍ରଶାସନ ନିକଟରେ ଅନାସ୍ଥା ପ୍ରସ୍ତାବ ଆଗତ କରିଥିଲେ। ଜିଲ୍ଲାପ୍ରଶାସନ ଏହି ପ୍ରସ୍ତାବକୁ ଗ୍ରହଣ କରିବା ସହ ଅନାସ୍ଥା ଭୋଟ ପାଇଁ ୨୪ ତାରିଖ ପୂର୍ବାହ୍ନ ୧୧ଟାରେ ସମୟ ଧାର୍ଯ୍ୟ କରିଥିଲା।

ତେବେ ଆଇନ ସମ୍ମତ ଭାବେ ଅନାସ୍ଥା ନୋଟିସ୍ କରାଯାଇ ନ ଥିବା ଅଭିଯୋଗ କରି ନଗରପାଳ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ନଗରପାଳ ନୋଟିସ୍ ଗ୍ରହଣ ନ କରିବାରୁ ଘର ସମ୍ମୁଖରେ ଟାଙ୍ଗି ବିକଳ୍ପ ପ୍ରକ୍ରିୟା କରାଯାଇଥିଲା ବୋଲି ସରକାରଙ୍କ ପକ୍ଷରୁ ଉତ୍ତର ରଖାଯାଇଛି। ହାଇକୋର୍ଟ ରାଜ୍ୟ ସରକାରଙ୍କୁ ୨୫ ଜୁନ୍ ସୁଦ୍ଧା ସତ୍ୟପାଠ ଦାଖଲ କରିବାକୁ କହିଛନ୍ତି। ମାମଲାର ପରବର୍ତ୍ତୀ ଶୁଣାଣି ଜୁନ୍ ୩୦ ତାରିଖ ହେବ। ପରବର୍ତ୍ତୀ ଶୁଣାଣି ସୁଦ୍ଧା ଅନାସ୍ଥା ଭୋଟର ଫଳାଫଳ ପ୍ରକାଶ ଉପରେ ହାଇକୋର୍ଟ ରୋକ ଲଗାଇଛନ୍ତି। ଏଣୁ ଆଜି କୌଣସି ଫଳାଫଳ ପ୍ରକାଶ କରାଯାଇନାହିଁ।

# କମସରା ପଞ୍ଚାୟତରେ ଅଜୀବିକା କର୍ମଶାଳା

ତରଭା,୨୪।୬(ସମିସ): ତରଭା ବ୍ଲକ୍ କମସରା ପଞ୍ଚାୟତ ସଭାଗୃହରେ ଦ ହଙ୍ଗର ପ୍ରୋଜେକ୍ଟ ଇଣ୍ଡିଆ ତରଫରୁ ପଞ୍ଚାୟତସ୍ତରୀୟ ଅଜୀବିକା କମିଟି କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। କମସରା ସରପଞ୍ଚ କୁନ୍ତଳା ରଣାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ କ୍ଷେତ୍ର ପ୍ରଶିକ୍ଷକ ଜିତେନ୍ଦ୍ର ସାହୁ ସମସ୍ତଙ୍କୁ ସ୍ୱାଗତ ଜଣାଇ କାର୍ଯ୍ୟକ୍ରମର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ବିଷୟରେ ଆଲୋକପାତ କରିଥିଲେ। କମସରା ପ୍ରାଣୀ ଚିକିତ୍ସା ସହାୟକ ଶୁଭାକାଂକ୍ଷୀ ବେହେରା ପ୍ରାଣୀସମ୍ପଦ ବିଭାଗର ଅଧୀନରେ ଥିବା ବିଭିନ୍ନ ଯୋଜନା ସମ୍ପର୍କରେ ବିସ୍ତୃତ ଭାବେ ବୁଝାଇ ଥିଲେ। ପଞ୍ଚାୟତ କାର୍ଯ୍ୟ ନିର୍ବାହୀ ଅଧିକାରୀ ପ୍ରଦୀପ ପଣ୍ଡା ପଞ୍ଚାୟତର ବିଭିନ୍ନ ଯୋଜନା ପ୍ରସ୍ତୁତିରେ ଅଜୀବିକା ବଜେଟ ବୃଦ୍ଧି, ଭିବିଜିରାମଜି ଯୋଜନାରେ ପାଞ୍ଚୟତର ଲୋକଙ୍କୁ କାମ ଯୋଗାଇଦେବା ନିମନ୍ତେ ଆଲୋଚନା କରିଥିଲେ। ସରପଞ୍ଚ କୁନ୍ତଳା ରଣା ପଞ୍ଚାୟତରେ ଅଜୀବିକାରେ ସାମିଲ ମହିଳାଙ୍କୁ ତାଲିମ୍ ଦେବା , ଯୋଜନାରେ ଲୋକଙ୍କୁ ସାମିଲ କରିବାକୁ ପଦକ୍ଷେପ ନେବାକୁ ମତପ୍ରକାଶ କରିଥିଲେ। ଏଥିରେ ୱାର୍ଡ ସଭ୍ୟସଭ୍ୟା, ଏମ୍‌ବିକେ, ସିଆରପି, ଏସଏଚଜି ସଦସ୍ୟ, ଚାଷୀ ଯୋଗ ଦେଇଥିବା ବେଳେ କ୍ଷେତ୍ର ପ୍ରଶିକ୍ଷକ ଗୁଣନିଧି ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

# ସରକାରଙ୍କ ସଫଳତା ବଖାଣୁଛି 'ବିକାଶର ଧାରା, ଓଡ଼ିଶା ସାରା'



ବୌଦ୍ଧ,୨୪।୬(ସମିସ): ବୌଦ୍ଧ ବ୍ଲକ୍ ଖୁଣ୍ଟବନ୍ଧ ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ 'ବିକାଶର ଧାରା ଓଡ଼ିଶା ସାରା' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସରପଞ୍ଚ ଟୁନି ମହାନନ୍ଦିଆ ଏଥିରେ ଅଧ୍ୟକ୍ଷତା କରିଥିଲେ। ସହକାରୀଯନ୍ତ୍ରୀ ସୁଜାତା ବେହେରା, ଗ୍ରାମ୍ୟ କୃଷି ସେବକ ସତ୍ୟବ୍ରତ ମେହେର, ସାମ୍ବାଦିକ ସତ୍ୟଜିତ ପଣ୍ଡା ଏବଂ ପଞ୍ଚାୟତ ନିର୍ବାହୀ ଅଧିକାରୀ ହିମାଂଶୁ ଶେଖର ପ୍ରଧାନ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ପଞ୍ଚାୟତ ଏଡିଇଓ ବିଭୁତି ଭୂଷଣ ମିଶ୍ର ଅତିଥିଙ୍କୁ ସ୍ୱାଗତ ଜଣାଇବା ସହ ମଞ୍ଚ ପରିଚାଳନା କରିଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନା ଅଧୀନରେ ଯୋଗ୍ୟ ହିତାଧିକାରୀଙ୍କୁ ନୂତନ ରାସନ କାର୍ଡ ବଣ୍ଟନ କରାଯାଇଥିବା ବେଳେ ଆୟୁଷ୍ମାନ ସ୍ୱାସ୍ଥ୍ୟ କାର୍ଡ ମଧ୍ୟ ପ୍ରଦାନ କରାଯାଇଥିଲା।

ତରଭା: ତରଭା ବ୍ଲକ୍ କାର୍ଯ୍ୟାଳୟ ପରିସରରେ ବୁଧବାର ବିକାଶର ଧାରା ଓଡ଼ିଶା ସାରା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଡିଓ ଶିବାନନ୍ଦ କର୍ମୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ସାଂସଦ ପ୍ରତିନିଧି ବିମଳ ଚନ୍ଦ୍ର ମିଶ୍ର ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଅମ୍ରିତା ପୋଢ଼, ସିଡିପିଓ ଜ୍ଞାନଦା ମହାନନ୍ଦ, ପ୍ରୟାସ କମସରାର ସମ୍ପାଦକ ଭବାନୀ ଶଙ୍କର ପଣ୍ଡା, ତରଭା ସହକାରୀ ଶ୍ରମ ଅଧିକାରୀ ସପ୍ରତିଭ ପ୍ରଧାନ ଏବଂ ମାର୍କେଟିଂ ଇନ୍ସପେକ୍ଟର ସଙ୍ଗୀତା ମହାପାତ୍ର ପ୍ରମୁଖ ମଞ୍ଚାସୀନ ଥିଲେ। ଏହି ଅବସରରେ ୫୯ ଜଣ ହିତାଧିକାରୀଙ୍କୁ ମଧୁବାବୁ ପେନସନ ଯୋଜନାରେ ଭତ୍ତା ବଣ୍ଟନ କରାଯାଇଛି। ୩୦ଜଣ ହିତାଧିକାରୀଙ୍କୁ ଅନ୍ତ୍ୟୋଦୟ ଗୃହ ଯୋଜନାରେ କାର୍ଯ୍ୟାଦେଶ ବଣ୍ଟନ ହୋଇଛି। ୨୦ଜଣ ଅଙ୍ଗନବାଡିଙ୍କୁ ମୋବାଇଲ ବଣ୍ଟନ କରାଯାଇଛି। ୧୦ଜଣ ହିତାଧିକାରୀଙ୍କୁ ରାସନ କାର୍ଡ ବଣ୍ଟନ ହୋଇଛି। ୧୩ଜଣଙ୍କୁ ଶ୍ରମ କାର୍ଡ ବଣ୍ଟନ କରାଯାଇଛି। ୧୦ଟି ଏସଏଚଜିକୁ ୧ କୋଟି ୧୨ଲକ୍ଷ ଟଙ୍କାର ଋଣ ମଞ୍ଜୁର କରାଯାଇଛି। ୨ ଜଣଙ୍କୁ ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ବୀମା ଯୋଜନାରେ ୨ଲକ୍ଷ ଟଙ୍କା ଲେଖାଏଁ ବୀମାରାଶି ପ୍ରଦାନ କରାଯାଇଥିଲା। ବିପିଏମ୍ ମନୋଜ ବାଘ କାର୍ଯ୍ୟକ୍ରମ ସଂଯୋଜନା କରିବା ସହ ଧନ୍ୟବାଦ ଅର୍ପଣ କରିଥିଲେ। ସେହିଭଳି ତରଭା ଏନ୍ଏସି ଟାଉନହଲ୍‌ରେ ମଧ୍ୟ ରାଜ୍ୟସ୍ତରୀୟ ସହରାଞ୍ଚଳ ଜନସମ୍ପର୍କ ଓ ନାଗରିକ ସହଭାଗିତା ଅଧୀନ ବିକାଶର ଧାରା, ଓଡିଶା ସାରା



କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ପରିଷଦ ନଗରପାଳ ବନ୍ଦିତା ନାୟକ, ଉପନଗରପାଳ ଗଗନ ଅଗ୍ରୱାଲ, ନିର୍ବାହୀ ଅଧିକାରୀ ଲକ୍ଷ୍ମୀକାନ୍ତ ମଳିକ, ବଲାଙ୍ଗିର ସାଂସଦଙ୍କ ପ୍ରତିନିଧି ମାନସ ସାହୁଙ୍କ ସମେତ ପରିଷଦର ସମସ୍ତ କାଉନସିଲର, ବିଭିନ୍ନ କ୍ଲବର କର୍ମକର୍ତ୍ତା, ବିଭିନ୍ନ ରାଜନୈତିକ ଦଳର କର୍ମକର୍ତ୍ତା, ସଚେତନ ନାଗରିକ, ମିଶନ ଶକ୍ତି ଦଳର ସଭ୍ୟା ଓ ପରିଷଦର କର୍ମଚାରୀ ଉପସ୍ଥିତ ଥିଲେ।

# ଜାତୀୟସ୍ତରରେ ଝାରସୁଗୁଡ଼ାର କିକ୍‌ବକ୍ସରଙ୍କ ସଫଳତା

ଝାରସୁଗୁଡ଼ା, ୨୪।୬(ସମିସ): ଜାତୀୟ ସ୍ତରରେ ଝାରସୁଗୁଡ଼ାର କିକ୍‌ବକ୍ସରମାନେ ସଫଳତା ଅର୍ଜିଛନ୍ତି। ୱାକୋ ଇଣ୍ଡିଆ ନ୍ୟାସନାଲ କିକବକ୍ସିଂ ଚାମ୍ପିଅନସିପରେ ଏମାନେ ଉତ୍କୃଷ୍ଟ



ପ୍ରଦର୍ଶନ କରି ଓଡ଼ିଶା ପାଇଁ ଗୌରବ ଆଣିଛନ୍ତି। ସବ୍-ଜୁନିୟର ଏବଂ ଜୁନିୟର ଜାତୀୟ ପ୍ରତିଯୋଗିତାରେ ପଦକ ଜିତି ସେମାନେ ଜିଲ୍ଲାର ନାମକୁ ଉଜ୍ୱଳ କରିଛନ୍ତି। ଓଡ଼ିଶା ରାଜ୍ୟ କିକ୍‌ବକ୍ସିଂ ଚାମ୍ପିଅନସିପ୍‌ରେ ସଫଳତା ହାସଲ କରିବା ପରେ ଝାରସୁଗୁଡ଼ାର ୪ ଜଣ କ୍ରୀଡ଼ାବିତ୍ ଜାତୀୟସ୍ତରରେ ରାଜ୍ୟ ପାଇଁ ପ୍ରତିନିଧିତ୍ୱ କରିବାର ସୁଯୋଗ ପାଇଥିଲେ। ମଧ୍ୟପ୍ରଦେଶର ଇନ୍ଦୋରରେ ଅନୁଷ୍ଠିତ ୱାକୋ ଇଣ୍ଡିଆ ସବ୍ ଜୁନିୟର ନ୍ୟାସନାଲ କିକବକ୍ସିଂ ଚାମ୍ପିଅନସିପର ୧୩୦୦ରୁ ଅଧିକ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଏହି ପ୍ରତିଯୋଗିତାରେ ଝାରସୁଗୁଡ଼ାର ଚିକୁ ମାଝି ସ୍ୱର୍ଣ୍ଣ ପଦକ ପାଇଥିବାବେଳେ ଉର୍ମି ପରିଧି ସା ରୌପ୍ୟ ପଦକ ପାଇଛନ୍ତି। ବଳଦେବ ଖମାରୀ କାଂସ୍ୟ ପଦକ ପାଇଥିଲେ। ଏହାସହ ଝାରସୁଗୁଡ଼ାର ଅପର୍ଣ୍ଣା ମେହେର ଖୋର୍ଦ୍ଧାରେ ଅନୁଷ୍ଠିତ ୱାକୋ ଇଣ୍ଡିଆ ଜୁନିୟର ନ୍ୟାସନାଲ କିକବକ୍ସିଂ ଚାମ୍ପିଅନସିପରେ ଓଡ଼ିଶାରୁ ପ୍ରତିନିଧିତ୍ୱ କରି କାଂସ୍ୟ ପଦକ ଜିତିଛନ୍ତି। ଏହି ସମସ୍ତ କ୍ରୀଡ଼ାବିତ୍ ବିଦ୍ୟା ଗୁରୁକୁଳ ଆକ୍ଟିଭିଟି କ୍ଲାସେସର କିକ୍‌ବକ୍ସିଂ ପ୍ରଶିକ୍ଷକ ଅବନୀଙ୍କ ନିର୍ଦ୍ଦେଶନାରେ ପ୍ରଶିକ୍ଷଣ ଗ୍ରହଣ କରିଥିଲେ।

# ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ବଳିଦାନ ଦିବସ



ବୌଦ୍ଧ,୨୪।୬(ସମିସ): ବୌଦ୍ଧ ରାଜବାଟିସ୍ଥିତି ବିଜେପି ଦଳୀୟ କାର୍ଯ୍ୟାଳୟରେ ଡ. ଶ୍ୟାମା ପ୍ରସାଦ ମୁଖାର୍ଜୀଙ୍କ ତିରୋଧାନ ଦିବସକୁ ବଳିଦାନ ଦିବସ ଭାବେ ପାଳନ କରାଯାଇଛି। ମନରଞ୍ଜନ ଦାସ, ବିପ୍ର ଚରଣ ମହାନ୍ତି, ମାଗୁଣି ଗାଇଗୌରିଆ, ଶ୍ୟାମସୁନ୍ଦର ପୁରୋହିତ, ତାପସ ପଟ୍ଟନାୟକ, ନିରଞ୍ଜନ ଦାନୀ, ବାମନ ବାରିକ, ରାଜକୁମାର ମେହେର, ରାଜେନ୍ଦ୍ର ରାଜହଂସ ଓ ଗଜେନ୍ଦ୍ର ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

# ଚିନ୍ତା ବଢ଼ାଉଛି ବିଦ୍ୟାଳୟରୁ ବାରମ୍ବାର ଚୋରି

## ଚୋର ଧରିବାରେ ବିଫଳ ପୁଲିସ

ବୀରମହାରାଜପୁର,୨୪।୬(ସମିସ): ସୁବର୍ଣ୍ଣପୁର ଜିଲା ବୀରମହାରାଜପୁର ବ୍ଲକ୍ ବହଳପଦର କ୍ଲଷ୍ଟରର ଭାଲୁଡୁଙ୍ଗୁରୀ ସରକାରୀ ୟୁପି ସ୍କୁଲରେ ବାରମ୍ବାର ଚୋରି ହେଉଛି। ଏ ପର୍ଯ୍ୟନ୍ତ ଦୁର୍ବୃତ୍ତଙ୍କୁ ଧରିବାରେ ପୁଲିସ ସଫଳ ହୋଇପାରିନି। ଏଣୁ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ପ୍ରକାଶ ପାଇଛି। ସ୍କୁଲରେ ସିସିଟିଭି ବ୍ୟବସ୍ଥା ସହ ରାତ୍ର ଜଗୁଆଳି ନିଯୁକ୍ତି କରିବାକୁ ସ୍କୁଲ ପରିଚାଳନା କମିଟି ଓ ଗ୍ରାମବାସୀ ଦାବି କରିଛନ୍ତି। ୧୯୬୦ ଡିସେମ୍ବର ୧୮ରେ ସ୍ଥାପିତ ଏହି ସ୍କୁଲରେ ୧ମରୁ ୪ର୍ଥ ଶ୍ରେଣୀ ପର୍ଯ୍ୟନ୍ତ ପାଠପଢ଼ା ଆରମ୍ଭ ହୋଇଥିଲା। ବର୍ତ୍ତମାନ ବାଲ୍‌ବାଟିକାରୁ ୮ମ ଶ୍ରେଣୀ ପର୍ଯ୍ୟନ୍ତ ୯ଟି ଶ୍ରେଣୀ ରହିଥିବାବେଳେ ଶତାଧିକ ଛାତ୍ରୀଛାତ୍ରଙ୍କ ପାଇଁ ମାତ୍ର ୩ ଜଣ ଶିକ୍ଷକ କାର୍ଯ୍ୟରତ ଅଛନ୍ତି। ସ୍କୁଲରେ ୫ଟି କୋଠରି ଥିଲେ ମଧ୍ୟ ଚାରିପଟେ ପାଚେରି ଅସମ୍ପୂର୍ଣ୍ଣ ଥିବାରୁ ଅସାମାଜିକ ବ୍ୟକ୍ତିମାନେ ସହଜରେ ପରିସରକୁ ପ୍ରବେଶ କରୁଥିବା ଅଭିଯୋଗ ହୋଇଛି। ଜୁନ୍ ୧ରେ କେତେଜଣ ଦୁର୍ବୃତ୍ତ ସ୍କୁଲର ତାଲା ଓ କବାଟ ଭାଙ୍ଗି ଏକ ଏଲ୍‌ଇଡି ଟିଭି, ଏକ ଭେଣ୍ଡର ମେଶିନ, ୨ଟି ସିଲିଂ ପଙ୍ଖା ଓ ୪ ବସ୍ତା ଚାଉଳ ଚୋରି କରି ନେଇଥିଲେ। ଏ ନେଇ ପ୍ରଧାନ ଶିକ୍ଷକ ତ୍ରିମୁଖ ମୁଣ୍ଡା ସୁବଳୟା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ପରେ ପୁଲିସ ଘଟଣାସ୍ଥଳ ପରିଦର୍ଶନ କରିଥିଲେ ମଧ୍ୟ ଚୋରି ସାମଗ୍ରୀ ଉଦ୍ଧାର କରିପାରିନି କିମ୍ବା ଦୁର୍ବୃତ୍ତଙ୍କୁ ଗିରଫ କରିପାରି ନାହିଁ। ଏହା ପୂର୍ବରୁ ୨୦୧୯ରେ ମଧ୍ୟ ସ୍କୁଲ କୋଠରିର ତାଲା ଭାଙ୍ଗି ଭିତରେ ମାଟି ଖୋଳି ରତ୍ନପଥର ଲୁଟ ହୋଇଥିଲା। ସେତେବେଳେ ପ୍ରଧାନ ଶିକ୍ଷୟିତ୍ରୀ ଭାର୍ଗବୀ ଭୋଇ ଥାନାରେ ଅଭିଯୋଗ କରିଥିଲେ। ସେହିପରି ୨୦୧୩ରେ ମଧ୍ୟ ସ୍କୁଲ ପରିସରରେ ମାଟି ଖୋଳି ରତ୍ନପଥର ଲୁଟ୍ ହୋଇଥିବା ନେଇ ଅଭିଯୋଗ ହୋଇଥିଲା। ବାରମ୍ବାର ଚୋରି ଘଟୁଥିଲେ ମଧ୍ୟ ଦୁର୍ବୃତ୍ତ ଧରା ନ ପଡ଼ିବା ଏବଂ ଚୋରି ସାମଗ୍ରୀ ଉଦ୍ଧାର ନ ହେବା ପୁଲିସର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନ ଉଠାଇଛି। ଏ ନେଇ ସୁବଳୟା ଥାନା ଅଧିକାରୀ ପଞ୍ଚାନନ ନାୟକଙ୍କୁ ପଚାରିବାରୁ ତଦନ୍ତ ଚାଲିଛି ବୋଲି ସେ କହିଛନ୍ତି।

- ବିନିକା ବ୍ଲକ୍ ଅଧ୍ୟକ୍ଷାଙ୍କ ଘରକୁ ଗୁଳିମାଡ ଘଟଣାରେ ୪ ଗିରଫ

# ବିଜେଡି ନେତା ଅଶୋକ ନନ୍ଦଙ୍କୁ ହତ୍ୟା ପାଇଁ ଯୋଜନା ହୋଇଥିଲା

ତରଭା,୨୪।୬(ସମିସ): ସୁବର୍ଣ୍ଣପୁର ଜିଲ୍ଲା ବିନିକା ବ୍ଲକ୍ ଅଧ୍ୟକ୍ଷା ଦୀପ୍ତିରେଖା ନନ୍ଦ ତଥା ବିଜେଡି ନେତା ଅଶୋକ ନନ୍ଦଙ୍କ ଘର ଉପରକୁ ଗତ ଶୁକ୍ରବାର ରାତିରେ ଗୁଳି ମାଡ଼ ଘଟଣାରେ ପୁଲିସ ୪ ଜଣଙ୍କୁ ଗିରଫ କରିଛି। ଏମାନେ ହେଲେ ବଲାଙ୍ଗିର ଗାନ୍ଧୀନଗରପଡ଼ାର ମୁନା ବାରିକ (୩୦), ସୁବର୍ଣ୍ଣପୁର ଜିଲ୍ଲା ଏସ୍ ରାମପୁର ଥାନା ଅଧୀନ ସଂହାରପଡ଼ାର ଦୁର୍ବାସା ବେହେରା (୪୫), ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ଥାନା ଅଧୀନ ଲୁଡକିବେଡ଼ାର ଲୋକନାଥ ନାୟକ (୨୩) ଏବଂ ସୁବର୍ଣ୍ଣପୁର ଜିଲ୍ଲା ଏସ୍ ରାମପୁର ଥାନା ଅଧୀନ ବ୍ରାହ୍ମଣୀପାଲିର ତନ୍ମୟ ବାଗ(୨୬)। ଏମାନଙ୍କଠାରୁ ୨ଟି ପିସ୍ତଲ, ୨୦ଟି ଗୁଳି, ୨ଟି ମୋବାଇଲ୍ ଫୋନ୍, ୨ଟି ଖଣ୍ଡା, ଗୋଟିଏ ଛୁରି ଜବତ ହୋଇଛି।

ତଦନ୍ତ ସମୟରେ ତନ୍ମୟ ଏହି ଗୁଳିକାଣ୍ଡରେ ସାମିଲ ଥିବା ଜଣା ପଡିଥିଲା। ତେଣୁ ପୁଲିସ ତାକୁ ରିମାଣ୍ଡରେ ଆଣି ପଚରାଉଚରା କରିଥିଲା। ଅଶୋକ ନନ୍ଦଙ୍କ ସହ ତା'ର ଶତ୍ରୁତା ଥିବା ସେ ପୁଲିସ ଆଗରେ ସ୍ୱୀକାର କରିଥିଲା। ଘଟଣା ଦିନ ସେ ଦୁର୍ବାସାର ପ୍ରାରୋଚନାରେ ଅନ୍ୟ ସହଯୋଗୀମାନଙ୍କ ସହ ମିଶି ଅଶୋକ ନନ୍ଦଙ୍କୁ ଗୁଳି କରି ହତ୍ୟା କରିବାକୁ ଯୋଜନା କରିଥିଲେ। ସେଦିନ ରାତିରେ ଏମାନେ କାର୍‌ରେ ପହଞ୍ଚି ବିଜେଡି ନେତା ଶ୍ରୀ ନନ୍ଦଙ୍କୁ ଡାକିଥିଲେ। ସେ ଘରୁ ବାହାରିବା ବେଳେ ତାଙ୍କ ଉପରକୁ ଆଖିବୁଜା ଗୁଳିମାଡ଼ କରିଥିଲେ। ଅଶୋକ କିନ୍ତୁ ବର୍ତ୍ତି ଯାଇଥିଲେ। ତାଙ୍କ ଘରର ଏଣେତେଣେ ଗୁଳି ବାଜିଥିଲା। ଏହାପରେ ସେମାନେ ପଳାଇଥିଲେ। ବିନିକା ଥାନା ଅଧିକାରୀ ଅନୀତା କିଡୋ ଏହି ସୂଚନା ଦେଇଛନ୍ତି।

# ବୌଦ୍ଧ ଜିଲ୍ଲାରେ ୯୭ ପ୍ରତିଶତ ସ୍ୱତନ୍ତ୍ର ସଘନ ସଂଶୋଧନ

ବୌଦ୍ଧ,୨୪।୬(ସମିସ): ଭାରତ ନିର୍ବାଚନ ଆୟୋଗଙ୍କ ନିର୍ଦ୍ଦେଶାନୁସାରେ ଚାଲିଥିବା ଭୋଟର ତାଲିକାର ସ୍ୱତନ୍ତ୍ର ସଘନ ସଂଶୋଧନ କାର୍ଯ୍ୟକ୍ରମରେ ବୌଦ୍ଧ ଜିଲ୍ଲା ଉଲ୍ଲେଖନୀୟ ସଫଳତା ହାସଲ କରିଛି। ଜିଲ୍ଲା ନିର୍ବାଚନ ଶାଖାରୁ ମିଳିଥିବା ସୂଚନା ଅନୁଯାୟୀ, ଜିଲ୍ଲାରେ ମୋଟ ଏନୁମେରେସନ୍ ଫର୍ମ ବଣ୍ଟନ କାର୍ଯ୍ୟ ପ୍ରାୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ଏପର୍ଯ୍ୟନ୍ତ ୯୯.୯୨ ପ୍ରତିଶତ ଏନୁମେରେସନ୍ ଫର୍ମ ବଣ୍ଟନ କରାଯାଇଛି। ସେହିପରି, ସଂଗୃହୀତ ଏନୁମେରେସନ୍ ଫର୍ମଗୁଡ଼ିକର ଡିଜିଟାଇଜେସନ୍ କାର୍ଯ୍ୟ ମଧ୍ୟ ଦ୍ରୁତ ଗତିରେ ଚାଲିଛି। ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ପ୍ରାୟ ୯୭ ପ୍ରତିଶତ ଫର୍ମ ଡିଜିଟାଇଜ୍ କରାଯାଇଛି। ବିଧାନସଭା ନିର୍ବାଚନ ମଣ୍ଡଳୀ- ୮୫-କନ୍ଧମାଳରେ ୯୭.୬୧ ପ୍ରତିଶତ ଫର୍ମ ଡିଜିଟାଇଜ୍ କରାଯାଇଛି। ସେହିପରି ୮୬-ବୌଦ୍ଧ ବିଧାନସଭା ନିର୍ବାଚନମଣ୍ଡଳୀରେ ୯୬.୩୪ ପ୍ରତିଶତ ଫର୍ମ ଡିଜିଟାଇଜ୍ କରାଯାଇଛି। ଜିଲ୍ଲା ପ୍ରଶାସନ, ନିର୍ବାଚନ ଶାଖା, ସମସ୍ତ ବିଡିଓଙ୍କ ସହିତ ବିଏଲଓ, ସୁପରଭାଇଜର ଏବଂ ଅନ୍ୟାନ୍ୟ କ୍ଷେତ୍ରସ୍ତରୀୟ କର୍ମଚାରୀଙ୍କ ନିରନ୍ତର ପ୍ରୟାସ ଯୋଗୁଁ ଏହି କାର୍ଯ୍ୟ ଆଗେଇ ଚାଲିଛି। ଅବଶିଷ୍ଟ ଫର୍ମଗୁଡ଼ିକର ସଂଗ୍ରହ ଓ ଡିଜିଟାଇଜେସନ୍ କାର୍ଯ୍ୟକୁ ଶୀଘ୍ର ସମାପ୍ତ କରିବା ପାଇଁ ସମସ୍ତ ସମ୍ପୃକ୍ତ ଅଧିକାରୀ ଓ କର୍ମଚାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଜିଲ୍ଲାପାଳ ତଥା ଜିଲ୍ଲା ନିର୍ବାଚନ ଅଧିକାରୀ ବିଭୂତି ଭୂଷଣ ନାୟକ ଏବଂ ଇଆର୍‌ଓ ତଥା ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ ଏବଂ ଉପ ଜିଲ୍ଲାପାଳ ବିନୟ ଭୋଇଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମର ଅଗ୍ରଗତିର ନିୟମିତ ସମୀକ୍ଷା କରାଯାଉଛି। ଭୋଟର ତାଲିକାକୁ ଅଧିକ ତ୍ରୁଟିମୁକ୍ତ କରିବା ଲକ୍ଷ୍ୟରେ ସମସ୍ତ କାର୍ଯ୍ୟ ଯଥା ସମୟରେ ସମ୍ପନ୍ନ କରାଯାଉଛି।

# ଉଦ୍ୟମୀ ଓଡ଼ିଶା ଏମ୍‌ଏସ୍‌ଏମ୍‌ଇ ପାଇଁ ପ୍ରସ୍ତୁତି

ତରଭା,୨୪।୬(ସମିସ): ସୁବର୍ଣ୍ଣପୁର କଲେକ୍ଟରେଟର ମିନି ସମ୍ମିଳନୀ କକ୍ଷରେ ଉଦ୍ୟମୀ ଓଡ଼ିଶା ଏମଏସଏମଇ କାର୍ଯ୍ୟକ୍ରମ ଅବସରରେ ଆୟୋଜିତ ହେବାକୁ ଥିବା ପ୍ରଦର୍ଶନୀ ସମ୍ପର୍କିତ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ସୁବର୍ଣ୍ଣପୁର ଜିଲ୍ଲାପାଳ ଡ. ନୂପୁରାଜ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଜିଲ୍ଲା ଟାଉନ ହଲଠାରେ ଏକ ପ୍ରଦର୍ଶନୀ ଆୟୋଜନ କରାଯିବାକୁ ନିଷ୍ପତ୍ତି ନିଆଯାଇଥିଲା। ପ୍ରଦର୍ଶନୀରେ ମୋଟ ୨୨ଟି ଷ୍ଟଲ୍ ରହିବ ଏବଂ ସେଥିମଧ୍ୟରୁ ୬ଟି ଷ୍ଟଲ୍ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କ ପାଇଁ ସଂରକ୍ଷିତ ରହିବ। ଆସନ୍ତା ଜୁନ୍ ୨୭ ତାରିଖ ସନ୍ଧ୍ୟାରେ ଜିଲ୍ଲାପାଳ ଏହି ପ୍ରଦର୍ଶନୀର ଉଦ୍‌ଘାଟନ କରିବେ ଏବଂ ଏହା ଜୁଲାଇ ୧ ତାରିଖ ପର୍ଯ୍ୟନ୍ତ ଚାଲିବ। ପ୍ରତିଦିନ ସକାଳ ୧୦ଟାରୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ପ୍ରଦର୍ଶନୀ ସର୍ବସାଧାରଣଙ୍କ ପାଇଁ ଖୋଲା ରହିବ। ପ୍ରଦର୍ଶନୀର ସୁପରିଚାଳନା ପାଇଁ ସମସ୍ତ ଲାଇନ ବିଭାଗ ସମନ୍ୱୟ ଓ ସହଯୋଗ କରିବାକୁ ବୈଠକରେ ନିଷ୍ପତ୍ତି ହୋଇଥିଲା। ପ୍ରଦର୍ଶନୀ ଅବସରରେ ଉଦ୍ୟୋଗୀତା, ଋଣ ସହାୟତା, ବ୍ୟାଙ୍କିଂ ସୁବିଧା, ଛାତ୍ରଛାତ୍ରୀ ଓ ଯୁବବର୍ଗଙ୍କ ଦକ୍ଷତା ବିକାଶ, ସ୍ୱୟଂ ସହାୟକ ଗୋଷ୍ଠୀମାନଙ୍କ ସଶକ୍ତିକରଣ ଏବଂ ବିଭିନ୍ନ ସରକାରୀ ଯୋଜନା ସମ୍ପର୍କିତ ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହେବ। ସେହିପରି ବିପଣନ, ବ୍ରାଣ୍ଡିଂ, ଡିଜିଟାଲାଇଜେସନ ଓ ଉଦ୍ୟୋଗୀତା ଉପରେ ଆଲୋଚନାଚକ୍ର ଅନୁଷ୍ଠିତ ହେବ। ଏହା ସହିତ ଉଦ୍ୟୋଗୀତା ବିଷୟ ଉପରେ ପ୍ରବନ୍ଧ, ବିତର୍କ, କୁଇଜ୍ ଏବଂ ଚିତ୍ରାଙ୍କନ ପ୍ରତିଯୋଗିତା ଆୟୋଜନ କରାଯିବ। ପ୍ରଦର୍ଶନୀର ଶେଷ ଦିନରେ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ସହିତ ସଫଳ ଉଦ୍ୟୋଗୀମାନଙ୍କୁ ସମ୍ମାନିତ କରାଯିବ। ବୈଠକରେ ଜିଲ୍ଲା ଶିଳ୍ପ ବିକାଶ ଅଧିକାରୀ ଅଭିଜିତ ତ୍ରିପାଠୀ ବୈଠକର ସମନ୍ୱୟ କରିଥିଲେ। ଏଥିସହ ଅଗ୍ନିଶମ ସେବା, ସୂଚନା ଓ ଲୋକସମ୍ପର୍କ ବିଭାଗ, ମିଶନ ଶକ୍ତି, ଓରମାସ ସମେତ ବିଭିନ୍ନ ଲାଇନ ବିଭାଗର ପ୍ରତିନିଧିମାନେ ବୈଠକରେ ଉପସ୍ଥିତ ଥିଲେ।

# ପେନାଯୋରରେ ୨୦ ଦିନ ହେବ ନଳକୂଅ ଅଚଳ

ଶଗଡା,୨୪।୬(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ଶୁଣ୍ଡିପଦର ପଞ୍ଚାୟତ ପେନାଯୋର ଗାଁ ମଝିରେ ଥିବା ନଳକୂଅଟି ୧୮ ଦିନ ହେବ ଅଚଳ ହୋଇ ପଡିରହିଛି। ଏଣୁ ଗାଁର ୪୦ ପରିବାର ୧୫୦ ଲୋକ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଅଚଳ ନଳକୂପକୁ ମରାମତି କରିବାକୁ ଗ୍ରାମବାସୀ ସ୍ଥାନୀୟ ଜନପ୍ରତିନିଧିଙ୍କଠାରୁ ଆରମ୍ଭ କରି ବିଭାଗୀୟ ଅଧିକାରୀଙ୍କୁ ଅଭିଯୋଗ କଲେ ମଧ୍ୟ ଆଜି ପର୍ଯ୍ୟନ୍ତ ଏହାର କୌଣସି ସମାଧାନ ହୋଇ ନ ଥିବା ଅଭିଯୋଗ ହୋଇଛି। ପ୍ରବଳ ଖରା ହେଉଥିବାରୁ ପ୍ରଶାସନ ପକ୍ଷରୁ ନଳକୂପ ଖରାପ ହେବାର ୨୪ ଘଣ୍ଟା ମଧ୍ୟରେ ମରାମତି କରିବାର ନିୟମ ଅଛି; କିନ୍ତୁ ବିଭାଗୀୟ ଅଧିକାରୀଙ୍କ ଖାମଖିଆଲି ମନୋଭାବ ଯୋଗୁଁ ୧୮ ଦିନ ହେବ ନଳକୂପ ମରାମତି ହୋଇ ପାରି ନ ଥିବା ଦୁଃଖର ବିଷୟ ବୋଲି ଗ୍ରାମବାସୀ କହିଛନ୍ତି। ଏଣୁ ବିଭାଗୀୟ ଅଧିକାରୀଙ୍କ କାର୍ଯ୍ୟଦକ୍ଷତା ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

# ୧୯ ବର୍ଷରେ ଜୁନରେ ସର୍ବନିମ୍ନ ବୃଷ୍ଟିପାତ

## ତରଭା ବ୍ଲକ୍‌ରେ ବର୍ଷା ନାହିଁ; ମରୁଡ଼ି ଆଶଙ୍କାରେ ଚାଷୀ

ତରଭା,୨୪।୬(ସମିସ): ଚଳିତ ବର୍ଷ ତରଭା ବ୍ଲକରେ ମୌସୁମୀ ବର୍ଷାର ଦେଖା ଦର୍ଶନ ମିଳୁ ନ ଥିବାରୁ ଅଞ୍ଚଳର ଚାଷୀ ମରୁଡି ଆଶଙ୍କାରେ ତ୍ରସ୍ତ ହେବାର ଦେଖିବାକୁ ମିଳୁଛି। ଅନେକ ଚାଷୀ ଜମିରେ ଧାନ ବୁଣିଥିବା ବେଳେ ଅନେକ ଚାଷୀ ତଳି ପକାଇଛନ୍ତି; ହେଲେ ବର୍ଷା ହେଉ ନ ଥିବାରୁ ଜମିରେ ପଡିଥିବା ବିହନ କୀଟ ପତଙ୍ଗ ଓ ପକ୍ଷୀଙ୍କ ଆଧାର ପାଲଟିଛି। ଚଳିତ ବର୍ଷ ଜୁନରେ ତରଭା ବ୍ଲକରେ ସର୍ବନିମ୍ନ ୧୧ ମିଲିମିଟର ବର୍ଷା ହୋଇଥିବା ରେକର୍ଡ ହୋଇଛି। ୨୦୦୮ ମସିହାରୁ ୨୦୨୬ ମସିହା ପର୍ଯ୍ୟନ୍ତ ଜୁନ୍ ମାସରେ ଏହା ହେଉଛି ସର୍ବନିମ୍ନ ବୃଷ୍ଟିପାତ। ୨୦୧୪ ମସିହାରେ ଏହି ବ୍ଲକରେ ଜୁନ ମାସରେ ସର୍ବନିମ୍ନ ୮୪ ମିମି ବର୍ଷା ରେକର୍ଡ କରାଯାଇଛି। ୨୦୧୫ ଜୁନରେ ଏହି ବ୍ଲକରେ ୨୯୪ ମିମି,୨୦୧୬ରେ ୧୨୭ ମିମି, ୨୦୧୭ରେ ୨୯୯.୨ ମିମି, ୨୦୧୮ରେ ୯୩.୬ ମିମି, ୨୦୧୯ରେ ୨୬୫.୮ ମିମି, ୨୦୨୦ରେ ୪୧୮ ମିମି, ୨୦୨୧ରେ ୧୯୧.୮ ମିମି, ୨୦୨୨ରେ ୧୪୮.୬ ମିମି, ୨୦୨୩ରେ ୧୬୧.୪ ମିମି,୨୦୨୪ରେ ୧୩୪ ମିମି ଓ ୨୦୨୫ରେ ୨୭୪ ମିମି ବର୍ଷା ହୋଉଥିବା ରେକର୍ଡ କରାଯାଇଛି। ବର୍ତ୍ତମାନ ଜୁନ୍ ସରିବାକୁ ଆଉ ୭ ଦିନ ରହିଲା। ଯଦି ଏହା ମଧ୍ୟରେ ଭଲ ମୌସୁମୀ ବର୍ଷା ନ ହୁଏ ତେବେ ଚାଷୀକୁଳଙ୍କ ଅବସ୍ଥା ଶୋଚନୀୟ ହୋଇ ପଡିବାର ସମ୍ଭାବନା ଦେଖା ଦେଲାଣି।

### ମେଗା ପ୍ରକଳ୍ପର ମହାଘୋଟାଲା

## ଆରମ୍ଭରୁ ଓଭରହେଡ୍ ଟାଙ୍କିରୁ ଝରିଲାଣି ପାଣି

**ଗୋଲାମୁଣ୍ଡା, ୨୪।୬ (ସମିସ):** କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ଅଧୀନ ନକଟିକାନୀ ପଞ୍ଚାୟତରେ ନିର୍ମାଣାଧୀନ ମେଗା ପାନୀୟଜଳ ପ୍ରକଳ୍ପର ଓଭରହେଡ୍ ପାଣି ଟାଙ୍କିରେ



ପରୀକ୍ଷାମୂଳକ ଭାବେ ପାଣି ଭର୍ତ୍ତି କରାଯାଇଥିବା ବେଳେ ଟାଙ୍କିର ବିଭିନ୍ନସ୍ଥାନରୁ ପାଣି ଝରୁଥିବା ଅଭିଯୋଗ ହୋଇଛି। ଏହାକୁ ନେଇ ପ୍ରକଳ୍ପ କାର୍ଯ୍ୟର ଗୁଣବତ୍ତା ଉପରେ ପ୍ରଶ୍ନ ଉଠିଛି। ସ୍ଥାନୀୟ ଲୋକଙ୍କ ଅଭିଯୋଗ ଅନୁସାରେ, ପୂର୍ତ୍ତବିଭାଗ ଅଧୀନରେ ନିର୍ମାଣ ହେଉଥିବା ଏହି ପାଣି ଟାଙ୍କିର କାମ ନିମ୍ନମାନର ହୋଇଛି। ଗୋଲାମୁଣ୍ଡା ବ୍ଲକରେ ପ୍ରାୟ ୨୭ଟି ମେଗା ପ୍ରକଳ୍ପ ପ୍ରାୟ ୧୬ କୋଟି ଟଙ୍କା ବ୍ୟୟରେ ନିର୍ମାଣ ହେଉଥିବାବେଳେ ସାଧାରଣ ଲୋକଙ୍କୁ ବିଶୁଦ୍ଧ ପାନୀୟଜଳ ଯୋଗାଇବା ପାଇଁ ସରକାର କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି। କିନ୍ତୁ କାର୍ଯ୍ୟର ଗୁଣବତ୍ତାକୁ ନେଇ ପ୍ରଶ୍ନ ଉଠୁଛି। ନକଟିକାନୀ ର ପୂର୍ବତନ ସରପଞ୍ଚ ଜତିନ୍ଦ୍ର ସେନାପତିଙ୍କ କହିବା ଅନୁଯାୟୀ, ଉକ୍ତ ପ୍ରକଳ୍ପ ପାଇଁ ପଞ୍ଚାୟତ ପକ୍ଷରୁ ମଧ୍ୟ ୧୦ ଲକ୍ଷ ଟଙ୍କା ଅନୁଦାନ ଦିଆଯାଇଛି। ଗୋଟିଏ ଓଭରହେଡ୍ ପାଣି ଟାଙ୍କି ପାଇଁ ୫୯, ୨୫, ୯୨୫ ଟଙ୍କା ଏବଂ ପଞ୍ଚାୟତର ୧୦ ଲକ୍ଷ ଟଙ୍କା ମିଶି ସମୁଦାୟ ୬୯, ୨୫, ୯୨୫ ଟଙ୍କା ବ୍ୟୟ ହୋଇଥିବା ସୂଚନା ମିଳିଛି। ଏନେଇ ଗୋଲାମୁଣ୍ଡା ଗ୍ରାମ୍ୟ ଜଳଯୋଗାଣ ବିଭାଗର କନିଷ୍ଠ ଯନ୍ତ୍ରୀ ସୁବାସ ପଣ୍ଡାଙ୍କ ପ୍ରତିକ୍ରିୟା ନେବାରୁ ସେ କହିଛନ୍ତି ଯେ, ପରୀକ୍ଷାମୂଳକ ଭାବେ ପାଣି ଛଡ଼ା ଯାଇଥିଲା। ଯେଉଁ ସ୍ଥାନ ଗୁଡ଼ିକରୁ ପାଣି ଝରୁଛି, ସେଗୁଡ଼ିକର ମରାମତି କରାଯାଇ ପୁଣିଥରେ ପରୀକ୍ଷା କରାଯିବ।

## ବ୍ରାଣ୍ଡ ନାମରେ ବିକ୍ରି ହେଉଛି 'ଧିମା ବିଷ'

**ଧର୍ମଗଡ଼, ୨୪।୬(ସମିସ):** ଖାଦ୍ୟ ହିଁ ଜୀବନ, ହେଲେ ଏହି ଖାଦ୍ୟ ଯଦି ଜୀବନ ନେବାର କାରଣ ସାଜେ, ତେବେ ଆପଣ କାହାକୁ ଭରସା କରିବେ? କଳାହାଣ୍ଡି ଜିଲ୍ଲା ଧର୍ମଗଡ଼ ଉପଖଣ୍ଡରେ ଏବେ ଖାଦ୍ୟ ନିରାପତ୍ତା ଆଇନ ସମ୍ପୂର୍ଣ୍ଣ ବାଟବଣା ହୋଇପଡ଼ିଛି। ଧର୍ମଗଡ଼ ସହର ସମେତ ଆଖପାଖ ଗ୍ରାମାଞ୍ଚଳରେ ଖାଦ୍ୟ ନିରାପତ୍ତା ପ୍ରମାଣପତ୍ର ନଥାଇ ବେଧଡ଼କ ଭାବେ ପ୍ରସ୍ତୁତ ହେଉଛି ବିଭିନ୍ନ ପ୍ରକାରର ନକଲି ଓ ଅଦରକାରୀ ଖାଦ୍ୟ ସାମଗ୍ରୀ। ଅନୁସନ୍ଧାନରୁ ଜଣାପଡ଼ିଛି ଯେ, ଧର୍ମଗଡ଼ ସହରର ବିଭିନ୍ନ ଗଳିକନ୍ଦି ଓ ଗାଁ ଗୁଡ଼ିକରେ ଗଢ଼ି ଉଠିଥିବା ଏହି ବେଆଇନ କାରଖାନା ଗୁଡ଼ିକ ଅତ୍ୟନ୍ତ ଅସ୍ୱାସ୍ଥ୍ୟକର ପରିବେଶରେ ଚାଲିଛି। ଯେଉଁଠି ସ୍ୱଚ୍ଛତାର କୌଣସି ଚିହ୍ନବର୍ଣ୍ଣ ନାହିଁ। ବାରମ୍ବାର ବ୍ୟବହାର କରାଯାଉଥିବା ପୋଡ଼ା ତେଲ ଏବଂ ନିମ୍ନମାନର ରଙ୍ଗ ବ୍ୟବହାର କରି ଏହି ସାମଗ୍ରୀ ଗୁଡ଼ିକ ପ୍ରସ୍ତୁତ କରାଯାଉଛି। ସବୁଠାରୁ ଆଶ୍ଚର୍ଯ୍ୟ ଓ ଚିନ୍ତାର ବିଷୟ ହେଉଛି, ଏହି ସବୁ ସ୍ଥାନୀୟ ପ୍ରସ୍ତୁତ ପ୍ୟାକେଟ୍ ଉପରେ ନା ରହୁଛି ତିଆରି ତାରିଖ ନା ରହୁଛି ବ୍ୟବହାରର ଶେଷ ତାରିଖ। ମନଇଚ୍ଛା ଚିପ୍ସ ଓ କୁରକୁରେ ପ୍ୟାକେଟିଂ କରାଯାଇ ସ୍ଥାନୀୟ ଦୋକାନୀମାନଙ୍କୁ ହୋଲସେଲ୍ ଦରରେ ଯୋଗାଇ ଦିଆଯାଉଛି। ଜିଲ୍ଲାପାଳ ଓ ଖାଦ୍ୟ ସୁରକ୍ଷା ବିଭାଗ ତୁରନ୍ତ ଏହି ଘଟଣାରେ ହସ୍ତକ୍ଷେପ କରିବାକୁ ଦାବି ହେଉଛି।

### ■ ରାକ୍ସି ସ୍କୁଲରେ ଶିକ୍ଷକ ନିଯୁକ୍ତି ଦାବି

## ୯ ଶ୍ରେଣୀକୁ ୫ ଶିକ୍ଷକ, ୨୦୯ ଛାତ୍ରଛାତ୍ରୀ

**ଭବାନୀପାଟଣା, ୨୪।୬ (ସମିସ):** ରାକ୍ସି ଉନ୍ନିତ ଉଚ୍ଚବିଦ୍ୟାଳୟରେ ଶିକ୍ଷକ ଅଭାବ ଲାଗି ରହିଥିବାରୁ ଅବିଭାବକ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି। ନର୍ଲା ଶିକ୍ଷାବିଭାଗ ଅଧୀନରେ




ରହିଥିବା ଏହି ବିଦ୍ୟାଳୟରେ ଶିଶୁ ବାଟିକା ଠାରୁ ଅଷ୍ଟମ ପର୍ଯ୍ୟନ୍ତ ୨୦୯ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ୯ଟି ଶ୍ରେଣୀକୁ ମାତ୍ର ପାଞ୍ଚ ଜଣ ଶିକ୍ଷକରେ ଚାଲିଛି ପାଠପଢ଼ା। ଆଉ ୬ ମାସ ପରେ ଜଣେ ଶିକ୍ଷକ ଅବସର ଗ୍ରହଣ କରିବେ। ଏହାପରେ ୪ ଜଣ ଶିକ୍ଷକରେ କିପରି ପାଠପଢ଼ା ଚାଲିବ ସେନେଇ ଅବିଭାବକମାନେ ଚିନ୍ତା ପ୍ରକଟ କରିଛନ୍ତି। କେବଳ ସେତିକି ନୁହେଁ ତ୍ରୁଟିପୂର୍ଣ୍ଣ ପାଠ୍ୟ ପୁସ୍ତକ ଛାତ୍ର ଛାତ୍ରୀଙ୍କୁ ଅଡୁଆରେ ପକାଇବା ସମୟରେ ଶିକ୍ଷକ ଅଭାବ ସଙ୍କଟମୟ ପରିସ୍ଥିତି ସୃଷ୍ଟି କରୁଛି। ହାଇସ୍କୁଲରେ ଥିବା ଦୁଇଟି ଶ୍ରେଣୀ ପାଇଁ ପର୍ଯ୍ୟାପ୍ତ ଶିକ୍ଷକ ରହିଛନ୍ତି କିନ୍ତୁ ଶିଶୁ ବାଟିକା ଠାରୁ ଅଷ୍ଟମ ପର୍ଯ୍ୟନ୍ତ ଶିକ୍ଷକ ଅଭାବ ହେଉଛି। ଏଠାରେ ଉଲ୍ଲେଖଯୋଗ୍ୟ ଯେ, ଶିକ୍ଷା ସହ କ୍ରୀଡ଼ା ଓ ଅନ୍ୟାନ୍ୟ କ୍ଷେତ୍ରରେ ଏହି ବିଦ୍ୟାଳୟ ସୁନାମ ଅର୍ଜନ କରି ଆସୁଛି। ବର୍ତ୍ତମାନ ଶିକ୍ଷକ ଅଭାବ ଦେଖାଦେଇଥିବାରୁ ଶିକ୍ଷା ଓ କ୍ରୀଡ଼ା କ୍ଷେତ୍ରରେ ଏହାର ପ୍ରଭାବ ପଡ଼ିବ ବୋଲି ଆଶଙ୍କା ସୃଷ୍ଟି ହୋଇଛି। ତେଣୁ ରାକ୍ସି ସ୍କୁଲରେ ତୁରନ୍ତ ଆଉଜଣେ ଶିକ୍ଷକଙ୍କୁ ନିଯୋଜିତ କରିବାକୁ ଦାବି ହୋଇଛି।

## ଜିଲ୍ଲାସ୍ତରୀୟ ସଚେତନତା ଅଭିଯାନ

**ଭବାନୀପାଟଣା, ୨୪।୬(ସମିସ):** କଳାହାଣ୍ଡି ଜିଲ୍ଲା ପ୍ରଶାସନ ଓ ଶ୍ରମ ବିଭାଗର ମିଳିତ ଉଦ୍ୟମରେ ମଙ୍ଗଳବାର ଭବାନୀପାଟଣାରେ ୧୫ ଦିନିଆ 'ଶିଶୁ ଓ କିଶୋର ଶ୍ରମ ନିଷେଧ ଓ ନିୟନ୍ତ୍ରଣ ଉପରେ ଜିଲ୍ଲାସ୍ତରୀୟ ସଚେତନତା ଅଭିଯାନ ଆରମ୍ଭ ହୋଇଯାଇଛି। ଅତିରିକ୍ତ ଜିଲ୍ଲାପାଳ ତନ୍ମୟ କୁମାର ଦରୱାନ ଏହି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ପରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସଦ୍‌ଭାବନା ସଭାଗୃହରେ ଶ୍ରୀ ଦରୱାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ସୁଶାନ୍ତ ସିଂ, ପ୍ରଭାଗୀୟ ଶ୍ରମଆୟୁକ୍ତ ପରିମିତା ମିଶ୍ର, ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ମୁକ୍ତି କୁମାର କୁଲ୍ଲୁ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶୈଳେନ୍ଦୁ ମହାପାତ୍ର, ଶିଶୁ କଲ୍ୟାଣ ସମିତି ଅଧ୍ୟକ୍ଷା ସ୍ୱର୍ଣ୍ଣଲତା ମହାନ୍ତି, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଦୀନେଶ କୁମାର କହଁରଙ୍କ ସମେତ ଜିଲ୍ଲା ମଙ୍ଗଳ କାର୍ଯ୍ୟା।ଳୟ, ଜିଲ୍ଲା ସମାଜ ମଙ୍ଗଳ କାର୍ଯ୍ୟା।ଳୟର ଅଧିକାରୀ ବୃନ୍ଦ ଉପସ୍ଥିତ ଥିଲେ। ଏହି ବୈଠକରେ ଜିଲ୍ଲା ଶିଶୁ ଶ୍ରମିକମୁକ୍ତ କରିବା ପାଇଁ ବିଭିନ୍ନ ବିଭାଗମଧ୍ୟରେ ସମନ୍ୱୟ ରକ୍ଷାକରି ଦୃଢ଼ ପଦକ୍ଷେପ ଗ୍ରହଣ କରିବାକୁ ଆଲୋଚନା ହୋଇଥିଲା। ୧୪ ବର୍ଷରୁ କମ୍ ଶିଶୁମାନଙ୍କୁ କୌଣସି ବି ଦୋକାନ, ହୋଟେଲ କିମ୍ବା ବ୍ୟବସାୟିକ ପ୍ରତିଷ୍ଠାନରେ ନିଯୋଜିତ ନ କରିବା ଏବଂ କିଶୋରମାନଙ୍କୁ ବିପଦସଙ୍କୁଳ କାର୍ଯ୍ୟରୁ ଦୂରେଇ ରଖିବା ପାଇଁ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଉପରେ ଏଥିରେ ଗୁରୁତ୍ୱ ଦିଆଯାଇଥିଲା।

### ୩୦ ବର୍ଷର ସଂଘର୍ଷ ପରେ ସଫଳତା

# ୬୩ ଆଦିବାସୀ ପରିବାରକୁ ଜଙ୍ଗଲ ଜମି ଶିରୋନାମା ପ୍ରଦାନ

**ଥୁଆମୂଳ ରାମପୁର, ୨୪।୬(ସମିସ)**

ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ ବୁଧବାର କଳାହାଣ୍ଡି ଜିଲ୍ଲା ଗସ୍ତରେ ଆସି ଡିଆର୍‌ଡିଏ ସମ୍ମିଳନୀ କକ୍ଷରେ ରାଜସ୍ୱ, ଭୂମି ଅଧିଗ୍ରହଣ, ପୁନଃସ୍ଥାପନ ଏବଂ ପୁନର୍ବାସ ସମ୍ବନ୍ଧୀୟ ସମୀକ୍ଷା ବୈଠକରେ ଯୋଗଦେଇ ଆଦିବାସୀମାନଙ୍କ ଦୀର୍ଘ ଦିନର ଦାବି ପୂରଣ କରିଥିଲେ। କଳାହାଣ୍ଡି ଜିଲ୍ଲା ଥୁଆମୂଳ ରାମପୁର ବ୍ଲକର ବିଭିନ୍ନ ଅଣସର୍ଭେ ଗ୍ରାମ ଗୁଡିକରେ ବସବାସ କରୁଥିବା ୮୬ ଆଦିବାସୀ ପରିବାରଙ୍କୁ ଜଙ୍ଗଲ ଜମି ଶିରୋନାମା ପ୍ରଦାନ କରାଯାଇଛି। ବ୍ଲକର କର୍ଲାପାଟ ପଞ୍ଚାୟତର ଅଣସର୍ଭେ ଜଙ୍ଗଲ ଗ୍ରାମ ସିମେଲପଦରର ୬୩ଟି ଆଦିବାସୀ ପରିବାର ଆଜି ବ୍ୟକ୍ତିଗତ ଜଙ୍ଗଲ ଜମି ଶିରୋନାମା ପାଇଛନ୍ତି। ଏହି ପରିବାରଗୁଡ଼ିକୁ ମୋଟ ୧୭୪.୬୩ ଏକର ଜଙ୍ଗଲ ଜମିର ପଟ୍ଟା ପ୍ରଦାନ କରାଯାଇଥିବା ସୂଚନା ରହିଛି। ଏଥିସହିତ ବ୍ଲକର ବିଭିନ୍ନ ଗ୍ରାମର ୮୦ଟି ପରିବାରଙ୍କୁ ବସୁନ୍ଧରା ଯୋଜନାରେ ପଟ୍ଟା ପ୍ରଦାନ କରାଯାଇଥିବା ସୂଚନା ରହିଛି। ଏହି କାର୍ଯ୍ୟକ୍ରମରେ ଜୁନାଗଡ଼ ବିଧାୟକ ଦିବ୍ୟଶଙ୍କର ମିଶ୍ର, ବିଧାୟକ ସୁଧୀର ରଞ୍ଜନ ପାଟଯୋଷୀ ଉପସ୍ଥିତ ଥିଲେ। ଜିଲ୍ଲାପାଳ ପାୱାର ସଚିନ ପ୍ରକାଶ, ସିଡିଓ, ଉପଜିଲ୍ଲାପାଳ ପ୍ରଭାତ ପରିଡ଼ା ଓ ବିଭିନ୍ନ ଜିଲ୍ଲାସ୍ତରୀୟ ଅଧିକାରୀଙ୍କ ସମେତ ଥୁଆମୂଳ ରାମପୁର ତହସିଲଦାର ସତ୍ୟ ସନାତନ ପାଣିଗ୍ରାହୀ, ଅତିରିକ୍ତ ତହସିଲଦାର ତପନ କୁମାର ପତି ପ୍ରମୁଖଙ୍କ ଉପସ୍ଥିତିରେ ଗ୍ରାମବାସୀ ପଟ୍ଟା ଗ୍ରହଣ କରିଥିଲେ। ସିମେଲପଦର ଗ୍ରାମରେ ମୋଟ ୬୯ଟି ପରିବାର ବସବାସ କରୁଛନ୍ତି। ଗ୍ରାମସଭା ଦ୍ୱାରା ସମସ୍ତ ୬୯ ପରିବାରଙ୍କ ଜଙ୍ଗଲ ଅଧିକାର ଦାବି ଅନୁମୋଦିତ ହୋଇଥିଲେ ମଧ୍ୟ ବନବାସୀ ଲୋହରା ସମ୍ପ୍ରଦାୟର ୬ଟି ପରିବାରଙ୍କ ଦାବିକୁ ଜିଲ୍ଲାସ୍ତରୀୟ କମିଟି ଏପର୍ଯ୍ୟନ୍ତ ବିଚାର କରିନାହାନ୍ତି। ଏହି ପରିବାରଗୁଡ଼ିକ 'ଅନ୍ୟାନ୍ୟ ପାରମ୍ପରିକ ବନବାସୀ' ବର୍ଗରେ ଆସୁଥିବାରୁ ସେମାନଙ୍କ ମାମଲା ଅପେକ୍ଷାରେ ରହିଛି। ଏହା ସହିତ ସିମେଲପଦର ଗ୍ରାମର ଗୋଷ୍ଠୀ ଜଙ୍ଗଲ ଅଧିକାର ଦାବି ମଧ୍ୟ ମଞ୍ଜୁର ହୋଇଥିବା ଜଣାପଡ଼ିଛି। ତେବେ ପ୍ରଶାସନିକ କାରଣରୁ ଆଜି ଏହାର ପଟ୍ଟା ବଣ୍ଟନ ହୋଇପାରିନାହିଁ। ଖୁବ୍‌ଶୀଘ୍ର ଏହା ବଣ୍ଟନ କରାଯିବ ବୋଲି ଆଶା କରାଯାଉଛି। ସିମେଲପଦର ଗ୍ରାମବାସୀଙ୍କ ଜଙ୍ଗଲ ଜମି ଅଧିକାର ସମ୍ପର୍କିତ ସମସ୍ୟାକୁ ନେଇ ଗତ ୬ ମଇ ୨୦୨୬ ତାରିଖରେ 'ସକାଳ' ପତ୍ରିକାରେ ଏକ ବିସ୍ତୃତ ଖବର ପ୍ରକାଶିତ ହୋଇଥିଲା। ଏହି-ଖବର ପ୍ରକାଶ ପାଇବା ପରେ ପ୍ରଶାସନ ପକ୍ଷରୁ ମାମଲାକୁ ଗୁରୁତ୍ୱର ସହ ନିଆଯାଇଥିଲା ଏବଂ ଦ୍ରୁତ ତତ୍ପରତା ପ୍ରକାଶ କରାଯାଇଥିଲା। ସେହିପରି ଅବଶିଷ୍ଟ ୬ ପରିବାରଙ୍କ ଦାବି ଏବଂ ଗୋଷ୍ଠୀ ଜଙ୍ଗଲ ଅଧିକାର ପଟ୍ଟା ମଧ୍ୟ ଶୀଘ୍ର ବଣ୍ଟନ କରାଯିବାକୁ ଗ୍ରାମବାସୀ ଦାବି କରିଛନ୍ତି।



## ଦିନିକିଆ କଳାହାଣ୍ଡି ଗସ୍ତରେ ରାଜସ୍ୱ ମନ୍ତ୍ରୀ



**ଭବାନୀପାଟଣା, ୨୪।୬(ସମିସ):** ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କଳାହାଣ୍ଡି ଜିଲ୍ଲା ଗସ୍ତରେ ଆସି ବିଭିନ୍ନ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଗସ୍ତ ଅବସରରେ ସେ ଆଦିମ ଆଦିବାସୀ ହିତାଧିକାରୀମାନଙ୍କୁ ଜଙ୍ଗଲ ଜମି ପଟ୍ଟା ବଣ୍ଟନ କରିବା ସହ ବିଭିନ୍ନ ସ୍କୁଲଗୁଡ଼ିକୁ ଜମି ପଟ୍ଟା ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ କଳାହାଣ୍ଡି ଜିଲ୍ଲାପାଳ ସଚିନ ପାୱାର ପ୍ରକାଶଙ୍କ ସମେତ ଜିଲ୍ଲା ପ୍ରଶାସନର ବିଭିନ୍ନ ଅଧିକାରୀ, ଜିଲ୍ଲାର ସମସ୍ତ ତହସିଲଦାର ଏବଂ ରାଜସ୍ୱ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ। ଅତିରିକ୍ତ ଜିଲ୍ଲାପାଳ ବୈତୁରା ଦୀପ, ଧର୍ମଗଡ଼ ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ, ଜୁନାଗଡ଼ ବିଧାୟକ କ୍ୟାପଟେନ ଦିବ୍ୟଶଙ୍କର ମିଶ୍ର, ଭବାନୀପାଟଣା ଉପ ଜିଲ୍ଲାପାଳ ପ୍ରଭାତ କୁମାର ପରିଡ଼ା, ଧର୍ମଗଡ଼ ଉପ ଜିଲ୍ଲାପାଳ ପ୍ରେକ୍ଷା ଅଗ୍ରୱାଲ ପ୍ରମୁଖଙ୍କ ସମେତ ଜିଲ୍ଲାର ବିପର୍ଯ୍ୟୟ ପରିଚାଳନା ବିଭାଗର ଅଧିକାରୀ ଉପସ୍ଥିତ ଥିଲେ। ପରେ ମନ୍ତ୍ରୀ ପୂଝାରୀ ବିଭିନ୍ନ ତହସିଲରୁ ଆସିଥିବା ୮୫ ଜଣ ହିତାଧିକାରୀଙ୍କୁ ବସୁନ୍ଧରା ପଟ୍ଟା, ୬୩ ଜଣଙ୍କୁ ଜଙ୍ଗଲ ଜମି ପଟ୍ଟା ଓ ୩୯ ଟି ସ୍କୁଲର ପଟ୍ଟା ବଣ୍ଟନ କରିଥିଲେ। ତେବେ ଏତେବଡ କାର୍ଯ୍ୟକ୍ରମରେ ଗଣମାଧ୍ୟମ ପ୍ରତିନିଧିଙ୍କୁ ସୂଚନା ଦେବା ପ୍ରଶାସନ ଭୁଲିଗଲେ। ମନ୍ତ୍ରୀଙ୍କ ଗସ୍ତ କାର୍ଯ୍ୟକ୍ରମ ସମ୍ପର୍କରେ ଭାରପ୍ରାପ୍ତ ସୂଚନା ଓ ଲୋକ ସମ୍ପର୍କ ଅଧିକାରୀଙ୍କ ପାଖରେ ଖବର ନଥିବା ଜଣାପଡ଼ିଛି।

## ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

**ଜୁନାଗଡ଼, ୨୪।୬(ସମିସ):** କଳାହାଣ୍ଡି ଜିଲ୍ଲା ଜୁନାଗଡ଼ ସହର ଲକ୍ଷ୍ମୀସାଗରପଡ଼ା ନିକଟରେ ଥିବା ଏକ ଭଡ଼ା ଘରୁ ବୁଧବାର ଜଣେ ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର ହୋଇଛି। ମୃତ ଯୁବକଙ୍କ ନାମ ରାମ କୁମାର ଦର୍ଜି(୩୪)। ସେ ଜୟପୁର ସହରର ବୋଲି ଜଣାପଡ଼ିଛି। ଗତ ୭ ମାସ ହେଲା ନିଜ ପରିବାର ସହ ଜୁନାଗଡ଼କୁ ଆସି ଏକ ଭଡ଼ା ଘରେ ରହୁଥିଲେ। ତେବେ ସେ କେଉଁଥିପାଇଁ ଆତ୍ମହତ୍ୟା କଲେ ଜଣାପଡ଼ିନାହିଁ। ପୁଲିସ ମୃତଦେହକୁ ଉଦ୍ଧାରକରି ବ୍ୟବଚ୍ଛେଦ ପାଇଁ ଜୁନାଗଡ଼ ମେଡିକାଲକୁ ନେଇଥିଲା। ସେଠାରେ ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ମୃତଦେହ ହସ୍ତାନ୍ତର କରିଛି। ଏ ନେଇଁ ଜୁନାଗଡ଼ ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଥିବାବେଳେ ଅନ୍ୟପଟେ ମୃତକଙ୍କ ବାପା କ୍ରିଷ୍ଣା ବାହାଦୁର ଏହା ହତ୍ୟା ବୋଲି ଅଭିଯୋଗ ଆଣିଛନ୍ତି।

## ଜୟ ଜଗନ୍ନାଥ ଧ୍ୱନିରେ କମ୍ପିଲା ବିଶ୍ୱନାଥପୁର



**ଲାଞ୍ଜିଗଡ଼, ୨୪।୬(ସମିସ):** ରଥଯାତ୍ରା ପୂର୍ବରୁ କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ ମୁଖ୍ୟାଳୟ ବିଶ୍ୱନାଥପୁରରେ ଭକ୍ତିମୟ ପରିବେଶ ସୃଷ୍ଟି ହୋଇ ଉଠିଛି। ଏଥର ପ୍ରଥମବର୍ଷ ବିଶ୍ୱନାଥପୁରରେ ରଥଯାତ୍ରା ଅନୁଷ୍ଠିତ ହେବାକୁ ଥିବାବେଳେ ଶ୍ରୀଜଗନ୍ନାଥ, ଶ୍ରୀବଳଭଦ୍ର, ଦେବୀ ସୁଭଦ୍ରା ଓ ସୁଦର୍ଶନଙ୍କୁ ନେଇ ଗଠିତ ଚତୁର୍ଦ୍ଧା ବିଗ୍ରହଙ୍କ ସ୍ୱାଗତ ଉତ୍ସବ ପାଳିତ ହୋଇଛି। ଚତୁର୍ଦ୍ଧା ବିଗ୍ରହଙ୍କୁ ପୁଷ୍ପ, ଚନ୍ଦନ ଓ ଅଳଙ୍କାରେ ସୁସଜ୍ଜିତ ବିମାନରେ ବିରାଜମାନ କରାଯାଇ ଓ ପରେ ନଗରପରିକ୍ରମା ଆରମ୍ଭ ହୋଇଥିଲା। 'ଜୟ ଜଗନ୍ନାଥ, ହରିବୋଲ' ଧ୍ୱନି ଓ କୀର୍ତ୍ତନ-ଭଜନରେ ସମଗ୍ର ଗାଁ ଆଧ୍ୟାତ୍ମିକମୟ ହୋଇପଡ଼ିଥିଲା। ଉତ୍ସବକୁ ଶ୍ରୀ ଜଗନ୍ନାଥ ସେବା ସମିତିର ସଭାପତି ତଥା ମୁଖ୍ୟକର୍ତ୍ତା ପ୍ରଦୀପ ଘଡେଇ, ଉପସଭାପତି ତରୁଣ କୁମାର ଦାସ, ସମ୍ପାଦକ ମନୋରଞ୍ଜନ ବିଶି, ସହ ସମ୍ପାଦକ ଅଜିତ କୁମାର ପ୍ରଧାନୀ, କୋଷାଧ୍ୟକ୍ଷ ଅଚ୍ୟୁତାନନ୍ଦ ଘଡେଇ, ସହ କୋଷାଧ୍ୟକ୍ଷ ଧବଳେଶ୍ୱର ଠେଲା ଓ ଜଗନ୍ନାଥ ପ୍ରେମୀ, ସେବାୟତ ଓ ଗ୍ରାମବାସୀଙ୍କ ମିଳିତ ସହଯୋଗରେ ଶାନ୍ତି ଓ ଶୃଙ୍ଖଳାର ସହ ପରିଚାଳନା କରାଯାଇଥିଲା।

### ନୂଆପଡ଼ାରେ ଜିଲ୍ଲା ଉନ୍ନୟନ ସମିତି ବୈଠକ

## ଆର୍ଥିକ ଅନିୟମିତତା ରୋକିବା ଉପରେ ଜିଲ୍ଲାପାଳଙ୍କ ଗୁରୁତ୍ୱ

**ନୂଆପଡ଼ା/ ସିନାପାଲି, ୨୪।୬ (ସମିସ) :** ଜିଲ୍ଲାପାଳ ମଧୁସୂଦନ ଦାଶଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ଉନ୍ନୟନ ସମିତି (ଡିଡିସି) ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ମୁଖ୍ୟ ଉନ୍ନୟନ ଅଧିକାରୀ ଲମ୍ବୋଦର ଧରୁଆ, ଡିଏଫଓ (ବନ୍ୟଜନ୍ତୁ) ସମୀର ସାହୁ, ଡିଏଫଓ (ପ୍ରାନ୍ତୀୟ) ଅଜିଜ୍ ଖାନ, ମୁଖ୍ୟ ଜିଲ୍ଲା ଚିକିତ୍ସା ଅଧିକାରୀ ଡା. ଦ୍ୱାରିକାନାଥ ଶତପଥୀଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀ, ବିଡିଓ, ତହସିଲଦାର ଓ ବିଭିନ୍ନ ବିଭାଗର ଅଧିକାରୀ ଉପସ୍ଥିତ ଥିଲେ। ଉପ-ନିର୍ଦ୍ଦେଶକ (ପରିସଂଖ୍ୟାନ) ଦିଲେଶ୍ୱର ଧରୁଆ ପୂର୍ବ ବୈଠକର କାର୍ଯ୍ୟବିବରଣୀ ଉପସ୍ଥାପନ କରିଥିଲେ। ପରେ ଜିଲ୍ଲାପାଳ ବିଭିନ୍ନ ବିଭାଗର ଗତ ମାସର କାର୍ଯ୍ୟଦକ୍ଷତା, ଅଗ୍ରଗତି, ସମସ୍ୟା ଓ ସମାଧାନ ନେଇ ସମୀକ୍ଷା କରିଥିଲେ। ଜିଲ୍ଲାପାଳ ସମସ୍ତ ବିଭାଗକୁ ସରକାରଙ୍କ ନୀତିକୁ କଡ଼ାକଡ଼ି ଭାବେ ପାଳନ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଆର୍ଥିକ ଅନିୟମିତତା ଓ ଠକେଇ ରୋକିବା ପାଇଁ ଆହରଣ ଓ ବିତରଣ କର୍ତ୍ତୃପକ୍ଷ ମାନଙ୍କୁ ସତର୍କ ରହିବାକୁ ସେ ପରାମର୍ଶ ଦେଇଥିଲେ। ବିଡିଓମାନଙ୍କୁ ନଳକୂପ ମରାମତି ପାଇଁ ବ୍ୟବହୃତ ଯନ୍ତ୍ରାଂଶର ମହଜୁଦ ସାମଗ୍ରୀ ଯାଞ୍ଚ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଓଏସ୍‌ୱାସ୍ ମାଧ୍ୟମରେ ଫାଇଲ୍ ଆଦାନ-ପ୍ରଦାନରେ ଉନ୍ନତି ହୋଇଥିବାରୁ ଜିଲ୍ଲାପାଳ ସନ୍ତୋଷ ପ୍ରକାଶ କରିଥିଲେ। ଜୁଲାଇ ମାସ ସୁଦ୍ଧା ସମସ୍ତ ଫାଇଲ୍ ଓଏସ୍‌ୱାସ୍ ମାଧ୍ୟମରେ ପରିଚାଳିତ କରିବାକୁ ସେ ଗୁରୁତ୍ୱାରୋପ କରିଥିଲେ। ଜିଲ୍ଲା ପଞ୍ଚାୟତ ଅଧିକାରୀ ସୂଚନା ଦେଇଥିଲେ ଯେ ଗ୍ରାମ ପଞ୍ଚାୟତ ଭବନଗୁଡ଼ିକର ଜମି ବନ୍ଦୋବସ୍ତ ପାଇଁ ୩୬ଟି ପ୍ରସ୍ତାବ ଦାଖଲ ହୋଇଛି। ସେହିପରି ସହକାରୀ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ ନୂତନ କାର୍ଯ୍ୟାଳୟ ନିର୍ମାଣ ପାଇଁ ଜମି ବନ୍ଦୋବସ୍ତ ପ୍ରକ୍ରିୟା ଶୀଘ୍ର ସମାପ୍ତ କରିବାକୁ ଜିଲ୍ଲାପାଳ ତହସିଲଦାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏହି ଅବସରରେ ଗ୍ରାମୋଦୟ ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ମୁଖ୍ୟ ଉନ୍ନୟନ ଅଧିକାରୀ ଲମ୍ବୋଦର ଧରୁଆ, ଡିଏଫ୍‌ଓ (ପ୍ରାନ୍ତୀୟ) ଅଜିଜ୍ ଖାନ, ଡା. ଦ୍ୱାରିକାନାଥ ଶତପଥୀ, ଏପିଡି କ୍ଷମାନିଧି ଭୋଇଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀ ଉପସ୍ଥିତ ଥିଲେ।

### ବୟସ ସହ ବଢୁଛି ରୋଗ; ଜନ୍ମରୁ ବେକରେ ଛିଦ୍ର

## ଚିକିତ୍ସା ପାଇଁ ମାଆର ନିବେଦନ

**କୋକସରା, ୨୪।୬(ସମିସ):** ଜନ୍ମରୁ ବିଧାତା ଦେଇଛି ଦୁଃଖ, ଆଉ ଏବେ ଦାରିଦ୍ର୍ୟ ସାଜିଛି ବାଧକ। ଜଣେ ୯ ବର୍ଷର ଶିଶୁପୁତ୍ରର ବେକରେ ଛିଦ୍ର ହୋଇଥିବାରୁ ପାଣି ପିଇଲେ ତାହା ବେକ ବାଟେ ବାହାରକୁ ଚାଲିଆସୁଛି। ବୟସ ବଢ଼ିବା ସହିତ ଏହି ଛିଦ୍ର ମଧ୍ୟ ଧୀରେଧୀରେ ବଡ଼



ହେବାରେ ଲାଗିଛି। ଏଭଳି ଏକ ହୃଦୟବିଦାରକ ଘଟଣା ଦେଖିବାକୁ ମିଳିଛି କୋକସରା ବ୍ଲକ ମୁଷାପାଲି ମୃର୍ଦୁଙ୍ଗିଆ ପଡ଼ାରେ। ଏହି ପଡ଼ାର ବିଧବା ମା' କୌଶଲ୍ୟା ବାଗଙ୍କ ସାନ ପୁଅ ସୁଭମ ବାଗ (୯) ଏବେ ଏଭଳି ରୋଗରେ ପୀଡ଼ିତ ହୋଇଛନ୍ତି। କୌଶଲ୍ୟାଙ୍କ ସ୍ୱାମୀଙ୍କ ମୃତ୍ୟୁପରେ ପରିବାରର ସମସ୍ତ ବୋଝ ତାଙ୍କ ଉପରେ ପଡ଼ିଛି। ବଡ଼ ପୁଅ ନମିସ (୧୫), ଝିଅ ବର୍ଷା(୧୨) ଓ ସାନ ପୁଅ ସୁଭମଙ୍କୁ ନେଇ ତାଙ୍କର ତେଲଲୁଣର ସଂସାର। ସରକାରୀ ସହାୟତା କହିଲେ ମାସିକ ହଜାରେ ଟଙ୍କାର ବିଧବା ଭତ୍ତା ଏବଂ ରାସନ କାର୍ଡରେ କିଛି ଚାଉଳ ମିଳୁଛି। ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଖଣ୍ଡିଏ ଘର ମିଳିଥିଲେ ମଧ୍ୟ ଦୈନିକ କୁଲି ମଜୁରୀ ନକଲେ ଚୁଲି ଜଳେନାହିଁ। ଏଭଳି ସ୍ଥିତିରେ ପୁଅର ଚିକିତ୍ସା ପାଇଁ କୌଣସି ବଡ଼ ଡାକ୍ତରଖାନାକୁ ନେବା କୌଶଲ୍ୟାଙ୍କ ପକ୍ଷେ ସ୍ୱପ୍ନ ପାଲଟିଛି। ଆଶ୍ଚର୍ଯ୍ୟର କଥା ଯେ, ପରିବାରର ୩ ଜଣ ସଦସ୍ୟଙ୍କ ନାମରେ ଆୟୁଷ୍ମାନ କାର୍ଡ ଆସିଥିବା ବେଳେ, ଯେଉଁ ରୋଗୀଣା ଶିଶୁ ପାଇଁ ଚିକିତ୍ସା ସବୁଠାରୁ ଜରୁରୀ, ସେହି ସୁଭମଙ୍କ ନାମରେ ଆୟୁଷ୍ମାନ କାର୍ଡ ଆସିନାହିଁ। ଯାହାକୁ ନେଇ ମା' କୌଶଲ୍ୟା ଅତ୍ୟନ୍ତ କ୍ଷୋଭ ଓ ଦୁଃଖପ୍ରକାଶ କରିଛନ୍ତି। ପୁଅର ଜୀବନ ବଞ୍ଚାଇବା ପାଇଁ ସେ' ଏବେ ସରକାରୀ ସହାୟତା ନିମନ୍ତେ କାକୁତିମିନତି ହୋଇ ଗୁହାରି କରିଛନ୍ତି। ଗ୍ରାମର ଦିଗାମ୍ବର ନାଗଙ୍କ ସମେତ ସ୍ଥାନୀୟ ପଡ଼ୋଶୀମାନେ ମଧ୍ୟ ଶିଶୁର ଉପଯୁକ୍ତ ଚିକିତ୍ସା ପାଇଁ ପ୍ରଶାସନ ତରଫରୁ ତୁରନ୍ତ ଆର୍ଥିକ ଓ ଚିକିତ୍ସା ସହାୟତା ଯୋଗାଇ ଦେବାକୁ ଦାବି କରିଛନ୍ତି। ଏ ସମ୍ପର୍କରେ କୋକସରା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଡ. ହିମାଞ୍ଚଳ ମାଝୀଙ୍କ ସହ ଯୋଗାଯୋଗ କରିବାରୁ ସେ କହିଛନ୍ତି ଯେ, ଆସନ୍ତାକାଲି ହିଁ ଗ୍ରାମକୁ ଏକ ମେଡିକାଲ ଟିମ୍ ପଠାଯିବ। ଶିଶୁର ସ୍ୱାସ୍ଥ୍ୟ ପରୀକ୍ଷା କରାଯିବା ସହ ସମସ୍ତ ପ୍ରକାର ସରକାରୀ ସୁବିଧା ଓ ଉଚ୍ଚକୋଟୀର ଚିକିତ୍ସା ବ୍ୟବସ୍ଥା ଯୋଗାଇ ଦିଆଯିବ ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

### ଜିଲ୍ଲା ଜଳ ଓ ପରିମଳ ମିଶନ ବୈଠକ

# ୨.୪୮ ଲକ୍ଷ କେଜି ପ୍ଲାଷ୍ଟିକ ବର୍ଜ୍ୟ ସଂଗ୍ରହ; ୪.୪୪ ଲକ୍ଷ ଟଙ୍କା ଜରିମାନା ଆଦାୟ

**ନୂଆପଡ଼ା/ସିନାପାଲି, ୨୪।୬ (ସମିସ)**

ନୂଆପଡ଼ା ଜିଲ୍ଲାରେ ଜିଲ୍ଲା ଜଳ ଓ ପରିମଳ ମିଶନ (ଡିଡବ୍ଲୁଏସ୍‌ଏମ୍)ର ୧୯ତମ ବୈଠକ ଜିଲ୍ଲାପାଳ ମଧୁସୂଦନ ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଜିଲ୍ଲା ପରିଷଦର କାର୍ଯ୍ୟନିର୍ବାହୀ ଅଧିକାରୀ ଲମ୍ବୋଦର ଧରୁଆ, ଜିଲ୍ଲା ସ୍ୱଚ୍ଛଭାରତ ଅଭିଯାନ ସଂଯୋଜକ ଅନୀଲ କୁମାର ଲେଙ୍କା, ସମସ୍ତ ବ୍ଲକର ବିଡିଓ, ବିଦ୍ୟୁତ ବିଭାଗର ନିର୍ବାହୀ ଯନ୍ତ୍ରୀ ଏବଂ ବିଭିନ୍ନ ବିଭାଗର ଅଧିକାରୀ ଓ ଯନ୍ତ୍ରୀମାନେ ଉପସ୍ଥିତ ଥିଲେ। ଜିଲ୍ଲାର ପାନୀୟ ଜଳ ଯୋଗାଣ, 'ହର ଘର ଜଳ' କାର୍ଯ୍ୟକ୍ରମ ଏବଂ ପରିମଳ ସମ୍ବନ୍ଧୀୟ ବିଭିନ୍ନ କାର୍ଯ୍ୟର ଅଗ୍ରଗତି ସମୀକ୍ଷା କରାଯାଇଥିଲା। ବିଶେଷକରି ଜିଲ୍ଲାରେ



ଚାଲିଥିବା 'ଏକକ ବ୍ୟବହୃତ ପ୍ଲାଷ୍ଟିକ ମୁକ୍ତ (ଏସ୍‌ୟୁପି ଫ୍ରି ନୂଆପଡ଼ା) ଅଭିଯାନ ଓ 'ବର୍ତ୍ତନ ବ୍ୟାଙ୍କ' ଉପରେ ଆଲୋଚନା ହୋଇଥିଲା। ସମୀକ୍ଷାରୁ ଜଣାପଡ଼ିଛି ଯେ, ୫ ଜୁନ୍ ୨୦୨୫ ଠାରୁ ଜିଲ୍ଲାରେ 'ଏସ୍‌ୟୁପି ଫ୍ରି ନୂଆପଡ଼ା' ଅଭିଯାନ ଅଧୀନରେ ୩, ୪୨୧ଟି ସଚେତନତା କାର୍ଯ୍ୟକ୍ରମ ଓ ୭, ୪୪୫ଟି ସ୍ୱଚ୍ଛତା ଅଭିଯାନ ଆୟୋଜନ କରାଯାଇଛି। ଏହି ଅଭିଯାନ ମାଧ୍ୟମରେ ୨, ୪୮, ୩୯୧ କିଲୋଗ୍ରାମ ପ୍ଲାଷ୍ଟିକ ବର୍ଜ୍ୟ ସଂଗ୍ରହ କରାଯାଇଥିବା ବେଳେ ୩, ୯୫୬ କିଲୋଗ୍ରାମ ନିଷିଦ୍ଧ ସିଙ୍ଗଲ୍ ୟୁଜ୍ ପ୍ଲାଷ୍ଟିକ ଜବତ କରାଯାଇଛି। ଏଥିସହ ୪ ଲକ୍ଷ ୪୪ ହଜାର ୫୫୦ ଟଙ୍କା ଜରିମାନା ଆଦାୟ କରାଯାଇଛି। ସେହିପରି 'ବର୍ତ୍ତନ ବ୍ୟାଙ୍କ' କାର୍ଯ୍ୟକ୍ରମ ଅଧୀନରେ ଜିଲ୍ଲାର ୧୭୭ଟି ଲକ୍ଷ୍ୟ ମଧ୍ୟରୁ ୧୭୦ଟି ବର୍ତ୍ତନ ବ୍ୟାଙ୍କ ସ୍ଥାପନ କରାଯାଇ ୯୬.୦୫ ପ୍ରତିଶତ ସଫଳତା ହାସଲ ହୋଇଛି। ଗ୍ରାମାଞ୍ଚଳରେ ଧାର୍ଯ୍ୟ ୧୩୧ଟି ଲକ୍ଷ୍ୟର ଶତପ୍ରତିଶତ ସଫଳତା ହାସଲ ହୋଇଛି। ଜିଲ୍ଲାପାଳ ଶ୍ରୀ ଦାଶ ପାନୀୟଜଳ ଯୋଗାଣ ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବା, ଜଳଯୋଗାଣ ପ୍ରକଳ୍ପଗୁଡ଼ିକର ସମୟୋପଯୋଗୀ କାର୍ଯ୍ୟକାରିତା ଏବଂ ଜନସାଧାରଣଙ୍କ ଅଭିଯୋଗର ତ୍ୱରିତ ସମାଧାନ ଉପରେ ଗୁରୁତ୍ୱାରୋପ କରିଥିଲେ।

## କେସିଙ୍ଗା ନିର୍ବାଚନମଣ୍ଡଳୀ ପାଇଁ ସହରରେ ଲାଗିଲା ପୋଷ୍ଟର

**କେସିଙ୍ଗା, ୨୪।୬ (ସମିସ):** ଏକଦା ଜିଲ୍ଲାର ପ୍ରମୁଖ ନିର୍ବାଚନମଣ୍ଡଳୀ ଭାବରେ ଗୁରୁତ୍ୱବହନ କରିଥିବା କେସିଙ୍ଗା ନିର୍ବାଚନମଣ୍ଡଳୀ ବର୍ତ୍ତମାନ ପ୍ରାୟ ୧୮ ବର୍ଷ ହେଲାଣି ବାପା ଛେଉଣ୍ଡ ହୋଇଯାଇଛି। ୧୯୬୭ ମସିହାରେ ଅସ୍ତିତ୍ୱରେ




ଆସିଥିବାକେସିଙ୍ଗା ନିର୍ବାଚନମଣ୍ଡଳୀ ୨୦୦୯ ମସିହାରେ ରାଜନୈତିକ ଅଭିସନ୍ଧିପାଇଁ ଅଧା ଭବାନୀପାଟଣା ସଦର ନିର୍ବାଚନ ମଣ୍ଡଳୀରେ ଓ ଅଧା ନର୍ଲା ନିର୍ବାଚନମଣ୍ଡଳୀରେ ମିଶି ନିଜର ଅସ୍ତିତ୍ୱ ହରାଇଥିଲା। ଫଳରେ ମୂରବୀବିହୀନ ସହର ଭାବରେ ରହିଯାଇଛି କେସିଙ୍ଗା ସହରରେ ମାଳମାଳ ସମସ୍ୟା। ବଡ଼ ମେଡିକାଲ ଅଛି ହେଲେ ଅବ୍ୟବସ୍ଥା ଓ ବିଶେଷଜ୍ଞ ଅଭାବ। ଜିଲ୍ଲାର ସବୁଠୁ ଓସାରିଆ ଜାତୀୟ ରାଜପଥ ଅଛି ହେଲେ ଟ୍ରାଫିକ ସମସ୍ୟା, ପ୍ରାୟ ପାଖା ପାଖି ୪ ଶହ କୋଟି ଟଙ୍କା ବ୍ୟୟରେ ରେଳ ଓଭର ବ୍ରିଜ ହେଉଛି ହେଲେ ତାହାର ଅବସ୍ଥିତିକୁ ନେଇ ବଢୁଛି ଅସନ୍ତୋଷ। ସେପଟେ ଚଳିତବର୍ଷ ନିର୍ବାଚନ ମଣ୍ଡଳୀର ପୁନଃ ସିମାନିର୍ଦ୍ଧାରଣ ହେବ ବୋଲି ଜଣାପଡ଼ିବା ପରେ କେସିଙ୍ଗାରେ ଏହାର ପ୍ରତିକ୍ରିୟା ଆରମ୍ଭ ହୋଇଯାଇଛି। ସାମାଜିକ ଗଣମାଧ୍ୟମରେ ଲୋକଙ୍କୁ ସଚେତନ କରାଯିବା ସହିତ ଦାବି ଉପସ୍ଥାପନ କରାଯାଉଛି। ବହୁତ ଶୀଘ୍ର ଉକ୍ତ ବିଷୟକୁ ନେଇ ସହରରେ ଏକ ସର୍ବଦଳୀୟ ବୈଠକ ଅନୁଷ୍ଠିତ ହୋଇ ଆଗାମୀ ରଣନୀତି ପ୍ରସ୍ତୁତ କରାଯିବ। ଏନେଇ କେସିଙ୍ଗାର ଏକ ସାମାଜିକ ଗଣମାଧ୍ୟମ ପକ୍ଷରୁ ସହରରେ କେସିଙ୍ଗା ନିର୍ବାଚନମଣ୍ଡଳୀ ଫେରାଇ ଆଣିବାକୁ ପୋଷ୍ଟରଲଗାଇ ଅଞ୍ଚଳବାସୀଙ୍କୁ ଏକଜୁଟ୍ ହୋଇ ସରକାରଙ୍କ ପାଖରେ ଦାବି ଉପସ୍ଥାନ ସହ ଦରକାର ପଡ଼ିଲେ ଅହିଂସା ଆନ୍ଦୋଳନ ପାଇଁ ପ୍ରସ୍ତୁତ ରହିବାକୁ ସଚେତନ କରାଯାଉଛି।

**ରଥ ପୂର୍ବରୁ ପୁରୀ ଅଶାନ୍ତ**

# ହୋଟେଲ ମାଲିକଙ୍କୁ ହତ୍ୟା; ଅଭିଯୁକ୍ତକୁ ପୁଲିସର ଏନ୍‌କାଉଣ୍ଟର

ପୁରୀ,୨୪।୬(ସମିସ): ଆଗକୁ ମହାପ୍ରଭୁଙ୍କ ପବିତ୍ର ସ୍ନାନଯାତ୍ରା ଓ ରଥଯାତ୍ରା। ଶୃଙ୍ଖଳିତ ଘୋଷଯାତ୍ରା ପାଇଁ ପୁଲିସ ପ୍ରସ୍ତୁତ ଚଳାଇଥିବା ବେଳେ ପୁରୀ ସହରରେ ଗଡ଼ିଛି ମୁଣ୍ଡ। ମଙ୍ଗଳବାର ବିଳମ୍ବିତ ରାତିରେ ବଳିଆପଣ୍ଡା ଥାନା ଅଞ୍ଚଳରେ ହୋଟେଲ ମାଲିକଙ୍କୁ ବୀଭତ୍ସ ଭାବେ ହତ୍ୟା କରାଯାଇଛି। ମୃତକ ହେଉଛନ୍ତି ବଳିଆପଣ୍ଡା ଥାନା ଧବଳେଶ୍ୱର ମନ୍ଦିର ନିକଟରେ ଥିବା ହୋଟେଲ 'ମନୋରମା' ରେସିଡେନ୍ସିର ମାଲିକ ପବିତ୍ର ନାୟକ। ତେବେ ହତ୍ୟାକାଣ୍ଡର କେଇଘଣ୍ଟା ମଧ୍ୟ ପୁଲିସ ନେଇଥିଲା ବଡ଼ କାର୍ଯ୍ୟାନୁଷ୍ଠାନ। ମୁଖ୍ୟ ଅଭିଯୁକ୍ତ କୁହାଯାଉଥିବା ସେହି ହୋଟେଲର ମ୍ୟାନେଜର ଚନ୍ଦନ କୁମାର ପଲ୍ଲାରକୁ ଏନ୍‌କାଉଣ୍ଟର କରିଥିଲା ପୁଲିସ। ତେବେ ହତ୍ୟାକାଣ୍ଡର ପ୍ରକୃତ କାରଣ ସ୍ପଷ୍ଟ ହୋଇ ନ ଥିବାବେଳେ ସେହି ହୋଟେଲକୁ ନେଇ ଏଭଳି କାଣ୍ଡ ଘଟିଥିବା ଅନୁସନ୍ଧାନ କରିଛି ପୋଲିସ। ଅଭିଯୁକ୍ତ ଚନ୍ଦନ ସେହି ହୋଟେଲକୁ ନିଜ କବ୍‌ଜାକୁ ନେଇ ବ୍ୟବସାୟ ଲକ୍ଷ୍ୟ ରଖିଥିବା ଯୋଗୁଁ ମାଲିକ ପବିତ୍ରଙ୍କ ସହିତ କିଛିଦିନ ହେବ ବିବାଦକୁ ନେଇ ଏଭଳି ହତ୍ୟାକାଣ୍ଡ ଘଟିଥିବା ଚର୍ଚ୍ଚା ଜୋର୍ ଧରିଛି।



ସୂଚନା ଅନୁଯାୟୀ, ମଙ୍ଗଳବାର ବିଳମ୍ବିତ ରାତିରେ ହୋଟେଲରେ ରହୁଥିବା କିଛି ଯାତ୍ରୀଙ୍କ ଫୋନ୍ ପରେ ପବିତ୍ର ହୋଟେଲକୁ ଯାଇଥିଲେ। ମ୍ୟାନେଜର ଏବଂ କିଛି କର୍ମଚାରୀ ଆବଶ୍ୟକ ସେବା ଦେଉ ନ ଥିବା ଅଭିଯୋଗ କରିଥିଲେ କିଛି ଯାତ୍ରୀ। ଫଳରେ ମାଲିକ ପବିତ୍ର ମ୍ୟାନେଜର ଚନ୍ଦନକୁ ତାଗିଦ କରିଥିଲେ। ଏହାକୁ ନେଇ ଉଭୟଙ୍କ ମଧ୍ୟରେ କଥା କଟାକଟି ପରେ ବିବାଦ ଉଗ୍ରରୂପ ଧାରଣ କରିଥିଲା। ଚନ୍ଦନ ନିଜ ପାଖରେ ରଖିଥିବା ଏକ ଛୁରୀରେ ପବିତ୍ରଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ଏକାଧିକଥର ଶୀରୀର ବିଭିନ୍ନ ଜାଗାକୁ ଛୁରୀରେ ଆଘାତ ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ଘଟିଥିଲା। ଖବର ପାଇ ଘଟଣାସ୍ଥଳରେ ପହଞ୍ଚିଥିଲା ବଳିଆପଣ୍ଡା ଥାନା ପୁଲିସ। ମୁଖ୍ୟ ଅଭିଯୁକ୍ତ ସେହି ହୋଟେଲର ମ୍ୟାନେଜର ଚନ୍ଦନ ଜାଣିବା ପରେ ପୁଲିସ ଧରିବା ପାଇଁ ବିଭିନ୍ନ ସ୍ଥାନରେ ଚଢ଼ଉ କରିଥିଲା।

ବିଶେଷ ସୂତ୍ରରୁ ପୁଲିସକୁ ଖବର ମିଳିଥିଲା ମାତା ମଠ ନିକଟ ଏକ କାଜୁ ଜଙ୍ଗଲରେ ଲୁଚି ରହିଛି ଚନ୍ଦନ। ସେଠାରେ ପୁଲିସକୁ ପହଞ୍ଚିବା ପରେ ଚନ୍ଦନ ପୁଲିସ ଉପରକୁ ଗୁଳି ଚାଳନା କରି ଖସିଯିବାକୁ ଚେଷ୍ଟା କରିଥିଲା। ହେଲେ ପୁଲିସ ଗୁଳିରେ ଆହତ ହୋଇଥିଲା। ଚନ୍ଦନର ବାମପଟ ଗୋଡ଼ରେ ପୁଲିସର ଗୁଳି ବାଜିଥିବା ବେଳେ ତାକୁ ଚିକିତ୍ସା ପାଇଁ ପ୍ରଥମେ ପୁରୀ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ପରେ ମୃତକଙ୍କ ପରିବାର ଓ ସମ୍ପର୍କୀୟମାନେ ମେଡିକାଲରେ ପହଞ୍ଚିବା ପରେ ଉତ୍ତେଜନା ପ୍ରକାଶ ପାଇଥିଲା। ଏସ୍‌ପି ପ୍ରତୀକ୍ ସିଂ ଏବଂ ପୁଲିସ ଅଧିକାରୀ ସ୍ଥିତିକୁ ନିୟନ୍ତ୍ରଣ କରିବା ସହିତ ଚନ୍ଦନକୁ କଟକ ସ୍ଥାନାନ୍ତର କରାଯାଇଥିଲା। ତେବେ ଏହି ଘଟଣାରେ ସମ୍ପୃକ୍ତ ଥିବା ଅନ୍ୟ ଅଭିଯୁକ୍ତଙ୍କୁ ଧରିବା ପାଇଁ ପୋଲିସ ଉଦ୍ୟମ ଜାରି ରଖିଥିବା ଏସ୍‌ପି ଶ୍ରୀ ସିଂ ସୂଚନା ଦେଇଛନ୍ତି। ଏସ୍‌ପି କହିଛନ୍ତି, "ମଙ୍ଗଳବାର ବିଳମ୍ବିତ ରାତିରେ ହୋଟେଲ ମନୋରମାର ମାଲିକଙ୍କୁ ମରଣାନ୍ତକ ଆକ୍ରମଣ ହୋଇଥିବା ବଳିଆପଣ୍ଡା ଥାନାକୁ ଖବର ଆସିଥିଲା। ହୋଟେଲର ଜଣେ କର୍ମଚାରୀ ଚନ୍ଦନ କୁମାର ପଲ୍ଲାର ହିଁ ଛୁରୀରେ ଆକ୍ରମଣ କରିଥିବା ଜଣାପଡ଼ିଥିଲା। ଗୁରୁତର ଅବସ୍ଥାରେ ପବିତ୍ରଙ୍କୁ ପୁଲିସ ଚିକିତ୍ସା ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲା। ହେଲେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଅଭିଯୁକ୍ତ ଚନ୍ଦନ ମାତାମଠ ନିକଟ ଏକ କାଜୁ ଜଙ୍ଗଲରେ ଲୁଚିବା ପାଇଁ ଯାଉଥିବା ପୁଲିସକୁ ଖବର ମିଳିଥିଲା। ପୁଲିସ ସେଠାରେ ପହଞ୍ଚିବା ପରେ ଅଭିଯୁକ୍ତ ପୁଲିସ ଉପରେ ଗୁଳି ଚାଳନା କରି ଖସି ଯିବାକୁ ଉଦ୍ୟମ କରୁଥିଲା। ପୁଲିସର ପାଲଟା ଗୁଳିରେ ଅଭିଯୁକ୍ତ ଆହତ ହୋଇଥିଲା। ଏହାର ତଦନ୍ତ ଚାଲିଛି ଆଉ କିଛି ବ୍ୟକ୍ତି ଏହି ଅପରାଧରେ ସାମିଲ ଥିବା ଜଣାପଡ଼ିଛି। ସେମାନଙ୍କୁ ଧରିବା ପାଇଁ ଉଦ୍ୟମ ଜାରି ରହିଛି ବୋଲି ଏସ୍‌ପି ଶ୍ରୀ ସିଂ କହିଛନ୍ତି।

■ ଛତ୍ରପୁର ଅଞ୍ଚଳରେ ଗୁଣିଆ ସନ୍ଦେହରେ ହତ୍ୟା ମାମଲା

## ଅଭିଯୁକ୍ତ ୨୪ ବର୍ଷ ପରେ ହାଇକୋର୍ଟରୁ ଦୋଷମୁକ୍ତ

କଟକ,୨୪।୬(ସମିସ): ଏକ ହତ୍ୟା ଘଟଣାରେ ଜଣେ ଅଭିଯୁକ୍ତ ଦୀର୍ଘ ୨୪ବର୍ଷ ପରେ ହାଇକୋର୍ଟରୁ ଦୋଷମୁକ୍ତ ହୋଇଛନ୍ତି। ସାକ୍ଷୀଙ୍କ ବୟାନରେ ବିରୋଧାଭାସ ଏବଂ ଦୁର୍ବଳ ଅନୁସନ୍ଧାନ କାରଣରୁ ଏକ ଦୀର୍ଘ ଦିନର ହତ୍ୟା ମାମଲାରେ ଓଡ଼ିଶା ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ରାୟ ଶୁଣାଇଛନ୍ତି। ୨୦୦୩ରୁ ଚାଲିଆସୁଥିବା ମାମଲାର ଶୁଣାଣି କରି ନିମ୍ନ ଅଦାଲତଙ୍କ ଆଜୀବନ କାରାଦଣ୍ଡାଦେଶକୁ ହାଇକୋର୍ଟ ରଦ୍ଦ କରିବା ସହ ଅଭିଯୁକ୍ତ ତଥା ଆବେଦନକାରୀ ବାବୁ ଦାସଙ୍କୁ ସମସ୍ତ ଦୋଷରୁ ମୁକ୍ତ କରିଛନ୍ତି। ଜଷ୍ଟିସ ମାନସ ରଞ୍ଜନ ପାଠକ ଓ ଜଷ୍ଟିସ ଶଶିକାନ୍ତ ମିଶ୍ରଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ନିମ୍ନ ଅଦାଲତ ପ୍ରମାଣରେ ଥିବା ବଡ଼ ଫାଙ୍କଗୁଡ଼ିକୁ ଅଣଦେଖା କରିଥିଲେ। ଆଇନ ଅନୁଯାୟୀ ପ୍ରସିକ୍ୟୁସନକୁ ନିଜ ମାମଲା ସନ୍ଦେହରୁ ଊର୍ଦ୍ଧ୍ୱରେ ପ୍ରମାଣ କରିବାକୁ ପଡ଼ିଥାଏ, କିନ୍ତୁ ଏଠାରେ ନିମ୍ନ ଅଦାଲତ ଓଲଟା ଅଭିଯୁକ୍ତ ଉପରେ ନିଜକୁ ନିର୍ଦ୍ଦୋଷ ପ୍ରମାଣ କରିବାର ଭାର ଲଦି ଦେଇଛନ୍ତି, ଯାହା ଆଇନଗତ ଭାବେ ଗ୍ରହଣୀୟ ନୁହେଁ ବୋଲି ହାଇକୋର୍ଟ କହିଛନ୍ତି।

**'ନିର୍ଦ୍ଦୋଷ ପ୍ରମାଣ ପାଇଁ ଅଭିଯୁକ୍ତ ଉପରେ ବୋଝ ଲଦିବା ଗ୍ରହଣୀୟ ନୁହେଁ'**

ମାମଲାରୁ ପ୍ରକାଶ ଯେ ଗତ ୨୦୦୨ ମସିହା ମେ' ୨୮ ତାରିଖରେ ଗଞ୍ଜାମ ଜିଲ୍ଲା ଛତ୍ରପୁର ଅଞ୍ଚଳର ସାରୁ ଗ୍ରାମର ଗୁଣିଆ ନଟବର ଗୌଡ଼ଙ୍କୁ ଲାଠିରେ ପିଟି ପିଟି ହତ୍ୟା କରାଯାଇଥିବା ଅଭିଯୋଗ ହୋଇଥିଲା। ଅଭିଯୁକ୍ତ ବାବୁ ଦାସ ନିଜ ପରିବାର ଉପରେ ଗୁଣି ଗାରେଡ଼ି ସନ୍ଦେହ କରି ଏହି ହତ୍ୟାକାଣ୍ଡ ଭିଆଇଥିବା ପ୍ରସିକ୍ୟୁସନ ଦାବି କରିଥିଲା। ୩୧ ଅକ୍ଟୋବର ୨୦୦୩ରେ ଛତ୍ରପୁର ଫାଷ୍ଟ ଟ୍ରାକ୍ କୋର୍ଟ ଅଭିଯୁକ୍ତକୁ ଦୋଷୀ ସାବ୍ୟସ୍ତ କରି ଆଜୀବନ କାରାଦଣ୍ଡାଦେଶ ଦେଇଥିଲେ, ଯାହାକୁ ଚ୍ୟାଲେଞ୍ଜ କରି ଅଭିଯୁକ୍ତ ତରଫରୁ ହାଇକୋର୍ଟରେ ଅପିଲ୍ କରାଯାଇଥିଲା। ପ୍ରସିକ୍ୟୁସନର ସମସ୍ତ ପ୍ରମାଣ ସନ୍ଦେହଘେରରେ ଥିବାରୁ, ଆଇନର 'ବେନିଫିଟ୍ ଅଫ୍ ଡାଉଟ୍' ବା ସନ୍ଦେହର ଲାଭ ଅଭିଯୁକ୍ତଙ୍କ ସପକ୍ଷରେ ଯିବା ଉଚିତ ବୋଲି ହାଇକୋର୍ଟ ପ୍ରକାଶ କରିଛନ୍ତି। ଏହି ଆଧାରରେ ଆବେଦନକାରୀଙ୍କୁ ନିର୍ଦ୍ଦୋଷରେ ଖଲାସ କରାଯାଇଛି।

**'ଡିଜିଟାଲ୍ ଆରେଷ୍ଟ' ଠକେଇ**

## ଅବସରପ୍ରାପ୍ତ ପ୍ରଫେସର ଫେରିପାଇଲେ ୧.୧୦ କୋଟି

କଟକ,୨୪।୬(ସମିସ): 'ଡିଜିଟାଲ୍ ଆରେଷ୍ଟ' ଠକେଇର ଶିକାର ହୋଇଥିବା ଭୁବନେଶ୍ୱରର ଜଣେ ଅବସରପ୍ରାପ୍ତ ପ୍ରଫେସରଙ୍କ ଆକାଉଣ୍ଟରୁ ଯାଇଥିବା ୨.୪୫ କୋଟି ଟଙ୍କା ମଧ୍ୟରୁ ୧କୋଟି ୧୦ ଲକ୍ଷ ଫେରସ୍ତ ଆଣିବାରେ ସଫଳ ହୋଇଛି କ୍ରାଇମବ୍ରାଞ୍ଚ। '୧୯୩୦' ସାଇବର ହେଲ୍ପଲାଇନ୍ ମାଧ୍ୟମରେ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯାଇ ଏହି ଅର୍ଥ ଉଦ୍ଧାର କରାଯାଇପାରିଛି ବୋଲି କ୍ରାଇମବ୍ରାଞ୍ଚ ପକ୍ଷରୁ କୁହାଯାଇଛି। ମିଳିଥିବା ସୂଚନା ଅନୁଯାୟୀ, ଭୁବନେଶ୍ୱରରେ ରହୁଥିବା ଏହି ଅବସରପ୍ରାପ୍ତ ପ୍ରଫେସର ଜଣକ ଗତ ଫେବୃଆରୀ ୨୦୨୬ରେ ଡିଜିଟାଲ୍ ଆରେଷ୍ଟର ଶିକାର ହୋଇ ପ୍ରାୟ ୨କୋଟି ୪୫ଲକ୍ଷ ଟଙ୍କା ହରାଇଥିଲେ। ଏନେଇ ସେ ଗତ ମେ ୧୫ରେ ସେ ଜାତୀୟ ସାଇବର ଅପରାଧ ରିପୋର୍ଟିଂ ପୋର୍ଟାଲ (ଏନସିଆରପି)ରେ ଅଭିଯୋଗ କରିଥିଲେ। ଏହାପୂର୍ବରୁ ତଥା ଗତ ମାର୍ଚ୍ଚ ୨ତାରିଖରେ ସେ କ୍ରାଇମବ୍ରାଞ୍ଚ ସାଇବର କ୍ରାଇମ ଥାନାରେ ଏକ ମାମଲା ମଧ୍ୟ ରୁଜୁ କରିଥିଲେ। ଏହି ପ୍ରକ୍ରିୟାରେ ଠକେଇ ସହ ଜଡ଼ିତ କେତେକ ବ୍ୟାଙ୍କ ଆକାଉଣ୍ଟ ଚିହ୍ନଟ କରାଯାଇଥିଲା ଏବଂ ସେଗୁଡ଼ିକୁ ତୁରନ୍ତ ଫ୍ରିଜ୍ ବା ଅଚଳ କରିବାକୁ ପଦକ୍ଷେପ ନିଆଯାଇଥିଲା। ବ୍ୟାଙ୍କ କର୍ତ୍ତୃପକ୍ଷଙ୍କ ସହ ସମନ୍ୱୟ ରକ୍ଷା କରି 'ୟେସ୍ ବ୍ୟାଙ୍କ'ର ଏକ ଆକାଉଣ୍ଟରେ ଥିବା ୧କୋଟି ୧୦ଲକ୍ଷ ଟଙ୍କାକୁ ଅଟକାଇ ଦିଆଯାଇଥିଲା। ପରବର୍ତ୍ତୀ ସମୟରେ, କୋର୍ଟଙ୍କ ଆଦେଶ ଅନୁଯାୟୀ ସମସ୍ତ ଆଇନଗତ ପ୍ରକ୍ରିୟା ଶେଷ କରି ଏହି ସମ୍ପୂର୍ଣ୍ଣ ଅର୍ଥକୁ ଅଭିଯୋଗକାରୀ ପ୍ରଫେସରଙ୍କ ଆକାଉଣ୍ଟକୁ ସଫଳତାର ସହ ଫେରସ୍ତ ଅଣାଯାଇଛି।

**୪ ମାସରେ ୧୬୩୩୫ଟି ସାଇବର ଠକେଇ ଅଭିଯୋଗ**

କ୍ରାଇମବ୍ରାଞ୍ଚ ପକ୍ଷରୁ ଦିଆଯାଇଥିବା ତଥ୍ୟ ଅନୁଯାୟୀ ଗତ ୨୦୨୫ରେ ଏନସିଆରପିରେ ମୋଟ ୪୩୨.୨୮ କୋଟି ଟଙ୍କା ଠକେଇ ନେଇ ୪୯୪୨୬ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ଏହି ଅଭିଯୋଗ ଗୁଡିକ ଆଧାରରେ ୬୮.୭୧କୋଟି ଟଙ୍କାକୁ ବିଭିନ୍ନ ବ୍ୟାଙ୍କରେ ଫ୍ରିଜ କରାଯାଇଥିବା ବେଳେ ୫.୩୧କୋଟି ଟଙ୍କା ଅଭିଯୋଗକାରୀ ମାନଙ୍କୁ ଫେରସ୍ତ ଦିଆଯାଇପାରିଛି। ସେହିଭଳି ୨୦୨୬ ଏପ୍ରିଲ୩୦ ସୁଦ୍ଧା ୧୩୪.୨୪କୋଟି ଟଙ୍କା ଠକେଇ ନେଇ ୧୬୩୩୫ଟି ଅଭିଯୋଗ ହୋଇଥିବା ବେଳେ ୨୪.୨୭କୋଟି ଟଙ୍କା ବିଭିନ୍ନ ବ୍ୟାଙ୍କରେ ଫ୍ରିଜ କରାଯାଇ ରଖାଯାଇଛି। ଏଥିରୁ ୨.୯୭କୋଟି ଟଙ୍କା ଅଭିଯୋଗକାରୀ ମାନେ ଫେରସ୍ତ ପାଇଛନ୍ତି। ଏଭଳି କୌଣସି ସନ୍ଦିଗ୍ଧ ଫୋନ କଲ୍ ଆସିଲେ ନିଜର ବ୍ୟକ୍ତିଗତ ଓ ବ୍ୟାଙ୍କ ତଥ୍ୟ ସେୟାର ନକରିବାକୁ କୁହାଯାଇଛି। ଏଭଳି ଘଟଣା ଘଟିଲେ ତୁରନ୍ତ ଟୋଲ୍ ଫ୍ରି ସାଇବର କ୍ରାଇମ ହେଲ୍ପଲାଇନ୍ ନମ୍ବର ୧୯୩୦କୁ କଲ୍ କିମ୍ବା www.cybercrime.gov.inରେ ଅଭିଯୋଗ ଯେତେ ଶୀଘ୍ର କରାଯିବ ତେବେ ଟଙ୍କା ଫ୍ରିଜ୍ ହେବାର ଏବଂ ଫେରସ୍ତ ମିଳିବାର ସମ୍ଭାବନା ସେତେ ଅଧିକ ରହିବ ବୋଲି କ୍ରାଇମବ୍ରାଞ୍ଚ ପକ୍ଷରୁ କୁହାଯାଇଛି।

## ବ୍ରାହ୍ମଣୀରେ ବୁଡ଼ି ଯୁବକଙ୍କ ମୃତ୍ୟୁ

କଣିହାଁ,୨୪।୬(ସମିସ): କଣିହାଁ ବ୍ଲକ ରେଙ୍ଗାଲି ଡ୍ୟାମ ନିମ୍ନଭାଗ କଦଳିପାଳ ନିକଟରେ ବ୍ରାହ୍ମଣୀ ନଦୀରେ ବୁଡ଼ି ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ଏହି ଘଟଣା ମଙ୍ଗଳବାର ଅପରାହ୍ଣରେ ଘଟିଥିବା ଜଣାପଡ଼ିଛି। ସୂଚନା ଅନୁଯାୟୀ, ରେଙ୍ଗାଲି ଡ୍ୟାମ ତଳ ଅଞ୍ଚଳ କଦଳିପାଳ ନିକଟ ବ୍ରାହ୍ମଣୀ ନଦୀରେ ଜଣେ ଯୁବକ ଗାଧୋଇବା ବେଳେ ଅସାବଧାନତାବଶତଃ ବୁଡ଼ି ଯାଇଥିଲେ। ଘଟଣା ଦେଖି ସେଠାରେ ଥିବା କିଛି ସ୍ଥାନୀୟ ଲୋକେ ନଦୀରୁ ତାଙ୍କୁ ଉଦ୍ଧାର କରି ନିକଟସ୍ଥ ଡାକ୍ତରଙ୍କ ନିକଟକୁ ନେଇଥିଲେ। ପରବର୍ତ୍ତୀ ସମୟରେ ଆମ୍ବୁଲାନ୍ସ ଯୋଗେ ତାଙ୍କୁ କଣିହାଁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ସ୍ଥାନାନ୍ତର କରାଯାଇଥିଲା। ତେବେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମୃତ ଯୁବକ ଜଣକ କଣିହାଁ ବ୍ଲକ ଖାମାର ଗ୍ରାମର ରାଜେଶ ଗୋଛାୟତ ବୋଲି ଜଣାପଡ଼ିଛି। ପୁଲିସ ଖବର ପାଇ ଘଟଣାର ତଦନ୍ତ ଆରମ୍ଭ କରିଛି।

■ ସାମ୍ବାଦିକଙ୍କୁ ପେନ୍‌ସନ୍ ମାମଲା

## ୩ ମାସରେ ନିଷ୍ପତ୍ତି ନେବାକୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ,୨୪।୬(ସବ୍ୟ): ସାମ୍ବାଦିକଙ୍କୁ ପେନ୍‌ସନ୍ ପ୍ରଦାନ ମାମଲାରେ ହାଇକୋର୍ଟ୍ ଏକ ଗୁରୁତ୍ୱପୂର୍ଣ୍ଣ ଆଦେଶ ଦେଇଛନ୍ତି। ଏ ପ୍ରସଙ୍ଗରେ ରାଜ୍ୟ ସରକାର ତିନି ମାସ ମଧ୍ୟରେ ଉପଯୁକ୍ତ ନିଷ୍ପତ୍ତି ନେବାକୁ ହାଇକୋର୍ଟ ଆଦେଶ ଦେଇଛନ୍ତି। ଏ ସଂକ୍ରାନ୍ତରେ ସମସ୍ତ ପ୍ରକାର ପ୍ରଶାସନିକ ପଦକ୍ଷେପ, ଆବଶ୍ୟକ ଆର୍ଥିକ ବ୍ୟବସ୍ଥା ଆଦି ବିଚାର କରି ପଦକ୍ଷେପ ନେବାକୁ ହାଇକୋର୍ଟର ବିଚାରପତି ଜଷ୍ଟିସ୍ ଏସ୍.କେ. ପାଣିଗ୍ରାହୀ ଆଦେଶ ଦେଇଛନ୍ତି। ଯଦି ଧାର୍ଯ୍ୟ ସମୟ ମଧ୍ୟରେ ରାଜ୍ୟ ସରକାର ଆବଶ୍ୟକ ପଦକ୍ଷେପ ଗ୍ରହଣ ନକଲେ ତାହେଲେ ଆବେଦନକାରୀ ପୁନର୍ବାର ଅଦାଲତଙ୍କ ଦ୍ୱାରସ୍ଥ ହୋଇପାରିବେ ବୋଲି ହାଇକୋର୍ଟ କହିଛନ୍ତି। ସିନିୟର୍ ଜର୍ଣ୍ଣାଲିଷ୍ଟ ଆସୋସିଏସନ, ଓଡ଼ିଶା ପକ୍ଷରୁ ଏହି ଅଦାଲତ ମାମଲା ରୁଜୁ କରାଯାଇଥିଲା। ଆଜି ପର୍ଯ୍ୟନ୍ତ ଓଡ଼ିଶାରେ ବରିଷ୍ଠ ସାମ୍ବାଦିକଙ୍କୁ ପେନ୍‌ସନ୍ ପ୍ରଦାନ କରାଯାଉ ନଥିବାରୁ ଅଦାଲତଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା। ରାଜ୍ୟ ସରକାର ଜବାବ ରଖି ଦର୍ଶାଇଥିଲେ ଯେ ସାମ୍ବାଦିକଙ୍କୁ ପେନ୍‌ସନ୍ ଦେବା ସଂକ୍ରାନ୍ତରେ ରାଜ୍ୟ ସରକାର ବିଚାରବିମର୍ଶ କରୁଛନ୍ତି। ଏଥିପାଇଁ ଅତିକମ୍‌ରେ ତିନିମାସ ସମୟ ଦିଆଯାଉ। ଏହି ଜବାବକୁ ଗ୍ରହଣ କରି ହାଇକୋର୍ଟ ରାଜ୍ୟ ସରକାରଙ୍କୁ ପେନ୍‌ସନ୍ ସଂକ୍ରାନ୍ତରେ ତିନିମାସ ମଧ୍ୟରେ ନିଷ୍ପତ୍ତି ନେବାକୁ ନିର୍ଦ୍ଦେଶ ଦେଇଛନ୍ତି।

**ରକ୍ତରଞ୍ଜିତ ରାମନଗର**

## ବିଜେପି ବୁଥ୍ ସଭାପତିଙ୍କୁ ନିର୍ମମ ହତ୍ୟା

ମହାକାଳପଡ଼ା, ୨୪।୬ (ସମିସ): ମହାକାଳପଡ଼ା ବ୍ଲକ ଅନ୍ତର୍ଗତ ରାମନଗର ପଞ୍ଚାୟତରେ ଜଣେ ବିଜେପି କର୍ମୀଙ୍କ ନିର୍ମମ ହତ୍ୟା ଘଟଣା ସମଗ୍ର ଅଞ୍ଚଳକୁ ସ୍ତବ୍ଧ କରିଦେଇଛି। ବିଜେପିର ୧୯୭ନଂ ବୁଥ ସଭାପତି ତପନ ଦାସଙ୍କୁ ପଥରରେ ଛେଚି ହତ୍ୟା କରାଯାଇଥିବା ଘଟଣା ପରେ କେବଳ ଅଞ୍ଚଳରେ ଶୋକର ଛାୟା ଖେଳିଯାଇନାହିଁ, ବରଂ ସ୍ଥାନୀୟ ପ୍ରଶାସନ ଓ ପୁଲିସର କାର୍ଯ୍ୟଦକ୍ଷତା ଉପରେ ଗୁରୁତର ପ୍ରଶ୍ନ ଉଠିଛି। ଏହି ଘଟଣାରେ ଅଭିଯୁକ୍ତ ସଞ୍ଜୟ ମଣ୍ଡଳଙ୍କୁ ଜମ୍ବୁ ମେରାଇନ ଥାନା ପୁଲିସ ଗିରଫ କରିଥିବାବେଳେ ସ୍ଥାନୀୟ ଲୋକଙ୍କ ଅଭିଯୋଗ ହେଉଛି, ସେ ଦୀର୍ଘଦିନ ଧରି ଅଞ୍ଚଳରେ ଆତଙ୍କରାଜ ଚଳାଇ ଆସୁଥିଲେ। ପ୍ରତିଦିନ ସନ୍ଧ୍ୟା ସମୟରେ ରାସ୍ତା ଉପରେ ଲୋକଙ୍କୁ ଅଟକାଇ ଗାଳିଗୁଲଜ କରିବା, ବାଇକ୍ ଚାଳକଙ୍କୁ ହଇରାଣ କରିବା ଓ ଅଯଥା ଗଣ୍ଡଗୋଳ ସୃଷ୍ଟି କରିବା ତାଙ୍କର ନିତିଦିନିଆ ଅଭ୍ୟାସ ହୋଇପଡ଼ିଥିଲା। ଏସବୁ ଘଟଣାକୁ ଗୁରୁତ୍ୱ ଦିଆଯାଇ ନ ଥିବାରୁ ଶେଷରେ ଏକ ନିର୍ଦ୍ଦୋଷ ଜୀବନ ଚାଲିଗଲା ବୋଲି ଲୋକେ ମତ ପ୍ରକାଶ କରିଛନ୍ତି।

ସୂଚନା ମୁତାବକ, ଗତକାଲି ବିଳମ୍ବିତ ରାତିରେ ସଞ୍ଜୟ ମଣ୍ଡଳ ଘର ନିକଟରେ ଏକ ଭୋଜି ଚାଲିଥିବା ସମୟରେ ରାସ୍ତା ଉପରେ ଆତଙ୍କ ସୃଷ୍ଟି କରୁଥିଲେ। ଏହାକୁ ଦେଖି ତପନ ଦାସ ପରିସ୍ଥିତିକୁ ଶାନ୍ତ କରିବା ଓ ସଞ୍ଜୟଙ୍କୁ ବୁଝାଇବା ପାଇଁ ଆଗକୁ ଆସିଥିଲେ। କିନ୍ତୁ ସାମାନ୍ୟ କଥା କାଟାକାଟିରୁ ଘଟଣା ହିଂସାତ୍ମକ ରୂପ ନେଇଥିଲା। ସଞ୍ଜୟ ହଠାତ୍ ଉତ୍କ୍ଷିପ୍ତ ହୋଇ ଏକ କାଠ ଫାଳିଆରେ ତପନଙ୍କୁ ଆକ୍ରମଣ କରିଥିଲେ। ମୁଣ୍ଡରେ ଗୁରୁତର ଆଘାତ ଲାଗିବାରୁ ତପନ ଘଟଣାସ୍ଥଳରେ ତଳେ ପଡ଼ିଯାଇଥିଲେ। ଏତିକିରେ ଆକ୍ରମଣକାରୀଙ୍କ ରାଗ ଶାନ୍ତ ହୋଇ ନ ଥିଲା। ପରେ ପଥରରେ ତାଙ୍କ ମୁଣ୍ଡକୁ ଛେଚି ଦେଇଥିଲେ। ଫଳରେ ତପନଙ୍କ ମୃତ୍ୟୁ ଘଟିଥିଲା। ଏଭଳି ନିର୍ମମ ହତ୍ୟା ଘଟଣା ସମଗ୍ର ଅଞ୍ଚଳରେ ଭୟ ଓ ଅସୁରକ୍ଷାର ପରିବେଶ ସୃଷ୍ଟି କରିଛି। ଘଟଣା ପରେ ଅଭିଯୁକ୍ତ ଫେରାର ହୋଇଯାଇଥିବାବେଳେ ଜମ୍ବୁ ମେରାଇନ ଥାନା ଅଧିକାରିଣୀ ଅନିତା ସ୍ୱାଇଁଙ୍କ ନେତୃତ୍ୱରେ ପୁଲିସ ଟିମ୍ ତଦନ୍ତ ଆରମ୍ଭ କରିଥିଲା। ବିଭିନ୍ନ ସ୍ଥାନରେ ଚଢ଼ଉ କରି ଶେଷରେ ସଞ୍ଜୟ ମଣ୍ଡଳଙ୍କୁ ଗିରଫ କରାଯାଇଛି। ତାଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ ହୋଇଥିବାବେଳେ ଅଧିକ ତଦନ୍ତ ଚାଲିଛି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ନୂଆ ବିଏସ୍-୬...

ବିଏସ୍-୬ ଯାନଗୁଡ଼ିକ ପାଇଁ ନିୟମ ଭିନ୍ନ ହୋଇପାରେ। ସରକାର କହିଛନ୍ତି ଯେ ବିଏସ୍-୬ ଯାନଗୁଡ଼ିକ ପୁରୁଣା ମଡେଲ ତୁଳନାରେ ଯଥେଷ୍ଟ କମ୍ ପ୍ରଦୂଷଣ ନିର୍ଗତ କରନ୍ତି। ଏହି କାରଣରୁ ସେଗୁଡିକ ପାଇଁ ନିୟମ କୋହଳ କରାଯାଇପାରେ। ତେବେ ନିୟମାବଳୀ ଅନୁଯାୟୀ ପିୟୁସିସି ନ ଥିଲେ ଜଣଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇପାରିବ। କେବଳ ୧୦,୦୦୦ ଟଙ୍କା ପର୍ଯ୍ୟନ୍ତ ଜରିମାନା ଏବଂ ୬ ମାସ ପର୍ଯ୍ୟନ୍ତ ଜେଲଦଣ୍ଡ ମଧ୍ୟ ହୋଇପାରେ।

### କୋଲକାତାରେ ନିର୍ମାଣାଧୀନ...

ନିଆଯାଉଛି। ବର୍ତ୍ତମାନ ସୁଦ୍ଧା ୨୧ ଜଣଙ୍କୁ ଉଦ୍ଧାର କରାଯାଇ ଏସଏସକେଏମ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ତେବେ ପ୍ରାୟ ୧୨ ରୁ ୧୫ ଜଣ ଏବେ ମଧ୍ୟ ଫସି ରହିଥିବା ଆଶଙ୍କା କରାଯାଉଛି। ଉଦ୍ଧାରକାରୀ ଦଳ ଅନୁଯାୟୀ, ଭଗ୍ନସ୍ତୂପ ତଳୁ ଶ୍ରମିକମାନଙ୍କର ସାହାଯ୍ୟ ପାଇଁ ଆର୍ତ୍ତନାଦ ଶୁଣାଯାଉଛି। କିଛି ଶ୍ରମିକଙ୍କ ସହ ଯୋଗାଯୋଗ ସମ୍ଭବ ହୋଇଛି ଏବଂ ସେମାନଙ୍କୁ ପାଇପ୍ ଜରିଆରେ ଖାଦ୍ୟ ଓ ପାଣି ଯୋଗାଇ ଦିଆଯାଉଛି। ଗ୍ୟାସ କଟର ଏବଂ ଡ୍ରିଲିଂ ମେସିନ ସାହାଯ୍ୟରେ କଂକ୍ରିଟ ସ୍ଲାବ୍ କାଟି ସେମାନଙ୍କ ପାଖରେ ପହଞ୍ଚିବାକୁ ଚେଷ୍ଟା କରାଯାଉଛି। ମୁଖ୍ୟମନ୍ତ୍ରୀ ଶୁଭେନ୍ଦୁ ଅଧିକାରୀ ଘଟଣାସ୍ଥଳ ପରିଦର୍ଶନ କରି ସ୍ଥିତି ସମୀକ୍ଷା କରିଛନ୍ତି। ପ୍ରାଥମିକ ତଦନ୍ତରୁ ବିଲ୍ଡିଂ ପ୍ଲାନରେ ତ୍ରୁଟି ଏବଂ ନିର୍ମାଣ ସାମଗ୍ରୀର ନିମ୍ନମାନର ଗୁଣବତ୍ତା ଯୋଗୁଁ ଏହି ଦୁର୍ଘଟଣା ଘଟିଥାଇପାରେ ବୋଲି ସନ୍ଦେହ କରାଯାଉଛି। ମୁଖ୍ୟମନ୍ତ୍ରୀ କୋଲକାତା ମ୍ୟୁନିସିପାଲିଟି ଅଧୀନରେ ଥିବା ସମସ୍ତ ନିର୍ମାଣାଧୀନ କାର୍ଯ୍ୟକୁ ତୁରନ୍ତ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହାସହ ସମସ୍ତ ବ୍ୟବସାୟିକ ପ୍ରକଳ୍ପର ସୁରକ୍ଷା ଅଡିଟ୍ ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ଅଗଷ୍ଟ ୧ ପର୍ଯ୍ୟନ୍ତ କୌଣସି ନୂତନ ନିର୍ମାଣ କାର୍ଯ୍ୟ ହୋଇପାରିବ ନାହିଁ ବୋଲି ଘୋଷଣା କରାଯାଇଛି। ଅନେକ ଶ୍ରମିକ ଅନ୍ୟ ରାଜ୍ୟରୁ ଆସିଥିବା ପ୍ରବାସୀ ଶ୍ରମିକ ବୋଲି ଜଣାପଡ଼ିଛି। ରାଜ୍ୟ ସରକାର ଏହି ଘଟଣାର ଏକ ଉଚ୍ଚସ୍ତରୀୟ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି।

### ସାମୁଦ୍ରିକ ବାଣିଜ୍ୟ...

ଗଭୀର-ସମୁଦ୍ର ବନ୍ଦର ଏବଂ ପାରାଦୀପ ନିକଟରେ ଏକ ସିପ୍ ବିଲ୍ଡିଂ କ୍ଲଷ୍ଟର ନିର୍ମାଣ କରାଯାଉଛି। ଭାରତ ସରକାରଙ୍କ 'ସାଗର', 'ଆକ୍ଟ ଇଷ୍ଟ ପଲିସି', "ବିମଷ୍ଟେକ' ଏବଂ 'କୋଷ୍ଟାଲ ସିକ୍ୟୁରିଟି ସ୍କିମ ଫେଜ-୩' ଭଳି ପ୍ରଗତିଶୀଳ ନୀତିକୁ ଓଡ଼ିଶା ସରକାର ସମ୍ପୂର୍ଣ୍ଣ ସମର୍ଥନ କରୁଛନ୍ତି । ସାମୁଦ୍ରିକ ସୁରକ୍ଷା କ୍ଷେତ୍ରରେ କୃତ୍ରିମ ବୁଦ୍ଧିମତ୍ତା, ଅନ୍‌ମ୍ୟାନ୍‌ଡ ସିଷ୍ଟମ ଏବଂ ଅତ୍ୟାଧୁନିକ ମନିଟରିଂ ନେଟୱାର୍କର ଉପଯୋଗ ଉପରେ ମୁଖ୍ୟମନ୍ତ୍ରୀ ଏହି ଅବସରରେ ଗୁରୁତ୍ୱାରୋପ କରିଛନ୍ତି। ଏହି ବୈଠକରେ ଜାତୀୟ ମାରିଟାଇମ୍ ସୁରକ୍ଷା ସମନ୍ୱୟକାରୀ ଅବସରପ୍ରାପ୍ତ ଭାଇସ୍ ଆଡମିରାଲ୍ ବିଶ୍ୱଜିତ୍ ଦାସଗୁପ୍ତା, ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ପ୍ରମୁଖ ବକ୍ତବ୍ୟ ରଖିଥିଲେ। ମୁଖ୍ୟମନ୍ତ୍ରୀଙ୍କ ପରାମର୍ଶଦାତା ପ୍ରକାଶ ମିଶ୍ର, ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା, ପୁଲିସ ମହାନିର୍ଦ୍ଦେଶକ ୱାଇ. ବି. ଖୁରାନିଆଙ୍କ ସମେତ ଉପକୂଳବର୍ତ୍ତୀ ରାଜ୍ୟର ସାମୁଦ୍ରିକ ସୁରକ୍ଷା ସମନ୍ୱୟକାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବରିଷ୍ଠ ପଦାଧିକାରୀ ଉପସ୍ଥିତ ଥିଲେ।

### ଇଂରାଜୀ ବହିକୁ...

ଅଭିଯୋଗ ହୋଇଥିଲା। ମାତ୍ର ଇଂରାଜୀ ବହିରେ ଓଡ଼ିଆ କିପରି ପ୍ରବେଶ କଲା? ଏହା ତ ଏଆଇ ର ଅବଦାନ ହୋଇ ନ ଥିବ! ଏପରି ଗୁରୁଚଣ୍ଡାଳ ତ୍ରୁଟି କେବଳ ପୁସ୍ତକ ପ୍ରସ୍ତୁତି ଦାୟିତ୍ୱରେ ଥିବା ଅଧିକାରୀଙ୍କ ମନମାନୀ ଓ ଖାମଖିଆଲ୍ ନୀତି ଦ୍ୱାରା ହିଁ ସମ୍ଭବ। ରାଜ୍ୟର ପ୍ରାୟ ୫୭ ଲକ୍ଷ କୋମଳମତି ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ଜୀବନ ସହ ଖେଳିଥିବା ଏହି ଅଧିକାରୀଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ଏବେ ଦାବି ଜୋର୍ ଧରିଛି। ଏପରିକି ତ୍ରୁଟିପୂର୍ଣ୍ଣ ପୁସ୍ତକ ପ୍ରସ୍ତୁତି କରିଥିବା ସମସ୍ତ ବରିଷ୍ଠ ଓ ଅଭିଜ୍ଞ (!) ଶିକ୍ଷାବିତ ଏବଂ ଅଧିକାରୀଙ୍କ ଠାରୁ ମୁଦ୍ରଣ ବାବଦକୁ ଖର୍ଚ୍ଚ ହୋଇଥିବା ସମସ୍ତ ଅର୍ଥ ଭରଣା କରିବାକୁ ଦାବି ତୀବ୍ର ହୋଇଛି। ସାମାଜିକ ଗଣମାଧ୍ୟମରେ ଆବାଳବୃଦ୍ଧବନିତା ସରକାରଙ୍କ ଏପରି ତ୍ରୁଟିକୁ ଅକ୍ଷମଣୀୟ କହିବା ସହ କଠୋର ସମାଲୋଚନା ଜାରି ରଖିଛନ୍ତି।

### ମୁଁ ମାନିବାକୁ...

ପାଇଁ ଆଲୋଚନା ଚଳାଇଥିବା ବେଳେ ଏହି ନିଷ୍ପତ୍ତି ତାଙ୍କ ଉପରେ ଚାପ ସୃଷ୍ଟି କରିଛି। ସିନେଟର ଏହି ନିଷ୍ପତ୍ତିକୁ ହ୍ୱାଇଟ୍ ହାଉସ ଅସାମ୍ବିଧାନିକ ବୋଲି ଦର୍ଶାଯାଇଛି ଏବଂ ଏହା କାର୍ଯ୍ୟକାରୀ ହେବା ପାଇଁ ବାଧ୍ୟତାମୂଳକ ନୁହେଁ ବୋଲି ଦାବି କରାଯାଇଛି। ଆଇନ ବିଶେଷଜ୍ଞଙ୍କ ମତରେ, ଏହି ପ୍ରସଙ୍ଗଟି ଆଗକୁ ଏକ ଆଇନଗତ ଲଢେଇର ରୂପ ନେଇପାରେ। ଶେଷରେ ନ୍ୟାୟାଳୟ ଦ୍ୱାରା ହିଁ ଏହାର ସମାଧାନ ହେବର ସମ୍ଭାବନା ରହିଛି ବୋଲି କୁହାଯାଇଛି। ଅନ୍ୟପକ୍ଷରେ ରାଷ୍ଟ୍ରପତି ଟ୍ରମ୍ପ ଏଭଳି ପ୍ରସ୍ତାବ/ନିର୍ଦ୍ଦେଶକୁ ଅର୍ଥହୀନ ବୋଲି କହିଛନ୍ତି। ସେ ଏହାକୁ ମାନିବା ଲାଗି ବାଧ୍ୟ ନୁହନ୍ତି ବୋଲି କହିଛନ୍ତି।

### ଜେଲ୍ ଗଲେ...

ସୂଚନା ଅନୁଯାୟୀ ସେ ଶ୍ରୀଲଙ୍କାରେ ଗ୍ୟାମ୍ବଲିଂ (ଜୁଆ) ଏବଂ ବେଟିଂରେ ଲିପ୍ତ ଥିଲେ। ଏଥିରେ ସେ କେତେ ଟଙ୍କା ନିବେଶ କରିଛନ୍ତି ଏବଂ ଅନ୍ୟ ତଥ୍ୟ ସକାଶେ ଖୋଳତାଡ଼ ଚାଲିଥିବା ଏସ୍‌ପି ଶ୍ରୀ ଦ୍ୱିବେଦୀ କହିଛନ୍ତି।

ଭିଜିଲାନ୍ସ ଏସ୍‌ପି ଶ୍ରୀ ଦ୍ୱିବେଦୀ କହିଛନ୍ତି ଯେ, ମଙ୍ଗଳବାର ଆୟ ବହିର୍ଭୂତ ସମ୍ପତ୍ତି ଅଭିଯୋଗରେ ସକାଳ ୭ଟାରୁ ସମ୍ବଲପୁରରେ ଭଡ଼ାଘର ଓ କାର୍ଯ୍ୟାଳୟ ସମେତ କଟକ, ବାଲେଶ୍ୱର ଓ ମାଲକାନଗିରିରେ ୭ଟି ସ୍ଥାନରେ ଏକକାଳୀନ ଚଢ଼ଉ କରାଯାଇଥିଲା। ଚଢ଼ଉ ଶେଷ ହେବାପରେ ବୁଧବାର ସମ୍ପତ୍ତିର ଆକଳନ କରାଯାଇ ୪ କୋଟି ୩୫ ଲକ୍ଷ ଟଙ୍କାର ଅଧିକ ସମ୍ପତ୍ତି ଥିବା ଜଣାପଡ଼ିଛି। ଏହା ତାଙ୍କ ବୈଧ ଆୟର ପ୍ରାୟ ୧୧୯ ପ୍ରତିଶତ ଅଧିକ। ନିର୍ବାହୀ ଯନ୍ତ୍ରୀ ଇଂ. ନାୟକଙ୍କ ନାମ ସହିତ ତାଙ୍କ ପତ୍ନୀ ଓ ସନ୍ତାନମାନଙ୍କ ନାମରେ ବିପୁଳ ପରିମାଣର ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ରହିଛି। ଯାହାକୁ ହିସାବ କଲେ ୫ କୋଟିରୁ ମଧ୍ୟ ଅଧିକ ହେବ। ବର୍ତ୍ତମାନ ସୁଦ୍ଧା ତାଙ୍କର ୧୮ଟି ମୂଲ୍ୟବାନ ପ୍ଲଟ୍ ଠାବ କରାଯାଇଛି, ଯାହା ବାଲେଶ୍ୱର, ଯାଜପୁର ଜିଲାର କୋରେଇ ଥାନା ଅନ୍ତର୍ଗତ ରାସ୍ତା କଡ଼ରେ ଏବଂ କଟକର ବିଦ୍ୟାଧରପୁର ଭଳି ପ୍ରମୁଖ ସ୍ଥଳ ମାନଙ୍କରେ ରହିଛି। ଏହାବ୍ୟତୀତ କଟକରେ ଏକ ୩ ମହଲା ବିଶିଷ୍ଟ ସୁଦୃଶ୍ୟ ଅଟ୍ଟାଳିକା ରହିଛି ଯେଉଁଠାରେ ତାଙ୍କ ପରିବାର ରହୁଛନ୍ତି। ତାଙ୍କ ପୈତୃକ ଗ୍ରାମରେ ଏକ ୨ ମହଲା ଏବଂ ଏକ ୧ ମହଲା ବିଶିଷ୍ଟ ୨ଟି କୋଠା ରହିଛି। ଇନ୍‌ସୁରେନ୍ସ ପଲିସି, ମ୍ୟୁଚୁଆଲ୍ ଫଣ୍ଡ ଏବଂ ସେୟାର ମାର୍କେଟରେ ହୋଇଥିବା ବିପୁଳ ନିବେଶର ଯାଞ୍ଚ ପ୍ରକ୍ରିୟା ଏବେ ମଧ୍ୟ ଜାରି ରହିଛି, ଯାହାର ସମ୍ପୂର୍ଣ୍ଣ ରିପୋର୍ଟ ଆସିବା ପରେ ଏହି ସମ୍ପତ୍ତିର ପରିମାଣ ଆହୁରି ବୃଦ୍ଧି ପାଇପାରେ। କଟକ ବାସଭବନ ଯାଞ୍ଚବେଳେ ସେଠାରୁ ଆମେରିକୀୟ ଡଲାର, ନେପାଳୀ ମୁଦ୍ରା, ବାହାରିନ୍‌ର ଦିନାର ଏବଂ ଶ୍ରୀଲଙ୍କାର ମୁଦ୍ରା ଆଦି ବିଦେଶୀ ମୁଦ୍ରା ମଧ୍ୟ ମିଳିଛି। ତାଙ୍କ ପାଖରୁ ଜବତ ହୋଇଥିବା ପାସପୋର୍ଟରୁ ଏକାଧିକ ଥର ବିଦେଶ ଗସ୍ତ କରିଥିବା ଜଣାପଡ଼ିଥିବାବେଳେ ବହୁବାର ଶ୍ରୀଲଙ୍କା ଗସ୍ତ କରିଛନ୍ତି। ତାଙ୍କ ମୋବାଇଲ୍ ଓ ଅନ୍ୟାନ୍ୟ ଗ୍ୟାଜେଟ୍ ଯାଞ୍ଚରୁ ମିଳିଥିବା ସୂଚନା ଅନୁଯାୟୀ ସେ ଶ୍ରୀଲଙ୍କାରେ ଗ୍ୟାମ୍ବଲିଂ ଏବଂ ବେଟିଂରେ ଲିପ୍ତ ଥିଲେ। ଏନେଇ ତଦନ୍ତ ଜାରି ରହିଛି। ସେ କେବେ କେବେ ବିଦେଶ ଗସ୍ତ କରିଛନ୍ତି ସେ ସମ୍ପର୍କରେ ସବିଶେଷ ବିବରଣୀ ପାଇଁ ପାସପୋର୍ଟ ଅଫିସ୍ ସହ ଯୋଗାଯୋଗ କରାଯାଇଥିବା ସେ କହିଛନ୍ତି। ତାଙ୍କର ସମସ୍ତ ବ୍ୟାଙ୍କ ଆକାଉଣ୍ଟ ଓ ଜମା ରାଶିକୁ ଫ୍ରିଜ୍ କରାଯାଇଛି। ତାଙ୍କର ସମସ୍ତ ଆୟ ବହିର୍ଭୂତ ସମ୍ପତ୍ତିକୁ ବାଜ୍ୟାପ୍ତ (ସିଜ୍) କରିବା ପାଇଁ କୋର୍ଟରେ ଆଇନଗତ ପ୍ରକ୍ରିୟା ଭିଜିଲାନ୍ସ ବିଭାଗ ପକ୍ଷରୁ ଆରମ୍ଭ କରାଯିବ। ସରକାରୀ ନିର୍ମାଣ କାର୍ଯ୍ୟରେ ସମ୍ପୃକ୍ତ ଠିକାଦାରମାନଙ୍କଠାରୁ ସେ ଏହି ସମସ୍ତ ଅର୍ଥ ଆଦାୟ କରୁଥିବା ସନ୍ଦେହ କରାଯାଉଛି। ଚଢ଼ଉ ସମୟରେ ୩ଟି ଚାରିଚକିଆ ଯାନ, ୨ଟି ଜେସିବି ମେସିନ୍, ଗୋଟିଏ ଟ୍ୟାଙ୍କର, ଗୋଟିଏ ଟ୍ରାକ୍ଟର, ଗୋଟିଏ ଟ୍ରକ୍ ଏବଂ ୨ଟି ଦୁଇଚକିଆ ଯାନ ଠାବ କରାଯାଇଛି। ସୂଚନାଯୋଗ୍ୟ ଯେ, ଇଂ. ନାୟକ ୧୯୯୧ ଜୁଲାଇ ମାସରେ ନିଜର ଚାକିରୀକାଳ ସମ୍ବଲପୁରରୁ ହିଁ କନିଷ୍ଠ କୃଷି ଯନ୍ତ୍ରୀ ଭାବେ ମାତ୍ର ୨୬୦୦ ଟଙ୍କା ଦରମାରେ ଆରମ୍ଭ କରିଥିଲେ। ମଝିରେ ଥରେ ସହକାରୀ ଯନ୍ତ୍ରୀ (ଏଏଇ) ପାହ୍ୟାକୁ ପଦୋନ୍ନତି ପାଇ ସମ୍ବଲପୁରକୁ ବଦଳି ହୋଇ ଆସିଥିବାବେଳେ ସମ୍ପ୍ରତି ୧-୧୨-୨୦୨୩ରୁ ନିର୍ବାହୀ ଯନ୍ତ୍ରୀ ଭାବେ କାର୍ଯ୍ୟରତ ଥିଲେ। ଆସନ୍ତା ୨୦୨୭ ମସିହା ଫେବୃଆରୀ ମାସରେ ତାଙ୍କର ଅବସରଗ୍ରହଣ କରିବାର ଥିଲା ବୋଲି ଭିଜିଲାନ୍ସ ଏସ୍‌ପି ଶ୍ରୀ ଦ୍ୱିବେଦୀ ସୂଚନା ଦେଇଛନ୍ତି।

### ୧୬୦ କୋଟିରେ...

ପ୍ଲାଜା ମଧ୍ୟ ରହିବ। ପାର୍କିଂ ପାଇଁ ପୃଥକ ପ୍ରବେଶ ଓ ପ୍ରସ୍ଥାନ ମାର୍ଗ ରହିବ। ୪୫୦ଟି ଚାରିଚକିଆ ଓ ୩୫୦ଟି ଦୁଇଚକିଆ ଯାନ ସକାଶେ ଯୋଜନା କରାଯାଇଛି। ବୋଟିଂ ପାଇଁ ଘାଟ ଏବଂ ଭାସମାନ ଜେଟି (ପ୍ଲାଟଫର୍ମ) ରହିବ। ପାର୍କ, ରଙ୍ଗୀନ ଜଳ ଫୁଆରା, ଡ୍ୟାନ୍ସିଂ ଲାଇଟ୍, ଶିଶୁଙ୍କ ପାଇଁ ସ୍ୱତନ୍ତ୍ର ପାର୍କ ତଥା କ୍ରୀଡ଼ା ଉପକରଣ ସବୁବର୍ଗର ଜନସାଧାରଣଙ୍କ ମନୋରଞ୍ଜନ କରିବ। ଏହି ଯୋଜନାରେ ବ୍ୟାରେଜ ମଧ୍ୟ ନିର୍ମାଣ ହେଉଥିବାରୁ ରିଭରଫ୍ରଣ୍ଟ ଅଞ୍ଚଳରେ ସବୁବେଳେ ଗଭୀର ଜଳରାଶି ରହିବ। ପ୍ରତିସନ୍ଧ୍ୟାରେ ବନାରସ ଢାଞ୍ଚାରେ ମହାନଦୀ ଆଳତୀ, ଜଳକ୍ରୀଡ଼ା, ଶିଶୁମାନଙ୍କ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା, ଆକର୍ଷଣୀୟ ରିଭର ଫ୍ରଣ୍ଟ ସହିତ ବିଭିନ୍ନ ପ୍ଲାଜା ରାଜ୍ୟ ତଥା ରାଜ୍ୟ ବାହାରୁ ପର୍ଯ୍ୟଟକମାନଙ୍କୁ ଆକୃଷ୍ଟ କରିବ ବୋଲି ପର୍ଯ୍ୟଟନ ବିଭାଗ ପକ୍ଷରୁ ଆଶାପ୍ରକାଶ କରାଯାଇଛି।

ADMISSION OPEN FOR 2026-27
LOWEST COURSE FEE, BEST RESULT
SRI RAM HIGHER SECONDARY SCHOOL
+2 ARTS
Just Pay 5000/- & Take Admission
Contact: 9777369838 9861284719
SRI RAM SCHOOL & COLLEGE OF NURSING
ANM GNM & BSc. Nursing
Contact:9438671719, 9556245445
SOHELA, DIST.- BARGARH (ODISHA), PH: 9437393719
STIPEND FOR ST/SC & OBC STUDENTS

KASTURBA GANDHI BALIKA VIDYALAYA, KOTANA
Kotana, Block-Jharbandh, Dist-Bargarh, PIN-768042
Letter No.: 301, Date: 24.06.2026
SHORT TENDER CALL NOTICE
Sealed Tenders are invited from the registered/reputed firms and manufacturers having valid PAN and valid Goods and Service Tax (GST) Registration Certificate for supply of the following items like Grocery, Cosmetics, Dress Material, Course Books, Medicines, Non-Veg Items, Milk Products, Toilet Items, Vegetables and Fruits to Kasturba Gandhi Balika Vidyalaya, Kotana, Block-Jharbandh, Dist-Bargarh, PIN-768042 for the year 2026-27.
The last date for receipt of tender forms is **09.07.2026 at 4.00 PM.**
For further details, interested parties may contact the undersigned during office hours.
Sd/- Headmistress-cum-Convener
KGBV, Kotana, Bargarh.

ZILLA SWASTHYA SAMITI, ANGUL
10001/304/2627
O/o The Chief District Medical & Public Health Officer, Angul
TENDER CALL NOTICE FOR SUPPLY OF CALIBRATED BLOOD COLLECTION DRAPES
No: 1844Date: 22/06/2026
Sealed Tenders are invited from the interested firms / agencies / organization for SUPPLY OF CALIBRATED BLOOD COLLECTION DRAPES for Angul district and details of terms and conditions are available in Angul district website i.e. **https://angul.odisha.gov.in.** Interested firms/agencies/organization are requested to submit Tender (under two bid system) along with necessary documents (Technical & Financial Bid separately and outer envelope must contain the said two bids documents) to the office of the CDM & PHO, Angul, District Head Quarter Hospital, PIN – 759122 on or before **15.07.2026 (till 11:00 AM)** through Registered Post/Speed Post/Courier only.The authority reserves all the rights to cancel or reject partially or all tender without assigning any reason thereof.
Sd/-
CDM & PHO-cum-District Mission Director, Angul
OIPR-10001/10142/1/26-27/0009

## ଆଜିର ରାଶିଫଳ

**ମେଷ:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତ ହେବ। ଚାକିରିରେ ପରିବର୍ତ୍ତନ ହେବ। ରାଜନୀତିରେ ସଫଳ ହେବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ପରିବାର ସଦସ୍ୟଙ୍କ ସହଯୋଗ ମିଳିବ।

**ବୃଷ:** ବ୍ୟସ୍ତତା ଭିତରେ ଦିନଟି କଟିବ। ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଧାର୍ମିକ ସ୍ଥାନକୁ ଯାତ୍ରା କରିବେ। ପ୍ରେମ ଜୀବନ ସୁଖମୟ ହେବ।

**ମିଥୁନ:** ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ସ୍ୱାସ୍ଥ୍ୟରେ ସୁଧାର ଆସିବ। ପାରିବାରିକ ଜୀବନ ସୁଖମୟ ହେବ। ବାଦବିବାଦରୁ ଦୂରେଇ ରହିବେ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ।

**କର୍କଟ:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ଉଧାର ଧନ ଫେରିପାଇବେ। ଚାକିରିରେ ନୂଆ ସୁଯୋଗ ଜୁଟିବ। ମାନସିକ ଶାନ୍ତି ପାଇଁ ଧାର୍ମିକ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ସିଂହ:** ନିବେଶରୁ ଲାଭ ପାଇବେ। କାର୍ଯ୍ୟରେ ସଫଳତା ମିଳିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ତରିବରିଆ ଭାବେ କୌଣସି ନିଷ୍ପତ୍ତି ନେବେ ନାହିଁ। ଶିକ୍ଷା କ୍ଷେତ୍ରରେ ସମ୍ମାନ ମିଳିବ।

**କନ୍ୟା:** ନୂଆ ରଣନୀତିରେ କାରବାରକୁ ଆଗକୁ ନେବେ। ଘର ସାଜସଜ୍ଜାରେ ଅଧିକ ଖର୍ଚ୍ଚାନ୍ତ ହେବେ। ଭାଇ, ଭଉଣୀଙ୍କ ସହ ସୁଖଦୁଃଖ ବାଣ୍ଟିବେ। ପଡ଼ୋଶୀଙ୍କ ସହ ମତାନ୍ତର ଦୂର ହେବ।

**ତୁଳା:** ସରକାରୀ କ୍ଷେତ୍ରରେ ଲାଭ ମିଳିବ। ଧାର କରଜ କରିବାରୁ ରକ୍ଷା ପାଇବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ବିଛା:** ଘରେ ମାଙ୍ଗଳିକ କାର୍ଯ୍ୟ ଆୟୋଜନ କରିବେ। ସମୟ ପୂର୍ବରୁ ସମସ୍ତ କାର୍ଯ୍ୟ ପୂରା କରିବେ। ଇଚ୍ଛା ପୂରଣ ହେବ। ଦାମ୍ପତ୍ୟ ଜୀବନ ଖୁସିରେ ବିତିବ। ବନ୍ଧୁଙ୍କ ସହ ବୁଲିବାକୁ ଯିବେ।

**ଧନୁ:** ଧାର୍ମିକ ସ୍ଥାନକୁ ଯାତ୍ରାଯୋଗ ଅଛି। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଆର୍ଥିକ ଉନ୍ନତିକୁ ନେଇ ପ୍ରସନ୍ନ ରହିବେ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ।

**ମକର:** ନାଚ, ଗୀତରେ ସଫଳତା ମିଳିବ। ଛାତ୍ରଛାତ୍ରୀ ପଢ଼ା ପ୍ରତି ଆଗ୍ରହ ପ୍ରକାଶ କରିବେ। ଭଉଣୀଙ୍କ ସ୍ୱାସ୍ଥ୍ୟରେ ସୁଧାର ଆସିବ। ଦାମ୍ପତ୍ୟ ଜୀବନରେ ସମସ୍ୟା ଦେଖା ଦେବ।

**କୁମ୍ଭ:** ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଭଲ। ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ସହ ସମୟ ଅତିବାହିତ କରିବେ। ଛାତ୍ରଛାତ୍ରୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ।

**ମୀନ:** ବ୍ୟସ୍ତତା ଭିତରେ ନିଜ ପାଇଁ ସମୟ ବାହାର କରିବେ। ଧାର୍ମିକ କାର୍ଯ୍ୟରେ ନିୟୋଜିତ ହେବେ। ପୈତୃକ ସମ୍ପତ୍ତି ବିବାଦର ସମାଧାନ ହେବ। ବ୍ୟବସାୟରେ ପରିବର୍ତ୍ତନ ଆଣିବେ।

## ଆଜିର ଇତିହାସ

- ୧୭୮୮ - ଭର୍ଜିନିଆ ଆମେରିକୀୟ ସମ୍ବିଧାନକୁ ଆପଣାଇବାରେ ୧୦ମ ରାଜ୍ୟ ହେଲା।
- ୧୯୪୧- ଫିନ୍‌ଲ୍ୟାଣ୍ଡ ସୋଭିଏତ୍ ସଂଘ ଉପରେ ଆକ୍ରମଣ ପାଇଁ ଘୋଷଣା କଲା।
- ୧୯୫୦-ଉତ୍ତର କୋରିଆ ଓ ଦକ୍ଷିଣ କୋରିଆ ମଧ୍ୟରେ ଗୃହଯୁଦ୍ଧ ଆରମ୍ଭ ହେଲା।
- ୧୯୭୫- ଭାରତରେ ଜରୁରିକାଳିନ ପରିସ୍ଥିତି ଘୋଷଣା କରାଗଲା।




## ଛଅ ପ୍ରକାର ବାଦ୍ୟଯନ୍ତ୍ରରେ ନଦୀ ସୁରକ୍ଷା ବାର୍ତ୍ତା

ଆଜିକାଲି ସମସ୍ତେ ସୋସିଆଲ ମିଡିଆରେ ପ୍ରସିଦ୍ଧ ହେବା ପାଇଁ ଭିଡିଓ ବନାଉଥିବା ବେଳେ ଏମିତି ଜଣେ ବ୍ୟକ୍ତି ଅଛନ୍ତି ଯିଏ ସଙ୍ଗୀତକୁ ନଦୀମାନଙ୍କର ସ୍ୱରଭାବେ ଉପସ୍ଥାପିତ କରୁଛନ୍ତି। ତାଙ୍କର ଏହି ଶୈଳୀ ସୋସିଆଲ ମିଡିଆରେ ଖୁବ୍ ଭାଇରାଲ୍ ହେବାରେ ଲାଗିଛି। ପୁନେର ସ୍ୱପ୍ନିଲ ଠାକୁର ଏକାକାଳୀନ ୧୪ କିଲୋ ବାଦ୍ୟଯନ୍ତ୍ର ବଜାଇ ନଦୀ ସୁରକ୍ଷାର ବାର୍ତ୍ତା ପ୍ରଦାନ କରୁଛନ୍ତି। ତାଙ୍କର ଏହି କାର୍ଯ୍ୟ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ଆଇଟି ଇଞ୍ଜିନିୟର୍‌ରୁ ପରିବେଶ ସଚେତନତା ଅଭିଯାନ ଚଳାଉଥିବା ସ୍ୱପ୍ନିଲ ଏବେ ଚର୍ଚ୍ଚାରେ ଅଛନ୍ତି। ସେହିପରି ଇନ୍‌ଷ୍ଟାରେ ସେ ସ୍ୱପ୍ନିଲ ନଦୀୱାଲା ନାଁରେ ଲୋକପ୍ରିୟ। ସେ ଏକାକାଳୀନ ୬ ଅଲଗା ଅଲଗା ବାଦ୍ୟଯନ୍ତ୍ର ବଜାନ୍ତି। ସେ ଏମିତି ଶୈଳୀରେ ବଜାନ୍ତି ଯେ, ଶୁଣିବା ଲୋକେ ପୂରା ଅର୍କେଷ୍ଟ୍ରା ବଜାଇବା ଭଳି ଅନୁଭବ କରନ୍ତି। ସ୍ୱପ୍ନିଲ ଆଇଟି ଇଞ୍ଜିନିୟର ଭାବେ କାର୍ଯ୍ୟ କରୁଥିଲେ। ହେଲେ ଏକ ଗୁରୁତର ଦୁର୍ଘଟଣା ତାଙ୍କ ଜୀବନର ମୋଡ଼ ବଦଳାଇ ଦେଲା। ଏହି ଘଟଣା ପରେ ସେ ହାର୍ ମାନିବା ପରିବର୍ତ୍ତେ ଜୀବନକୁ ଏକ ନୂଆ ଉଦ୍ଦେଶ୍ୟ ଲାଗି ସମର୍ପଣ କଲେ। ଏବେ ସେ ପୁନେ ରାଜରାସ୍ତାରେ ପ୍ରାୟ ୧୪ କେଜି ଓଜନର ବାଦ୍ୟଯନ୍ତ୍ର ସହିତ ଗୀତ ଗାଆନ୍ତି ଏବଂ ଲୋକଙ୍କୁ ନଦୀ ବଞ୍ଚାଇବାର ବାର୍ତ୍ତା ଦେଉଛନ୍ତି। ସେ ବିଶ୍ୱାସ କରନ୍ତି, ନଦୀ କେବଳ ଏକ ଜଳ ସ୍ରୋତ ନୁହେଁ, ବରଂ ଜୀବନର ଆଧାର। ସେ ତାଙ୍କ ସଙ୍ଗୀତ ମାଧ୍ୟମରେ ଲୋକଙ୍କୁ ପରିବେଶ ସଂରକ୍ଷଣ ଏବଂ ଜଳ ସ୍ରୋତର ଗୁରୁତ୍ୱ ବୁଝାଇବାକୁ ଚେଷ୍ଟା କରୁଛନ୍ତି। ତାଙ୍କର ଏହି ପ୍ରୟାସକୁ ଲୋକେ ଖୁବ୍ ପ୍ରଶଂସା କରୁଛନ୍ତି। ପିଠିରେ ୧୪ କିଲୋର ବୋଝ, ହାତରେ ଛଅଟି ବାଦ୍ୟଯନ୍ତ୍ର ଏବଂ ହୃଦୟରେ କେବଳ ଗୋଟିଏ ଉଦ୍ଦେଶ୍ୟ, ଲୋକମାନଙ୍କ ପାଖରେ ଏହି ସନ୍ଦେଶ ପହଞ୍ଚାଇବା ଯେ, ଆମ ନଦୀଗୁଡ଼ିକ ବିପଦରେ ଅଛି। ଏବେ ତାଙ୍କର ଏହି ନିଆରା ଶୈଳୀ ସୋସିଆଲ ମିଡିଆରେ ଲକ୍ଷ ଲକ୍ଷ ଲୋକଙ୍କ ଦୃଷ୍ଟି ଆକର୍ଷଣ କରୁଛି। ଲୋକମାନେ ତାଙ୍କର ଏହି ଆଗ୍ରହ ଓ ସାହସକୁ ମଧ୍ୟ ପ୍ରଶଂସା କରୁଛନ୍ତି।

## ରଜନୀକାନ୍ତଙ୍କୁ ପଛରେ ପକାଇଲେ ରଣବୀର





ବଲିଉଡ୍ ଅଭିନେତା ରଣବୀର ସିଂହ ଏବେ ବକ୍ସ ଅଫିସ୍‌ର ସବୁଠୁ ଦାମୀ ଅଭିନେତା। ନିକଟରେ ପ୍ରକାଶ ପାଇଥିବା ଏକ ରିପୋର୍ଟ ଅନୁଯାୟୀ, ରଣବୀର ଗୋଟିଏ ପ୍ରୋଜେକ୍ଟରୁ ପାଖାପାଖି ୩୨୫ କୋଟି ଟଙ୍କା ରୋଜଗାର କରିଛନ୍ତି। ଭାରତୀୟ ଚଳଚ୍ଚିତ୍ର ଜଗତରେ କୌଣସି ଅଭିନେତାଙ୍କୁ ଗୋଟିଏ ପ୍ରୋଜେକ୍ଟ ପାଇଁ ଏହା ମିଳିଥିବା ସର୍ବାଧିକ ଅର୍ଥରାଶି ବୋଲି କୁହାଯାଉଛି। ଏହା ମାଧ୍ୟମରେ ସେ ଆୟ ମାମଲାରେ ଏକ ନୂଆ ରେକର୍ଡ କରିଛନ୍ତି। ରଣବୀରଙ୍କୁ ଏହି ଅର୍ଥ ତାଙ୍କର ସୁପରହିଟ୍ ଫିଲ୍ମ 'ଧୁରନ୍ଧର' ସିରିଜ୍‌ରୁ ମିଳିଛି। ଏହି ସିରିଜ୍‌ର ଦୁଇଟି ଯାକ ଫିଲ୍ମକୁ ଦର୍ଶକେ ଖୁବ୍ ପସନ୍ଦ କରିଥିଲେ। ଏହି ଦୁଇଟି ଫିଲ୍ମ ମିଶି ସାରା ବିଶ୍ୱରେ ପାଖାପାଖି ୩୨୦୦ କୋଟି ଟଙ୍କାର ବ୍ୟବସାୟ କରିଥିବା ବେଳେ କେବଳ ଭାରତୀୟ ବଜାରରୁ ହିଁ ଏହା ୧୯୦୦ କୋଟିରୁ ଅଧିକ ଟଙ୍କା ଆୟ କରିଛି। ତେବେ ରଣବୀର ଏହି ପ୍ରୋଜେକ୍ଟ ପାଇଁ କୌଣସି ମୋଟା ଅଙ୍କର ଫିସ୍ ମଧ୍ୟ ନେଇ ନ ଥିଲେ। ପ୍ରତିବଦଳରେ ପ୍ରଫିଟ୍ ଶେୟାରିଂ ବିକଳ୍ପ ବାଛିଥିଲେ। ଏହା ସହିତ ଫିଲ୍ମର ବଜେଟ୍ ବଢ଼ିବା ଯୋଗୁଁ ସେ ନିଜ ଆଡୁ ମଧ୍ୟ କିଛି ଅର୍ଥ ବିନିଯୋଗ କରିଥିଲେ, ଯାହାଫଳରେ ତାଙ୍କର ଫିଲ୍ମର ଲାଭରେ ଅଂଶୀଦାର ଆହୁରି ବଢ଼ିଯାଇଥିଲା। ଏଠାରେ ପ୍ରକାଶ ଥାଉ କି, ରଣବୀରଙ୍କ ପୂର୍ବରୁ ରଜନୀକାନ୍ତଙ୍କ ନାମ ସବୁଠାରୁ ଆଗରେ ଥିଲା। ରଜନୀକାନ୍ତ 'ଜେଲର୍' ଚଳଚ୍ଚିତ୍ରରୁ ୨୫୦ କୋଟିରୁ ଅଧିକ ଟଙ୍କା ରୋଜଗାର କରିଥିଲେ। ଏହା ସହିତ ଅଲ୍ଲୁ ଅର୍ଜୁନ ଏବଂ ପ୍ରଭାସ ମଧ୍ୟ ନିଜ ନିଜ ଚଳଚ୍ଚିତ୍ର ଦ୍ୱାରା ୨୦୦ କୋଟିରୁ ଅଧିକ ଟଙ୍କା ରୋଜଗାର କରିସାରିଛନ୍ତି। ଏବେ ବଲିଉଡ୍‌ର ଆଗଧାଡ଼ିର କଳାକାରମାନେ ବି ଫିସ୍ ନ ନେଇ ପ୍ରଫିଟ୍ ସେୟାରିଂରେ ଭାଗୀଦାର ହେଉଛନ୍ତି। ଏଥିରେ ଗୁରୁତ୍ୱପୂର୍ଣ୍ଣ କଥାଟି ହେଲା, ଯଦି ଫିଲ୍ମଟି ବକ୍ସ ଅଫିସ୍‌ରେ ଫ୍ଲପ୍ ସାବ୍ୟସ୍ତ ହେଲା, କଳାକାର ଜଣକ ତାଙ୍କର ପାରିଶ୍ରମିକ ହରାଇ ବସନ୍ତି।

## ଠିଆଠିଆରେ ବାରବର୍ଷ

ଭାରତରେ ସାଧୁସନ୍ଥମାନଙ୍କର ତପସ୍ୟା ଏବଂ ତ୍ୟାଗର କାହାଣୀ ଶତାବ୍ଦୀ ଶତାବ୍ଦୀ ଧରି ଲୋକଙ୍କୁ ଆକର୍ଷିତ କରିଆସିଛି। ଏହି କ୍ରମରେ ସୋସିଆଲ ମିଡିଆରେ ଏମିତି ଜଣେ ସାଧୁଙ୍କ କାହାଣୀ ଚର୍ଚ୍ଚାରେ ଅଛି, ଯିଏ ନିଜର ଅନନ୍ୟ ସାଧନା ଯୋଗୁଁ ଲୋକଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ଦୁଲାଲ ଗିରି ଜୀ ମହାରାଜ ନାମକ ଜଣେ ସାଧୁ ଦୀର୍ଘଦିନ ଧରି ଠିଆ ହୋଇ ତପସ୍ୟା କରିବା ପାଇଁ ବିଶ୍ୱସ୍ତରରେ ଚର୍ଚ୍ଚାରେ ଅଛନ୍ତି। ସେ ବିଗତ ପ୍ରାୟ ୧୨ ବର୍ଷ ହେଲାଣି ଖଡ଼େଶ୍ୱରୀ ତପସ୍ୟା ମାଧ୍ୟମରେ ମହାଦେବଙ୍କ ଦିବ୍ୟ ଦର୍ଶନ ଓ ଆଧାତ୍ମିକ ଜ୍ଞାନ ପ୍ରାପ୍ତି କରିବାକୁ ଲକ୍ଷ୍ୟ ରଖିଛନ୍ତି। ସେ ନିଜର ବିଶ୍ୱବିଦ୍ୟାଳୟ ଶିକ୍ଷା ଅଧାରୁ ଛାଡ଼ି ଆଧାତ୍ମିକ ମାର୍ଗ ଆପଣେଇଥିଲେ। ଭଗବାନ ଶିବଙ୍କ ପ୍ରତି ଥିବା ଅଗାଧ ଭକ୍ତି ଯୋଗୁଁ ସେ ସଂସାର ତ୍ୟାଗ କରି ସନ୍ନ୍ୟାସୀ ଜୀବନ ଗ୍ରହଣ କରିଥିଲେ। ସେ ବିଗତ ପ୍ରାୟ ୧୨ ବର୍ଷ ହେବ ଲଗାତାର ଠିଆ ହୋଇ ରହିଛନ୍ତି। ଦିନ ହେଉ କି ରାତି, ଭୋଜନ ହେଉ କି ବିଶ୍ରାମ ସବୁକିଛି ସେ ଠିଆ ହୋଇ କରୁଛନ୍ତି। ଦୀର୍ଘ ସମୟ ଧରି ଏଭଳି ଜୀବନଯାପନ କରିବା ଫଳରେ ତାଙ୍କ ପାଦରେ ସମସ୍ୟା ଦେଖାଦେଇଥିଲେ ମଧ୍ୟ ତାଙ୍କ ସଂକଳ୍ପ କେବେ ଦୁର୍ବଳ ହୋଇନାହିଁ। ଶୋଇବା ସମୟରେ ମଧ୍ୟ ସେ ଏକ ସ୍ୱତନ୍ତ୍ର ଷ୍ଟାଣ୍ଡ ଦ୍ୱାରା ଠିଆ ହୋଇ ବିଶ୍ରାମ ନିଅନ୍ତି। ଏହି କାଠପଟା ଉପରେ ସେ ତାଙ୍କ ଶରୀରର ଅଧା ଅଂଶକୁ ଝୁଲାଇ ରଖି ବିଶ୍ରାମ ନିଅନ୍ତି। ଏତେ ବର୍ଷ ଧରି ଲଗାତାର ଭାବେ ଠିଆ ହୋଇ ରହିବା ଯୋଗୁଁ ତାଙ୍କ ଶରୀର ଉପରେ ମଧ୍ୟ ଏହାର ଗଭୀର ପ୍ରଭାବ ପଡ଼ିଛି। ତାଙ୍କର ଦୁଇଟି ଯାକ ଗୋଡ଼ ଫୁଲି କଳା ପଡ଼ି ଯାଇଛି।









## ମକାଉତ୍ପାଦରୁ ପରିବେଶ ସଚେତନତା ବାର୍ତ୍ତା

**ରାଜ୍ୟ ଗ୍ରାମୀଣ ଆଜିବୀକା ମିଶନ ଏବଂ ସ୍ୱୟଂ ସହାୟକ ଗୋଷ୍ଠୀ ସହ ଯୋଡ଼ି ହୋଇ ମହିଳାମାନଙ୍କୁ ସ୍ୱ-ରୋଜଗାରର ଅବସର ପ୍ରଦାନ କରାଯାଉଛି। ଏହି କ୍ରମରେ ଏବେ ଉତ୍ତରାଖଣ୍ଡର ମହିଳାମାନେ ସ୍ୱୟଂ ସହାୟକ ଗୋଷ୍ଠୀ ସହ ଯୋଡ଼ି ହୋଇ ପ୍ଲାଷ୍ଟିକ୍ ମୁକ୍ତ ହିମାଳୟ ଅଭିଯାନରେ ସାମିଲ ହୋଇ ମକା ଚୋପାରୁ ପରିବେଶ ଅନୁକୂଳ ବାଲ୍‌ଟି ଏବଂ ଅନ୍ୟାନ୍ୟ ସାମଗ୍ରୀ ତିଆରି କରି ହିମାଳୟ ପାହାଡ଼କୁ ସ୍ୱଚ୍ଛ ରଖିବା ସହ ନିଜେ ରୋଜଗାରକ୍ଷମ ହେଉଛନ୍ତି। ଏପରି କରି ସେମାନେ ପ୍ଲାଷ୍ଟିକ୍ ମୁକ୍ତ ପରିବେଶ ଗଠନର ବାର୍ତ୍ତା ଦେଉଛନ୍ତି।**

### ମକାଚୋପାରୁ ଉତ୍ପାଦ

ଉତ୍ତରାଖଣ୍ଡ ରାଜ୍ୟ ଗ୍ରାମୀଣ ଆଜିବୀକା ମିଶନରେ ଯୋଡ଼ି ହୋଇ ମହିଳାମାନେ ମକା ଚୋପାକୁ ବ୍ୟବହାର କରି ପରିବେଶ ଅନୁକୂଳ ବାଲ୍‌ଟି ସମେତ ଅନ୍ୟାନ୍ୟ ଜିନିଷ ତିଆରି କରନ୍ତି। ଏହାକୁ ତୀର୍ଥଯାତ୍ରୀମାନେ ପ୍ରସାଦ ରଖିବା ଏବଂ ଅନ୍ୟାନ୍ୟ ସାମଗ୍ରୀ ରଖିବା ପାଇଁ ବ୍ୟବହାର କରିଥାନ୍ତି। ଏଥିସହ ମହିଳାମାନେ ସୁନ୍ଦର ସୁନ୍ଦର ଥାଳି ମଧ୍ୟ ତିଆରି ଥାନ୍ତି। ଏଥିରେ ଭଳିକି ଭଳି ଡିଜାଇନ୍ କରିବା ସହ ଯମୁନା ନଦୀର କଳାକୃତି କରିଥାନ୍ତି। ଏହାଦ୍ୱାରା ସ୍ଥାନୀୟ କଳା ଏବଂ ସଂସ୍କୃତିକୁ ଏକ ନୂଆ ବଜାର ମିଳିଛି।

### ପ୍ଲାଷ୍ଟିକ୍ ମୁକ୍ତ ଅଭିଯାନ

ଏହି ଅଭିଯାନର ମୁଖ୍ୟ ଉଦ୍ଦେଶ୍ୟ ହେଉଛି, ତୀର୍ଥଯାତ୍ରୀଙ୍କ ଯୋଗୁ ସୃଷ୍ଟି ହେଉଥିବା ପ୍ଲାଷ୍ଟିକ୍ ପ୍ରଦୂଷଣକୁ ରୋକିବା। କାରଣ ଏଠାକୁ ଅଧିକ ସଂଖ୍ୟାର ତୀର୍ଥଯାତ୍ରୀ ଆସୁଥିବାରୁ ଏହି ସ୍ଥାନରେ ପଲିଥିନ୍ ସହ ଅନ୍ୟାନ୍ୟ ପ୍ଲାଷ୍ଟିକ୍ ଜିନିଷଗୁଡ଼ିକର ଆବର୍ଜନା ବୃଦ୍ଧି ପାଏ। ଏହା ମାଟିରେ ପଡ଼ି ରହି ମୃତ୍ତିକା ପ୍ରଦୂଷଣ କରିଥାଏ। ତେଣୁ ଏସବୁ ସମସ୍ୟାର ସମାଧାନ ପାଇଁ ସ୍ଥାନୀୟ ମହିଳାମାନେ ଏଭଳି ପରିବେଶ ଅନୁକୂଳ ଉତ୍ପାଦ ପ୍ରସ୍ତୁତ କରୁଛନ୍ତି।

### ବଢ଼ୁଛି ଲୋକପ୍ରିୟତା

ସ୍ୱୟଂ ସହାୟକ ଗୋଷ୍ଠୀର ପୁନମ୍ ବଧାନୀଙ୍କ କହିବାନୁଯାୟୀ, ପ୍ରଥମେ ରୋଜଗାର ପାଇଁ ସୀମିତ ସଂସାଧନ ଥିଲା। ହେଲେ ସମୟ କ୍ରମେ ମିଶନରେ ଯୋଡ଼ି ହେବା ପରେ ସେମାନଙ୍କୁ ରୋଜଗାରର ଅନେକ ପନ୍ଥା ମିଳିଛି। ମହିଳାମାନେ ଅନ୍‌ଲାଇନ୍‌ରେ ମଧ୍ୟ ଏହି ହାତ ତିଆରି ଜିନିଷ ବିକ୍ରି ପାଇଁ ପ୍ରସ୍ତୁତି ଆରମ୍ଭ କରୁଛନ୍ତି। ସ୍ୱୟଂ ସହାୟକ ଗୋଷ୍ଠୀରେ ଯୋଡ଼ି ହେବା ପରେ ମହିଳାଙ୍କ ଆତ୍ମବିଶ୍ୱାସ ବୃଦ୍ଧି ପାଇଛି।

### ବେକରୀ ଉତ୍ପାଦରୁ ମିଳିଛି ପରିଚୟ

ବିକାଶ ଖଣ୍ଡ ନୌଗାଁଆର ମହିଳାମାନେ ବେକରୀ ଉଦ୍ୟୋଗରୁ ମଧ୍ୟ ଭଲ ଆୟ କରୁଛନ୍ତି। ମହିଳାମାନେ ମାଣ୍ଡିଆରୁ ବିସ୍କୁଟ୍, ମଲ୍‌ଟିଗ୍ରେନ୍ ଅଟା କ୍ରିମ ରୋଲ୍ ସମେତ ଅନ୍ୟାନ୍ୟ ଜିନିଷ ତିଆରି କରୁଛନ୍ତି। ଗୋଷ୍ଠୀର ମହିଳା କୃଷ୍ଣାଦେବୀଙ୍କ କହିବାନୁଯାୟୀ ଏହାଦ୍ୱାରା ପରିବାରର ଆୟ ବଢ଼ିବା ସହ ନିଜେ ନିଷ୍ପତି ନେବା ସକ୍ଷମ ବୃଦ୍ଧି ପାଇଛି।

## ସୁଶ୍ରୀ

### ହଜିଯାଉଥିବା ସ୍ୱାଦ

## ମାଟିହାଣ୍ଡି ନଡ଼ିଆ ମାଛ



**ଆବଶ୍ୟକ ସାମଗ୍ରୀ**

ଭାକୁର ମାଛ– ୫୦୦ ଗ୍ରାମ୍, ନଡ଼ିଆ କୋରା – ଅଧା କପ୍, ପିଆଜ - ଦୁଇ କପ୍, ଅଦା, ରସୁଣ ବଟା – ଏକ ଚାମଚ, ଜିରାଗୁଣ୍ଡ – ଅଧା ଚାମଚ, ଲଙ୍କାଗୁଣ୍ଡ– ଅଧା ଚାମଚ, ଫୁଟଣ – ଅଧା ଚାମଚ, କଞ୍ଚାଲଙ୍କା – ଦୁଇଟି, ଧନିଆ ପତ୍ର – ଅଳ୍ପ, ତେଲ – ଆବଶ୍ୟକତା ଅନୁସାରେ, ଲୁଣ – ସ୍ୱାଦ ଅନୁସାରେ।

**ପ୍ରସ୍ତୁତି ପ୍ରଣାଳି**

ମାଛରେ ହଳଦୀ, ଲୁଣ ଗୋଳାଇ ଚୁଲାରେ କଡ଼େଇ ବସାଇ ଭାଜନ୍ତୁ। ଏହାପରେ ଗରମ ପାଣିରେ କୋରା ନଡ଼ିଆ ଦେଇ ଚିପୁଡ଼ି କ୍ଷୀର ବାହାର କରନ୍ତୁ। ଆଉ ଏକ ହାଣ୍ଡି ନେଇ ତେଲ, ଫୁଟଣ, ପିଆଜ ପକାଇ ଭାଜନ୍ତୁ। ପିଆଜ ନାଲି ହୋଇ ଆସିଲେ ଏଥିରେ ଅଦାରସୁଣ, ଲଙ୍କାଗୁଣ୍ଡ, ହଳଦୀଗୁଣ୍ଡ ଦେଇ କଷନ୍ତୁ। ପରେ ନଡ଼ିଆ କ୍ଷୀର ଦେଇ ଫୁଟାନ୍ତୁ। ଝୋଳ ଫୁଟିଆସିଲେ, ଭଜାମାଛ ଦେଇ ଗ୍ୟାସ୍ ବନ୍ଦ କରି ଦିଅନ୍ତୁ। ପ୍ରସ୍ତୁତ ହୋଇଗଲା ସ୍ୱାଦିଷ୍ଟ 'ମାଟିହାଣ୍ଡି ନଡ଼ିଆ ମାଛ'।

## ଲୋଫା ବ୍ୟବହାର କରୁଥିଲେ...

ଅଧିକାଂଶ ମହିଳା ଗାଧୋଇବାରେ ଲୋଫା ବ୍ୟବହାର କରିଥାନ୍ତି। ଏହା ଶରୀରରେ ଥିବା ମଇଳାକୁ ସଫା କରି ଏକ ସତେଜ ଅନୁଭୂତି ଦେଇଥାଏ। ହେଲେ ଏହାକୁ ବାରମ୍ବାର ବ୍ୟବହାର କରିବା ଦ୍ୱାରା ଏଥିରେ ମଇଳା ଜମିଯାଏ। ତେଣୁ ଏହାକୁ ମଝିରେ ମଝିରେ ସଫା କରିବା ଜରୁରି।

- ଗାଧୋଇବା ପରେ ଲୋଫାକୁ ଭଲରେ ଧୁଅନ୍ତୁ। ଏହାକୁ ଚିପୁଡ଼ି ଶୁଖାଇବା ଜରୁରି।
- ବାଥ୍‌ରୁମ୍ ବାହାରେ ଏହାକୁ ଖୋଲା ସ୍ଥାନରେ ଶୁଖାନ୍ତୁ।
- ସପ୍ତାହକୁ ଥରେ ଏହାକୁ ନଖ ଉଷୁମ ପାଣିରେ ଧୁଅନ୍ତୁ।
- ସେହିପରି ଚାହିଁଲେ ନଖ ଉଷୁମପାଣିରେ ବୁଡ଼ାଇ ଏଥିରେ ଥିବା ଜୀବାଣୁଙ୍କୁ କମ୍ କରାଯାଇପାରିବ।
- ସେହିପରି ଦୁଇ, ଚାରି ସପ୍ତାହରେ ନିଜର ଲୋଫା ବଦଳାନ୍ତୁ।
- ସମ୍ବେଦନଶୀଳ ତ୍ୱଚା, ଏକ୍‌ଜିମା, ବ୍ରଣ ଆଦି ଥିଲେ ଏହା ବ୍ୟବହାର ନ କରିବା ଭଲ।

## କେଶମୂଳର ଯତ୍ନ



**ଧୂଳି, ମାଟି ଏବଂ ରାସାୟନିକ ପ୍ରସାଧନ ବ୍ୟବହାର ଦ୍ୱାରା କେଶମୂଳରେ ମଇଳା ଜମି ରହେ। ଏପରି ସ୍ଥଳେ ସ୍କାଲ୍‌ପ ଡିଟକ୍ସ ଆବଶ୍ୟକ। ଏହା କେଶମୂଳକୁ ଗଭୀରରୁ ସଫା କରିବା ସହ କେଶ ମଜବୁତ୍ ଏବଂ ବୃଦ୍ଧିରେ ସାହାଯ୍ୟ କରିଥାଏ। ଏଥିସହ କେଶରେ ରକ୍ତ ସଞ୍ଚାଳନ ଉନ୍ନତ କରିଥାଏ। ତେବେ ଘରେ କିପରି ସ୍କାଲ୍‌ପ ଡିଟକ୍ସ କରିବେ ଜାଣନ୍ତୁ।**

### ଆପଲ୍ ସାଇଡ୍ ଭିନେଗାର୍

ଏହା ଏକ ପ୍ରାକୃତିକ କ୍ଲିନ୍‌ଜର୍ ଭଳି କାର୍ଯ୍ୟ କରିଥାଏ। ଏକ କପ୍ ପାଣିରେ ଦୁଇଚାମଚ ଆପଲ୍ ସାଇଡ୍ ଭିନେଗାର ନେଇ କେଶରେ ଲଗାଇ କିଛି ସମୟ ରଖି ସଫା କରନ୍ତୁ। ଏହା କେଶମୂଳରେ ଜମିଥିବା ମୃତକୋଷ, ଅପରିଷ୍କାର କାଢ଼ିବାରେ ସହାୟକ ହୋଇଥାଏ।

### ନିମ୍ବ ତୁଳସୀ ମାସ୍କ

ନିମ୍ବ ଏବଂ ତୁଳସୀ କେଶମୂଳ ପାଇଁ ଅତ୍ୟନ୍ତ ଉପକାରୀ ହୋଇଥାଏ। ଏଥିରେ ଆଣ୍ଟି ବ୍ୟାକ୍ଟେରିଆ ଏବଂ ଆଣ୍ଟି ଫଙ୍ଗଲ୍ ଗୁଣ ଥାଏ। ଯାହା କେଶମୂଳକୁ ସଂକ୍ରମଣରୁ ସୁରକ୍ଷା ଦେଇଥାଏ। ଏଥିପାଇଁ ତୁଳସୀ, ନିମ୍ବପତ୍ର ଗ୍ରାଇଣ୍ଡିଂ କରି କେଶରେ ଲଗାନ୍ତୁ। ଲଗାଇବାର ୩୦ ମିନିଟ୍ ପରେ ଧୋଇ ଦିଅନ୍ତୁ।

### ଟି –ଟ୍ରି ଅଏଲ୍ ମସାଜ୍

ଟି ଟ୍ରି ଅଏଲ୍ କେଶମୂଳକୁ ସଫା ରଖିବାରେ ସହାୟକ ହୋଇଥାଏ। ଏହାକୁ ନଡ଼ିଆ କିମ୍ବା ବାଦାମ ତେଲରେ ମିଶାଇ ଲଗାଇପାରିବେ।

## ସିମ୍ପଲ୍ ଆଉଟ୍‌ଫିଟ୍‌ରେ ଆକର୍ଷଣୀୟ ଲୁକ୍



**ଅଧିକାଂଶ ମହିଳା ଦାମୀ ଏବଂ ବ୍ରାଣ୍ଡେଡ୍ ପୋଷାକ ପିନ୍ଧିବାକୁ ପସନ୍ଦ କରନ୍ତି। ଏହା ଷ୍ଟାଇଲିଶ୍ ଦିଶିବା ସହ ଏଥିରୁ ଏକ ରିଚ୍ ଲୁକ୍ ମିଳିଥାଏ ବୋଲି ଅନେକ ଭାବନ୍ତି। ହେଲେ, କିଛି ସହଜ ଉପାୟ ଆପଣାଇ ସାଧାରଣ ପୋଷାକରୁ ମଧ୍ୟ ରିଚ୍ ଲୁକ୍ ପାଇପାରିବେ।**

### ଫିଟିଙ୍ଗର ଧ୍ୟାନ

ଦାମୀ ହେଉ ବା ଶସ୍ତା ପୋଷାକର ଫିଟିଙ୍ଗ୍ ମୁଖ୍ୟ ହୋଇଥାଏ। ତେଣୁ ନୂଆ ପୋଷାକ କିଣିଲେ ପ୍ରଥମେ ଏହାକୁ ନିଜ ଶରୀରରେ ଅନୁସାରେ ଫିଟିଙ୍ଗ୍ କରିବା ଜରୁରି। ଏହାକୁ ଅଧିକ ଢିଲା କିମ୍ବା ଟାଇଟ୍ କରନ୍ତୁନି।

### ରଙ୍ଗଚୟନ


ଯେକୌଣସି ପୋଷାକ ଆକର୍ଷଣୀୟ ଦେଖାଯିବା ପାଇଁ ରଙ୍ଗ ମୁଖ୍ୟଭୂମିକା ନିଭାଇଥାଏ। ଏଥିପାଇଁ ପୋଷାକ ପିନ୍ଧିବା ପୂର୍ବରୁ କେଉଁ ରଙ୍ଗ ମାନିବ ତାକୁ ଧ୍ୟାନ ଦିଅନ୍ତୁ। ସାଧାରଣତଃ କଳାଧଳା କମ୍ବିନେସନ୍ ଖୁବ୍ ସୁନ୍ଦର ଦିଶିଥାଏ। ସେହିପରି ନୀଳ ଏବଂ ନାଲି ରଙ୍ଗ ମଧ୍ୟ ଖୁବ୍ ଆକର୍ଷଣୀୟ ଦିଶେ।

### ଆକର୍ଷଣୀୟ ଗହଣା ପିନ୍ଧନ୍ତୁ

ଓଜନିଆ ଅଳଙ୍କାର ପିନ୍ଧିବା ପରିବର୍ତ୍ତେ ମିନିମାଲିଷ୍ଟ ଅଳଙ୍କାର ପିନ୍ଧନ୍ତୁ। ଏହା ସୁନ୍ଦର ଦିଶିବା ସହ ଏଥିରୁ ଏକ ଆକର୍ଷଣୀୟ ଲୁକ୍ ମିଳିଥାଏ। ଏଥିପାଇଁ ପତଳା ଚେନ୍, ବ୍ରେସ୍‌ଲେଟ୍ ଏବଂ ରିଙ୍ଗ କାନଫୁଲ ପିନ୍ଧିପାରିବେ। ଅବଶ୍ୟ ଚାହିଁଲେ, ହାଲୁକା ମୁଦି ମଧ୍ୟ ପିନ୍ଧିପାରିବେ। ଏଥିରୁ ଏକ ଭିନ୍ନ ଲୁକ୍ ମିଳିଥାଏ।

ସକାଳ
THE SAKALA
www.sakalaepaper.com



# ୬ଟି ବିଶ୍ୱକପ୍‌ରେ ଗୋଲ ଦେବାରେ ରୋନାଲ୍ଡୋ ପ୍ରଥମ

ହଷ୍ଟନ, ୨୪।୬ (ଏଜେନ୍ସି): ଫିଫା ବିଶ୍ୱକପ୍‌ର ୬ଟି ସଂସ୍କରଣରେ ଗୋଲ ଦେବାରେ ପର୍ତ୍ତୁଗାଲର ସୁପରଷ୍ଟାର କ୍ରିଷ୍ଟିଆନୋ ରୋନାଲ୍ଡୋ ବିଶ୍ୱର ପ୍ରଥମ ଖେଳାଳି ହୋଇଛନ୍ତି। ଆର୍ଜେଣ୍ଟିନାର ଲିଓନେଲ ମେସି ୬ଟି ବିଶ୍ୱକପ୍ ଖେଳିଥିଲେ ମଧ୍ୟ ଏଭଳି ରେକର୍ଡ କରିପାରି ନାହାନ୍ତି। ଏଠାରେ ମଙ୍ଗଳବାର ଖେଳାଯାଇଥିବା ଗ୍ରୁପ୍-କେ'ର ଦ୍ୱିତୀୟ ରାଉଣ୍ଡ ମ୍ୟାଚ୍‌ରେ ପର୍ତ୍ତୁଗାଲ ୫-୦ ଗୋଲରେ ଉଜ୍‌ବେକିସ୍ତାନକୁ ପରାସ୍ତ କରିଥିଲା। ଏହି ମ୍ୟାଚ୍‌ରେ ରୋନାଲ୍ଡୋ ୨ଟି ଗୋଲ ଦେବା ଫଳରେ ଏହି ବିରଳ ରେକର୍ଡର ଅଧିକାରୀ ହୋଇଛନ୍ତି। ଏହି ଗୋଲ ବଳରେ ଫିଫା ବିଶ୍ୱକପ୍‌ରେ ତାଙ୍କ ଗୋଲ ସଂଖ୍ୟା ୧୦ରେ ପହଞ୍ଚିଛି ଓ ସେ ନିଜ ଦେଶର କିଂବଦନ୍ତୀ ଖେଳାଳି ୟୁସେବିଓଙ୍କ ୯ଟି ଗୋଲର ରେକର୍ଡକୁ ଅତିକ୍ରମ କରିଥିଲେ। ୪୧ ବର୍ଷ ୧୩୮ ଦିନରେ ରୋନାଲ୍ଡୋ ବିଶ୍ୱକପ୍‌ରେ ଗୋଲ ଦେବାରେ ଦ୍ୱିତୀୟ ବୟୋଜ୍ୟେଷ୍ଠ ଖେଳାଳି ହୋଇଛନ୍ତି। ୪୨ବର୍ଷ ୩୯ ଦିନରେ ଗୋଲ ଦେଇଥିବା ଇଜିପ୍ଟର ରୋଜର ମିଲାଙ୍କ ନାମରେ ଏହି ରେକର୍ଡ ରହିଛି। ରୋନାଲ୍ଡୋ ୨୦୦୬, ୨୦୧୦ ଓ ୨୦୧୪ ବିଶ୍ୱକପ୍‌ରେ ଗୋଟିଏ ଲେଖାଏଁ, ୨୦୧୮ରେ ୪ଟି, ୨୦୨୨ରେ ଗୋଟିଏ ଓ ଏବେ ଚାଲିଥିବା ୨୦୨୬ରେ ୨ଟି ଗୋଲ ସ୍କୋର କରିଛନ୍ତି।

# ଲୋକପ୍ରିୟତା ଶୀର୍ଷରେ କେପ୍ ଭର୍ଡର ଭୋଜିନା

ଡଲାସ,୨୪।୬(ଏଜେନ୍ସି): ଫୁଟବଲରେ ନିଜର ପ୍ରତିଭା ପ୍ରଦର୍ଶନ କରିବାର ସର୍ବଶ୍ରେଷ୍ଠ ପ୍ଲାଟଫର୍ମ ହେଉଛି ଫିଫା ବିଶ୍ୱକପ୍। ଫିଫା ପକ୍ଷରୁ



ଏଥର ଟିମ୍ ସଂଖ୍ୟା ୪୮କୁ ବୃଦ୍ଧି କରିବା ଫଳରେ ଆଫ୍ରିକୀୟ ରାଷ୍ଟ୍ର କେପ୍ ଭର୍ଡକୁ ଅଂଶଗ୍ରହଣ କରିବାର ସୁଯୋଗ ମିଳିଛି। ଏହି ଦେଶ ପୂରା ଫାଇଦା ଉଠାଇ ପ୍ରଥମ ୨ଟି ମ୍ୟାଚ୍‌ରେ ଅପରାଜିତ ରହିଛି। ଏହି ଦଳକୁ ଅପରାଜିତ ରଖିବାରେ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇଛନ୍ତି ଗୋଲରକ୍ଷକ ୪୦ ବର୍ଷୀୟ ଭୋଜିନା। ଭୋଜିନାଙ୍କ ବୀରତ୍ୱପୂର୍ଣ୍ଣ ପ୍ରଦର୍ଶନ ଯୋଗୁଁ ଦଳ ତ ଅପରାଜିତ ରହିଛି, ସେ ମଧ୍ୟ ଲୋକପ୍ରିୟତାର ଶୀର୍ଷରେ ପହଞ୍ଚିଛନ୍ତି। ତାଙ୍କର ଏହି ପ୍ରଦର୍ଶନ ସାମାଜିକ ଗଣମାଧ୍ୟମ ଇନଷ୍ଟାଗ୍ରାମ୍‌ରେ ଫଲୋଅର୍ସଙ୍କ ସଂଖ୍ୟା ୧୫.୬ ମିଲିଅନ୍‌ରେ ପହଞ୍ଚିଛି। ଫଳରେ ଚଳିତ ଫିଫା ବିଶ୍ୱକପ୍‌ରେ ସେ ସବୁଠାରୁ ଲୋକପ୍ରିୟ ତଥା ଅଧିକ ଫଲୋଅର୍ସ ଗୋଲକିପର ହୋଇଛନ୍ତି। ଜର୍ମାନୀର ଗୋଲରକ୍ଷକ ମାନୁଏଲ ନୁଏର ଏବଂ ଆମେରିକାର କିଂବଦନ୍ତୀ ଏନ୍‌ଏଫଏଲ୍ ଖେଳାଳି ଟମ୍ ବ୍ରାଡିଙ୍କୁ ପଛରେ ପକାଇଦେଇଛନ୍ତି। ତାଙ୍କ ଚମତ୍କାରିତା ଯୋଗୁଁ କେପ୍ ଭର୍ଡ ପ୍ରଥମ ମ୍ୟାଚ୍‌ରେ ସ୍ପେନ୍ ସହ ଗୋଲଶୂନ୍ୟ ଓ ଦ୍ୱିତୀୟ ମ୍ୟାଚ୍‌ରେ ଉରୁଗୁଏ ସହ ୨-୨ ଗୋଲରେ ମ୍ୟାଚ୍ ଡ୍ର ରଖିଥିଲା।

# ଇଂଲଣ୍ଡ ସହ ମ୍ୟାଚ୍ ଡ୍ର ରଖିଲା ଘାନା

ଫକ୍ସବରୋ,୨୪।୬(ଏଜେନ୍ସି)



ଶକ୍ତିଶାଳୀ ତଥା ଟାଇଟଲର ଅନ୍ୟତମ ଆଶାୟୀ ଇଂଲଣ୍ଡ ସହ ମ୍ୟାଚ୍ ଡ୍ର ରଖିଛି ଘାନା। ବୋଷ୍ଟନ ଷ୍ଟାଡିୟମ୍‌ରେ ମଙ୍ଗଳବାର ରାତିରେ ଖେଳାଯାଇଥିବା ଫିଫା ବିଶ୍ୱକପ୍ ୨୦୨୬ ଗ୍ରୁପ୍-ଏ'ର ଏକ ଲିଗ୍ ମୁକାବିଲାରେ ଏହା ଦେଖିବାକୁ ମିଳିଛି। ଦୁଇ ଦେଶ ମଧ୍ୟରେ ଏହି ମ୍ୟାଚ୍‌ଟି ବେଶ ପ୍ରତିଦ୍ୱନ୍ଦ୍ୱିତାମୂଳକ ଓ ଉପଭୋଗ୍ୟ ହୋଇଥିଲା। ଉଭୟ ଦଳର ରକ୍ଷଣଭାଗ ଏତେ ଶକ୍ତିଶାଳୀ ଥିଲେ, ଯେ ଗୋଲ ଦେବା ତ ଦୂରର କଥା, ଗୋଲ ପୋଷ୍ଟ ଉପରେ କେହି ଠିକ୍‌ରେ ଆକ୍ରମଣ କରିବାରେ ସମର୍ଥ ହୋଇ ନ ଥିଲେ। ଉଭୟ ଦଳର ରଣକୌଶଳ ଏହି ମ୍ୟାଚ୍‌ରେ ଖୁବ୍ ଉଚ୍ଚକୋଟୀର ହୋଇଥିଲା। ବିଶେଷକରି ଘାନା ଗୋଲ ରକ୍ଷକ ବେଞ୍ଜାମିନ ଆସାରେଙ୍କ ପ୍ରଦର୍ଶନ ସବୁଠାରୁ ଆକର୍ଷୀୟ ହୋଇଥିଲା। ସେ ବିଶ୍ୱର ଦୁଇ ପ୍ରସିଦ୍ଧ ଫରୱାର୍ଡ ଖେଳାଳି ଇଂଲଣ୍ଡର ହ୍ୟାରୀ କେନ୍ ଓ ଜୁଡ୍ ବେଲିଂହାମ୍‌ଙ୍କ ଗୋଟିଏ ହେଲେ ସଟ୍‌କୁ ପୋଷ୍ଟ ମଧ୍ୟକୁ ଛାଡ଼ି ନ ଥିଲେ। ଏହି ଗ୍ରୁପ୍‌ରେ ଖେଳାଯାଇଥିବା ଅନ୍ୟ ଏକ ମୁକାବିଲାରେ କ୍ରୋଏସିଆ ୧-୦ ଗୋଲରେ ପାନାମାକୁ ପରାସ୍ତ କରିଛି। ଦ୍ୱିତୀୟ ରାଉଣ୍ଡ ମୁକାବିଲା ଶେଷରେ ଉଭୟ ଇଂଲଣ୍ଡ ଓ ଘାନା ସମାନ ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଛନ୍ତି। କିନ୍ତୁ ଗୋଲ ବ୍ୟବଧାନରେ ଇଂଲଣ୍ଡ ନଂ-୧ ଓ ଘାନା ନଂ-୨ ସ୍ଥାନରେ ରହିଛନ୍ତି। ଶେଷରାଉଣ୍ଡ ମୁକାବିଲାରେ ଇଂଲଣ୍ଡ ସହ ପାନାମାର ଓ କ୍ରୋଏସିଆ ସହ ଘାନାର ମୁକାବିଲା ହେବ। ଏହି ଗ୍ରୁପ୍‌ରୁ ୩ଟି ଦଳ ନକ୍‌ଆଉଟ ବା ରାଉଣ୍ଡ ଅଫ୍ ୩୨ରେ ପ୍ରବେଶ କରିବା ଏକପ୍ରକାର ନିଶ୍ଚିତ ହୋଇଛି।

ଏହି ମୁକାବିଲା ଆରମ୍ଭରୁ ଇଂଲଣ୍ଡ ଆକ୍ରମଣ କରିଥିଲା। ଘାନା ୫-୪-୧ରେ ଖେଳିଥିଲା। ଫଳରେ ଇଂଲଣ୍ଡର ଫରୱାର୍ଡ ବାହିନୀ ଘାନାର ରକ୍ଷଣଭାଗକୁ ଭେଦ କରିପାରି ନ ଥିଲେ। ବିଶେଷକରି ହ୍ୟାରୀ କେନ୍ ଓ ଜୁଡ୍ ବେଲିଂହାମ୍‌ଙ୍କ ଭଳି ଟାଣୁଆ ଫରୱାର୍ଡ ଖେଳାଳିଙ୍କୁ ଘାନା ରକ୍ଷଣଭାଗରେ ପ୍ରବେଶ କରିବା କଷ୍ଟକର ହୋଇପଡ଼ିଥିଲା। ଇଂଲଣ୍ଡ ଦଳ ନିକଟରେ ବଲ ନିୟନ୍ତ୍ରଣ ୭୮.୮ ଶତକଡ଼ା ରହିଥିଲା। ତଥାପି ଦଳ ଗୋଲ କରି ପାରି ନ ଥିଲା। ବିଶ୍ୱକପ୍‌ରେ ଏତେ ଅଧିକ ସମୟ ବଲ ନିୟନ୍ତ୍ରଣରେ ରଖି ଗୋଲ କରି ନ ପାରିବାରେ ଇଂଲଣ୍ଡ ଏକ ନକରାତ୍ମକ ରେକର୍ଡ କରିଛି। ଅନ୍ୟ ପକ୍ଷରେ ଇଂଲଣ୍ଡ ଉପରେ ଘାନାର ଆକମ୍ରଣ ଅତି ନଗଣ୍ୟ ରହିଥିଲା। ଦଳ ମାତ୍ର ଜଣେ ଫରୱାର୍ଡ ଖେଳାଳିଙ୍କୁ ନେଇ ସମଗ୍ର ମ୍ୟାଚ୍‌ରେ ଖେଳିଥିଲା। ଦଳର କୋଚ୍ କାର୍ଲୋସ କ୍ୱିରୋଜ୍‌ଙ୍କ ରଣ କୌଶଳ ଆଗରେ ଗୋଲ ଦେବାରେ ଫେଲ ମାରିଥିଲା ତାରକା ଖଚିତ ଇଂଲଣ୍ଡ ଦଳ। କ୍ରୋଏସିଆକୁ ୪-୨ ଗୋଲରେ ହରାଇବା ପରେ ଇଂଲଣ୍ଡ ଏହି ମୁକାବିଲାକୁ ଜିତି ଆଗୁଆ ରାଉଣ୍ଡ ଅଫ୍ ୩୨ରେ ପହଞ୍ଚିବାକୁ ଯେଉଁ ଲକ୍ଷ୍ୟ ରଖିଥିଲା ତାହା ଘାନାର ଡିଫେନ୍ସ କରିବାକୁ ଦେଇ ନ ଥିଲା। ଦଳର ଗୋଲରକ୍ଷକ ବେଞ୍ଜାମିନ ଆସାରେ ବେଶ ଚମତ୍କାର ଖେଳ ପ୍ରଦର୍ଶନ କରି କେନ୍-ବେଲିଂହାମ-ଗର୍ଡନ-ରାଶଫୋର୍ଡଙ୍କ ଆକ୍ରମଣକୁ ଅଟକାଇବାରେ ସଫଳ ହୋଇଥିଲେ।

# କ୍ରୋଏସିଆ ଆଶା ଉଜ୍ଜୀବିତ

ଟରଣ୍ଟୋ,୨୪ ।୬(ଏଜେନ୍ସି): ପାନାମାକୁ ୧-୦ ଗୋଲରେ ପରାସ୍ତ କରି କ୍ରୋଏସିଆର ଚଳିତ ଫିଫା ବିଶ୍ୱକପ୍‌ରେ ନକ୍‌ଆଉଟ ଖେଳିବା ଆଶା ଉଜ୍ଜୀବିତ ରହିଛି। ଏହି ମ୍ୟାଚ୍ ପରେ ୨ଟି ମୁକାବିଲାରୁ କ୍ରୋଏସିଆ ଗୋଟିଏ ପଏଣ୍ଟ ପାଇ ଗ୍ରୁପ୍-ଏଲ'ରେ ତୃତୀୟ ସ୍ଥାନରେ ରହିଛି। ଦଳ ଶେଷ ଲିଗ୍ ମ୍ୟାଚ୍‌ରେ ଘାନା ସହ ଖେଳିବ। ଦଳ ଏହି ମ୍ୟାଚ୍‌କୁ




ଡ୍ର ରଖିପାରିଲେ ନିଶ୍ଚିତ ନକ୍‌ଆଉଟରେ ପ୍ରବେଶ କରିଛ। ପ୍ରଥମ ଦୁଇଟି ସ୍ଥାନ ହାସଲ ନ କଲେ ମଧ୍ୟ ଶ୍ରେଷ୍ଠ ତୃତୀୟ ସ୍ଥାନିତ ୮ଟି ଦଳ ମଧ୍ୟରେ ରହିବ। ବିଜୟୀ କ୍ରୋଏସିଆ ପକ୍ଷରୁ ଦ୍ୱିତୀୟାର୍ଦ୍ଧରେ ଆଣ୍ଟେ ବୁଦିମିର ଏକମାତ୍ର ଗୋଲଟି ସ୍କୋର କରିଥିଲେ। ପୂର୍ବରୁ ଦଳ ପ୍ରଥମ ମୁକାବିଲାରେ ଇଂଲଣ୍ଡ ନିକଟରୁ ୨-୪ ଗୋଲରେ ପରାଜିତ ହୋଇଥିଲା।

# କଙ୍ଗୋକୁ ହରାଇ ନକ୍‌ଆଉଟ୍‌ରେ କଲମ୍ବିଆ

ଫକ୍ସବରୋ,୨୪।୬(ଏଜେନ୍ସି): ଡାନିଏଲ୍ ମୁନୋଜଙ୍କ ଏକମାତ୍ର ଗୋଲ ବଳରେ ଏଠାରେ ଅନୁଷ୍ଠିତ ବିଶ୍ୱକପ୍ ଗ୍ରୁପ୍-କେ'ର ଏକ ଲିଗ୍ ମ୍ୟାଚ୍‌ରେ କଲମ୍ବିଆ ୧-୦ ଗୋଲରେ କଙ୍ଗୋକୁ ପରାସ୍ତ କରିଛି। ଏହା ଫଳରେ କ୍ରମାଗତ ବିଜୟ ସହ କଲମ୍ବିଆ ଗୋଟିଏ ମ୍ୟାଚ୍ ଖେଳିବାକୁ ବାକିଥାଇ ପ୍ରଥମେ ନକ୍‌ଆଉଟ ବା ରାଉଣ୍ଡ ଅଫ୍ ୩୨ରେ ପ୍ରବେଶ କରିଛି। ଦଳ ତାହାର ଶେଷ ମ୍ୟାଚ୍‌ରେ ଶକ୍ତିଶାଳୀ ପର୍ତ୍ତୁଗାଲ୍‌କୁ ଭେଟିବ। ଏହି ଗ୍ରୁପ୍‌ରେ ଗତକାଲି ଖେଳାଯାଇଥିବା ଅନ୍ୟ ଏକ ମୁକାବିଲାରେ ପର୍ତ୍ତୁଗାଲ ୫-୦ ଗୋଲରେ ଡେବ୍ୟୁଟାଣ୍ଟ ଉଜ୍‌ବେକିସ୍ତାନକୁ ପରାସ୍ତ କରିଛି। ଏହା ଫଳରେ ଦଳ ୪ ପଏଣ୍ଟ ପାଇ ନକ୍‌ଆଉଟ ଖେଳିବା ଆଶା ଉଜ୍ଜୀବିତ କରିଛି। ପର୍ତ୍ତୁଗାଲ ସହ ପ୍ରଥମ ମ୍ୟାଚ୍ ଡ୍ର ରଖିଥିବା କଙ୍ଗୋ ଶେଷ ଲିଗ୍ ମ୍ୟାଚ୍‌ରେ ଉଜ୍‌ବେକିସ୍ତାନକୁ ହରାଇପାରିଲେ ନକ୍‌ଆଉଟ ଖେଳିବା ଦୌଡ଼ରେ ତିଷ୍ଠି ରହିବ।



କଙ୍ଗୋ ବିପକ୍ଷରେ ଗୋଲ ଦେବାକୁ କଲମ୍ବିଆକୁ ପ୍ରଥମାର୍ଦ୍ଧରେ ସଂଘର୍ଷ କରିବାକୁ ପଡ଼ିଥିଲା। କଙ୍ଗୋର ରକ୍ଷଣଭାଗ ବେଶ ସ୍ମାର୍ଟ ଥିଲା ଓ କଲମ୍ବିଆର ଆକ୍ରମଣକୁ ପ୍ରତିହତ କରିବାରେ ସଫଳ ହୋଇଥିଲା। କଲମ୍ବିଆ ନିକଟରେ ୬୬ ଶତକଡ଼ା ବଲ ନିୟନ୍ତ୍ରଣ ୮୮ ଶତକଡ଼ା ସଠିକ୍ ପାସ୍ ଓ ଟାର୍ଗେଟରେ ୯ଟି ସଟ୍ ମାରିଥିଲେ ମଧ୍ୟ କେବଳ ଗୋଟିଏ ଗୋଲ କରିବାକୁ ସଫଳ ହୋଇଥିଲା। ଦ୍ୱିତୀୟାର୍ଦ୍ଧ ଖେଳର ୭୬ତମ ମିନିଟ୍‌ରେ ଡାନିଏଲ ମୁନୋଜ ଗୋଲ ସ୍କୋର କରି ସଂଘର୍ଷ କରୁଥିବା କଲମ୍ବିଆର ଖେଳାଳି ଓ ସମର୍ଥକମାନଙ୍କୁ ଆଶ୍ୱସ୍ତ କରିଥିଲେ। କିନ୍ତୁ ଟୁର୍ଣ୍ଣାମେଣ୍ଟରେ ଏବେଠାରୁ ଭଲ ଦଳ ବିପକ୍ଷରେ ଖେଳିବାକୁ ହେବ। ଇଂଲଣ୍ଡ ଓ ପର୍ତ୍ତୁଗାଲ ଭଳି ପରବର୍ତ୍ତୀ ମ୍ୟାଚ୍ ଗୁଡିକରେ ଖେଳରେ ଉନ୍ନତି ନ ଆଣିଲେ ଦଳକୁ ମ୍ୟାଚ୍ ଜିତିବା କଷ୍ଟକର ହୋଇପଡ଼ିବ।




| ଫିଫା ବିଶ୍ୱକପ୍ ମୁକାବିଲା |
| --- |
| ଜୁନ୍-୨୫, ଗୁରୁବାର ରାତି |
| ଆଇଭରୀ କୋଷ୍ଟ-କ୍ୟୁରାସାଓ |
| ଫିଲାଡେଲ୍‌ଫିଆ, ରାତି ୧.୩୦ |
| ଜର୍ମାନୀ-ଇକ୍ୱେଡର |
| ନ୍ୟୁ ଜର୍ସି, ରାତି ୧.୩୦ |
| ନେଦରଲାଣ୍ଡସ-ଟ୍ୟୁନିସିଆ |
| କାନସାସ୍ ସିଟି, ରାତି ୪ଟା ୩୦ (୨୬ ତାରିଖ ଭୋର) |
| ସ୍ୱିଡେନ-ଜାପାନ |
| ଆରଲିଙ୍ଗଟନ, ରାତି ୪ଟା ୩୦ (୨୬ ତାରିଖ ଭୋର) |
| ଜୁନ୍-୨୬ ଶୁକ୍ରବାର ସକାଳ |
| ଆମେରିକା-ତୁର୍କୀ |
| ଲସ୍ ଏଞ୍ଜେଲ୍ସ, ସକାଳ ୭.୩୦ |
| ଅଷ୍ଟ୍ରେଲିଆ-ପାରାଗୁଏ |
| ସାଣ୍ଟା କ୍ଲାରା, ସକାଳ ୭.୩୦ |
| ପ୍ରସାରଣ: ଜୀ ଟିଭି ନେଟ୍‌ୱର୍କ, ଜୀ-୫ |

# ୪୮ ମ୍ୟାଚ୍ ପରେ ୫ ଟିମ୍ ବିଦା

ଡଲାସ,୨୪।୬ (ଏଜେନ୍ସି): ଉତ୍ତରଆମେରିକାରେ ଚାଲିଥିବା ୨୩ତମ ଫିଫା ବିଶ୍ୱକପ୍‌ରେ ଏଥର ୪୮ଟି ଟିମ୍ ଅଂଶଗ୍ରହଣ କରିଛନ୍ତି। ଏହା ମଧ୍ୟରୁ ଲିଗ୍ ପର୍ଯ୍ୟାୟ ଶେଷରେ ୧୬ଟି ଟିମ୍ ସ୍ୱଦେଶ ଫେରିବେ ଓ ୩୨ଟି ଟିମ୍ ନକ୍‌ଆଉଟକୁ ଉନ୍ନୀତ ହେବେ। ଏଥର ୧୦୪ଟି ମ୍ୟାଚ୍ ଖେଳାଯିବାକୁ ଥିଲାବେଳେ ଲିଗ୍ ପର୍ଯ୍ୟାୟରେ ୭୨ଟି ମ୍ୟାଚ୍ ଅନୁଷ୍ଠିତ ହେବ। ଟୁର୍ଣ୍ଣାମେଣ୍ଟ ନିୟମ ଅନୁଯାୟୀ ଏଥର ଭାଗ ନେଇଥିବା ୪୮ଟି ଦଳକୁ ୧୨ଟି ଗ୍ରୁପ୍‌ରେ ଭାଗ କରାଯାଇଛି। ଗୋଟିଏ ଗ୍ରୁପ୍‌ରେ ୪ଟି ଲେଖାଏଁ ଦଳ ସ୍ଥାନ ପାଇଥିଲାବେଳେ ଦୁଇ ଶ୍ରେଷ୍ଠ ଦଳ ଅର୍ଥାତ୍ ୨୪ଟି ଟିମ୍ ସିଧାସଳଖ ରାଉଣ୍ଡ ଅଫ୍ ୩୨ରେ ପ୍ରବେଶ କରିବେ। ବାକି ୮ଟି ଦଳ କିପରି ଆସିବେ। ନିୟମ ଅନୁଯାୟୀ ଗ୍ରୁପ୍‌ରେ ତୃତୀୟ ସ୍ଥାନ ଅଧିକାର କରିଥିବା ୧୨ଟି ଦଳ ମଧ୍ୟରୁ ଶ୍ରେଷ୍ଠ ୮ଟି ଦଳ ରାଉଣ୍ଡ ଅଫ୍ ୩୨ର ସ୍ଥାନ ପୂରଣ କରିବେ। ପ୍ରଥମ ୪୮ଟି ମ୍ୟାଚ୍ ପରେ ୭ଟି ଦଳ ଯଥା ଯୁଗ୍ମ ଆୟୋଜକ ମେକ୍ସିକୋ ଓ ଆମେରିକା, କଲମ୍ବିଆ, ୪ଥରର ଚାମ୍ପିଅନ ଜର୍ମାନୀ, ୩ଥରର ଚାମ୍ପିଅନ ଆର୍ଜେଣ୍ଟିନା, ୨ଥରର ଚାମ୍ପିଅନ ଫ୍ରାନ୍ସ ଓ ନରୱେ ଟିମ୍ ରାଉଣ୍ଡ ଅଫ୍ ୩୨ରେ ସ୍ଥାନ ସୁରକ୍ଷିତ କରିଛନ୍ତି। ତୃତୀୟ ରାଉଣ୍ଡ ଖେଳ ହେବା ପୂର୍ବରୁ ଯେଉଁ ଦଳଗୁଡିକ ନିଜ ଗ୍ରୁପ୍‌ରେ ଦୁଇଟି ଲେଖାଏଁ ମ୍ୟାଚ୍ ହାରିବା ପରେ ତୃତୀୟ ସ୍ଥାନ ହାସଲ କରିବାର ସମ୍ଭାବନା ନାହିଁ ସେହି ଦଳଗୁଡିକ ବାଦ୍ ପଡ଼ିଛନ୍ତି। ଏହି ୫ଟି ଟିମ୍ ହେଲେ ଗ୍ରୁପ୍-ସି'ରେ ହାଇତି, ଗ୍ରୁପ୍-ଡି'ରେ ତୁର୍କୀ, ଗ୍ରୁପ୍-ଏଫ୍'ରେ ଟ୍ୟୁନିସିଆ, ଗ୍ରୁପ୍-ଏଲ୍'ରେ ପାନାମା ଓ ଗ୍ରୁପ୍-ଜେ'ରେ ଜୋର୍ଡାନ। ଗ୍ରୁପ୍-ଆଇ'ରେ ୨ଟି ଦଳ ପ୍ରଥମ ୨ଟି ମ୍ୟାଚ୍ ହାରିଛନ୍ତି, ଗ୍ରୁପ୍-କେ'ରେ ଉଜ୍‌ବେକିସ୍ତାନ ୨ଟି ହାରିଥିଲାବେଳେ କଙ୍ଗୋ ଗୋଟିଏ ମ୍ୟାଚ୍ ଡ୍ର ରଖିଥିବାରୁ କେଉଁ ଦଳ ବିଦା ହେବ ତାହା ସ୍ପଷ୍ଟ ହୋଇନାହିଁ।

# ଭୁବନେଶ୍ୱର ଆନ୍ତଃସ୍କୁଲ ଫୁଟବଲ

ଭୁବନେଶ୍ୱର,୨୪।୬(ସମିସ): ୟୁନିଟ୍-୬ ଆଥ୍‌ଲେଟିକ୍ ଆସୋସିଏସନ ଆନୁକୂଲ୍ୟରେ ଜୟନ୍ତ ମେମୋରିଆଲ ଭୁବନେଶ୍ୱର ଆନ୍ତଃସ୍କୁଲ ଫୁଟବଲ ପ୍ରତିଯୋଗିତା ଅଗଷ୍ଟ ୮ରୁ ୨୮ ତାରିଖଯାଏ ଖେଳାଯିବ। ଏଥର ଚାମ୍ପିଅନ ଦଳକୁ ୧ଲକ୍ଷ ଓ ରନର୍ସ ଅପ୍ ଦଳକୁ ୫୦,୦୦୦ ଟଙ୍କାର ପୁରସ୍କାର ଦିଆଯିବ। ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରିବାକୁ ଆଗ୍ରହୀ ସ୍କୁଲ ଗୁଡିକ ଆସୋସିଏସନର ସମ୍ପାଦକ ଦିଲୀପ ଦାସଙ୍କୁ ମୋ-୬୩୭୨୮୮୭୦୬୯ କିମ୍ବା କୋଷାଧ୍ୟକ୍ଷ ଚିତ୍ତରଞ୍ଜନ ପାତ୍ରଙ୍କୁ ମୋ-୯୯୩୭୧୪୧୮୬୧ରେ ଯୋଗାଯୋଗ କରିବାକୁ ସଭାପତି ତପନ ମହାନ୍ତି ଅନୁରୋଧ କରିଛନ୍ତି।

# ଛତିଶଗଡ଼ରେ ନ୍ୟାସନାଲ୍ ମିନି ଗଲ୍ଫ

ଭୁବନେଶ୍ୱର,୨୪।୬(ସମିସ): ଛତିଶଗଡ଼ର ରାୟପୁରସ୍ଥିତ ଦେବରା ବିଶ୍ୱବିଦ୍ୟାଳୟଠାରେ ଆସନ୍ତାକାଲିଠାରୁ ନ୍ୟାସନାଲ ମିନି ଗଲ୍ଫ ଚାମ୍ପିଅନସିପ୍ ଆରମ୍ଭ ହେବ। ଏହି ପ୍ରତିଯୋଗିତାରେ ବିକାଶ ଚନ୍ଦ୍ର ପଟ୍ଟନାୟକ ଓ ସ୍ମୃତିରେଖା ପଟ୍ଟନାୟକଙ୍କ ନେତୃତ୍ୱରେ ୨୪ଜଣିଆ ଓଡ଼ିଶା ଦଳ ଅଂଶଗ୍ରହଣ କରୁଛି। ଏହି ନ୍ୟାସନାଲ ପ୍ରତିଯୋଗିତାରେ ୨୧ଟି ରାଜ୍ୟର ପ୍ରତିନିଧିକ ଅଂଶଗ୍ରହଣ କରୁଛନ୍ତି। ଓଡ଼ିଶା ଏଥର ଭଲ ସଫଳତା ପାଇବ ବୋଲି ଓଡ଼ିଶା ମିନି ଗଲ୍ଫ ସଂଘର ସଭାପତି ସତ୍ୟବ୍ରତ ମୀନକେତନ ଆଶା ପ୍ରକାଶ କରିଛନ୍ତି।




■ ଆଇସିସି ଦିନିକିଆ ର୍‍ୟାଙ୍କିଙ୍ଗ୍

# କୋହଲିଙ୍କ ଟପିଲେ ଗିଲ୍

ଦୁବାଇ,୨୪।୬(ଏଜେନ୍ସି): ଆଫଗାନିସ୍ତାନ ବିପକ୍ଷ ଶୃଙ୍ଖଳାରେ ୮୪ ଓ ୧୫୪ ରନ୍ କରିଥିବା ଭାରତର ଅଧିନାୟକ ଶୁବମନ ଗିଲ୍ ସର୍ବଶେଷ ଦିନିକିଆ ମାନ୍ୟତାରେ ବିରାଟ କୋହଲିଙ୍କୁ ହଟାଇ ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛନ୍ତି। ନ୍ୟୁଜିଲାଣ୍ଡର ଡାରିଲ ମିଚେଲ ନଂ-୧ସ୍ଥାନରେ ଥିଲାବେଳେ କୋହଲି ତୃତୀୟ ସ୍ଥାନକୁ ଖସିଆସିଛନ୍ତି। ଭାରତର ରୋହିତ ଶର୍ମା ଚତୁର୍ଥ ସ୍ଥାନରେ ରହିଛନ୍ତି। ସେ ଆଫଗାନିସ୍ତାନ ବିପକ୍ଷ ସିରିଜ୍‌ରେ ୧୬, ୪୮ ଓ ୭୯ ରନ୍ କରିଥିଲେ। ନିକଟରେ ଇଂଲଣ୍ଡ ବିପକ୍ଷରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଖେଳାଯିବ। ଏଥିରେ ପୁଣିଥରେ ମାନ୍ୟତାରେ ପରିବର୍ତ୍ତନ ହେବାର ସମ୍ଭାବନା ରହିବ।

# ଇଂଲଣ୍ଡ ଗସ୍ତରେ ସୂର୍ଯ୍ୟବଂଶୀଙ୍କୁ ଅଲଗା ଡ୍ରେସିଂ ରୁମ୍



ଲଣ୍ଡନ, ୨୪।୬(ଏଜେନ୍ସି): ଇଂଲଣ୍ଡ ବିପକ୍ଷ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଲାଗି ଭାରତୀୟ ଦଳରେ ସ୍ଥାନ ପାଇଥିବା ୧୫ ବର୍ଷୀୟ ବିସ୍ମୟ ବାଳକ ବୈଭବ ସୂର୍ଯ୍ୟବଂଶୀଙ୍କ ଲାଗି ଅଲଗା ଡ୍ରେସିଂ ରୁମ୍‌ର ବ୍ୟବସ୍ଥା କରାଯାଇଛି। ଆଇସିସି ନିୟମ ଅନୁଯାୟୀ ମ୍ୟାଚ୍ ଖେଳାଯିବାକୁ ଥିବା ୫ଟି ଯାକ ଷ୍ଟାଡିୟମ୍‌ରେ ଏହି ବ୍ୟବସ୍ଥା ଲାଗୁ ହେବ, ବୈଭବ କେବଳ ଟିମ୍ ମିଟିଂ ଓ ଖେଳବେଳେ ସେ ଟିମ୍ ଡ୍ରେସିଂରୁମ୍‌କୁ ଯାଇପାରିବେ। ସେହିପରି ଜଣେ ପ୍ରାପ୍ତବୟସ୍କ ହୋଇ ନ ଥିବାରୁ ସେ ତାଙ୍କ ମାତାପିତାଙ୍କ ସହ ରହିବ। ଏଥିଲାଗି ମା' ଆରତୀ ଓ ପିତା ଅଜିତ ସୂର୍ଯ୍ୟବଂଶୀଙ୍କୁ ଇଂଲଣ୍ଡ ପଠାଇବାକୁ ବିସିସିଆଇ ନିଷ୍ପତ୍ତି ନେଇଛି। ବୈଭବ ଯେପରି ଏକୁଟିଆ ଅନୁଭବ ନ କରିବେ ସେଥିଲାଗି ଏହି ପଦକ୍ଷେପ ନିଆଯାଇଛି। ପୂର୍ବରୁ ଫୁଟବଲ୍ ଖେଳରେ ଏଭଳି ଘଟଣା ଦେଖିବାକୁ ମିଳିଛି।

# ପ୍ରଜ୍ଞାଙ୍କୁ କାଂସ୍ୟ, ଜ୍ୟୋତିଙ୍କୁ ସ୍ୱର୍ଣ୍ଣ

ଭୁବନେଶ୍ୱର,୨୪।୬(ସମିସ)




ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍‌ରେ ଆଜିଠାରୁ ଆରମ୍ଭ ହୋଇଛି ୬୫ତମ ଜାତୀୟ ଆନ୍ତଃରାଜ୍ୟ ଦୌଡ଼କୁଦ ପ୍ରତିଯୋଗିତା। ୫ ଦିନ ଧରି ଆୟୋଜିତ ହେବାକୁ ଥିବା ଏହି ପ୍ରତିଯୋଗିତାକୁ କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଆନୁଷ୍ଠାନିକ ଉଦ୍‌ଘାଟନ କରିଛନ୍ତି। ପ୍ରତିଯୋଗିତାର ପ୍ରଥମ ଦିନରେ ଓଡ଼ିଆ ଧାବିକା ପ୍ରଜ୍ଞାପ୍ରଶାନ୍ତ ସାହୁ ୧୦୦ମିଟର ହର୍ଡଲ୍ସରେ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି। ପ୍ରଜ୍ଞା ୧୩.୪୮ ସେକେଣ୍ଡ ସମୟ ନେଇ ତୃତୀୟ ଓ ସବିତା ଟପ୍ପୋ ୧୩.୭୮ ସେକେଣ୍ଡ ସମୟ ନେଇ ଚତୁର୍ଥ ସ୍ଥାନରେ ରହିଛନ୍ତି। କିନ୍ତୁ ଏହି ବିଭାଗରେ ସ୍ୱର୍ଣ୍ଣପଦକ ଜିତିଛନ୍ତି ରିଲାଏନ୍ସ ଆଥଲେଟିକ୍ ଫାଉଣ୍ଡେସନର ଜ୍ୟୋତି ଯାରାଜୀ। କଳିଙ୍ଗ ଷ୍ଟାଡିୟମ୍‌ରେ ପ୍ରଶିକ୍ଷଣ ନେଉଥିବା ଜ୍ୟୋତି ଆଘାତ ସମସ୍ୟାରୁ ଫେରିବା ପରେ ୧୨.୯୯ ସେକେଣ୍ଡ ସମୟ ନେଇ ସ୍ୱର୍ଣ୍ଣପଦକ ଜିତି ସଫଳ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଏହା ସହ ସେ ମଧ୍ୟ ଜାପାନ ଏସିଆନ୍ ଗେମ୍ସ ଲାଗି ଯୋଗ୍ୟତା ଅର୍ଜନ କରିଛନ୍ତି। ପୁରୁଷ ପୋଲ ଭଲ୍ଟରେ ଏମ୍‌ପିର ଦେବ ମୀନା ୫.୪୫ ମିଟରକୁ ଡେଇଁ ସ୍ୱର୍ଣ୍ଣ ବିଜୟ ସହ ଏସିଆନ ଗେମ୍ସକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ମହିଳା ହାମର ଥ୍ରୋ'ରେ ୟୁପିର ଅନୁଷ୍କା ଯାଦବ ୬୭.୦୨ ମିଟର ଦୂରତାକୁ ଫିଙ୍ଗି ଏହି ରେକର୍ଡ କରିଛନ୍ତି। ସେ ମଧ୍ୟ ଜାପାନ ଏସିଆନ ଗେମ୍ସକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଓଡ଼ିଆଙ୍କ ମଧ୍ୟରେ ମହିଳା ଟ୍ରିପଲ ଜମ୍ପରେ ମେରୀମୁକ୍ତା ସୋରେଙ୍ଗ ୬ଷ୍ଠ, ମହିଳା ହାମର ଥ୍ରୋରେ ସନ୍ଧ୍ୟା ସାଣ୍ଡିଲ୍ୟ ୬ଷ୍ଠ ଓ ମହିଳା ୮୦୦ ମିଟର ଦୌଡ଼ର ହିଟ୍ସ-୨ରେ ଦୀପ୍ତିରାଣୀ ସାହୁ ୬ଷ୍ଠରେ ରହିଛନ୍ତି।

# ଟେଷ୍ଟ ବୋଲିଂ ଶୀର୍ଷରେ ବୁମ୍‌ରା ଓ ହେନ୍‌ରୀ

ଦୁବାଇ, ୨୪।୬(ଏଜେନ୍ସି): ଆଇସିସିର ସଦ୍ୟତମ ଟେଷ୍ଟ ବୋଲିଂ ମାନ୍ୟତାରେ ଫାଷ୍ଟବୋଲର ମ୍ୟାଟ୍ ହେନ୍‌ରୀ ୩୬ ବର୍ଷ ପରେ ନ୍ୟୁଜିଲାଣ୍ଡର ପ୍ରଥମ ବୋଲର ଭାବେ ଟେଷ୍ଟ ବୋଲିଂ ମାନ୍ୟତାର ଶୀର୍ଷରେ ପହଞ୍ଚିଛନ୍ତି। ୩୪ ବର୍ଷ ବୟସ୍କ ହେନ୍‌ରୀ ଭାରତୀୟ ତାରକା ଫାଷ୍ଟବୋଲର ଯଶପ୍ରୀତ ବୁମ୍‌ରାଙ୍କ ସହ ଯୁଗ୍ମ ଶୀର୍ଷ ସ୍ଥାନରେ ରହିଛି। ଉଭୟ ବୁମ୍‌ରା ଓ ହେନ୍‌ରୀ ସମାନ ୮୭୦ ପଏଣ୍ଟ ପାଇଛନ୍ତି। ବିଶ୍ୱର ୧ନଂ ଟେଷ୍ଟ ବୋଲର ହେବାରେ ମ୍ୟାଟ୍ ହେନ୍‌ରୀ ନ୍ୟୁଜିଲାଣ୍ଡର ତୃତୀୟ ବୋଲର। ୧୯୪୭ରେ ନ୍ୟୁଜିଲାଣ୍ଡର ଜ୍ୟାକ୍ କୋଓ୍ୱି ଓ ୧୯୮୪ରୁ ୧୯୯୦ ମଧ୍ୟରେ ରିଚାର୍ଡ ହାଡ୍‌ଲି ବିଶ୍ୱର ୧ନଂ ଟେଷ୍ଟ ବୋଲର ହୋଇଥିଲେ।

■ ମହିଳା ଟି-୨୦ ବିଶ୍ୱକପ୍

# ଭାରତ-ବାଂଲାଦେଶ ଲଢ଼େଇ ଆଜି

ମାଞ୍ଚେଷ୍ଟର,୨୪।୬(ଏଜେନ୍ସି): ଭାରତ ଓ ବାଂଲାଦେଶ ମଧ୍ୟରେ ଏଠାରେ ଚାଲିଥିବା ମହିଳା ଟି-୨୦ ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତାର ଏକ ଗୁରୁତ୍ୱପୂର୍ଣ୍ଣ ମୁକାବିଲା ଆସନ୍ତାକାଲି ଖେଳାଯିବ। ଉଭୟ ଦେଶ ୪ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲାବେଳେ ଏହି ମ୍ୟାଚ୍‌ରେ ପରାଜିତ ଦଳ ସେମିଫାଇନାଲ ଦୌଡ଼ରୁ ବାଦ୍ ପଡ଼ିବ। ଆଜି ଅଷ୍ଟ୍ରେଲିଆ ଦଳ କ୍ରମାଗତ ଚତୁର୍ଥ ବିଜୟ ପରେ ସେମିଫାଇନାଲ ଖେଳିବା ସ୍ପଷ୍ଟ କରିଛି। ଭାରତ ବାଂଲାଦେଶକୁ ହରାଇଲେ ମଧ୍ୟ ସେମିଫାଇନାଲ ଖେଳିବାକୁ ହେଲେ ରବିବାର ଖେଳାଯିବାକୁ ଥିବା ଶେଷ ଲିଗ୍ ମ୍ୟାଚ୍‌ରେ ଅଷ୍ଟ୍ରେଲିଆକୁ ହରାଇବାକୁ ପଡ଼ିବ। ଏଣୁ ଆସନ୍ତାକାଲି ମ୍ୟାଚ୍‌ରେ ଭାରତ ତାହାର ଫର୍ମ ପ୍ରଦର୍ଶନ କରିବାକୁ ହେବ।

● ଇଂଲଣ୍ଡ ଗସ୍ତ ଲାଗି ଭାରତୀୟ

# କନିଷ୍ଠ ମହିଳା ହକି ଦଳ ଘୋଷିତ

ନୂଆଦିଲ୍ଲୀ,୨୪।୬(ଏଜେନ୍ସି): ଭାରତର ୨୪ ଜଣିଆ କନିଷ୍ଠ ମହିଳା ହକି ଦଳ ଗ୍ରେଟବ୍ରିଟେନ୍ ଗସ୍ତରେ ଯିବ। ଏହି ଗସ୍ତ ଲାଗି ସେଇଲିମା ଚାନୁଙ୍କ ନେତୃତ୍ୱରେ ଘୋଷିତ ଦଳରେ ଓଡ଼ିଶାରୁ ଗୋଲରକ୍ଷକ ଏଞ୍ଜିଲ ହର୍ଷାରାଣୀ ମିଞ୍ଜ, ଡିଫେଣ୍ଡର ପୂଜା ସାହୁ, ମିଡ୍‌ଫିଲ୍ଡର ତନୁଜା ଟପ୍ପୋ ଓ ସୁପ୍ରିୟା କୁଜୁରଙ୍କୁ ସ୍ଥାନ ମିଳିଛି। ଜୁଲାଇ ୫ରୁ ୧୪ ତାରିଖଯାଏ ହେବାକୁ ଥିବା ଏହି ଗସ୍ତରେ ସ୍କଟଲାଣ୍ଡ ଓ ଇଂଲଣ୍ଡ ସହ ଭାରତ ଖେଳିବ। ଏସିଆ କପ୍ ପୂର୍ବରୁ ଏହା ଦଳର ଭଲ ପ୍ରସ୍ତୁତି ହେବ ବୋଲି ନୂଆ ହେଡ୍ କୋଚ୍ ଟିମ୍ ହ୍ୱାଇଟ୍ କହିଛନ୍ତି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS